RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
# THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 43 • ISSUE-8 • BHUBANESWAR • WEDNESDAY • 2 JULY 2025 • PAGE-12 • ₹ 6.00 | SAMBALPUR | • ବର୍ଷ-୪୩ • ସଂଖ୍ୟା-୮ • ଭୁବନେଶ୍ୱର • ବୁଧବାର • ୨ ଜୁଲାଇ ୨୦୨୫ • ପୃଷ୍ଠା-୧୨ • ଟ.୬.୦୦



ଜୁଲାଇ ୩ରେ ‘ରାମାୟଣ’ର ପ୍ରଥମ ଝଲକ


▶ପୃଷ୍ଠା ୧୧ ଦେଖନ୍ତୁ...

## ବାଣିଜ୍ୟିକ ଏଲ୍‌ପିଜି ସିଲିଣ୍ଡରର ମୂଲ୍ୟ ୫୮ ଟଙ୍କା ହ୍ରାସ



■ **ନୂଆଦିଲ୍ଲୀ, ୧।୭ (ଏଜେନ୍ସି):** କମିଲା ବାଣିଜ୍ୟିକ ଏଲ୍‌ପିଜି ସିଲିଣ୍ଡର ଦର। ଦେଶର ରାଷ୍ଟ୍ରାୟତ୍ତ ତୈଳ ମାର୍କେଟିଂ କମ୍ପାନୀଗୁଡିକ ୧୯ କେଜି ବିଶିଷ୍ଟ ଏଲ୍‌ପିଜି ସିଲିଣ୍ଡର ମୂଲ୍ୟରେ ୫୮ ଟଙ୍କା ୫୦ ପଇସା ହ୍ରାସ ଘଟାଇଛନ୍ତି। ଏହି ନୂଆ ଦର ଜୁଲାଇ ପହିଲା ଅର୍ଥାତ ମଙ୍ଗଳବାରଠାରୁ ଲାଗୁ ହୋଇଛି। ତେବେ ୧୪.୨ କିଲୋ ବିଶିଷ୍ଟ ଘରୋଇ ଏଲ୍‌ପିଜି ସିଲିଣ୍ଡର ମୂଲ୍ୟରେ କୌଣସି ପରିବର୍ତ୍ତନ କରାଯାଇନାହିଁ। ଏହାଫଳରେ ରାଜଧାନୀ ନୂଆଦିଲ୍ଲୀରେ ବାଣିଜ୍ୟିକ ଏଲ୍‌ପିଜି ସିଲିଣ୍ଡରର ମୂଲ୍ୟ ୧୬୬୫ ଟଙ୍କାରେ ପହଞ୍ଚିଛି। ସେହିପରି ମୁମ୍ବଇରେ ବାଣିଜ୍ୟିକ ସିଲିଣ୍ଡରର ମୂଲ୍ୟ ୧୬୧୬ ଟଙ୍କା, କଲକାତାରେ ୧୭୬୯ ଟଙ୍କା ଓ ଚେନ୍ନଇରେ ୧,୮୨୩ ଟଙ୍କାରେ ପହଞ୍ଚିଛି। ଅପରପକ୍ଷେ ଏବେ ବି ଘରୋଇ ଏଲ୍‌ପିଜି ସିଲିଣ୍ଡର ଦର ଉଚ୍ଚା ରହିବା ଖାଉଟିଙ୍କୁ ବେଶ ବାଧୁଛି। ଅପରପକ୍ଷେ ବିମାନ ଟର୍ବାଇନ୍ ଇନ୍ଧନ(ଏଟିଏଫ୍) ମୂଲ୍ୟରେ ମଧ୍ୟ ବୃଦ୍ଧି ଘଟିଛି। ଏଟିଏଫ୍ ମୂଲ୍ୟରେ କିଲୋ ଲିଟର ପିଛା ୬୨୭୧.୫ ଟଙ୍କା ଅର୍ଥାତ୍ ୭.୫ ପ୍ରତିଶତ ବୃଦ୍ଧି ଘଟି ୮୯,୩୪୪.୦୫ ଟଙ୍କାରେ ପହଞ୍ଚିଛି। ଏଟିଏଫ୍ ମୂଲ୍ୟରେ ବୃଦ୍ଧି ଫଳରେ ଆଗାମୀ ଦିନରେ ବିମାନ ଯାତ୍ରା ମହଙ୍ଗା ହେବା ଆଶଙ୍କା କରାଯାଉଛି।

## ଥାଇଲାଣ୍ଡ ପ୍ରଧାନମନ୍ତ୍ରୀଙ୍କୁ ନିଲମ୍ବନ କଲେ କୋର୍ଟ



■ **ବ୍ୟାଙ୍କକ୍, ୧।୭ (ଏଜେନ୍ସି):** ଥାଇଲାଣ୍ଡ ପ୍ରଧାନମନ୍ତ୍ରୀ ପାଏତୋଙ୍ଗଟର୍ଣ୍ଣ ଶିନାୱାତ୍ରାଙ୍କୁ ଦେଶର ସାମ୍ବିଧାନିକ କୋର୍ଟ ନିଲମ୍ବନ କରିଛନ୍ତି। ପଡ଼ୋଶୀ ଦେଶ କାମ୍ବୋଡିଆ ସହିତ କୂଟନୈତିକ ତଥା ରାଜନୈତିକ ବିବାଦ କାରଣରୁ କୋର୍ଟ ଏହି ରାୟ ଶୁଣାଇଛନ୍ତି। ଏହି ଘଟଣା ଥାଇଲାଣ୍ଡରେ ରାଜନୀତିରେ ହଟଚମଟ ସୃଷ୍ଟି କରିଛି। କାମ୍ବୋଡ଼ିଆ ନେତାଙ୍କ ସହିତ ପ୍ରଧାନମନ୍ତ୍ରୀ ଫୋନ୍‌ରେ ହୋଇଥିବା ବାର୍ତ୍ତାଳାପ ପ୍ରଘଟ ହେବାପରେ କୋର୍ଟ ପ୍ରଧାନମନ୍ତ୍ରୀଙ୍କୁ ଅନ୍ୟାଦେଶ ପର୍ଯ୍ୟନ୍ତ ନିଲମ୍ବନ କରିଛନ୍ତି।

ଲିକ୍ ହୋଇଥିବା ଏହି ଟେଲିଫୋନ୍ କଲ୍‌ରେ ଥାଇଲାଣ୍ଡ ପ୍ରଧାନମନ୍ତ୍ରୀ ଶିନାୱାତ୍ରା କାମ୍ବୋଡିଆର ପୂର୍ବତନ ଶାସକ ହୁନ୍ ସେନଙ୍କୁ ‘ଅଙ୍କଲ’ କରି ସମ୍ବୋଧିତ କରିବା ସହିତ ନିଜ ଦେଶର ଜଣେ ସାମରିକ ଅଧିକାରୀଙ୍କ ବିରୋଧରେ ବିକ୍ଷୋଦଗାର କରିଥିଲେ। ଏଭଳି ବାର୍ତ୍ତାଳାପ ନୈତିକତାର ଉଲ୍ଲଂଘନ ବୋଲି କୋର୍ଟ କହିଛନ୍ତି। ଦୁଇ ଦେଶ ମଧ୍ୟରେ ସୀମା ବିବାଦରୁ ନିଜ ପଦର ଫାଇଦା ଉଠାଇବା ଲାଗି ପ୍ରଧାନମନ୍ତ୍ରୀ ନୈତିକତାର ଉଲ୍ଲଂଘନ କରିଥିବାରୁ ସାମ୍ବିଧାନିକ କୋର୍ଟ ୭-୨ ବହୁମତରେ ▶ପୃଷ୍ଠା-୭

## ବିଜେପି ନେତାଙ୍କ ଆତଙ୍କରାଜ

# ସମୂହ ଛୁଟିରେ ଓଏଏସ୍

### ରାଜ୍ୟର ସବୁ ଜିଲ୍ଲାରେ ପ୍ରଶାସନିକ ଅଚଳାବସ୍ଥା

■ **ଭୁବନେଶ୍ୱର, ୧।୭ (ସମିସ):** ସାରା ରାଜ୍ୟର ଓଏଏସ୍ ଅଧିକାରୀମାନେ ଆଜି କାର୍ଯ୍ୟବନ୍ଦ କରିଛନ୍ତି। ସମୂହ ଛୁଟିରେ ଯାଇଛନ୍ତି। ଫଳରେ ରାଜ୍ୟ ସାରା ବିଭିନ୍ନ ସରକାରୀ କାର୍ଯ୍ୟାଳୟରେ କାମ ବନ୍ଦ ରହିଛି। ବିଏମ୍‌ସି ଅତିରିକ୍ତ କମିଶନର ତଥା ବରିଷ୍ଠ ଅଧିକାରୀଙ୍କୁ ଘୋଷାରି ପିଟିବା ଘଟଣାରେ ସମ୍ପୃକ୍ତ ଓ ଏହାର ପୃଷ୍ଠପୋଷକ ଯେତେ ଶକ୍ତିଶାଳୀ ହେଲେ ବି କାର୍ଯ୍ୟାନୁଷ୍ଠାନ ହେବ ବୋଲି କାଲି ମୁଖ୍ୟମନ୍ତ୍ରୀ ଦେଇଥିବା ପ୍ରତିଶ୍ରୁତି କାର୍ଯ୍ୟକାରୀ ନ ହେବାରୁ ରାଜ୍ୟ ସାରା ଓଏଏସ୍ ଅଧିକାରୀମାନେ ସମୂହ ଛୁଟିରେ ରହିଛନ୍ତି। ଓଏଏସ୍ ସଂଘର ଏହି ନିଷ୍ପତ୍ତିକୁ ଓଆର୍‌ଏସ୍, ଓଏଫ୍‌ଏସ୍, ଓଆଇଏସ୍ ସଂଘ ବି ସମର୍ଥନ କରିଛନ୍ତି।

ସମସ୍ତ ୩୦ ଜିଲ୍ଲାରେ ସଂଘ ପକ୍ଷରୁ ଓଏଏସ୍ ଅଧିକାରୀମାନେ ଛୁଟିରେ ଯାଇଥିବା ବେଳେ କେବଳ ପୁରୀ ଜିଲ୍ଲାରେ କାର୍ଯ୍ୟରତ ଓଏଏସ୍ ଅଧିକାରୀମାନେ କେବଳ ରଥଯାତ୍ରା ସମ୍ପର୍କିତ କାର୍ଯ୍ୟକୁ ଛାଡ଼ି ବାକି କୌଣସି କାମ କରି ନ ଥିବା ଜଣାପଡ଼ିଛି। ଏହା ବ୍ୟତୀତ ରାଜ୍ୟର ସମସ୍ତ ଜିଲ୍ଲାର ଓଏଏସ୍ ଜିଲ୍ଲା ସଂଘ ପକ୍ଷରୁ ଜିଲ୍ଲାପାଳଙ୍କ ଜରିଆରେ ବିଏମ୍‌ସି ଅତିରିକ୍ତ କମିସନରଙ୍କୁ ମାଡ଼ ଘଟଣାରେ ନିନ୍ଦା ପ୍ରସ୍ତାବ ପାରିତ କରାଯାଇଛି। ରାଜ୍ୟରେ ଓଏଏସ୍ ଅଧିକାରୀମାନ ସମୂହ ଛୁଟିରେ ଯିବା ଯୋଗୁଁ ସାରା ରାଜ୍ୟରେ ଅଚଳାବସ୍ଥା ଛୁଟି ହୋଇଛି।

### ତେଜିଲା ମୁଖ୍ୟ ଷଡ଼ଯନ୍ତ୍ରକାରୀଙ୍କ ଗିରଫ ଦାବି
### ପୁରୀରେ ମହାପ୍ରଭୁଙ୍କ ସେବା ଭିନ୍ନ ଅନ୍ୟ କାର୍ଯ୍ୟରୁ ନିବୃତ
### ସମର୍ଥନ ଦେଲା ଓଆର୍‌ଏସ୍, ଓଏଫ୍‌ଏସ୍, ଓଆଇଏସ୍ ସଂଘ

ଅନ୍ୟପଟେ ଓଡ଼ିଶା ପ୍ରଶାସନିକ ସେବା ସଂଘ ପକ୍ଷରୁ ଆହୂତ ଏହି ଆନ୍ଦୋଳନ ଡାକରାକୁ ରାଜ୍ୟର ବିଭିନ୍ନ କର୍ମଚାରୀ ସଂଘ ସମର୍ଥନ ଜଣାଇବା ସହିତ ସରକାରଙ୍କ ଉପରେ ଚାପ ପକାଇବା ଆରମ୍ଭ କରିଛନ୍ତି। ଓଡ଼ିଶା ରାଜସ୍ୱ ଅମଲା ସଂଘ ଏହି ଘଟଣାକୁ ଘୋର ନିନ୍ଦା କରିବା ସହ ଓଏଏସ ଅଫିସର ସଂଘ ପକ୍ଷରୁ ଗ୍ରହଣ କରାଯାଇଥିବା ଆନ୍ଦୋଳନାତ୍ମକ କାର୍ଯ୍ୟକ୍ରମକୁ ପୂର୍ଣ୍ଣ ସମର୍ଥନ ଜଣାଯାଇଛି। ଏହି ମର୍ମରେ ପତ୍ର ମାଧ୍ୟମରେ ସଂଘ ତରଫରୁ ମୁଖ୍ୟମନ୍ତ୍ରୀଙ୍କୁ ଅବଗତ କରାଯାଇଛି ଯେ ଦିନକୁ ଦିନ ନିଜର ସ୍ୱାର୍ଥ ହାସଲ କରିବା ପାଇଁ କିଛି ମୁଷ୍ଟିମେୟ ଓ ଖଳ ପ୍ରକୃତିର ବ୍ୟକ୍ତି ବିଶେଷମାନେ ସରକାରୀ କାର୍ଯ୍ୟାଳୟରେ କାର୍ଯ୍ୟରତ ସରକାରୀ ଅଧିକାରୀ ଏବଂ କର୍ମଚାରୀମାନଙ୍କୁ ଆକ୍ରମଣ କରୁଛନ୍ତି। ଏହା ଏକ ନିତିଦିନିଆ ଘଟଣାରେ ପରିଣତ ହୋଇଗଲାଣି। ଏହି ଘଟଣାକୁ ରାଜ୍ୟ ସରକାର ଗମ୍ଭୀରତାର ସହିତ ଗ୍ରହଣ କରି ଅଭିଯୁକ୍ତ ମାନଙ୍କ ବିରୋଧରେ ଦୃଷ୍ଟାନ୍ତ ମୂଳକ ପଦକ୍ଷେପ ଗ୍ରହଣ କରିବା ଉଚିତ ବୋଲି ସଂଘ ପକ୍ଷରୁ କୁହାଯାଇଛି। ଏହା ବ୍ୟତୀତ ରାଜ୍ୟ ଅର୍ଥ ସେବା ସଂଘ, ଓଡ଼ିଶା ସୂଚନା ସେବା ସଂଘ ଓ ଓଡ଼ିଶା କୃଷି ସେବା ସଂଘ ମଧ୍ୟ ଓଏଏସ୍ ସଂଘକୁ ସମ୍ପୂର୍ଣ୍ଣ ସମର୍ଥନ ଜଣାଇଛି।

ସୂଚନା ଥାଉ କି ସୋମବାର ବିଳମ୍ବିତ ରାତିରେ ମୁଖ୍ୟମନ୍ତ୍ରୀ ରାଜ୍ୟ ଓଏଏସ୍ ସଂଘ ସହିତ ଆଲୋଚନା କରିବା ସହ ଏହି ଘଟଣାରେ ସମ୍ପୃକ୍ତମାନଙ୍କ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ନେଇ ପ୍ରତିଶ୍ରୁତି ଦେଇଥିଲେ। ହେଲେ ଏହି ଘଟଣାରେ ମୁଖ୍ୟ ଷଡ଼ଯନ୍ତ୍ରକାରୀ ▶ପୃଷ୍ଠା-୭

## ତେଲଙ୍ଗାନା ବିସ୍ଫୋରଣ
# ମୃତ୍ୟୁସଂଖ୍ୟା ୪୨
### ମୃତାହତଙ୍କ ମଧ୍ୟରେ ୨ ଓଡ଼ିଆ ଥିବା ସୂଚନା



■ **ଭୁବନେଶ୍ୱର, ୧।୭ (ସମିସ):** ତେଲେଙ୍ଗାନାର ସଙ୍ଗାରେଡ୍ଡୀ ଜିଲ୍ଲାରେ ରାସାୟନିକ କାରଖାନାରେ ଗତକାଲି ହୋଇଥିବା ବିସ୍ଫୋରଣରେ ମୃତ୍ୟୁ ସଂଖ୍ୟା ୪୨କୁ ବୃଦ୍ଧିପାଇଛି। କାରଖାନା ପରିସରରୁ ବର୍ତ୍ତମାନ ସୁଦ୍ଧା ୩୧ଟି ମୃତଦେହ ଉଦ୍ଧାର କରାଯାଇଛି। ଗୁରୁତର ଆହତମାନଙ୍କ ମଧ୍ୟରୁ ଆଜି ହସ୍ପିଟାଲରେ ଆଉ ୫ ଜଣ ପ୍ରାଣ ହରାଇଛନ୍ତି। ଏହି ମୃତାହତ ଶ୍ରମିକମାନଙ୍କ ମଧ୍ୟରେ ଅଧିକାଂଶ ଓଡ଼ିଶା, ୟୁପି, ବିହାର ଓ ପଶ୍ଚିମବଙ୍ଗର ରହିଥିବା ଜଣାପଡ଼ିଛି। ବିସ୍ଫୋରଣରେ ତିନି ମହଲା କୋଠା ଭୁଶୁଡ଼ି ପଡ଼ିଥିବାରୁ ଏବେ ବି ଭଗ୍ନାବଶେଷ ତଳେ ଅନେକ ଶ୍ରମିକ ପୋତି ହୋଇରହିଛନ୍ତି। ସେମାନଙ୍କୁ ଉଦ୍ଧାର କରିବା ଲାଗି ବଡ଼ ଧରଣର ଅଭିଯାନ ଆରମ୍ଭ ହୋଇଛି। ଏହି ଉଦ୍ଧାର କାର୍ଯ୍ୟର ତଦାରଖ କରିବା ଲାଗି ଓଡ଼ିଶାର ସରକାର ଦୁଇ ଜଣ ଅଧିକାରୀଙ୍କୁ ତେଲେଙ୍ଗାନା ପଠାଇଛନ୍ତି। ଏହି ଦୁଇ ଅଧିକାରୀ ହେଲେ ଓଡ଼ିଶା ପରିବାର ନିର୍ଦ୍ଦେଶାଳୟର ପ୍ରୀତିଶ ପଣ୍ଡା ଏବଂ ଡ. ଚନ୍ଦ୍ରଶେଖର ସାହୁ। ଦୁର୍ଘଟଣା ସ୍ଥଳରେ ରହି ଉଦ୍ଧାର କାର୍ଯ୍ୟ ତଦାରଖ କରିବା ସହିତ ଓଡ଼ିଆ ▶ପୃଷ୍ଠା-୭

### ଉଦ୍ଧାର କାର୍ଯ୍ୟ ତଦାରଖ ଲାଗି ଓଡ଼ିଶାରୁ ଗଲେ ଦୁଇ ଅଧିକାରୀ

## ବିଜେପି ନେତାଙ୍କ ଧମକ
# ଚାନ୍ଦା ନ ଦେଲେ ଘରେ ପଶି ପିଟିବୁ

■ **ବ୍ରହ୍ମପୁର, ୧।୭ (ସମିସ):** ରାଜଧାନୀର ବିଏମ୍‌ସି କାର୍ଯ୍ୟାଳୟରେ ଜଣେ ବରିଷ୍ଠ ଓଏଏସ୍ ତଥା ଅତିରିକ୍ତ କମିଶନରଙ୍କୁ ଗତକାଲି ବିଜେପି ନେତା ଓ କର୍ମୀମାନେ ନିସ୍ଥୁକ ପିଟିଲେ। ନିଜ ଅଫିସରେ ଅଭିଯୋଗ ଶୁଣାଣି କରୁଥିବା ଅଧିକାରୀଙ୍କୁ ଅପହରଣ କରିବାକୁ ଘୋଷାରି ଘୋଷାରି ପାର୍ଟିକୋରେ ଗାଡ଼ି ପର୍ଯ୍ୟନ୍ତ ନେଇ ଆସିଲେ। ଏହାକୁ ନେଇ ସାରା ରାଜ୍ୟରେ ଆଲୋଡ଼ନ ସୃଷ୍ଟି ହୋଇଛି। ଏହି ସମୟରେ ଆଉ ଜଣେ ଯୁବ ନେତାଙ୍କ ଭାଇରାଲ ଅଡ଼ିଓ ବିଜେପିକୁ ଅକଳରେ ପକାଇଛି। ଚାନ୍ଦା ନ ଦେଲେ ଘରେ ପଶି ପିଟିବୁ ଓ ଯାହା ଘଟିବ ତୁମେ ଦାୟୀ ରହିବ ବୋଲି ସମ୍ପୃକ୍ତ ବିଜେପି ଯୁବ ନେତା ରାଜପଥର ଗୋଟିଏ ଟୋଲଗେଟ୍ ଅଧିକାରୀଙ୍କୁ ଧମକ ଦେଉଥିବା ଅଡ଼ିଓ ଏବେ ଭାଇରାଲ ହୋଇଛି।

ରାଜ୍ୟରେ ବିଜେପି ସରକାର ଆସିବା ଦଳୀୟ ନେତାଙ୍କ ଉତ୍ପାତ ଗଞ୍ଜାମ ଜିଲ୍ଲାରେ ବଢ଼ିବାରେ ଲାଗିଛି। ଜିଲ୍ଲାରେ ଅପରାଧ ଗ୍ରାଫ୍ ଉପରମୁହାଁ ହୋଇଛି ଓ ଶାସକ ଦଳର ନେତା, କର୍ମୀ ଇନ୍ଦ୍ରଚନ୍ଦ୍ର ମାନୁନାହାନ୍ତି। ▶ପୃଷ୍ଠା-୭

## ଗଞ୍ଜାମ ଅଶାନ୍ତ | ଆଇନ ଶୃଙ୍ଖଳା କେଉଁଠି ?

# ଦିନକରେ ୩ ହତ୍ୟା

■ **ଛତ୍ରପୁର/କୋଦଳା/ବ୍ରହ୍ମପୁର, ୧।୭ (ସମିସ):** ଅଶାନ୍ତ ଗଞ୍ଜାମ। କଥାକଥାକେ ବୁଲୁଛି ଖଣ୍ଡା, କାତି;ଗଡୁଛି ମୁଣ୍ଡ। ହତ୍ୟାଠାରୁ ଆରମ୍ଭ କରି ଦୁଷ୍କର୍ମ, ଗଣଦୁଷ୍କର୍ମ, ରାହାଜାନି, ଲୁଟ୍, ଡକାୟତି ଭଳି ଆପରାଧିକ ଘଟଣା ଜିଲ୍ଲାରେ ନିତିଦିନିଆ ହୋଇଗଲାଣି। ଗତ ୨୪ ଘଣ୍ଟାରେ ହତ୍ୟାକାଣ୍ଡରେ ୩ଟି ମୁଣ୍ଡ ଗଡ଼ିଥିବା ବେଳେ ଆଜି ପୁଣି ଜଣେ ନାବାଳିକା ଦୁଷ୍କର୍ମର ଶିକାର ହୋଇଛି। ଛତ୍ରପୁର ଓ ବେଗୁନିଆପଡ଼ାରେ ସଂଘବଦ୍ଧ ଆକ୍ରମଣରେ ୨ ଜଣ ପ୍ରାଣ ହରାଇଥିବା ବେଳେ ବ୍ରହ୍ମପୁରରେ ପ୍ରେମିକର ଛୁରିମାଡ଼ରେ ପ୍ରେମିକାର ମୃତ୍ୟୁ ହୋଇଛି।

### ସଂଘବଦ୍ଧ ଆକ୍ରମଣରେ ୨ ମୃତ
### ଛୁରି ଭୁସି ପ୍ରେମିକାକୁ ହତ୍ୟା



ଅଭିଯୁକ୍ତ ପ୍ରେମିକ | ମୃତ ଯୁବତୀ

ସୂଚନାନୁଯାୟୀ, ଛତ୍ରପୁର ଥାନା ଅଧୀନ ଗୋବା ଗ୍ରାମ ନିକଟରେ ସଂଘବଦ୍ଧ ଆକ୍ରମଣରେ ଜଣଙ୍କ ମୃତ୍ୟୁ ଘଟିଥିବା ବେଳେ ୩ ଜଣ ଆହତ ହୋଇଛନ୍ତି। ମୃତକ ହେଲେ, ଗୋବା ଗ୍ରାମର ତୋଫାନ ସ୍ୱାଇଁ (୨୫)। ପୂର୍ବଶତ୍ରୁତାକୁ କେନ୍ଦ୍ର କରି ଏହି ହତ୍ୟାକାଣ୍ଡ ଘଟିଛି। ମଙ୍ଗଳବାର ସକାଳୁ ଗୋବା ଗ୍ରାମ ନିକଟରେ ୧୦ରୁ ଊର୍ଦ୍ଧ୍ୱ ବ୍ୟକ୍ତି ବାଇକ୍‌ରେ ଆସି ତୋଫାନଙ୍କ ସମେତ ତାଙ୍କ ସମ୍ପର୍କୀୟ ଭାଇ ସୁଧୀର ସ୍ୱାଇଁ ଓ ଅନ୍ୟ କିଛି ▶ପୃଷ୍ଠା-୭

## ସ୍କୁଲ୍ ଶୌଚାଳୟରେ ନାବାଳିକାକୁ ଦୁଷ୍କର୍ମ

■ **ବ୍ରହ୍ମପୁର,୧।୭(ସମିସ):** ଗୋଳନ୍ଥରା ଥାନା ଅଞ୍ଚଳରେ ପୁଣି ଜଣେ ନାବାଳିକା ଦୁଷ୍କର୍ମର ଶିକାର ହୋଇଛି। ଏହି ଘଟଣାରେ ପୁଲିସ ଅଭିଯୁକ୍ତକୁ ଗିରଫ କରି କୋର୍ଟଚାଲାଣ କରିଛି। ଗିରଫ ଯୁବକଜଣଙ୍କ ପୀଡ଼ିତାଙ୍କ ସଂପର୍କୀୟ ଭାଇ ଭୁବନ ପ୍ରଧାନ (୨୨) ବୋଲି ଜଣାଯାଇଛି।




ପୁଲିସ ସୂଚନା ଅନୁଯାୟୀ, ପୀଡ଼ିତା ନାବାଳିକାଙ୍କ ମା’ ଓ ବାପା ଦିନ ମଜୁରିଆ ଭାବେ କାମ କରନ୍ତି। କାମକୁ ଗଲା ବେଳେ ସେମାନେ ନିଜର ୩ପିଲାଙ୍କୁ ଘରେ ଛାଡ଼ି ଯାଇଥାନ୍ତି। ପୀଡ଼ିତାଙ୍କ ବୟସ ମାତ୍ର ୧୧ବର୍ଷ ୬ମାସ। ଗତ ୨୮ତାରିଖ ପୂର୍ବାହ୍ନ ପ୍ରାୟ ୯ଟାରେ ପ୍ରତିଦିନ ଭଳି ପୀଡ଼ିତାଙ୍କ ମା ଓ ବାପା କାମକୁ ଯାଇଥିବା ବେଳେ ନାବାଳିକା ଝିଅ ଘରେ ଏକୁଟିଆ ଥିଲେ। ଦିନ ପ୍ରାୟ ▶ପୃଷ୍ଠା-୭

### ହେରାପଞ୍ଚମୀରେ ମହାପ୍ରଭୁଙ୍କ ମାନବୀୟ ଲୀଳା
## ନନ୍ଦିଘୋଷ ରଥ ଭାଙ୍ଗିଲେ ଲକ୍ଷ୍ମୀ ସାଆନ୍ତାଣୀ

■ **ପୁରୀ, ୧।୭ (ସମିସ):** ନବଦିନାତ୍ମକ ଯାତ୍ରାରେ ଆସି ଆଡ଼ପ ମଣ୍ଡପରେ ବିରାଜମାନ କରିଛନ୍ତି ଚତୁର୍ଦ୍ଧା ବିଗ୍ରହ। ଶ୍ରୀଗୁଣ୍ଡିଚା ମନ୍ଦିରରେ ଚାଲିଛି ମହାପ୍ରଭୁଙ୍କ ନୀତିକାନ୍ତି। ଜନ୍ମବେଦୀରେ ମହାପ୍ରଭୁଙ୍କୁ ଦର୍ଶନ କରୁଛନ୍ତି ଶ୍ରଦ୍ଧାଳୁ। ରଥଯାତ୍ରାର ଏକ ଅନନ୍ୟ ନୀତି ହେଉଛି ହେରାପଞ୍ଚମୀ। ଦାରୁବିଗ୍ରହଙ୍କ ମାନବୀୟ ଲୀଳାର ଏହା ଏକ ଅଂଶ। ମଙ୍ଗଳବାର ଗୁଣ୍ଡିଚା ମନ୍ଦିରରେ ଏହି ନୀତି ସମ୍ପନ୍ନ ହୋଇଛି।

ମହାପ୍ରଭୁ ଏବଂ ଶ୍ରୀଦେବୀ (ଲକ୍ଷ୍ମୀ ଠାକୁରାଣୀ)ଙ୍କ ବିବାହ ସରିଥିଲା। ହେଲେ ଗଇଁଠାଳ ଫିଟି ନଥିଲା। ଅର୍ଥାତ୍ ବିବାହ କର୍ମ ଅଧାରେ ରହିଛି। ଦେବସ୍ନାନ ପୂର୍ଣ୍ଣିମାରେ ମହାପ୍ରଭୁ ଅତ୍ୟଧିକ ସ୍ନାନ କରି ଜ୍ୱରରେ ପଡ଼ିଲେ। ବିଭିନ୍ନ ପଥି ସେବନ କରି ଆରୋଗ୍ୟଲାଭ କଲେ। ଦ୍ୱିତୀୟା ତିଥିରେ ମହାପ୍ରଭୁ ଲକ୍ଷ୍ମୀଙ୍କୁ ସାକ୍ଷାତ୍ ନ କରି ଭାଇ-ଭଉଣୀଙ୍କୁ ସାଥୀରେ ଧରି ଶ୍ରୀଗୁଣ୍ଡିଚା ଯାତ୍ରାରେ ବାହାରି ଆଡ଼ପ ମଣ୍ଡପରେ ଅବସ୍ଥାନ କରିଛନ୍ତି। ବିରହ ବେଦନାରେ ଥିବା ମା’ ଲକ୍ଷ୍ମୀ ଠାକୁରାଣୀ ମହାପ୍ରଭୁଙ୍କୁ ଫେରାଇନେବା ଲାଗି ଆସିଥିଲେ। ମହାପ୍ରଭୁ ଦର୍ଶନ ଦେଲେ, କିନ୍ତୁ ମହାଲକ୍ଷ୍ମୀଙ୍କ ଫେରିବା ଅନୁରୋଧକୁ ରଖିଲେ ନାହିଁ। ଏଥିରେ ରୋଷ କରି ଲକ୍ଷ୍ମୀ ସାଆନ୍ତାଣୀ ମହାପ୍ରଭୁଙ୍କ ନନ୍ଦିଘୋଷ ରଥର କିଛି ଅଂଶକୁ ଭାଙ୍ଗି ଦେଇ ହେରାଗୋହିରୀ ସାହି ଦେଇ ଶ୍ରୀମନ୍ଦିରକୁ ବାହୁଡ଼ିଥିଲେ। ଫେରିବା ସମୟରେ ପନ୍ତି ଭୋଗ ଗ୍ରହଣ କରିଥିଲେ।

ଶ୍ରୀଗୁଣ୍ଡିଚା ମନ୍ଦିରରେ ମହାପ୍ରଭୁଙ୍କ ସନ୍ଧ୍ୟାଧୂପ ପୂର୍ବରୁ ଲକ୍ଷ୍ମୀ ଠାକୁରାଣୀଙ୍କ ମାଜଣା ହୋଇଥିଲା। ଏହାପରେ ମହାଲକ୍ଷ୍ମୀ ପାଲିଙ୍କିରେ ବିଜେ ହୋଇ ଘଣ୍ଟ, ଛତା, କାହାଳୀ ସହ ପଟୁଆରରେ ଶ୍ରୀଗୁଣ୍ଡିଚା ଅଭିମୁଖେ ▶ପୃଷ୍ଠା-୭




## ରଥଯାତ୍ରା ମହାବିଭ୍ରାଟ
# କାହାକୁ ସୁରକ୍ଷା ଦେଉଛନ୍ତି ସରକାର
### ଓପିଏସ୍, ଓଏପିଏସ୍‌ଙ୍କୁ ନିଲମ୍ବନ କରି ହାତ ଝାଡ଼ିଦେଲେ

■ **ଭୁବନେଶ୍ୱର, ୧।୭ (ସମିସ):** ରଥଯାତ୍ରା ମହା ବିଭ୍ରାଟ ଓ ଶରଧାବାଲି ଦଳାଚକଟା ମୃତ୍ୟୁକୁ ୩ ଦିନ ବିତିଲାଣି। ମାତ୍ର ଏଯାଏ ଜିଲ୍ଲାପାଳ ଓ ଏସ୍‌ପିଙ୍କ ବଦଳି, ଜଣେ ଓପିଏସ୍ ଏବଂ ଜଣେ ଓଏପିଏସ୍ ଅଧିକାରୀଙ୍କୁ ନିଲମ୍ବନ କରି ସରକାର ନିଜ ଦାୟିତ୍ୱ ସାରି ଦେଇଛନ୍ତି। ରାଜ୍ୟ ସରକାରଙ୍କ ଏପରି ପଦକ୍ଷେପକୁ ଏବେ ସବୁ ମହଲରେ ପ୍ରଶ୍ନ ଉଠିଛି। କେଉଁ ଅଜ୍ଞାତ ରହସ୍ୟକୁ ସରକାର ଢ଼ାଙ୍କିବାକୁ ଓ କାହାକୁ ସୁରକ୍ଷା ଦେବାକୁ ସରକାର ଉଦ୍ୟମ କରୁଛନ୍ତି ବୋଲି ବିରୋଧୀ ପ୍ରଶ୍ନ କରିଛନ୍ତି।

ମହାପ୍ରଭୁଙ୍କ ମୋଦକ ଚୋରିଠାରୁ ଆରମ୍ଭ କରି ନନ୍ଦିଘୋଷ ରଥଟଣାରେ ଅହେତୁକ ବିଳମ୍ବ, ଦଳାଚକଟା ମୃତ୍ୟୁ ଆଦି ଏତେ ସବୁ ବିଭ୍ରାଟ ପଛରେ ମାତ୍ର ୨ ଜଣ ଓପିଏସ୍ ଅଧିକାରୀ ଦାୟୀ ବୋଲି ସରକାର ପ୍ରମାଣ କରିବାକୁ ଚାହୁଁଛନ୍ତି। ଯଦି ଏହି ଦୁଇ ଅଧିକାରୀଙ୍କ ପାଇଁ ଏତେସବୁ ଅଘଟଣ ଘଟିଛି, ତେବେ ୧୦ ହଜାରରୁ ଊର୍ଦ୍ଧ୍ୱ ପୁଲିସ କର୍ମୀ, ୨୫ ଏସ୍‌ପି ପାହ୍ୟା ଅଧିକାରୀ, ଗଣ୍ଡାଗଣ୍ଡା ମନ୍ତ୍ରୀଙ୍କୁ ନେଇ ଗଠିତ କମିଟି କ’ଣ କରୁଥିଲେ? କାହିଁକି ମନ୍ତ୍ରୀସ୍ତରୀୟ କମିଟି ଗଠନ ହୋଇଥିଲା, କାହିଁକି ଏତେ ପୁଲିସ ନିଯୁକ୍ତି ଦିଆଯାଇଥିଲା, ଶ୍ରୀମନ୍ଦିରର ପ୍ରଶାସନିକ ଅଧିକାରୀ କାହିଁକି ନିଯୁକ୍ତି ପାଇଥିଲେ ବୋଲି ସ୍ୱାଭାବିକ ପ୍ରଶ୍ନ ଉଠିଛି। ତେଣୁ ସରକାର ସବୁ ଅପାରଗତାକୁ ଢ଼ାଙ୍କିବାକୁ ନିଲମ୍ବନକୁ ଅସ୍ତ୍ର କରିଛନ୍ତି ଓ ସମସ୍ତଙ୍କୁ ଭୂଆଁ ବୁଲାଇବାକୁ ଉଦ୍ୟମ କରିଛନ୍ତି ବୋଲି ମଧ୍ୟ ଅଭିଯୋଗ ହୋଇଛି। ସେହିପରି ରଥଯାତ୍ରା ପରିଚାଳନା ଦାୟିତ୍ୱରେ ଥିବା ଅଧିକାରୀଙ୍କ ଅପାରଗତା ହିଁ ୩ ଜଣ ଭକ୍ତଙ୍କ ପ୍ରାଣ ନେଇଥିବା ସାଧାରଣ ଲୋକ ଅଭିଯୋଗ କରୁଛନ୍ତି। ନିଜେ ଶୋଇବାକୁ ଯିବା ନିମନ୍ତେ ଅଧିକାରୀମାନେ ମହାପ୍ରଭୁଙ୍କ ସଅଳ ପହଡ଼ ପକାଇବାକୁ ନିର୍ଦ୍ଦେଶ ଦେଇଥିବା ମଧ୍ୟ ଚର୍ଚ୍ଚା ହେଉଛି।

### ମହାପ୍ରଭୁଙ୍କ ଟ୍ୱିଟର ଆକାଉଣ୍ଟ ଖୋଜୁଛନ୍ତି ଭକ୍ତ

ସବୁଠାରୁ କୌତୂହଳର ବିଷୟ ହେଉଛି ଏହି ଘଟଣାରେ ସବୁଠାରୁ ବିବାଦୀୟ ହୋଇଛି ଶ୍ରୀମନ୍ଦିର ପ୍ରଶାସନ ଓ ମନ୍ତ୍ରୀସ୍ତରୀୟ କମିଟି। ରଥଯାତ୍ରା ଅଘଟଣ ପରେ ମୁଖ୍ୟମନ୍ତ୍ରୀ ଟ୍ୱିଟରରେ ରାଜ୍ୟବାସୀଙ୍କ ନିକଟରେ କ୍ଷମାପ୍ରାର୍ଥନା କରିଛନ୍ତି। ମାତ୍ର ରଥଯାତ୍ରା ପରିଚାଳନା ନିମନ୍ତେ ବାସ୍ତବ ଉତ୍ତରଦାୟୀ ଶ୍ରୀମନ୍ଦିର ପ୍ରଶାସନ ଓ ମନ୍ତ୍ରୀସ୍ତରୀୟ କମିଟିର ତୁଣ୍ଡ ଫିଟୁନାହିଁ। ବିଶୃଙ୍ଖଳା ପାଇଁ ମହାପ୍ରଭୁ ଓ ରାଜ୍ୟବାସୀଙ୍କ ନିକଟରେ କ୍ଷମା ପ୍ରାର୍ଥନା କରିବାର ସାହସ ସେମାନେ ଜୁଟାଇ ପାରିନାହାନ୍ତି। ଅନ୍ୟପକ୍ଷରେ ମୁଖ୍ୟମନ୍ତ୍ରୀଙ୍କ ଟ୍ୱିଟର କ୍ଷମାପ୍ରାର୍ଥନାକୁ ମଧ୍ୟ ସାଧାରଣରେ ସମାଲୋଚନା କରାଯାଇଛି। ବରିଷ୍ଠ ନେତା ବିଜୟ ମହାପାତ୍ର ମୁଖ୍ୟମନ୍ତ୍ରୀଙ୍କ ଟ୍ୱିଟ୍ ମହାପ୍ରଭୁ ଜଗନ୍ନାଥଙ୍କୁ କିଏ ପଢ଼ାଇବ ବୋଲି ସରକାରଙ୍କୁ କଟାକ୍ଷ କରିଛନ୍ତି। ମୁଖ୍ୟମନ୍ତ୍ରୀ, ଦୁଇ ଉପମୁଖ୍ୟମନ୍ତ୍ରୀ, ମନ୍ତ୍ରୀସ୍ତରୀୟ କମିଟି ବଡ଼ଦାଣ୍ଡରେ ଯୋଡ଼ହସ୍ତରେ ସବୁ ଅଘଟଣ ନିମନ୍ତେ ମହାପ୍ରଭୁଙ୍କ ନିକଟରେ କ୍ଷମା ପ୍ରାର୍ଥନା କରନ୍ତୁ ବୋଲି ଦାବି କରିଛନ୍ତି। ▶ପୃଷ୍ଠା-୭

## ଉତ୍ତର ଗାଜାରେ ଇସ୍ରାଏଲ ଆକ୍ରମଣ

ନୂଆଦିଲ୍ଲୀ, ୧।୭(ଏଜେନ୍ସି): ଅସ୍ତ୍ରବିରତି ନେଇ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ମନ୍ତବ୍ୟ ଦେବାର ଗୋଟିଏ ଦିନ ପରେ ଇସ୍ରାଏଲ ପୁଣିଥରେ ଗାଜା ଉପରେ ବଡ଼ଧରଣର ଆକ୍ରମଣ କରିଛି। ସୋମବାର ହୋଇଥିବା ଏହି ଆକ୍ରମଣରେ ୬୦ ଜଣ ପ୍ରାଣ ହରାଇଥିବା ବେଳେ ବହୁ ଲୋକ ଆହତ ହୋଇଛନ୍ତି। ତେବେ ଉତ୍ତର ଗାଜାରେ ଥିବା ହମାସ ଠିକଣା ଉପରେ ଟାର୍ଗେଟ କରି ଏହି ଆକ୍ରମଣ କରାଯାଇଛି ବୋଲି ଇସ୍ରାଏଲ ସେନା ତରଫରୁ କୁହାଯାଇଛି। ଏହି ଆକ୍ରମଣରେ ଅତିକମ୍‌ରେ ୨୦ ଜଣ ପାଲେଷ୍ଟାଇନ ନାଗରିକ ମୃତ୍ୟୁବରଣ କରିଛନ୍ତି ବୋଲି କୁହାଯାଇଛି। ଅନ୍ୟପଟେ ଏହି ଆକ୍ରମଣରେ ଅଧିକାଂଶ ହମାସ ଆତଙ୍କବାଦୀ ମୃତ୍ୟୁ ବରଣ କରିଛନ୍ତି ବୋଲି ଇସ୍ରାଏଲ କହିଛି। ମାର୍ଚ୍ଚ ପରଠାରୁ ଯୁଦ୍ଧ ଆରମ୍ଭ ହେବା ପରେ ଉତ୍ତର ଗାଜାକୁ ଖାଲି କରିବାକୁ କୁହାଯାଇଥିଲା। ସିଜ୍ ଫାୟାର ନେଇ କ୍ଷେତ୍ର ପସ୍ତୁତ ହୋଇଥିବା ବେଳେ ଇସ୍ରାଏଲର ଏଭଳି ଆକ୍ରମଣକୁ ନେଇ ପ୍ରଶ୍ନ ଉଠିଛି।

## ମାସେ ପାଇଁ ସୁରକ୍ଷା ପରିଷଦର ଅଧ୍ୟକ୍ଷ ହେଲା ପାକିସ୍ତାନ

ନୂଆଦିଲ୍ଲୀ, ୧।୭(ଏଜେନ୍ସି): ପାକିସ୍ତାନ ଗୋଟିଏ ମାସ ଅର୍ଥାତ ଜୁଲାଇ ମାସ ପାଇଁ ଜାତିସଂଘ ସୁରକ୍ଷା ପରିଷଦ (ୟୁଏନ୍‌ଏସ୍‌ସି)ର ଅଧ୍ୟକ୍ଷ ପଦ ଅଳଙ୍କୃତ କରିଛି। ୨୦୨୫ ଜାନୁଆରୀରୁ ପାକିସ୍ତାନ ଦୁଇବର୍ଷ ପାଇଁ ସୁରକ୍ଷା ପରିଷଦରେ ଅସ୍ଥାୟୀ ସଦସ୍ୟ ଭାବେ ସ୍ଥାନ ପାଇଥିଲା। ଅଧ୍ୟକ୍ଷ ଭାବେ ପାକିସ୍ତାନ ସାରା ବିଶ୍ୱରେ ଶାନ୍ତି ପ୍ରତିଷ୍ଠା କରିବା ସହ ଅନ୍ତର୍ଜାତୀୟ ନିୟମକୁ କାର୍ଯ୍ୟକାରୀ କରିବାକୁ ପ୍ରୟାସ କରିବ ବୋଲି କହିଛି। ଜାତିସଂଘରେ ପାକିସ୍ତାନର ସ୍ଥାୟୀ ପ୍ରତିନିଧି ଆମ୍ବାସାଡର ଅସିମ ଇଫ୍‌ତିକାର ଅହମ୍ମଦ ସୁରକ୍ଷା ପରିଷଦର ବିଭିନ୍ନ ବୈଠକରେ ଅଧ୍ୟକ୍ଷତା କରିବାର ସୁଯୋଗ ପାଇବେ। ଇତିମଧ୍ୟରେ ଜୁଲାଇ ମାସର କାର୍ଯ୍ୟ ନେଇ ଅସିମ ଜାତିସଂଘ ମହାସଚିବ ଆଣ୍ଟୋନିଓ ଗୁଟରେସ୍‌ଙ୍କୁ ଭେଟି ଅବଗତ କରାଇଛନ୍ତି। ଉଲ୍ଲେଖଥାଉ କି, ଜାତିସଂଘ ସୁରକ୍ଷା ପରିଷଦରେ ସ୍ଥାନ ପାଇଥିବା ୧୫ ସଦସ୍ୟ ଆଲଫାବେଟିକାଲ ଅର୍ଡରରେ ପାଳିଭିତ୍ତିରେ ଅଧ୍ୟକ୍ଷ ପଦ ଅଳଙ୍କୃତ କରିଥାନ୍ତି। ପୂର୍ବରୁ ପାକିସ୍ତାନ ସୁରକ୍ଷା ପରିଷଦରେ ୭ଥର ଅସ୍ଥାୟୀ ସଦସ୍ୟ ଭାବେ ସ୍ଥାନ ପାଇଛି।

## ବମ୍ବେ ଆଇଆଇଟିରେ ୧୪ ଦିନ କଟାଇଲେ ନକଲି ଛାତ୍ର

ମୁମ୍ବଇ, ୧।୭(ଏଜେନ୍ସି): ବମ୍ବେ ଆଇଆଇଟିରେ ଏକ ଅଜବ ଘଟଣା ଦେଖିବାକୁ ମିଳିଛି। ୨୨ ବର୍ଷୀୟ ଜଣେ ନକଲି ଛାତ୍ର ଆଇଆଇଟି କ୍ୟାମ୍ପସରେ ବେଆଇନ ଭାବେ ୧୪ ଦିନ ରହିଥିଲେ। ବିଲାଲ ଅହମ୍ମଦ ତେଲି ନାମକ ଏହି ବ୍ୟକ୍ତି କଡ଼ା ସୁରକ୍ଷା ବଳୟକୁ ଭେଦ କରି କ୍ୟାମ୍ପସ ଭିତରକୁ ପସିବାରେ ସକ୍ଷମ ହୋଇଥି।ଲେ। ତାଙ୍କୁ ପୁଲିସ ଗିରଫ କରିଛି। ଜୁନ୍ ୨୬ରେ କ୍ୟାମ୍ପସରେ ବିଲାଲ ଏକ ସୋଫାରେ ଶୋଇଥିବାର ଦେଖାଯାଇଥିଲା। ସୁରକ୍ଷାକର୍ମୀ ତାଙ୍କ ପରିଚୟ ପଚାରିବା ପରେ ସେ କୌଣସି ଉତ୍ତର ନ ଦେଇ ଦୌଡିବାକୁ ଲାଗିଥିଲେ। ଏହାପରେ ସିସିଟିଭି ଫୁଟେଜର ଯାଞ୍ଚ କରାଯାଇଥିଲା ଓ ସେ ନକଲି ଛାତ୍ର ଥିବା ଜଣା ପଡ଼ିଥିଲା। କିନ୍ତୁ ସେ ୧୪ ଦିନଧରି କ୍ୟାମ୍ପସରେ ବୁଲାବୁଲି କରିଥିଲା। ସେ ମଧ୍ୟ ୨୧ଟି ଇମେଲ ଆଇଡି ସୃଷ୍ଟି କରିଥିଲା। ତାଙ୍କ ବିରୋଧରେ ଥାନାରେ ଅଭିଯୋଗ କରାଯାଇଛି। ଜୁଲାଇ ୭ ପର୍ଯ୍ୟନ୍ତ ତାଙ୍କୁ ୧୪ ଦିନିଆ ବିଚାରବିଭାଗୀୟ ହାଜତକୁ ପଠାଯାଇଛି। କ୍ୟାମ୍ପସରେ ସେ ନିଜକୁ ଜଣେ ପିଏଚ୍‌ଡି ଛାତ୍ରର ପରିଚୟ ଦେଉଥିଲା। ବିଲାଲ ପାଖରେ ନକଲି ଦସ୍ତାବିଜ ମଧ୍ୟ ଥିଲା। ସେ ଗତବର୍ଷ ମଧ୍ୟ କ୍ୟାମ୍ପସରେ ଗୋଟିଏ ମାସ ରହିଥିଲା ବୋଲି ପୁଲିସ୍‌କୁ କହିଛି। କିନ୍ତୁ ସେ ନକଲି ଛାତ୍ର ବୋଲି କେହି ଚିହ୍ନିପାରି ନଥିଲେ।

### ହିନ୍ଦୁ ଯୁବତୀଙ୍କୁ ଦୁଷ୍କର୍ମ

## ବାଂଲାଦେଶରେ ତେଜିଲା ବିରୋଧ

ଢ଼ାକା, ୧।୭(ଏଜେନ୍ସି): ବାଂଲାଦେଶର କୁମିଲ୍ଲାର ମୁରାଦନଗରରେ ଗତ ଜୁନ୍ ୨୬ରେ ଜଣେ ୨୧ ବର୍ଷୀୟ ହିନ୍ଦୁ ଯୁବତୀ ଦୁଷ୍କର୍ମ ଶିକାର ହେବା ପରେ ଏହାକୁ ନେଇ ଆନ୍ଦୋଳନ ଜୋର ଧରିଛି। ହିନ୍ଦୁ ଓ ମାନବାଧିକାର ସଂଗଠନ ବାଂଲାଦେଶର ବିଭିନ୍ନ ସହରରେ ଉଗ୍ର ପ୍ରଦର୍ଶନ କରିଛନ୍ତି। ଏହାକୁ ନେଇ ବିଭିନ୍ନ ରାଜନୈତିକ ଦଳରେ ମଧ୍ୟରେ ବିବାଦ ସୃଷ୍ଟି ହୋଇଛି। ପୂର୍ବତନ ପ୍ରଧାନମନ୍ତ୍ରୀ ଶେଖ ହସିନାଙ୍କ ପାର୍ଟି ଅୱାମୀ ଲିଗ୍ ଓ ଅନ୍ୟତମ ପୂର୍ବତନ ପ୍ରଧାନମନ୍ତ୍ରୀ ଖଲିଦା ଜିଆଙ୍କ ବାଂଲାଦେଶ ନ୍ୟାସନାଲ ପାର୍ଟି (ବିଏନ୍‌ପି) ଅଭିଯୁକ୍ତ ଫଜର ଅଲିଙ୍କୁ ପରସ୍ପରର ନେତା ବୋଲି ଆକ୍ଷେପ କରିଛନ୍ତି। ସେପଟେ ବାଂଲାଦେଶ ପୁଲିସ୍ ଓ ମହମ୍ମଦ ୟୁନୁସ୍‌ଙ୍କ ସମର୍ଥକମାନେ ଏହି ଘଟଣାକୁ ପରକୀୟପ୍ରୀତି ବୋଲି ଦର୍ଶାଇବାକୁ ପ୍ରୟାସ କରିଛନ୍ତି। ଏହାପରେ ସଂଖ୍ୟାଲଘୁ ହିନ୍ଦୁ ସମୁଦାୟ ମଧ୍ୟରେ ଆକ୍ରୋଶ ଖେଳିଯାଇଥିଲା। ରାତିରେ ଢାକା ବିଶ୍ୱବିଦ୍ୟାଳୟରେ ଛାତ୍ରମାନେ ଏହାକୁ ବିରୋଧ କରି ରାଲି ବାହର କରିଥିଲେ। ତେବେ ଏହି ମାମଲା ପରକୀୟାପ୍ରୀତି ନୁହଁ ବୋଲି କୁମିଲ୍ଲା ପୁଲିସ ତରଫରୁ ସ୍ୱଷ୍ଟ କରାଯାଇଛି।

## ବିନା କାମରେ ଘରୁ ବାହାରୁଛନ୍ତି କାହିଁକି?

ଭୋପାଳ, ୧।୭(ଏଜେନ୍ସି): ଗତ ଶୁକ୍ରବାର ଇନ୍ଦୋର-ଦିୱାସ୍ ରାଜପଥରେ ଅସମ୍ଭବ ଟ୍ରାଫିକ୍ ଜାମ୍ ଦେଖିବାକୁ ମିଳିଥିଲା। ୮ କିମି ବ୍ୟାପୀ ୪୦ ଘଣ୍ଟାର ଏହି ଜାମ୍‌ରେ ୪, ୦୦୦ ଗାଡି ଫସି ରହିଥିଲା। ଏଥିରେ ଫସି ୩ ଜଣ ଲୋକ ପ୍ରାଣ ହରାଇଥିଲେ ଓ ହଜାର ହଜାର ଲୋକ ହନ୍ତସନ୍ତ ହୋଇଥିଲେ। କିନ୍ତୁ ଏହି ଘଟଣାରେ ନିଜର ତ୍ରୁଟି ସ୍ୱୀକାର କରିବା ବଦଳରେ ନ୍ୟାସନାଲ ହାଇୱେ ଅଥରିଟି ଅଫ୍ ଇଣ୍ଡିଆ (ଏନ୍‌ଏଚ୍‌ଏଆଇ) ଏ ନେଇ ହୋଇଥିବା କୋର୍ଟ ଶୁଣାଣିରେ ଅଜବ ଯୁକ୍ତି ଉପସ୍ଥାପନ କରିଛି। ଲୋକେ ବିନା କାର୍ଯ୍ୟରେ ଏତେ ଶୀଘ୍ର ଘରୁ କାହିଁକି ବାହାରୁଛନ୍ତି ବୋଲି ଏନ୍‌ଏଚ୍‌ଏଆଇର ଓକିଲ ପ୍ରଶ୍ନ କରିଛନ୍ତି।

# ହିମାଚଳରେ ବାଦଲଫଟା ବର୍ଷା; ୪ ମୃତ, ୧୬ ନିଖୋଜ



- ଭାସିଗଲା ପୋଲ
- ପ୍ରୟାଗରାଜରେ ବି ବନ୍ୟା
- ଅଲୱରରେ ଘରେ ପଶିଲା ପାଣି

ନୂଆଦିଲ୍ଲୀ, ୧।୭ (ଏଜେନ୍ସି): ଦେଶର ଅଧିକାଂଶ ଭାଗରେ ମୌସୁମୀ ଜନିତ ପ୍ରବଳ ବର୍ଷା ଲାଗି ରହିଛି। ଭୀଷଣ ବର୍ଷା ଯୋଗୁଁ ଅନେକ ରାଜ୍ୟରେ ଭୂସ୍ଖଳନ ହେଉଛି। ବନ୍ୟା ସ୍ଥିତି ମଧ୍ୟ ସୃଷ୍ଟି ହୋଇଛି। ଫଳରେ ସ୍ଥିତି ଅଣାୟତ୍ତ ହୋଇଯାଇଛି। ଲୋକେ ନାହିଁ ନ ଥିବା ସ୍ଥିତିର ସମ୍ମୁଖୀନ ହେଉଛନ୍ତି। ରାସ୍ତାଘାଟ ବନ୍ଦ ହୋଇ ଯାଇଥିବାରୁ ଶତାଧିକ ଗାଡ଼ିମୋଟର ଅଟକି ରହିଛନ୍ତି। ଅନେକଙ୍କ ଘରେ ପାଣି ପଶିଯାଇଛି। ଜନସାଧାରଣ ହନ୍ତସନ୍ତ ହେଉଛନ୍ତି। ବର୍ଷା ଯୋଗୁଁ ହିମାଚଳ ପ୍ରଦେଶ ଏବଂ ଉତ୍ତରାଖଣ୍ଡ ସର୍ବାଧିକ କ୍ଷତିଗ୍ରସ୍ତ ହୋଇଛି। ଏହି ଦୁଇ ରାଜ୍ୟରେ ତିନି ହେଲା ଭୀଷଣ ବର୍ଷା ଜାରି ରହିଛି। ହିମାଚଳ ମଣ୍ଡିର ୧୧ଟି ସ୍ଥାନରେ ବାଦଲ ଫଟା ବର୍ଷା ହୋଇଛି। ଏଥିଯୋଗୁଁ କୁକଲାହରେ ପୋଲ ସହିତ ଅନେକ ଗାଡ଼ି ଭାସି ଯାଇଛି। ଚାରିଆଡେ ଘର ବଦଳରେ ଅବଶେଷ ଦେଖିବାକୁ ମିଳୁଛି। ମଣ୍ଡି ସହରରେ ନାଳ ଗୁଡିକ ଫୁଲି ଯାଇଛି। ଗତ ୨୪ ଘଣ୍ଟା ମଧ୍ୟରେ ୩ ଜଣ ପ୍ରାଣ ହରାଇଥିବାବେଳେ ୧୦ରୁ ଅଧିକ ନିଖୋଜ ହୋଇଯାଇଛନ୍ତି। ୧୦ଟି ଘର ମଧ୍ୟ କ୍ଷତିଗ୍ରସ୍ତ ହୋଇଛି। ମନାଲି-ମଣ୍ଡି ଫୋରଲେନ ସଡ଼କରେ ଥିବା ସୁଡଙ୍ଗର ପ୍ରବେଶ ପଥରେ ପାହାଡ ଧସି ଅବଶେଷ ଗଦା ହୋଇଛି।

ଉତ୍ତରାଖଣ୍ଡରେ ଭୂସ୍ଖଳନ ହୋଇ ରାସ୍ତା ଉପରେ ପଡ଼ିଛି। ଏଥିଯୋଗୁଁ ଜନଜୀବନ ବ୍ୟାହତ ହୋଇଛି। କୋଟଦ୍ୱାର-ବଦ୍ରିନାଥ ମାର୍ଗରେ ଥିବା ସତପୁଲି ନିକଟରେ ଭୂସ୍ଖଳନ ହେବା ଯୋଗୁଁ ପୌଡି-ମେରଠ ରାଜପଥକୁ ବନ୍ଦ କରିଦିଆଯାଇଛି। ଉତ୍ତରକାଶୀରେ ଭୂସ୍ଖଳନ ଯୋଗୁଁ ଯମୁନୋତ୍ରି ରାସ୍ତା ବନ୍ଦ ରହିଛି। ରାଜସ୍ଥାନର ଅଲୱରରେ ସୋମବାର ପ୍ରବଳ ବର୍ଷା ହୋଇଛି। ଏଥିଯୋଗୁଁ ରାସ୍ତାରେ ଦୁଇ ଫୁଟର ପାଣି ଜମା ହୋଇଛି। ଉତ୍ତର ପ୍ରଦେଶର ପ୍ରୟାଗରାଜରେ ଗଙ୍ଗା-ଯମୁନା ଯୋଗୁଁ ବନ୍ୟା ଆସିଛି।

# ଥମୁନି କର୍ଣ୍ଣାଟକ କଂଗ୍ରେସ କଳି



- ପୁଣି ମୁଖ୍ୟମନ୍ତ୍ରୀ ପଦକୁ ନେଇ ବିବାଦ
- ଉପ-ମୁଖ୍ୟମନ୍ତ୍ରୀଙ୍କ ଘନିଷ୍ଠ ବିଧାୟକଙ୍କ ଦାବି
- ଶହେ ବିଧାୟକଙ୍କ ସମର୍ଥନ ଅଛି

ବେଙ୍ଗାଲୁରୁ, ୧।୭ (ଏଜେନ୍ସି): କର୍ଣ୍ଣାଟକ ମୁଖ୍ୟମନ୍ତ୍ରୀ ସିଦ୍ଧରମୈୟା ଏବଂ ଉପମୁଖ୍ୟମନ୍ତ୍ରୀ ଡିକେଶିବକୁମାରଙ୍କ ମଧ୍ୟରେ ନେତୃତ୍ୱ କଳି ଛିଣ୍ଡିବାର ନା ଧରୁନି। ରାଜ୍ୟରେ ସବୁକିଛି ଠିକ୍ ଅଛି ବୋଲି କଂଗ୍ରେସ ବାର୍ତ୍ତା ଦେବାକୁ ପ୍ରୟାସ କରୁଛି। ମୁଖ୍ୟମନ୍ତ୍ରୀ ବଦଳାଇବାର କୌଣସି ଯୋଜନା ନାହିଁ ବୋଲି ମଧ୍ୟ କୁହାଯାଉଛି। ଦିନକ ତଳେ ସିଦ୍ଧରମୈୟା ଏବଂ ଶିବକୁମାର ଏକାଠି କାମ କରିବାକୁ ସହମତି ପ୍ରକାଶ କରିଥିଲେ। ମତପାର୍ଥକ୍ୟ ଖବରକୁ ଖଣ୍ଡନ କରିଥିଲେ। ମାତ୍ର ୨୪ ଘଣ୍ଟା ନ ହେଉଣୁ ପୁଣି ସ୍ଥିତି ବଦଳି ଯାଇଛି। ଏକ ଭାଇରାଲ ଭିଡିଓ ଏହି ନିଆଁକୁ ପୁଣି ଜୋରଦାର କରିଦେଇଛି।

କର୍ଣ୍ଣାଟକ କଂଗ୍ରେସ ପ୍ରଭାରୀ ରଣଦୀପ ସୂର୍ଯେୱାଲା ବେଙ୍ଗାଲୁରୁରେ ପହଞ୍ଚି ବିଧାୟକଙ୍କ ସହ କ୍ରମାଗତ ଭାବେ ଚର୍ଚ୍ଚା କରୁଛନ୍ତି। ମାତ୍ର ଏହାର କୌଣସି ପ୍ରଭାବ ପଡୁନାହିଁ। ଏବେ କର୍ଣ୍ଣାଟକ ମୁଖ୍ୟମନ୍ତ୍ରୀ ପଦ କଂଗ୍ରେସ ପାଇଁ କଣ୍ଟା ପାଲଟିବାରେ ଲାଗିଛି। ତିନି ଥରର ବିଧାୟକ ବିଆର ପାଟିଲଙ୍କ ଏକ ଭିଡିଓ ଭାଇରାଲ ହେବାରେ ଲାଗିଛି। ମାଣ୍ଡ୍ୟା ବିଧାୟକ କ୍ରିଷ୍ଣାରାଜ ପେଟେଙ୍କୁ ସେ କହୁଛନ୍ତି ଯେ ସିଦ୍ଧରମୈୟାଙ୍କ ଲଟେରି ଲାଗିଯାଇଛି। ମୁଁ ତାଙ୍କୁ ସୋନିଆ ଗାନ୍ଧୀଙ୍କ ସହ ନେଇ ଭେଟ କରାଇଥିଲି। ତାଙ୍କ ଭାଗ୍ୟ ଭଲ ଅଛି। ତେଣୁ ସେ ମୁଖ୍ୟମନ୍ତ୍ରୀ ହେଲେ। ମୋର କୌଣସି ଗଡ୍‌ଫାଦର କିମ୍ବା ଗଡ୍ (ଭଗବାନ) ନାହାନ୍ତି। ମୁଁ ସୂର୍ଯେୱାଲାଙ୍କୁ ଭେଟି ଯାହା କହିବାର ଥିଲା ତାହା କହିଦେଲି। ସେ ଧୈର୍ଯ୍ୟର ସହ ସବୁ ଶୁଣିଥିଲେ। ଦେଖାଯାଉ ଆଗକୁ କ'ଣ ହେଉଛି।

ବିବାଦର ସମାଧାନ କରିବାକୁ ବେଙ୍ଗାଲୁରୁ ଆସିଥିବା ସୂର୍ଯେୱାଲା ରାଜ୍ୟରେ ନେତୃତ୍ୱ ପରିବର୍ତ୍ତନର ହେବାର କୌଣସି ଯୋଜନା ନାହିଁ କହିବାର କିଛି ଘଣ୍ଟା ପରେ ଏହି ଭିଡିଓ ଭାଇରାଲ ହୋଇଛି। ଶିବକୁମାରଙ୍କ ସମର୍ଥକ ତାଙ୍କୁ ମୁଖ୍ୟମନ୍ତ୍ରୀ କରିବାକୁ ଦାବି କରୁଛନ୍ତି। ତେବେ ଏହି ଘୋଷଣା କରିବା ସମୟରେ ସେ ସୂର୍ଯେୱାଲାଙ୍କ ପାଖରେ ବସିଥିଲେ। ପରେ ଶିବକୁମାର କହିଥିଲେ ଯେ ବିଧାୟକମାନେ ମୋ ପାଇଁ କୁହନ୍ତୁ ବୋଲି ଚାହୁଁ ନାହିଁ। ୨୦୨୮ ରେ ଦଳକୁ ପୁଣିଥରେ କ୍ଷମତାସୀନ କରିବା ପାଇଁ ମୁଁ କାର୍ଯ୍ୟ କରୁଛି। ଅନ୍ୟପକ୍ଷରେ ଶିବକୁମାରଙ୍କ ଜଣେ ଘନିଷ୍ଠ ବିଧାୟକ ଇକବାଲ ହୁସୈନ କହିଛନ୍ତି ଯେ ପ୍ରାୟ ଶହେ ବିଧାୟକ ମୁଖ୍ୟମନ୍ତ୍ରୀ ବଦଳାଯାଉ ବୋଲି ଚାହୁଁଛନ୍ତି। ଯଦି ପରିବର୍ତ୍ତନ ନ ହୁଏ ତେବେ ୨୦୨୮ରେ କଂଗ୍ରେସ ହାରିଯିବ। ସୂର୍ଯେୱାଲାଙ୍କ ନିକଟରେ ଏହି ପ୍ରସଙ୍ଗ ଉଠାଯିବ। ଶିବକୁମାର ଦିନରାତି ଦଳ ପାଇଁ କାର୍ଯ୍ୟ କରୁଛନ୍ତି। ଏବେ ତାଙ୍କୁ ମୁଖ୍ୟମନ୍ତ୍ରୀ ହେବାକୁ ସୁଯୋଗ ଦିଆଯିବା ଉଚିତ।

ଅନ୍ୟପଟେ କଂଗ୍ରେସ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡଗେ କହିଥିଲେ ।।ଯେ ମୁଖ୍ୟମନ୍ତ୍ରୀ ବଦଳାଇବା ନିଷ୍ପତ୍ତି ହାଇକମାଣ୍ଡ ନେବେ। ହାଇକମାଣ୍ଡଙ୍କ ମୁଣ୍ଡରେ କ'ଣ ଚାଲିଛି ତାହା କେହି ଜାଣି ନାହାନ୍ତି। ତେଣୁ ଏହି ପ୍ରସଙ୍ଗକୁ ନେଇ ବିବାଦ ସୃଷ୍ଟି କରିବା ଅନୁଚିତ।




## ୯୦୦ ଫୁଟ୍ ତଳକୁ ଖସିଲା ଏୟାର ଇଣ୍ଡିଆ ବିମାନ

ନୂଆଦିଲ୍ଲୀ, ୧।୭(ଏଜେନ୍ସି): ଅହମଦାବାଦ ବିମାନ ଦୁର୍ଘଟଣାର ଦୁଇଦିନ ପରେ ଆଉଏକ ଏୟାର ଇଣ୍ଡିଆର ବିମାନ ଅଳ୍ପକେ ଦୁର୍ଘଟଣାରୁ ବର୍ତ୍ତିଯାଇଥିଲା। ଜୁନ୍ ୧୪ରେ ଏୟାର ଇଣ୍ଡିଆର ଏକ ବିମାନ ଅଚାନକ ୯୦୦ ଫୁଟ୍ ତଳକୁ ଖସିଆସିଥିଲା। ଦିଲ୍ଲୀରୁ ଏହି ବିମାନ ଅଷ୍ଟ୍ରିଆ ରାଜଧାନୀ ଭିଏନା ଯାଉଥିଲା। ଦିଲ୍ଲୀ ବିମାନ ବନ୍ଦରରୁ ଟେକ୍‌ଅଫ୍ କରିବା ପରେ ହିଁ ବିମାନ ତଳକୁ ଖସିବାରେ ଲାଗିଥିଲା। ତେବେ ଏହି ବିମାନ ୯ ଘଣ୍ଟା ୮ ମିନିଟ୍‌ର ଉଡାଣ ପରେ ଭିଏନାରେ ସୁରକ୍ଷିତ ଭାବେ ଲ୍ୟାଣ୍ଡ କରିଥିଲା। ଏହି ଘଟଣା ଯାଞ୍ଚ୍ ଆରମ୍ଭ ହୋଇଛି ବୋଲି ଏୟାର ଇଣ୍ଡିଆ ତରଫରୁ କୁହାଯାଇଛି। ଏ ନେଇ ରିପୋର୍ଟ ପ୍ରକାଶ ପାଇବା ପରେ ବିମାନର ଦୁଇ ପାଇଲଟଙ୍କୁ ଦାୟିତ୍ୱରୁ ହଟାଇ ଦିଆଯାଇଛି। ଏନେଇ ବେସାମରିକ ବିମାନ ଚଳାଚଳ ନିର୍ଦ୍ଦେଶାଳୟକ (ଡିଜିସିଏ)କୁ ଅବଗତ କରାଯାଇଛି ବୋଲି କୁହାଯାଇଛି। ରେକର୍ଡରୁ ତଥ୍ୟ ସଂଗ୍ରହ କରାଯାଇଛି ଓ ଯାଞ୍ଚ ଚାଲୁ ରହିଛି ବୋଲି କୁହାଯାଇଛି।

## ଆଇଏନ୍‌ଏସ୍ ତମାଲ ନୌସେନାରେ ସାମିଲ



ନୂଆଦିଲ୍ଲୀ, ୧।୭(ଏଜେନ୍ସି): ଭାରତୀୟ ନୌସେନାରେ ଆଉ ଏକ ଅତ୍ୟାଧୁନିକ ଗୁପ୍ତ ଯୁଦ୍ଧପୋତ ସାମିଲ ହୋଇଛି। ଏହି ଲଢୁଆ ଜାହାଜ ହେଉଛି 'ଆଇଏନ୍‌ଏସ୍ ତମାଲ'। ଏହାକୁ ରୁଷିଆର କଲିନିଗ୍ରାଡ୍‌ରେ ମଙ୍ଗଳବାର କମିଶନ କରାଯାଇଛି। କମିଶନିଂ ଉତ୍ସବରେ ଭାଇସ ଆଡମିରାଲ୍ ସଞ୍ଜୟ ଜେ ସିଂ ଅଧ୍ୟକ୍ଷତା କରିଥିଲେ। ରୁଷିଆ ହିଁ ଭାରତକୁ ଏହି ଲଢୁଆ ଜାହାଜ ପ୍ରଦାନ କରିଛି। ରୁଷ୍ ତରଫରୁ ଅଷ୍ଟମ କ୍ରିଭାକ କ୍ଲାସ ତଥା ଦ୍ୱିତୀୟ ତୁଲସି- କ୍ଲାସ ଲଢୁଆ ଜାହାଜ ଭାରତକୁ ମିଳିଛି। ୨୦୧୬ରେ ଭାରତ ଓ ରୁଷିଆ ମଧ୍ୟରେ ୨୧, ୦୦୦ କୋଟି ଟଙ୍କାର ପ୍ରତିରକ୍ଷା ଚୁକ୍ତି ହୋଇଥିଲା ଓ ତମାଲ ହେଉଛି ଏହାର ଅଂଶବିଶେଷ। ଆଇଏନ୍‌ଏସ୍ ତମାଲରେ ୨୬ ପ୍ରତିଶତ ସ୍ୱଦେଶୀ ଜ୍ଞାନକୌଶଳ ସାମିଲ ହୋଇଛି। ଏହା ଘଣ୍ଟାପ୍ରତି ୫୫ କିମି ବେଗରେ ଗତି କରିପାରିବ। ଏହାର ଓଜନ ୩, ୯୦୦ ଟନ। ଏଥିରେ ଓଜନଦାର ଅସ୍ତ୍ର ସମେତ ବିକଶିତ ସେନ୍ସର ଓ ଗୋଟିଏ ହେଲିକପ୍ଟର ନେଇ ଯିବାର ବ୍ୟବସ୍ଥା ରହିଛି। ୧୨୫ ମିଟର ଦୈର୍ଘ୍ୟ ବିଶିଷ୍ଟ ଏହି ଜାହାଜରେ ଗୋଟିଏ ଅଧା ଫୁଟବଲ ପଡ଼ିଆ ରହିପାରିବ। ଏହାକୁ ରାଡାର ଠାବ କରିବା ଅସମ୍ଭବ। ଏହା ଭାରତ ମହାସାଗର ଓ ଆରବ ସାଗରରେ ନିୟୋଜିତ ହେବା ସହ ପାକିସ୍ତାନ ସୀମାକୁ ନୀରିକ୍ଷଣ କରିବ।

### ହେପାଜତରେ ଗାର୍ଡଙ୍କ ମୃତ୍ୟୁ ମାମଲା; ମାଡ୍ରାସ ହାଇକୋର୍ଟଙ୍କ ଭର୍ତ୍ସନା

## କ୍ଷମତା ନିଶାରେ ପୁଲିସ ମାତାଲ

ଚେନ୍ନଇ, ୧।୭ (ଏଜେନ୍ସି): ତାମିଲନାଡୁ ପୁଲିସ କ୍ଷମତା ନିଶାରେ ମାତାଲ ହୋଇଯାଇଛି। କ୍ଷମତାରେ ଅନ୍ଧ ହୋଇ ପୁଲିସ କ୍ରୁର ପାଲଟି ଯାଉଛି। ରାଜ୍ୟ ନିଜ ଲୋକଙ୍କୁ ହତ୍ୟା କରୁଛି ବୋଲି ମାଡ୍ରାସ ହାଇକୋର୍ଟ କହିଛନ୍ତି। ତାମିଲନାଡୁ ଶିବଗଙ୍ଗା ଜିଲ୍ଲାରେ ପୁଲିସ ହେପାଜତରେ ପ୍ରାଣ ହରାଇଥିବା ମନ୍ଦିର ସୁରକ୍ଷାକର୍ମୀ ଅଜିତ କୁମାର (୨୭)ଙ୍କ ମାମଲା ଉପରେ ନିଜ ଆଡୁ ବିଚାର କରି ପୁଲିସ ଏବଂ ରାଜ୍ୟ ସରକାରଙ୍କୁ ତୀବ୍ର ଭର୍ତ୍ସନା କରିଛନ୍ତି। ବ୍ୟବଚ୍ଛେଦ ରିପୋର୍ଟରେ ଅଜିତଙ୍କ ଶରୀରରେ ୪୪ଟି କ୍ଷତ ଚିହ୍ନ ଥିବା ଜଣାପଡ଼ିଛି। ଏହା ବିଚଳିତ କରିଦେଉଛି ବୋଲି ବିଚାରପତି ଏସଏମ ସୁବ୍ରମଣ୍ୟନ କହିଛନ୍ତି। ତାଙ୍କ ଉପରେ ଚାରିଆଡୁ ଆକ୍ରମଣ କରାଯାଇଥିଲା। ଏଥିପାଇଁ ଅଜିତଙ୍କ ମୃତ୍ୟୁ ହୋଇଥିଲା। ସାଧାରଣ ହତ୍ୟାକାରୀ ବି ଏଭଳି କ୍ଷତ ଚିହ୍ନି ପାରିବ ନାହିଁ। ପୁଲିସ ମିଳିମିଶି ତାଙ୍କୁ ମାରିଥିଲେ। ସାକ୍ଷରତା ହାର କମ୍ ଥିବା କିଛି ଉତ୍ତର ଭାରତୀୟ ରାଜ୍ୟରେ ବି ଏଭଳି ଘଟଣା ଦେଖିବାକୁ ମିଳେନାହିଁ। ତାମିଲନାଡୁ ସବୁଥିରେ ଆଗରେ ଅଛି ବୋଲି ସରକାର କହୁଛନ୍ତି। ତାହେଲେ ଏଭଳି ଘଟଣା ଘଟିବାକୁ କାହିଁକି ଦିଆଯାଉଛି? କୌଣସି ଥାନାରେ ଏଭଳି ହେବା ଅନୁଚିତ। ଅଜିତଙ୍କ କୌଣସି ଆପରାଧିକ ରେକର୍ଡ ମଧ୍ୟ ନ ଥିଲା। ଏହା ସତ୍ତ୍ୱେ ତାଙ୍କୁ ମାରି ଦିଆଗଲା। ବିନା ଏତଲାରେ ଏହି ମାମଲା ସ୍ୱତନ୍ତ୍ର ଟିମ୍ ହାତକୁ କେମିତି ଗଲା? ଏସ୍‌ପିଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବାକୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଥିଲେ।

ସୂଚନା ଅନୁଯାୟୀ ଗତ ୨୭ ତାରିଖରେ ଚୋରି ଅଭିଯୋଗରେ ଅଜିତଙ୍କୁ ଗିରଫ କରାଯାଇଥିଲା। ସ୍ୱାସ୍ଥ୍ୟାବସ୍ଥା ବିଗିଡିବାରୁ ଦିନକ ପରେ ତାଙ୍କର ମୃତ୍ୟୁ ହୋଇଥିଲା। ପୁଲିସ ତାଙ୍କୁ ପିଟୁଥିବାର ଭିଡିଓ ଭାଇରାଲ ମଧ୍ୟ ହୋଇଥିଲା। ୩୦ରେ ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ପୀଡ଼ିତ ପରିବାର ହାଇକୋର୍ଟ ଯାଇଥିଲେ। ପୁଲିସ ଏହି ମାମଲାରେ ୫ ଜଣ କର୍ମଚାରୀଙ୍କୁ ଗିରଫ କରିଥିଲା। ଶିବଗଙ୍ଗା ଏସ୍‌ପିଙ୍କୁ ହଟା ଯାଇଥିଲା। ଶୁଣାଣି କରି ହାଇକୋର୍ଟ କହିଥିଲେ ଯେ ଅଜିତଙ୍କ ମାଆଙ୍କ ଆଧାରରେ ଏତଲା କାହିଁକି ରୁଜୁ କରାଯାଇ ନ ଥିଲା? ଘଟଣାର ସିସିଟିଭି ଫୁଟେଜ କୁଆଡେ ଗଲା? ଅଜିତଙ୍କ ଭାଇଙ୍କୁ ୫୦ ଲକ୍ଷ ଟଙ୍କାର ଅନୁକମ୍ପାମୂଳକ ସହାୟତା ଏବଂ ସରକାରୀ ଚାକିରି ଦେବାର ପ୍ରତିଶ୍ରୁତି ବିବାହ ହଲ୍‌ରେ କାହିଁକି ନିଆଯାଇଥିଲା? ଏହି ମାମଲାର ସିବିଆଇ ଯାଞ୍ଚ କରିବାକୁ କୋର୍ଟ କହିଥିଲେ। ବେଆଇନ ମୃତ୍ୟୁର କାରଣ ପାଲଟି ଥିବା ବଡ଼ ଅଧିକାରୀଙ୍କଠାରୁ ନେଇ ଅନ୍ୟମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବାକୁ ନିର୍ଦ୍ଦେଶ ଦେଇଥିଲେ। ଅବସରପ୍ରାପ୍ତ ବିଚାରପତି ଜନ୍ ସୁନ୍ଦରଲାଲ ସୁରେଶଙ୍କ ନେତୃତ୍ୱରେ ନ୍ୟାୟିକ ଯାଞ୍ଚ କରିବାକୁ କହିଛନ୍ତି।

## ଛାତି ଉପରେ ବସି ନର୍ସିଂ ଛାତ୍ରୀଙ୍କ ଗଳା କାଟିଲା ପ୍ରେମିକ



ଭୋପାଳ, ୧।୭(ଏଜେନ୍ସି): ମଧ୍ୟପ୍ରଦେଶର ନରସିଂହପୁର ଜିଲ୍ଲାରେ ଏକ ଅଭାବନୀୟ ତଥା ବିଚଳିତ କଲା ଭଳି ଘଟଣା ଘଟିଛି। ଜିଲ୍ଲା ହସ୍ପିଟାଲ୍‌ରେ ଅଭିଷେକ କୋଷ୍ଟି ସର୍ବସମ୍ମୁଖରେ ଜଣେ ନର୍ସିଂ ଛାତ୍ରୀଙ୍କ ଛାତି ଉପରେ ବସି ଗଳା କାଟି ତାଙ୍କୁ ହତ୍ୟା କରିଛି। ଜୁନ୍ ୨୭ରେ ହିଁ ଏହି ଘଟଣା ଘଟିଛି। ସନ୍ଧ୍ୟା ଚୌଧୁରୀ ନାମକ ଏହି ଛାତ୍ରୀ ଜଣକ ଛଟପଟ ହେଉଥିବା ବେଳେ ସେଠାରେ ଉପସ୍ଥିତ ଲୋକ ତାଙ୍କୁ ସାହାଯ୍ୟ କରିବାକୁ ଆସି ନଥିଲେ। କିନ୍ତୁ ସେ ଛଟପଟ ହୋଇ ମରିବା ପର୍ଯ୍ୟନ୍ତ ଭିଡିଓ ବନାଇଥିଲେ। ଏହି ବୀଭତ୍ସ ଘଟଣାର ଭିଡିଓ ଏବେ ସାମ୍ନାକୁ ଆସିଛି। ଯୁବକ ଜଣକ ସନ୍ଧ୍ୟାଙ୍କ ପ୍ରେମିକ ବୋଲି କୁହାଯାଉଛି। ସନ୍ଧ୍ୟା ଏହି ହସ୍ପିଟାଲରେ ଭୋକେସନାଲ ଟ୍ରେନିଂ ନେଉଥିଲେ । ଏହି ଘଟଣାକୁ ଜଣେ ଡାକ୍ତର ମୋବାଇଲରେ ରେକର୍ଡିଂ କରିଥିଲେ। କଳା ସାର୍ଟ ପିନ୍ଧିଥିବା ଅଭିଷେକ ସନ୍ଧ୍ୟାଙ୍କୁ ପ୍ରଥମେ ଚାପୁଡା ମାରି ତଳେ ପକାଇଦେଇଥିଲେ। ଏହାପରେ ଛାତି ଉପରେ ବସି ସେ ସନ୍ଧ୍ୟାଙ୍କ ଗଳା କାଟିଥିଲା। ଏହି ସବୁ ଘଟଣା ଦିନ ଦ୍ୱିପହରରେ ହସ୍ପିଟାଲର ଏମର୍ଜେନ୍ସି ୱାର୍ଡରେ ହିଁ ଘଟିଥିଲା।

# ଟ୍ରମ୍ପଙ୍କ ଧମକ; ମସ୍କଙ୍କୁ ଦକ୍ଷିଣ ଆଫ୍ରିକା ତଡ଼ିଦେବି

**ବନ୍ଧୁ ପାଲଟିଲା ବଇରୀ**

- ବେପାର ବନ୍ଦ ହୋଇଗଲେ କିଛି କରିପାରିବେନି ମସ୍କ
- କାର୍ ବିକିବେ ନା ଉତ୍କ୍ଷେପଣ ହେବ ଉପଗ୍ରହ
- ଇଲେକ୍ଟ୍ରିକ୍ ଗାଡ଼ି କିଣିବା ପାଇଁ ସମସ୍ତଙ୍କୁ ବାଧ କରିବା ଭୁଲ୍
- ୨୦ ବର୍ଷରେ ମସ୍କଙ୍କୁ ମିଳିଛି ୩୧ ଲକ୍ଷ କୋଟିର ସହାୟତା



ୱାସିଂଟନ, ୧।୭ (ଏଜେନ୍ସି): ବ୍ୟାବସାୟିକ ବନ୍ଧୁତା ଏବେ ଶତ୍ରୁତାରେ ପରିଣତ ହୋଇଯାଇଛି। ସ୍ଥିତି ଏପରି ବିଗିଡି ଯାଇଛି ଯେ ଉଭୟେ ପରସ୍ପରକୁ ଧମକ ଦେବାରେ ଲାଗିଛନ୍ତି। ପୁରୁଣା ବନ୍ଧୁତ୍ୱକୁ ଭୁଲି ଯାଇଛନ୍ତି। ନିର୍ବାଚନରେ ସହାୟତା କରିଥିବାର କଥା ବି ପାସୋରି ଯାଇଛନ୍ତି। ସମ୍ପର୍କ ଏତେ ଖରାପ ହୋଇଯାଇଛି ଯେ ସର୍ବ ସମ୍ମୁଖରେ ଦୁଇ ପୁରୁଣା ମିତ୍ର ପରସ୍ପର ବିରୋଧରେ ଭୟଙ୍କର ଟିପ୍ପଣୀ ଦେବାରେ ଲାଗିଛନ୍ତି। ଆମେରିକା ରାଷ୍ଟ୍ରପତି ତଥା ବ୍ୟବସାୟୀ ଡୋନାଲ୍ଡ ଟ୍ରମ୍ପ ଏବଂ ତାଙ୍କ ପୁରୁଣା ବନ୍ଧୁ ତଥା ଷ୍ଟାରଲିଙ୍କର ମାଲିକ ଏଲନ ମସ୍କଙ୍କ କ୍ଷେତ୍ରରେ ଏଭଳି ଘଟିଛି। ଦିନେ ମସ୍କଙ୍କୁ ନିଜ ମନ୍ତ୍ରିମଣ୍ଡଳରେ ସାମିଲ କରିଥିବା ଟ୍ରମ୍ପ ଏବେ ତାଙ୍କର ଘୋର ବିରୋଧୀ ହୋଇ ଯାଇଛନ୍ତି। ସରକାରଙ୍କ ନୀତିକୁ ସମାଲୋଚନା କରିବାରୁ ଏଭଳି ସ୍ଥିତି ସୃଷ୍ଟି ହୋଇଛି। ଆଜି ବ୍ୟବସାୟୀ ମସ୍କଙ୍କୁ ଟ୍ରମ୍ପ ନିଶାଣ କରିଛନ୍ତି। ସେ କହିଛନ୍ତି ଯେ ରିଆତି ବନ୍ଦ ହୋଇଗଲେ ମସ୍କଙ୍କୁ ନିଜ କମ୍ପାନୀ ବନ୍ଦ କରିବାକୁ ପଡ଼ିବ। ତାଙ୍କୁ ଦକ୍ଷିଣ ଆଫ୍ରିକା ଫେରିଯିବାକୁ ପଡିବ। ରିଆତି ବନ୍ଦ କରିଦେଲେ ଟେସ୍‌ଲା ଇଲେକ୍ଟ୍ରିକ କାର୍ ଉତ୍ପାଦନ କରିପାରିବନି। ସ୍ପେସ୍‌ଏକ୍ସ ରକେଟ୍ ଏବଂ ଉପଗ୍ରହ ମଧ୍ୟ ଉତ୍କ୍ଷେପଣ କରିପାରିବ ନାହିଁ।

ଟ୍ରମ୍ପ ଦାବି କରିଛନ୍ତି ଯେ ସରକାରୀ ରିଆତିରୁ ମସ୍କ ଯେତିକି ଟଙ୍କା ପାଇଛନ୍ତି ସେତିକି ଆଉ କେହି ପାଇ ନାହାନ୍ତି। ମାମଲାର ଯାଞ୍ଚ ପାଇଁ ସେ ନିର୍ଦ୍ଦେଶ ଦେଇଛନ୍ତି। ଏହା ଦ୍ୱାରା ଦେଶର ଅର୍ଥ ସଞ୍ଚୟ ହେବ। ଟ୍ରମ୍ପ କହିଛନ୍ତି ଯେ ରାଷ୍ଟ୍ରପତି ପଦ ପାଇଁ ସମର୍ଥନ କରିବା ପୂର୍ବରୁ ମୁଁ ଇଭି ଯାନର ବିରୋଧୀ ବୋଲି ସେ ଜାଣିଥିଲେ। ଇଲେକ୍‌ଟ୍ରିକ ଗାଡ଼ି ଭଲ, କିନ୍ତୁ ସମସ୍ତଙ୍କୁ ଏହା କିଣିବା ପାଇଁ ବାଧ କରିବା ଭୁଲ୍। ସୂଚନାଯୋଗ୍ୟ ଯେ ଆମେରିକା ମସ୍କଙ୍କୁ ଗତ ୨୦ ବର୍ଷରେ ୩୧ ଲକ୍ଷ କୋଟି ଟଙ୍କାର ସହାୟତା ଦେଇଛି। ଏହା ପୂର୍ବରୁ ଗତ ଶନିବାର ଟ୍ରମ୍ପଙ୍କ 'ବିଗ୍ ବ୍ୟୁଟିଫୁଲ ବିଲ୍'କୁ ମସ୍କ ପୁଣିଥରେ ବିରୋଧ କରି ଏହା ଆମେରିକାର ଲକ୍ଷ ଲକ୍ଷ ଚାକିରି ଖାଇଦେବ ବୋଲି କହିଥିଲେ। ଆମେରିକାରେ ନୂଆ ଦଳ ଗଢ଼ିବେ ବୋଲି କହିଥିଲେ ମସ୍କ।

# ଆଜି ତିନିରଥର ଦକ୍ଷିଣ ମୋଡ଼



ପୁରୀ, ୧୭ (ସମିସ): ଭାଇ-ଭଉଣୀଙ୍କୁ ସାଥୀରେ ଧରି ନବଦିନାତ୍ମକ ଯାତ୍ରାରେ ଆସିଥିବା ମହାପ୍ରଭୁ ଏବେ ଜନ୍ମବେଦୀରେ ଲୀଳା କରୁଛନ୍ତି। ଗୁଣ୍ଡିଚା ମନ୍ଦିର ମୁଖ୍ୟ ଦ୍ୱାର ସମ୍ମୁଖରେ ଦଣ୍ଡାୟମାନ ଅଛନ୍ତି ତିନିରଥ।

**■ ସରିଲା ତିନିରଥ ଯାଞ୍ଚ**
**■ ତାଳଧ୍ୱଜ ରଥର ୯ ଚକରେ ଲାଗିଲା ୧୮ ଖଣ୍ଡ ପ୍ଲେଟ୍**

ଆସନ୍ତା ୫ ତାରିଖରେ ବାହୁଡ଼ା ଯାତ୍ରା। ଏଥିପାଇଁ ବୁଧବାର ତିନିରଥର ହେବ ଦକ୍ଷିଣ ମୋଡ଼। ଅର୍ଥାତ୍ ତିନିରଥକୁ ନାକଚଣା ଦ୍ୱାର ସମ୍ମୁଖ ଶରଧାବାଲିକୁ ନିଆଯିବ। ଏହାକୁ ଦୃଷ୍ଟିରେ ରଖି ସ୍ୱତନ୍ତ୍ର ବୈଷୟିକ ଟିମ୍ ଦ୍ୱାରା ମଙ୍ଗଳବାର ତିନିରଥର ଯାଞ୍ଚ କରାଯାଇଛି। ତିନିରଥର ମହାରଣା ସେବକ, ଭୋଇ ସେବକ, କମାର ସେବକଙ୍କ ଉପସ୍ଥିତିରେ ଆବଶ୍ୟକ ଛୋଟମୋଟ ମରାମତି ହୋଇଛି। ରଥଯାତ୍ରାରେ ତିନିରଥ ପ୍ରାୟ ୨.୬କିମି ବଡ଼ଦାଣ୍ଡରେ ଗଡ଼ିଥିଲା। ଶ୍ରଦ୍ଧାଳୁମାନେ ସିଂହଦ୍ୱାରରୁ ଶରଧାବାଲି ପର୍ଯ୍ୟନ୍ତ ରଥ ଟାଣିଥିଲେ। ତେଣୁ ରଥରେ କେଉଁଠି କ'ଣ ତ୍ରୁଟି ଥାଇପାରେ, ସେଥିଲାଗି ମଙ୍ଗଳବାର ପୂର୍ତ୍ତ ବିଭାଗ ନେତୃତ୍ୱରେ ଯାଞ୍ଚ କରାଯାଇଥିଲା। କେତେକ ଜାଗାରେ କଣ୍ଟା ଖସିଥିବା ବେଳେ



ତାହାକୁ ବାଡ଼ାଯାଇଛି। ଫାଟ ଜାଗାରେ ପହିପାତିଆ ଓ ଲୁହା କ୍ଲାମ୍ପ୍ ଦିଆଯାଇ ମରାମତି ହୋଇଛି। ବଡ଼ ଠାକୁରଙ୍କର ତାଳଧ୍ୱଜ ରଥର ୯ଚକରେ ୧୮ଖଣ୍ଡ ପହିପାତିଆ (ପ୍ଲେଟ୍) ଏବଂ ନନ୍ଦିଘୋଷ ରଥରେ ୨ଖଣ୍ଡ ପହିପାତିଆ ବାଡ଼ିଆ ଯାଇଛି। ଗୋଟିଏ ପ୍ଲେଟ୍‌ର ଚଉଡ଼ା ୬ ଇଞ୍ଚ ଏବଂ ଲମ୍ବ ୨ଫୁଟ୍ ରହିଥିଲା। ଏହାକୁ ଚକ ପହି ଫାଙ୍କ ଜାଗାରେ ଦୁଇପଟେ ଦିଆଯାଇ ସେଟ୍ କରାଯାଇଛି। ସେହିପରି ଖସିଥିବା ବଳାକୁ ଠିକ୍ ଭାବେ ଲଗାଯାଇଥିବା ବେଳେ ଅନ୍ୟ ଛୋଟମୋଟ ଯାହା ବି ତ୍ରୁଟି ଥିଲା, ତାହାର ସମାଧାନ କରାଯାଇଛି। ଏଥିପାଇଁ ରେଲୱେ ଜଗ୍ ବ୍ୟବହାର କରାଯାଇଥିଲା। ଏହାସହ ବଡ଼ଦାଣ୍ଡରେ ବାଲି ବି ପକାଯାଇଛି। ଆସନ୍ତାକାଲି ପ୍ରଥମେ ସୁଭଦ୍ରାଙ୍କ ରଥ ଏବଂ ପରେ ଅନ୍ୟ ଦୁଇରଥ ମୋଡ଼ କରାଯାଇ ନାକଚଣା ଦ୍ୱାର ସମ୍ମୁଖ ଶରଧାବାଲିରେ ରହିବ। ଦକ୍ଷିଣ ମୋଡ଼ ପାଇଁ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସ୍ୱତନ୍ତ୍ର ନୀତି ନିର୍ଘଣ୍ଟ କରାଯାଇଛି। ବୁଧବାର ମଧ୍ୟାହ୍ନ ସାଢ଼େ ୧୨ଟାରେ ରଥ ଆଜ୍ଞାମାଳ ବିଜେ ପରେ ଦକ୍ଷିଣ ମୋଡ଼ ହେବ ବୋଲି ସ୍ଥିର କରାଯାଇଛି। ସୂଚନାଥାଉ କି, ଦକ୍ଷିଣୀ ମୋଡ଼ ପୂର୍ବରୁ ବୈଷୟିକ ଟିମ୍ ଦ୍ୱାରା ପ୍ରତିବର୍ଷ ପରି ଏବର୍ଷ ମଧ ଏହି ଯାଞ୍ଚ କରାଯାଇଥିଲା।

## ଆଜିଠୁ ଆଡ଼ପ ମଣ୍ଡପରେ ରାସଲୀଳା

# ଗୋପୀଙ୍କ ସହ ରାସ କରିବେ ମହାପ୍ରଭୁ

ପୁରୀ,୧୭(ସମିସ): ଚତୁର୍ଦ୍ଧାବିଗ୍ରହ ଏବେ ଗୁଣ୍ଡିଚା ମନ୍ଦିରରେ ବିଜେ କରିଛନ୍ତି। ଆଡ଼ପ ମଣ୍ଡପରେ ମହାପ୍ରଭୁଙ୍କ ଦର୍ଶନ କରୁଛନ୍ତି ଭକ୍ତ। ମହାପ୍ରଭୁଙ୍କ ନୀତିକାନ୍ତି ସୁରୁଖୁରୁରେ ଆଗେଇ ଚାଲିଛି। ବୁଧବାରଠାରୁ ଗୁଣ୍ଡିଚା ମନ୍ଦିର ଆଡ଼ପ ମଣ୍ଡପରେ ଆରମ୍ଭ ହେବ ତିନିଦିନିଆ ରାସଲୀଳା। ଗୋପୀମାନଙ୍କ ସହିତ ରାସଲୀଳା କରିବେ ମହାପ୍ରଭୁ ଶ୍ରୀଜଗନ୍ନାଥ।

ଏ ସମ୍ପର୍କରେ ଶ୍ରୀଜଗନ୍ନାଥ ସଂସ୍କୃତି ଗବେଷକ ଡ. ନରେଶ ଚନ୍ଦ୍ର ଦାଶ କୁହନ୍ତି, ଶ୍ରୀଜଗନ୍ନାଥ ମହାପ୍ରଭୁ ହେଉଛନ୍ତି ସବୁ ଯୁଗର ଦେବତା। ସେ ସତ୍ୟ ଯୁଗର ନୃସିଂହ ଓ ବାମନ। ତ୍ରେତୟା ଯୁଗର ମର୍ଯ୍ୟାଦା ପୁରୁଷୋତ୍ତମ ପ୍ରଭୁ ଶ୍ରୀରମ ଆଉ ଦ୍ୱାପର ଯୁଗର ରସରାଜ ଭଗବାନ ଶ୍ରୀକୃଷ୍ଣ। ଗୋପୀମାନଙ୍କ ସହିତ ବୃନ୍ଦାବନରେ ରାସଲୀଳା କରୁଥିଲେ ଭଗବାନ ଶ୍ରୀକୃଷ୍ଣ। ଗୋପୀମାନଙ୍କ ମନ କଥା ଜାଣିଥିଲେ ମହାପ୍ରଭୁ ଶ୍ରୀଜଗନ୍ନାଥ। ଭଗବାନଙ୍କୁ କ'ଣ ସୁଖ ଲାଗେ ସେହିଭଳି କାର୍ଯ୍ୟ କରୁଥିଲେ ଗୋପୀମାନେ। ତେଣୁ ଏଠାରେ ମଧ ଶ୍ରୀଗୁଣ୍ଡିଚା ମଣ୍ଡପ ତିନିଦିନ ଧରି ରାସମଣ୍ଡପରେ ପରିଣତ ହୁଏ। ମହାପ୍ରଭୁ ପତିତପାବନ ଯାତ୍ରା କରିବା ପାଇଁ ଜନ୍ମବେଦୀକୁ ଆସିଥିବା ସମୟରେ ଗୋପୀମାନଙ୍କ ସହିତ ଏହି ମଣ୍ଡପରେ ରାସ ରସରେ ମଗ୍ନ ହୁଅନ୍ତି। ସେଥିପାଇଁ ସାଙ୍ଗରେ ପ୍ରିୟତମା ପତ୍ନୀ ମହାଲକ୍ଷ୍ମୀଙ୍କୁ ଆଣି ନ ଥା'ନ୍ତି। ତଥାପି ହେରାପଞ୍ଚମୀ ଦିନ ଲକ୍ଷ୍ମୀ ଠାକୁରାଣୀ ଶ୍ରୀଜଗନ୍ନାଥଙ୍କୁ ଦର୍ଶନ କରିବା ପାଇଁ ଆସିଥା'ନ୍ତି। ଠାକୁରଙ୍କଠାରୁ ଆଜ୍ଞାମାଳ ପାଇବା ପରେ ପୁନଶ୍ଚ ଶ୍ରୀମନ୍ଦିରକୁ ଫେରିଯାଇଥା'ନ୍ତି। ଏହା ପରଦିନଠାରୁ ଅର୍ଥାତ୍ ଆଷାଢ଼ ଶୁକ୍ଳ ସପ୍ତମୀ, ଅଷ୍ଟମୀ ଓ ନବମୀ ତିନିଦିନ ଶ୍ରୀଗୁଣ୍ଡିଚା ମଣ୍ଡପରେ ଗୋପୀମାନଙ୍କ ସହିତ ରାସଲୀଳା ଅନୁଷ୍ଠିତ ହୋଇଥାଏ। ଏହି ତିନିଦିନ ପ୍ରତ୍ୟହ ସନ୍ଧ୍ୟାଧୂପ ବଢ଼ିଲେ ମଦନମୋହନ ଜଗମୋହନ ସିଂହାସନ ଉପରେ ବିଜେ କରନ୍ତି। ସେଠାରେ ଶର୍କରା, କୋରା ଆଦି ଭୋଗ ସର୍ପାମଣୋହୀ ହୁଏ। ଏହାପରେ ବନ୍ଦାପନା କରାଯାଏ। ଏହାକୁ ରାସ ନୀତି ବୋଲି କୁହାଯାଏ। ଏହିଭଳି ଭାବେ ତିନିଦିନ ଧରି ରାସବିହାରୀ ଶ୍ରୀଜଗନ୍ନାଥ ବର୍ଷାକାଳୀନ ରାସଲୀଳା ଶ୍ରୀଗୁଣ୍ଡିଚା ମଣ୍ଡପରେ କରିଥା'ନ୍ତି। ମହାପ୍ରଭୁଙ୍କର ଏହି ରାସଲୀଳାକୁ ଯେଉଁମାନେ ଭକ୍ତିପୂର୍ବକ ଦର୍ଶନ କରନ୍ତି ସେମାନେ ଅନନ୍ତ ପୁଣ୍ୟର ଅଧିକାରୀ ହୋଇଥା'ନ୍ତି ବୋଲି ବିଶ୍ୱାସ ରହିଛି।

# ନଦୀ ପାର୍ ବେଳେ ଭାସି ଗଲେ; ୨ ମୃତ



ଖଇରପୁଟ,୧୭(ସମିସ): ମାଲକାନଗିରି ଜିଲ୍ଲା ଖଇରପୁଟ ବ୍ଲକ୍ ଅନ୍ତର୍ଗତ ନାଳିଗୁଡ଼ା କଲୋନୀ ନଦୀରେ ଭାସି ୨ଜଣଙ୍କ ମୃତ୍ୟୁ ଘଟିଛି। ମୃତକଦ୍ୱୟ ହେଲେ, ଗାଁର ଲବ ଡେରା (୪୫) ଓ ଶୁକ୍ରି ଫଟକା(୪୦)। ଖଇରପୁଟ ଦମକଳ ବାହିନୀ ଉଭୟଙ୍କ ମୃତଦେହକୁ ଉଦ୍ଧାର କରିଛି। ସୂଚନାନୁସାରେ, ଲବ ଓ ଶୁକ୍ରୁ ଗତକାଲି ଜମିକୁ କାମ କରିବାକୁ ଯାଇଥିଲେ। ସନ୍ଧ୍ୟାରେ ଫେରିବା ବେଳେ ବର୍ଷା ଯୋଗୁଁ ନଦୀର ସୁଅ ବଢ଼ି ଯାଇଥିଲା। ଫଳରେ ଉଭୟ ନଦୀ ପାର୍ ହେବା ବେଳେ ସୁଅରେ ଭାସି ଯାଇଥିଲେ। ଗାଁଲୋକେ ଖୋଜାଖୋଜି କରି ଲବଙ୍କ ମୃତଦେହ ଉଦ୍ଧାର କରିଥିଲେ। ଆଜି ସକାଳେ ଅଗ୍ନିଶମବାହିନୀ ଘଟଣାସ୍ଥଳରେ ପହଞ୍ଚି ଖୋଜାଖୋଜି କରି ଶୁକ୍ରିଙ୍କ ମୃତଦେହ ଠାବ କରିଥିଲା। ବ୍ୟବଚ୍ଛେଦ ପରେ ଦୁହିଁଙ୍କ ଶବକୁ ସେମାନଙ୍କ ପରିବାରଲୋକଙ୍କୁ ହସ୍ତାନ୍ତର କରାଯାଇଛି।

# କାନ୍ଥ ବାଡ଼ରେ ସାଂସଦଙ୍କ ନିଖୋଜ ପୋଷ୍ଟର




ପୁରୀ, ୧୭(ସମିସ): ଶରଧାବାଲିରେ ଦଳାଚକଟାରେ ୩ ଜଣ ଶ୍ରଦ୍ଧାଳୁଙ୍କ ମୃତ୍ୟୁ ହେବା ଏବଂ ରଥଯାତ୍ରାରେ ବହୁ ଭକ୍ତ ଆହତ ହୋଇ ହସ୍ପିଟାଲରେ ଭର୍ତ୍ତି ହେବା ଘଟଣା ସମସ୍ତଙ୍କୁ ବ୍ୟଥିତ କରିଛି। ମହାପ୍ରଭୁଙ୍କ ରଥଯାତ୍ରା ଦେଖିବାକୁ ଆସି ଯଦି ଜୀବନ ଚାଲିଯାଉଛି, ତେବେ ସରକାର, ପ୍ରଶାସନ କରୁଛନ୍ତି କ'ଣ। ଜନପ୍ରତିନିଧି କୁଆଡ଼େ ଗଲେ। ଏଥିପାଇଁ ଯେଉଁମାନେ ଦାୟୀ ସେମାନଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସାଧାରଣରେ ଦାବି ହେଉଥିବା ବେଳେ ପୁରୀ ସାଂସଦ ଡ. ସମ୍ବିତ ପାତ୍ରଙ୍କର ଦେଖାନାହିଁ। ଏଭଳି ଏକ ଚର୍ଚ୍ଚା ଭିତରେ ପୁରୀ ସହରର ବିଭିନ୍ନ କାନ୍ଥବାଡ଼ରେ ଲାଗିଛି ସାଂସଦଙ୍କ ନିଖୋଜ ପୋଷ୍ଟର। ପୋଷ୍ଟର୍‌ରେ ସାଂସଦ ଡ. ପାତ୍ରଙ୍କ ଫଟୋ ଥିବା ବେଳେ ସାଂସଦ ପୁରୀ ନିଖୋଜ ବୋଲି ଲେଖାଯାଇଛି। ଏହାକୁ ନେଇ ନାନା ପ୍ରକାର ଚର୍ଚ୍ଚା ଚାଲିଛି।

**ଅତିରିକ୍ତ କମିଶନରଙ୍କୁ ମରଣାନ୍ତକ ଆକ୍ରମଣ**

# ଧର୍ମକୁ ଆଖିଠାର: ବିଜେପିରୁ ୫ ନିଲମ୍ବିତ

ଭୁବନେଶ୍ୱର,୧୭(ସମିସ): ବିଏମସି ଅତିରିକ୍ତ କମିଶନର ରତ୍ନାକର ସାହୁଙ୍କୁ ମରଣାନ୍ତକ ଆକ୍ରମଣ ଘଟଣାରେ ଅଭିଯୁକ୍ତଙ୍କ ବିରୋଧରେ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ମୁଖ୍ୟମନ୍ତ୍ରୀ ନିଜେ ପ୍ରତିଶ୍ରୁତି ଦେଇଥିଲେ। ଆକ୍ରମଣ ପଛରେ ମୁଖ୍ୟ ନାୟକ କୁହାଯାଉଥିବା ଜଗନ୍ନାଥ ପ୍ରଧାନଙ୍କ ସହ ସମସ୍ତ ଆକ୍ରମଣକାରୀଙ୍କ ବିରୋଧରେ ଉଭୟ ଦଳ ଏବଂ ସରକାର ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବେ ବୋଲି ଓଏଏସ୍ ସଂଘ ଓ ରାଜ୍ୟବାସୀ ଆଶା ରଖିଥିଲେ। ମାତ୍ର ଏପରି ସ୍ପର୍ଶକାତର ଘଟଣାରେ ଦଳ ଯେପରି ଆଭିମୁଖ୍ୟ ରଖିଛି, ତାହା ସାଧାରଣରେ ଆଶ୍ଚର୍ଯ୍ୟ ସୃଷ୍ଟି କରିଛି। ରାଜ୍ୟ ସଭାପତି ଆକ୍ରମଣରେ ସଂପୃକ୍ତ ଥିବା ୫ ଜଣଙ୍କୁ ନିଲମ୍ବିତ କରି ନିଜ ଦାୟିତ୍ୱ ସାରି ଦେଇଛନ୍ତି। ରାଜ୍ୟରେ କେବେ ଘଟି ନଥିବା ଏପରି ବର୍ବରୋଚିତ ଆକ୍ରମଣ ଘଟଣାରେ ନିଲମ୍ବନ ଯଥେଷ୍ଟ କି ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ବରିଷ୍ଠ ଓଏଏସ ଶ୍ରୀ ସାହୁଙ୍କୁ ଆକ୍ରମଣ ଘଟଣାକୁ ବିଭିନ୍ନ ମହଲରେ କଡ଼ା ନିନ୍ଦା କରିବା ସହ ଆକ୍ରମଣକାରୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିଥିଲେ। ଏପଟେ ସୋମବାର ବିଳମ୍ବିତ ରାତିରେ ମୁଖ୍ୟମନ୍ତ୍ରୀ ଏବଂ ଓଏଏସ ସଂଘ ଆଲୋଚନା ବେଳେ ଅପରାଧୀ ଯେତେ ଶକ୍ତିଶାଳୀ ହୁଅନ୍ତୁ ନାଁ କାହିଁକି ସେମାନଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପ୍ରତିଶ୍ରୁତି ଦେଇଥିଲେ ମୁଖ୍ୟମନ୍ତ୍ରୀ। ଯାହାଫଳରେ ରତ୍ନାକରଙ୍କୁ ଉଚିତ୍ ନ୍ୟାୟ ମିଳିବ ବୋଲି ଆଶା କରାଯାଉଥିଲା। ମାତ୍ର ମଙ୍ଗଳବାର ରାଜ୍ୟ ବିଜେପି ସଭାପତି ଆକ୍ରମଣକାରୀଙ୍କୁ ନିଲମ୍ବନ କରିବା ପରେ ରାଜ୍ୟ ବିଜେପିର ଉଚ୍ଚାରଣ ଏବଂ ଆଚରଣକୁ ନେଇ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏତେବଡ଼ ଜଘନ୍ୟ କାଣ୍ଡରେ ନିଲମ୍ବନ ଯଥେଷ୍ଟ କି ବୋଲି ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଯଦି ଦଳ ଏପରି ସମ୍ବେଦନଶୀଳ ଘଟଣାକୁ ସତରେ ଗୁରୁତର ସହ ନେଇଥାନ୍ତା, ତାହେଲେ ସମସ୍ତ ଅଭିଯୁକ୍ତଙ୍କୁ ଅତିକମରେ ବହିଷ୍କାର କରିଥାନ୍ତା, ମାତ୍ର ଦଳ ସେପରି କିଛି କଲାନାହିଁ। ସେହିପରି ପରଦା ପଛରେ ଥିବା ଦଳର ନେତା ଜଗନ୍ନାଥ ପ୍ରଧାନଙ୍କ ଦେହରେ ହାତ ମାରିବାକୁ ଦଳର ସଭାପତି ସାହସ ଜୁଟାଇ ପାରିଲେ ନାହିଁ। ଯଦି ୫ ଜଣଙ୍କ ସହ ସଭାପତି ଜଗନ୍ନାଥଙ୍କ ବିରୋଧରେ ମଧ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଥାନ୍ତେ। ଗତ ସରକାର ସମୟରେ ବିଜେଡିର ଜଣେ ବିଧାୟକ ସରୋଜ ମେହେର ଜଣେ ଜେଇଙ୍କୁ ଉଠବସ କରିବାରୁ ତତ୍କାଳୀନ ମୁଖ୍ୟମନ୍ତ୍ରୀ ତାଙ୍କୁ ଜେଲ୍ ପଠାଇଥିଲେ। ଖୋର୍ଦ୍ଧା ଜିଲ୍ଲାରେ ଘଟିଥିବା ଘଟଣାରେ ତତ୍କାଳୀନ ବିଧାୟକଙ୍କୁ ଦଳରୁ ବହିଷ୍କାର କରିଥିଲେ। ମାତ୍ର ଗତକାଲି ଘଟଣାରେ ବିଜେପିର କାର୍ଯ୍ୟାନୁଷ୍ଠାନ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ବିଜେପିର ନନିଲମ୍ବନ ଆଦେଶ ଧର୍ମକୁ ଆଖିଠାର ନୁହେଁ ତ ବୋଲି ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

## ଆଉ ୨ଜଣ ଗିରଫ

ଭୁବନେଶ୍ୱର,୧୭(ସମିସ): ବିଏମ୍‌ସିର ଅତିରିକ୍ତ କମିସନର ରତ୍ନାକର ସାହୁଙ୍କୁ ଘୋଷାଡ଼ି ଘୋଷାଡ଼ି ମାଡ଼ ମାରିବା ଘଟଣାରେ ଆଉ ୨ ଅଭିଯୁକ୍ତଙ୍କୁ ଗିରଫ କରିଛି ପୁଲିସ। ସେମାନେ ହେଲେ ଝାରପଡ଼ାର ସଞ୍ଜୀବ ମିଶ୍ର ଓ ଲକ୍ଷ୍ମୀସାଗରର ସଚ୍ଚିକାନ୍ତ ସ୍ୱାଇଁ। ଦୁହେଁ ବିଜେପିର ଆଗଧାଡ଼ିର କର୍ମୀ ଏବଂ ବିଜେପି ନେତା ଜଗନ୍ନାଥ ପ୍ରଧାନଙ୍କ ଅତ୍ୟନ୍ତ ଘନିଷ୍ଠ ବୋଲି କୁହାଯାଉଛି। ଅପରପକ୍ଷେ ଗତକାଲି ଗିରଫ ହୋଇଥିବା ଅପରୂପ, ରଶ୍ମି ଓ ଦେବାଶିଷଙ୍କ ଜାମିନ ନାମଞ୍ଜୁର ହୋଇଯିବାରୁ ସେମାନଙ୍କୁ ଝାରପଡ଼ା ଜେଲ୍‌କୁ ପଠାଇ ଦିଆଯାଇଛି। ମାତ୍ର ଏହି ଘଟଣାର ପ୍ରଚ୍ଛଦପଟରେ ଥିବା ବିଜେପି ନେତା ଜଗନ୍ନାଥ ପ୍ରଧାନଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନାହିଁ। ସୂଚନାଯୋଗ୍ୟ, ଗିରଫ ଯୁବକମାନେ ବିଏମ୍‌ସି କାର୍ଯ୍ୟାଳୟରେ ଜଗନ୍ନାଥ ପ୍ରଧାନଙ୍କ ନାମ ନେଇ ଅତିରିକ୍ତ କମିସନରଙ୍କୁ ପିଟିଥିଲେ ବୋଲି ଅଭିଯୋଗ ହୋଇଛି।

# ରଥଯାତ୍ରାକୁ ବିଜେପି ଦଳୀୟ ଉତ୍ସବ କରିଛି: କଂଗ୍ରେସ



ଭୁବନେଶ୍ୱର,୧୭(ସମିସ): ବିଏମସିର ଅତିରିକ୍ତ କମିଶନଙ୍କୁ ବିଜେପି କର୍ମୀ ମାଡ଼ ମାରିବା ଘଟଣାକୁ ନେଇ ବର୍ଷିଲେ ପିସିସି ସଭାପତି ଭକ୍ତ ଚରଣ ଦାସ। ବିଏମସିରେ ଜନଶୁଣାଣି ଚାଲିଥିବା ବେଳେ ବିଜେପିର ଜଣେ କର୍ପୋରେଟର ଓ ୧୦ ଜଣ କର୍ମୀ ଅତିରିକ୍ତ କମିଶନରଙ୍କୁ ମାଡ ମାରିଲେ। ମାଡ଼ ମାରିଥିବା କର୍ମୀମାନେ ଭୁବନେଶ୍ୱର ମଧ୍ୟମ ବିଜେପି ବିଧାୟକ

**■ କାର୍ଯ୍ୟରତ ବିଚାରପତିଙ୍କ ଦ୍ୱାରା ତଦନ୍ତ ହେଉ ରଥଯାତ୍ରା ବିଭ୍ରାଟ**
**■ ମୁଖ୍ୟମନ୍ତ୍ରୀଙ୍କଠାରୁ ସାହସ ପାଇ ବିଜେପି କର୍ମୀ ଉତ୍ପାତ ହେଉଛନ୍ତି**

ପ୍ରାର୍ଥୀଙ୍କ ନାଁ ନେଉଥିଲେ। ଏଭଳି ସ୍ଥିତି ଯୋଗୁଁ ସରକାରୀ ଅଧିକାରୀମାନେ ବିଜେପି ନେତାଙ୍କର ଗୋଲାମ ହୋଇଗଲେଣି। ଏହାପୂର୍ବରୁ ମୁଖ୍ୟମନ୍ତ୍ରୀ ନିଜେ ସରକାରୀ କାର୍ଯ୍ୟକ୍ରମରେ ଜିଲ୍ଲା ସଭାପତି ଓ କର୍ମୀମାନଙ୍କୁ ବସାଉଛନ୍ତି। ତେଣୁ ପୂରା ଓଡ଼ିଶାରେ ଆଜି ଏପରି ପରିସ୍ଥିତି ହେଇଛି ବୋଲି ପିସିସି ସଭାପତି କହିଛନ୍ତି। ସରକାରୀ ଅଧିକାରୀଙ୍କୁ ବିଜେପିକରଣ କରିବାକୁ ଶାସକ ଦଳ ଚାହୁଁଛି ବୋଲି ଶ୍ରୀ ଦାସ ଉଲ୍ଲେଖ କରି ଏଥିରେ ଲୋକମାନେ ନ୍ୟାୟ ପାଇବେ ନାହିଁ। ପୂରା ଓଡ଼ିଶାରେ ସରକାରୀ ଅଧିକାରୀ ମାନେ ଆଜି ଅପମାନିତ ହୋଇଛନ୍ତି। ଓଡିଶାରୁ ସରକାରୀ ଅଧିକାରୀ ମାନଙ୍କୁ ସରକାର କ୍ଷମା ମାଗିବା ସହ ବିଜେପିର ପରାଜିତ ପ୍ରାର୍ଥୀଙ୍କୁ ଗିରଫ କରାଯାଉ ବୋଲି ଶ୍ରୀ ଦାସ କହିଛନ୍ତି।

ସେହିପରି ପୁରୀ ରଥଯାତ୍ରାରେ ମହା ବିଭ୍ରାଟ ପ୍ରସଙ୍ଗରେ ମଧ ରାଜ୍ୟ ସରକାରଙ୍କ ଉପରେ ଶ୍ରୀ ଦାସ ବର୍ଷିଛନ୍ତି। ମଙ୍ଗଳବାର ଏକ ସାମ୍ବାଦିକ ସମ୍ମିଳନୀରେ ଶ୍ରୀ ଦାସ କହିଛନ୍ତି ଯେ ମୁଖ୍ୟମନ୍ତ୍ରୀ ସରକାରୀ ପ୍ରସ୍ତୁତି କଥା କହିଥିଲେ। ହେଲେ ବିଜେପି ଦଳର ୧୫ଶହ କର୍ମକର୍ତ୍ତା ରଥରେ ସାମିଲ ହେବେ, ସେ କଥା କହି ନ ଥିଲେ। ରଥଟଣା ସମୟରେ ବିଜେପି କର୍ମୀମାନେ ଅବ୍ୟବସ୍ଥା କରିଦେଲେ। ରଥଯାତ୍ରାକୁ କେବଳ ଦଳୀୟ ଉତ୍ସବ କରିବା ପାଇଁ ବିଜେପି ଏମିତି କରିଛି। ଭିଡ଼ ନିୟନ୍ତ୍ରଣକୁ ପ୍ରଶାସନ ଗୁରୁତ୍ୱ ନ ଦେଇ ଭିଆଇପିଙ୍କୁ ଗୁରୁତ୍ୱ ଦେଇଥିବାରୁ ଏଭଳି ବିଭ୍ରାଟ ହୋଇଛି। ତେଣୁ ରଥଯାତ୍ରା ମହାବିଭ୍ରାଟ ପାଇଁ ଜଣେ କାର୍ଯ୍ୟରତ ବିଚାରପ୍ରତିଙ୍କ ଦ୍ୱାରା ତଦନ୍ତ କରାଯାଉ। ଉନ୍ନୟନ କମିଶନଙ୍କ ତଦନ୍ତରେ କିଛି ସୁଫଳ ମିଳିବନି। ଯିଏ କମିଟିର ସଦସ୍ୟ, ସେ କିପରି ତଦନ୍ତ କରିବେ। ଓଡିଆ ଅସ୍ମିତା ଓ ଓଡ଼ିଆ ପ୍ରାଣ ଦେବତା କ'ଣ ନ୍ୟାୟ ପାଇବେ ଏହି ତଦନ୍ତରୁ ବୋଲି ସେ ପ୍ରଶ୍ନ କରିଛନ୍ତି। ବିଚାରପତିଙ୍କ ଦ୍ୱାର ତଦନ୍ତ କରାଗଲେ ନ୍ୟାୟ ମିଳିବ ବୋଲି ଶ୍ରୀ ଦାସ କହିଛନ୍ତି। ଏହି ସାମ୍ବାଦିକ ସମ୍ମିଳନୀରେ ପିସିସି ଉପସଭାପତି ସନ୍ତୋଷ ସିଂହ ସାଲୁଜା, ରାଜ୍ୟ ସେବାଦଳ ଅଧ୍ୟକ୍ଷ ଶୁଭେନ୍ଦୁ ମହାନ୍ତି, ଭୁବନେଶ୍ୱର ଜିଲ୍ଲା କଂଗ୍ରେସ ସଭାପତି ବିଶ୍ୱଜିତ ଦାସ ଓ ମୁଖପାତ୍ର ରଜନୀ ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ।

# ଲୁଟିନେଲେ ୧୦ ଲକ୍ଷର ଗହଣା

ବୈଶିଙ୍ଗା, ୧୭(ସମିସ): ମୟୂରଭଞ୍ଜ ଜିଲ୍ଲା ବୈଶିଙ୍ଗା ଥାନା ଅଧୀନ ବିଶ୍ରାମପୁର ଗ୍ରାମର ଉବଜିତ ପ୍ରଧାନଙ୍କ ଘରୁ ମଙ୍ଗଳବାର ଦୁର୍ବୃତ୍ତମାନେ ୧୦ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କାର ସୁନାଗହଣା ଲୁଟି ନେଇଛନ୍ତି। ପିଉସୀଙ୍କ ଦେହ ଅସୁସ୍ଥ ଥିବାରୁ ଘରେ ତାଲା ପକାଇ ଉବଜିତ ସପରିବାରେ କେନ୍ଦୁଆଖୁଣ୍ଟା ଗ୍ରାମକୁ ଯାଇଥିଲେ। ଅପରାହ୍ଣରେ ସେ ଫେରିବା ବେଳକୁ ଦୁର୍ବୃତ୍ତମାନେ ତାଙ୍କ ଘରର ଗ୍ରିଲ ଭାଙ୍ଗି ଶୋଇବା ଘର ଆଲମିରାର ଲକର୍ ଭାଙ୍ଗି ୧୦ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କାର ସୁନାଗହଣା ଚୋରି କରିନେଇଥିବା ଦେଖିବାକୁ ପାଇଥିଲେ। ଏ ସଂପର୍କରେ ସେ ଥାନାରେ ଅଭିଯୋଗ କରିବାରୁ ପୁଲିସ୍ ତଦନ୍ତ ଆରମ୍ଭ କରିଛି।

# ଜେଲ ଗଲେ ଜମିଦାର ଯୁଗ୍ମ ନିର୍ଦ୍ଦେଶକ



**ଆୟଠାରୁ ୨୧୨ ପ୍ରତିଶତ ଅଧିକ ସମ୍ପତ୍ତି**

ଭୁବନେଶ୍ୱର,୧୭(ସମିସ): ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ ମୃତ୍ତିକା ସଂରକ୍ଷଣ ଓ ଜଳଛାୟା ବିକାଶର ଯୁଗ୍ମ ନିର୍ଦ୍ଦେଶକ ଦୟାନିଧି ବାଗଙ୍କୁ ମଙ୍ଗଳବାର ଗିରଫ କରିଛି ଭିଜିଲାନ୍ସ। ଠାବ ସମ୍ପତ୍ତିର ଉତ୍ତର ଦେଇ ନ ପାରିବାରୁ ତାଙ୍କ ନାମରେ ମାମଲା ରୁଜୁ କରାଯାଇ ଗିରଫ କରାଯାଇଛି। ଗିରଫ ପରେ ମେଡ଼ିକାଲ ପରୀକ୍ଷା କରାଯାଇ ତାଙ୍କୁ ଭବାନୀପାଟଣା ସ୍ପେଶାଲ ଭିଜିଲାନ୍ସ କୋର୍ଟରେ ହାଜର କରାଯାଇଥିଲା। ସେଠାରେ ଜାମିନ୍ ନାମଞ୍ଜୁର ହେବାରୁ ୧୪ ଦିନିଆ ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଛି। ଦୟାନିଧିଙ୍କ ପାଖରୁ ଠାବ ହୋଇଥିବା ସମ୍ପତ୍ତି ତାଙ୍କ ଆୟଠାରୁ ୨୧୨ ପ୍ରତିଶତ ଅଧିକ ବୋଲି ଭିଜିଲାନ୍ସ ସୂଚନା ଦେଇଛି। ସୂଚନାଯୋଗ୍ୟ ସୋମବାର ଭୁବନେଶ୍ୱର, କଳାହାଣ୍ଡି ଓ ନବରଙ୍ଗପୁରରେ ଥିବା ତାଙ୍କର ୮ଟି ଠିକଣାରେ ଭିଜିଲାନ୍ସ ପକ୍ଷରୁ ଚଢ଼ଉ କରାଯାଇଥିଲା। ଚଢ଼ଉ ବେଳେ ଭିଜିଲାନ୍ସ ଅଧିକାରୀମାନେ ତାଙ୍କର ୮୪ ଏକର ଜମି, ୪୬ ଏକରରେ ଥିବା ଦୁଇଟି ଫାର୍ମ ହାଉସ ସମେତ ବହୁ ସମ୍ପତ୍ତି ଠାବ କରିଥିଲେ।

**ହାଇକୋର୍ଟଙ୍କ ଗୁରୁତ୍ୱପୂର୍ଣ୍ଣ ରାୟ**

# ଚୁକ୍ତିଭିତ୍ତିକ କର୍ମଚାରୀଙ୍କୁ ପ୍ରସୂତିକାଳୀନ ଛୁଟି ସୁବିଧାରୁ ବଞ୍ଚିତ କରାଯାଇପାରିବ ନାହିଁ

କଟକ, ୧୭(ସମିସ): ଚୁକ୍ତିଭିତ୍ତିକ ନିଯୁକ୍ତି ହେତୁ ଜଣେ ମହିଳା କର୍ମଚାରୀଙ୍କୁ ପ୍ରସୂତି ଛୁଟି ସୁବିଧାରୁ ବଞ୍ଚିତ କରାଯାଇପାରିବ ନାହିଁ। ଏହା ମାନବିକତା ଓ ନାରୀତ୍ୱ ପ୍ରତି ଘୃଣ୍ୟାସ୍ପଦ। ହାଇକୋର୍ଟ ଆଜି ଏକ ମାମଲାର ବିଚାର କରି ଏଭଳି ଗୁରୁତ୍ୱପୂର୍ଣ୍ଣ ରାୟ ଶୁଣାଇଛନ୍ତି। ଜଣିକିଆ ବିଚାରପତିଙ୍କ ରାୟ ବିରୋଧରେ ସରକାରଙ୍କ ପକ୍ଷରୁ ରୁଜୁ ଏକ ରିଟ୍ ଆବେଦନକୁ ଖାରଜ କରି ଜଷ୍ଟିସ ଦୀକ୍ଷିତ କ୍ରିଷ୍ଣା ଶ୍ରୀପଦ ଏବଂ ଜଷ୍ଟିସ ମୃଗାଙ୍କ ଶେଖର ସାହୁଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ରାୟ ପ୍ରକାଶ କରିଛନ୍ତି। ଖଣ୍ଡପୀଠ କହିଛନ୍ତି, ଯେଉଁଠାରେ ନାରୀମାନଙ୍କୁ ସମ୍ମାନିତ କରାଯାଏ, ସେଠାରେ ଦେବତାମାନେ ବି ଆନନ୍ଦିତ ହୁଅନ୍ତି। ମହିଳା କଲ୍ୟାଣ ସମ୍ପର୍କିତ ରାଜ୍ୟ ନୀତିରେ ଏଭଳି କଥାକୁ ଗୁରୁତ୍ୱ ଦିଆଯିବା ଉଚିତ। ସମ୍ପୃକ୍ତ କର୍ମଚାରୀଙ୍କୁ ପ୍ରସୂତିକାଳୀନ ଛୁଟି ସୁବିଧା ପ୍ରଦାନ ସଂକ୍ରାନ୍ତରେ ଜଣିକିଆ ବିଚାରପତିଙ୍କ ଆଦେଶକୁ ଦୁଇଜଣିଆ ଖଣ୍ଡପୀଠ କାଏମ ରଖିବା ସହ ଆସନ୍ତା ୮ ସପ୍ତାହ ମଧ୍ୟରେ ଉକ୍ତ ନିର୍ଦ୍ଦେଶ କାର୍ଯ୍ୟକାରୀ କରିବାକୁ କହିଛନ୍ତି। ଜଣେ ଚୁକ୍ତିଭିତ୍ତିକ ମହିଳା କର୍ମଚାରୀଙ୍କ ପ୍ରସୂତିକାଳୀନ ଛୁଟି ସୁବିଧା ଆବେଦନ ଖାରଜ ହେବାରେ ସେ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ପ୍ରସୂତି ଛୁଟି ସମ୍ପର୍କିତ ଆଇନ ଉପରେ ତର୍ଜମା କରି ପ୍ରତିପକ୍ଷଙ୍କୁ ପ୍ରସୂତି ଛୁଟିର ସୁବିଧା ପ୍ରଦାନ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ସରକାରୀ କର୍ତ୍ତୃପକ୍ଷ ଉକ୍ତ ନିର୍ଦ୍ଦେଶ ବିରୋଧରେ ଏହି ରିଟ୍ ଦାୟର କରିଥିଲେ। ସରକାରଙ୍କ ଯୁକ୍ତି ଥିଲା ଯେ ପ୍ରତିବାଦୀ ଜଣେ ଚୁକ୍ତିଭିତ୍ତିକ କର୍ମଚାରୀ ହୋଇଥିବାରୁ ସେ ପ୍ରସୂତି ଛୁଟିର ଲାଭ ପାଇବାକୁ ହକଦାର ନୁହଁନ୍ତି।

**ବିଏମ୍‌ସି ଅତିରିକ୍ତ କମିଶନରଙ୍କୁ ମାଡ଼ ଘଟଣା**

# ବ୍ରିଟିଶ ଅତ୍ୟାଚାରଠୁ ବଳିଗଲା ବିଜେପିର ଆକ୍ରମଣ: ବିଜେଡି


ଭୁବନେଶ୍ୱର,୧୭(ସମିସ): ଭୁବନେଶ୍ୱର ମହାନଗର ନିଗମର ଅତିରିକ୍ତ କମିଶନର ରତ୍ନାକର ସାହୁଙ୍କ ଉପରେ ସ୍ୱଷ୍ଟ ଦିବାଲୋକରେ ବିଜେପି ନେତାଙ୍କ ଦ୍ୱାରା ହୋଇଥିବା ମରଣାନ୍ତକ ଆକ୍ରମଣ ଘଟଣା ବ୍ରିଟିଶ ଅତ୍ୟାଚାରଠାରୁ ବଳିଯାଇଛି। କ୍ଷମତା ନିଶାରେ ବିଜେପି ନେତା ଶାନ୍ତିପ୍ରିୟ ଓଡ଼ିଶାକୁ ଅଶାନ୍ତ କରିବାକୁ ଉଦ୍ୟମ କରୁଛନ୍ତି। ମୁଖ୍ୟ ଷଡ଼ଯନ୍ତ୍ରକାରୀ ଓ ଆକ୍ରମଣକାରୀଙ୍କ ଉପରେ ମୁଖ୍ୟମନ୍ତ୍ରୀ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ନିଅନ୍ତୁ ବୋଲି ବିଜେଡି ପକ୍ଷରୁ ଦାବି ହୋଇଛି।

ଶଙ୍ଖ ଭବନରେ ଆଜି ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ, ବିଜେଡିର ଭୁବନେଶ୍ୱର ଜିଲ୍ଲା ସଭାପତି ଅଶୋକ ପଣ୍ଡା, ବିଏମ୍‌ସି ମେୟର ସୁଲୋଚନା ଦାସ, ଭୁବନେଶ୍ୱର (ମଧ୍ୟ) ବିଧାୟକ ଅନନ୍ତ ନାରାୟଣ ଜେନା ଓ ଭୁବନେଶ୍ୱର (ଉତ୍ତର) ବିଧାୟକ ସୁଶାନ୍ତ ରାଉତ ଅଭିଯୋଗ କରିଥିଲେ ଯେ ଆକ୍ରମଣକାରୀମାନେ ହେଉଛନ୍ତି ଶାସକ ବିଜେପିର କାର୍ଯ୍ୟକର୍ତ୍ତା। ସେମାନେ କହିଥିଲେ ଯେ ବିଜେପି ନେତା ତଥା ଗତ ନିର୍ବାଚନରେ ଭୁବନେଶ୍ୱର(ମଧ୍ୟ) ନିର୍ବାଚନ ମଣ୍ଡଳୀରୁ ପ୍ରାର୍ଥୀ ହୋଇଥିବା ଜଗନ୍ନାଥ ପ୍ରଧାନଙ୍କ ପ୍ରରୋଚନାରେ ଏଭଳି କାଣ୍ଡ ଘଟିଛି। ଏହି ଘଟଣା ରାଜ୍ୟର ବିପର୍ଯ୍ୟସ୍ତ ଆଇନ ଶୃଙ୍ଖଳାର ନଗ୍ନ ନମୁନା ଏବଂ ଶାସକ ବିଜେପିର ଅତ୍ୟାଚାର ମନୋବୃତ୍ତିର ପରିଚୟ। ଶ୍ରୀ ପଣ୍ଡା କହିଥିଲେ ଯେ ବିଏମସିର ଜଣେ ପ୍ରଶାସନିକ ଅଧିକାରୀଙ୍କ ଉପରେ ଯେପରି ଆକ୍ରମଣ କରାଗଲା ତାହା ଚଳଚ୍ଚିତ୍ରରେ ପ୍ରଦର୍ଶିତ ହେଉଥିବା ଗୁଣ୍ଡାରାଜ ଦୃଶ୍ୟଠାରୁ କୌଣସି ଗୁଣରେ

**■ ଶାନ୍ତିପ୍ରିୟ ଓଡ଼ିଶାକୁ କ୍ଷମତା ନିଶାରେ ଅଶାନ୍ତ କରୁଛି ବିଜେପି**
**■ ମୁଖ୍ୟ ଷଡ଼ଯନ୍ତ୍ରକାରୀ ଓ ସମସ୍ତ ଅଭିଯୁକ୍ତଙ୍କୁ ତୁରନ୍ତ ଗିରଫ କରାଯାଉ**

କମ୍ ନୁହେଁ। ଓଡ଼ିଶା ଭଳି ଏକ ଶାନ୍ତିପ୍ରିୟ ରାଜ୍ୟରେ ସ୍ୱଷ୍ଟ ଦିବାଲୋକରେ ଏଭଳି ଘଟଣା ଘଟିବା, ସମଗ୍ର ରାଜ୍ୟବାସୀଙ୍କ ମନକୁ ଆନ୍ଦୋଳିତ କରିବା ସହ ଦେଶରେ ଓଡ଼ିଶାର ଛବିକୁ ମଳିନ କରିଛି। ରାଜ୍ୟ ଓଏଏସ୍ ସଂଘ ଏହି ଘଟଣାରେ ପ୍ରଦାନ କରିଥିବା ସ୍ମାରକପତ୍ରରେ ଗତ ଏକ ବର୍ଷରେ ବିଭିନ୍ନ ସ୍ଥାନରେ ସେମାନଙ୍କ ଉପରେ ମାନସିକ ଓ ଶାରୀରିକ ନିର୍ଯାତନା ଦିଆଯାଉଛି ବୋଲି ଅଭିଯୋଗ କରିବା ସହ ସେମାନଙ୍କ ସୁରକ୍ଷା ଓ ସମ୍ମାନ ବିପଦରେ ପଡିଛି ବୋଲି ଉଲ୍ଲେଖ କରିଛନ୍ତି। ଗତ ଏକ ବର୍ଷ ଧରି ରାଜ୍ୟର ପ୍ରଶାସନିକ ଢାଞ୍ଚା ଉପରେ ଯେଉଁଭଳି ଭାବେ ଆକ୍ରମଣ କରାଯାଉଛି, ତାହା ଗ୍ରହଣୀୟ ନୁହେଁ।

ବିଏମସି ମେୟର ସୁଲୋଚନା ଦାସ ଏହି ଘଟଣାକୁ ନିନ୍ଦା କରିବା ସହ ଲୋକଙ୍କ ଅଭିଯୋଗ ଶୁଣାଣି କରୁଥିବା



ଜଣେ ବରିଷ୍ଠ ଅଧିକାରୀଙ୍କୁ ଅଫିସରୁ ଘୋଷାଡ଼ି ଆଣି ଯେଉଁଭଳି ବର୍ବରୋଚିତ ଆକ୍ରମଣ କରାଗଲା, ତାହା ସଭ୍ୟ ସମାଜରେ ଗ୍ରହଣୀୟ ନୁହେଁ ବୋଲି କହିଛନ୍ତି। ଘଟଣାରେ ଛଅ ସାତ ଜଣଙ୍କ ସମ୍ପୃକ୍ତି ରହିଥିବା ବେଳେ ପୁଲିସ କେବଳ ପାଞ୍ଚ ଜଣଙ୍କୁ ଗିରଫ କରିଛି। ତେଣୁ ତୁରନ୍ତ ସମସ୍ତ ଅଭିଯୁକ୍ତଙ୍କୁ ଗିରଫ କରାଯାଉ ଓ ଯାହାଙ୍କ ପ୍ରରୋଚନାରେ ଏହି ଘଟଣା ଘଟିଛି, ତାଙ୍କୁ ଗିରଫ କରି ତାଙ୍କ ବିରୋଧରେ ଭାରତୀୟ ନ୍ୟାୟ ସଂହିତାର ୧୦୯ ଦଫା ଲଗାଯାଉ ବୋଲି ସେ ଦାବି କରିଥିଲେ। ବିଧାୟକ ଅନନ୍ତ ନାରାୟଣ ଜେନା କହିଥିଲେ ଗତ ୩୦ ବର୍ଷ ଭିତରେ ଏଭଳି ଅମାନବୀୟ କାଣ୍ଡ କେବେ ଘଟିନଥିଲା। ଏଭଳି ଏକ ହୃଦୟ ବିଦାରକ ଘଟଣା ବ୍ରିଟିଶ ଅତ୍ୟାଚାରଠୁ ମଧ ବଳିଯାଇଛି। ଘଟଣାସ୍ଥଳରେ ଦୁଇ ଜଣ ମହିଳା କର୍ପୋରେଟର ବୁଝାସୁଝା କରିବାକୁ ଚେଷ୍ଟା କରିବା ବେଳେ ସେମାନେ ମଧ ଆକ୍ରମଣକାରୀଙ୍କ ଦ୍ୱାରା ଆହତ ହୋଇଛନ୍ତି। ବିଧାୟକ ସୁଶାନ୍ତ କୁମାର ରାଉତ ଘଟଣାକୁ ତୀବ୍ର ନିନ୍ଦା କରିବା ସହ ଏଥିରେ ସମ୍ପୃକ୍ତ ସମସ୍ତ ବିଜେପି ନେତା ଓ କାର୍ଯ୍ୟକର୍ତ୍ତାଙ୍କୁ ତୁରନ୍ତ ଗିରଫ କରିବା ପାଇଁ ମୁଖ୍ୟମନ୍ତ୍ରୀ ନିର୍ଦ୍ଦେଶ ଦିଅନ୍ତୁ। ଏହି ସାମ୍ବାଦିକ ସମ୍ମିଳନୀରେ ଡେପୁଟି ମେୟର ମଞ୍ଜୁଲତା କହଁର ମଧ ଉପସ୍ଥିତ ଥିଲେ।

# ସବୁଜ ରଥର ଶୁଭାରମ୍ଭ ସହ ବନ ମହୋତ୍ସବ



ଖପ୍ରାଖୋଲ,୧।୭ (ସମିସ): ବଲାଙ୍ଗିର ଜିଲ୍ଲା ଅନ୍ତର୍ଗତ ଖପ୍ରାଖୋଲର ସ୍ଥାନୀୟ ବନ ବିଭାଗ ରେଞ୍ଜ କାର୍ଯ୍ୟାଳୟ ପରିସରରେ ବନ ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ ତରଫରୁ ବନ ମହୋତ୍ସବ ସପ୍ତାହ ପାଳନ ସହିତ ମଙ୍ଗଳବାର ସବୁଜ ରଥର ଶୁଭାରମ୍ଭ ହୋଇଛି।ଏହି ଅବସରରେ ସବୁଜ ରଥକୁ ପୂଜା ସହିତ ନଡ଼ିଆ ଭାଙ୍ଗି ଖପ୍ରାଖୋଲ ବନପାଳ ସୁଧୀର କୁମାର ଜେନା ଶୁଭାରମ୍ଭ କରିଥିଲେ। ରେଙ୍ଗାଲି ବନପାଳ ବିପିନ ସାହୁ,ହରିଶଙ୍କର ବନପାଳ ରଞ୍ଜିତ କୁମ୍ଭାର, ଧଣ୍ଡାମୁଣ୍ଡା ବନପାଳ ଇନ୍ଦ୍ରମଣି ବେହେରା ପ୍ରମୁଖ ଯୋଗଦେଇ ବନ ମହୋତ୍ସବ ସପ୍ତାହ ପାଳନ ଉପରେ ଆଲୋକପାତ କରି ଚାରା ରୋପଣ ପାଇଁ ସଚେତନତା ବାର୍ତ୍ତା ପ୍ରଦାନ କରିଥିଲେ। ଚଳିତ ବର୍ଷ ବନବିଭାଗ ତରଫରୁ ଏକ ଲକ୍ଷ ଚାରା ବଣ୍ଟନ ଲକ୍ଷ ରଖାଯାଇଥିବା ବନବିଭାଗ ପକ୍ଷରୁ ସୂଚନା ପ୍ରଦାନ କରିଥିଲେ। ଏହି ଅବସରରେ ଅଗ୍ନିଶମ କାର୍ଯ୍ୟାଳୟ ପରିସରରେ ବନ ମହୋତ୍ସବ ତଥା ଚାରା ରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।କାର୍ଯ୍ୟକ୍ରମରେ ବ୍ଲକ୍ ଅଗ୍ନିଶମ ଅଧିକାରୀ ଜୟ ଗୋପାଳ ପଣ୍ଡା, ଓଡ଼ିଶା ପୋଲିସ ହାଉସିଂ ବୋର୍ଡ ର କନିଷ୍ଠ ଯନ୍ତ୍ରୀ ଅରୁଣ କୁମାର ସିଂ ସମେତ ବନବିଭାଗ ଅଧିକାରୀ, ବନରକ୍ଷି ମଞ୍ଜୁ କୁମ୍ଭାର, ଉମା ଭୁଇ, ରାଜେନ୍ଦ୍ର ଧରୁଆ, ସଞ୍ଜୀବ ସାହୁ ବନକର୍ମଚାରୀ, ଅଗ୍ନିଶମ କର୍ମଚାରୀ ଉପସ୍ଥିତ ଥିଲେ।

# ମାଁ ପାଇଁ ଗଛଟିଏ କାର୍ଯ୍ୟକ୍ରମ



ଦେଓଗାଁ,୧।୭ (ସମିସ): ବଲାଙ୍ଗିର ଜିଲ୍ଲା ଦେଓଗାଁ ବନାଞ୍ଚଳ ତରଫରୁ ସ୍ଥାନୀୟ ପଞ୍ଚାୟତ ସମିତି ହାଇସ୍କୁଲରେ ମଙ୍ଗଳବାର ବନ ମହୋତ୍ସବ ତଥା ମାଁ ପାଇଁ ଗଛଟିଏ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବନାଞ୍ଚଳ ରେଞ୍ଜର ଯୁଧିଷ୍ଠିର ଜାଲଙ୍କ ନେତୃତ୍ୱର ଫରେଷ୍ଟର ଜନ୍ମେଜୟ ପାଣିଗ୍ରାହୀ, ଗୁଡଭେଲା ଫରେଷ୍ଟର ଚନ୍ଦ୍ରଶେଖର ଦାସ, କୁଡାସିଂହା ଫରେଷ୍ଟର ଚିତ୍ତରଞ୍ଜନ ଖମାରୀ, ନେତ୍ରମଣୀ ମହାନନ୍ଦ ସମେତ ଫରେଷ୍ଟ ଗାର୍ଡ ଅଭିମନ୍ୟୁ ଭୋଇ, ଶାନ୍ତି ସରାଫ, ପୁଷ୍ପାଞ୍ଜଳୀ କୁମ୍ଭାର, ଯୁକ୍ତା ସାହାଣୀ, ନରେନ୍ଦ୍ର କୁମାର ବିଶ୍ୱାଳ ସମେତ ସମସ୍ତ ପାରାଷ୍ଟାଫ ଓ ବନକର୍ମଚାରୀ ଉପସ୍ଥିତ ଥିଲେ। ଏହି ଅବସରରେ ପଞ୍ଚାୟତ ହାଇସ୍କୁଲର ପ୍ରଧାନ ଶିକ୍ଷକ ଅମ୍ବରିଶ ଭୋଇଙ୍କୁ ଗଛଟିଏ ପ୍ରଦାନ କରିବା ସହ ଛାତ୍ରୀଛାତ୍ରଙ୍କୁ ମାଁ ପାଇଁ ଗଛଟିଏ କାର୍ଯ୍ୟକ୍ରମ ଅବସରରେ ସମସ୍ତେ ଗୋଟିଏ ଗୋଟିଏ ଗଛ ରୋପଣ କରିବାପାଇଁ ରେଞ୍ଜର ଜାଲ ପରାମର୍ଶ ଦେଇଥିଲେ।

# ପ୍ରଧାନଶିକ୍ଷକଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା



ଖପ୍ରାଖୋଲ,୧।୭ (ସମିସ): ବଲାଙ୍ଗିର ଜିଲ୍ଲା ଖପ୍ରାଖୋଲ ବ୍ଲକ୍ ଅନ୍ତର୍ଗତ ଗୁଣ୍ଡୁରୁପାଲି ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଦିବାକର ମହାପାତ୍ରଙ୍କୁ ସୋମବାର ଅବସର କାଳୀନ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଥିଲା। ଏହି ଅବସରରେ ସହକାରୀ ଶିକ୍ଷକ ତୁଳାରାମ୍ ସୁନାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସମ୍ବର୍ଦ୍ଧନା ସଭାରେ ବିଦ୍ୟାଳୟ ପରିଚାଳନା କମିଟି ସଦସ୍ୟ, ମାତୃ କମିଟି, ଛାତ୍ରୀ ଛାତ୍ର ଯୋଗଦେଇ ପ୍ରଧାନ ଶିକ୍ଷକ ମହାପାତ୍ରଙ୍କୁ ଉପଢୌକନ, ଫୁଲ୍, ଚନ୍ଦନ, ଛତା, ଜୋତା ଦେଇ ସମ୍ବର୍ଦ୍ଧିତ କରିଥିଲେ। ଏହି ଅବସରରେ ବିଦ୍ୟାଳୟ ରେ ଏକ ଶୋକାକୁଳ ପରିବେଶ ସୃଷ୍ଟି ହୋଇଥିଲା।ପ୍ରଧାନଶିକ୍ଷକ ଜଣକ ପୁରୀ ଜିଲ୍ଲାର ମୂଳ ନିବାସୀ ହୋଇଥିବା ବେଳେ ୧୯୮୮ରୁ ଖପ୍ରାଖୋଲ ବ୍ଲକ୍‌ର ନାଗଡ଼େରା ପ୍ରାଥମିକ ବିଦ୍ୟାଳୟରୁ ଶିକ୍ଷକତା ଆରମ୍ଭ କରି ପୂତୁକେଲାଚୁଆଁ ,ଖପ୍ରାଖୋଲ, ନାନ୍ଦୁପଲା ବିଦ୍ୟାଳୟରେ ଦୀର୍ଘ ୩୭ ବର୍ଷ ଶିକ୍ଷକତା କରି ଅବସର ଗ୍ରହଣ କରିଛନ୍ତି। ଏହି ଅବସରରେ ଗୁଣ ନିଆଲ, ଗଣ୍ଡାରାମ ହଂସ ,ବିଶ୍ୱମିତ୍ର ନିଆଲ ପ୍ରମୁଖ ବିଦ୍ୟାଳୟ ପରିଚାଳନା କମିଟି ସଦସ୍ୟ ଉପସ୍ଥିତ ଥିଲେ।

# ଉପରଝରରେ ପୁଲିସ ଫାଣ୍ଡି ଖୋଲିବାକୁ ଦାବି

ଦେଓଗାଁ,୧।୭ (ସମିସ): ବଲାଙ୍ଗିର ଜିଲ୍ଲା ଦେଓଗାଁ ବ୍ଲକ୍‌ର ସମସ୍ତ ପଞ୍ଚାୟତକୁ ଦେଓଗାଁ ଥାନା ଅଧିନରେ ସାମିଲ କରିବାପାଇଁ ଦେଓଗାଁ ଥାନାଧିକାରୀଙ୍କ ଉଦ୍ଦେଶ୍ୟରେ ଜିଲ୍ଲା ଆରକ୍ଷୀ ଅଧିକ୍ଷକଙ୍କୁ ସ୍ଥାନୀୟ ବ୍ଲକ୍ କଂଗ୍ରେସ ତରଫରୁ ମଙ୍ଗଳବାର ଦାବିପତ୍ର ପ୍ରଦାନ କରାଯାଇଛି।



ବନ୍ଧପଡା ସମିତି ସଭ୍ୟ କାନ୍ତେଶ୍ୱର ପଧାନ ତଥା ଜିଲ୍ଲା କଂଗ୍ରେସ କମିଟୀ ସଂପାଦକ ବିଶ୍ୱଜିତ ପାତ୍ରଙ୍କ ନେତୃତ୍ୱରେ ଯୁବ ସଭାପତି ସମୀର ସାହୁ, ଛାତ୍ର କଂଗ୍ରେସ ସଂପାଦକ ଆର୍ତ୍ତ ଘିଭେଲା, ଟିଙ୍କୁ ଅଗ୍ରୱାଲ, ସଞ୍ଜୟ ହୋତା, ମଦନ ସାହୁ, ଅଜିତ ମେହେର, ପିଣ୍ଟୁ ପୋଢ, ଗରୁଡ ନାଗ ପ୍ରମୁଖ ସାମିଲ ଥିଲେ। ଜିଲ୍ଲାର ପର୍ଯ୍ୟଟନସ୍ଥଳୀ ମାନ୍ୟତା ପାଇଥିବା ମକୁନ୍ଦପୁର ଅଞ୍ଚଳରେ ଦିନକୁ ଦିନ ହିଂସା ବଢ଼ି ଚାଲିଥିବାରୁ ଉପରଝର ପେଣ୍ଡସ୍ଥଳୀ ଠାରେ ପୁଲିସ ଫାଣ୍ଡି ଖୋଲାବା ପାଇଁ ଦୀର୍ଘ ଦିନ ହେଲା ଅଞ୍ଚଳବାସୀ ଦାବି କରି ଆସୁଛନ୍ତି। ଏପରିକି ପୂର୍ବତନ ବିଧାୟକ ନରସିଂହ ମିଶ୍ର ଏହି ଅଞ୍ଚଳରେ ଫାଣ୍ଡି ସ୍ଥାପନ ନେଇ ବିଧାନସଭାରେ ସରକାରଙ୍କୁ ପଦକ୍ଷେପ ନେବା ଉପରେ ଅବଗତ କରିଥିଲେ। ଏ ଦିଗରେ ସରକାର ତୁରନ୍ତ ପଦକ୍ଷେପ ନେବାକୁ ଦାବି ହେଉଛି। ଦେଓଗାଁ ବ୍ଲକ୍‌ର ୨୬ଟି ପଞ୍ଚାୟତର ୧୨୭ ଖଣ୍ଡ ରାଜସ୍ୱ ଗ୍ରାମକୁ ଦେଓଗାଁ ଥାନା ଅଧିନରେ ଅନ୍ତର୍ଭୁକ୍ତ କରିବାକୁ ଦାବିରେ ଉଲ୍ଲେଖ କରାଯାଇଛି । ରାଜ୍ୟ ସରକାର ବର୍ତ୍ତମାନ ଥାନା ଗୁଡିକର ସୀମା ନିର୍ଦ୍ଧାରଣ କରିବାକୁ ପଦକ୍ଷେପ ନେଇଛନ୍ତି।ଏ ଦିଗରେ ବ୍ଲକର ସମସ୍ତ ପଞ୍ଚାୟତକୁ ଅର୍ନ୍ତଭୁକ୍ତ କରିବାକୁ ଦାବି କରିଛି ବ୍ଲକ୍ କଂଗ୍ରେସ।

# ରାଜକିଶୋର ପଣ୍ଡାଙ୍କ ଅବସରକାଳୀନ ସମ୍ବର୍ଦ୍ଧନା

ବଲାଙ୍ଗିର,୧।୭ (ସମିସ): ବଲାଙ୍ଗିର ଜିଲ୍ଲା ପୁଇଁତଲା ବ୍ଲକ୍ ଅନ୍ତର୍ଗତ ଜାମଗାଁ ସରକାରୀ ଉଚ୍ଚ ବିଦ୍ୟାଳୟର ସଂସ୍କୃତ ଶିକ୍ଷକ ରାଜ କିଶୋର ପଣ୍ଡାଙ୍କ ଅବସରକାଳୀନ ସମ୍ବର୍ଦ୍ଧନା ଉତ୍ସବ ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ପ୍ରଧାନଶିକ୍ଷକ ପ୍ରଫୁଲ୍ଲ ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉତ୍ସବରେ ମୁଖ୍ୟଅତିଥି ଭାବେ ଶିକ୍ଷାବିତ ନବୀନ ନାୟକ,ମୁଖ୍ୟ ବକ୍ତା ଭାବେ ଅବସର ପ୍ରାପ୍ତ ସମାଜସେବୀ ଶିକ୍ଷକ ଅଶୋକ ପଣ୍ଡା,ସମ୍ମାନିତ ଅତିଥି ଭାବେ ପ୍ରଧାନ ଶିକ୍ଷକ ପବିତ୍ର ଗୁରୁ,ରବୀନ୍ଦ୍ର ଠେଟୁଆଳ, ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ବୁଢୁ ପଧାନ,ଗୌରୀ ଶଙ୍କର ବିନ୍ଧାଣି, ଅବସରପ୍ରାପ୍ତ ଖେଳ ଶିକ୍ଷକ ସୀତାରାମ ପଧାନ,ହିନ୍ଦୀ ଶିକ୍ଷକ ପ୍ରଭାତ ସାହୁ,ସିଆରସିସି ରସାନନ୍ଦ କର୍ମୀ,ବିଦ୍ୟାଳୟ ପରିଚାଳନା କମିଟୀ ସଭାପତି ଗୁପ୍ତେଶ୍ୱର ବେହେରା ପ୍ରମୁଖ ଯୋଗଦେଇ ଶିକ୍ଷକ ଶ୍ରୀ ପଣ୍ଡାଙ୍କ ଶିକ୍ଷକତା ଜୀବନରେ ଛାତ୍ରଛାତ୍ରୀଙ୍କ ପ୍ରତି ରହିଥିବା ଭଲ ପାଇବା, ସହକର୍ମୀଙ୍କ ସହ ଉତ୍ତମ ସମ୍ପର୍କ ବିଷୟରେ ମତବ୍ୟକ୍ତ କରିବା ସହ ଶ୍ରୀପଣ୍ଡାଙ୍କ ଅବସର ଜୀବନ ସୁସ୍ଥ ଓ ନିରାମୟ ହେଉ ବୋଲି କାମନା କରିଥିଲେ। ଏହି ଅବସରରେ ଶ୍ରୀ ପଣ୍ଡାଙ୍କୁ ପୁଷ୍ପଗୁଚ୍ଛ, ଉପଢୌକନ, ମାନପତ୍ର, ଭାଗବତ ଗୀତା ପୁସ୍ତକ ସହ ବିଭିନ୍ନ ଉପହାର ଦେଇ ଭବ୍ୟ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଥିଲା। ଶିକ୍ଷୟିତ୍ରୀ ନମିତା ପାଣିଗ୍ରାହୀ ମାନପତ୍ର ପଠନ କରିଥିଲେ। କାର୍ଯ୍ୟକ୍ରମ ପରିଚାଳନା ଶିକ୍ଷକ ବୁଲୁ ଦେହୁରୀ କରିଥିବା ବେଳେ ଧନ୍ୟବାଦ ଦେଇଥିଲେ ଶିକ୍ଷକ ଅଜିତ ରାଉତ।

## ହିଆଁଲ ପଞ୍ଚାୟତରେ କଂକ୍ରିଟ ରାସ୍ତା ନିର୍ମାଣରେ ଅନିୟମିତତା

# ସୂଚନା ଫଳକ ଲାଗିଛି, ୩ ଲକ୍ଷ ଟଙ୍କା ଉଠୁଛି

କଣ୍ଟାବାଞ୍ଜି,୧।୭ (ସମିସ):

ସରକାର ଗ୍ରାମାଞ୍ଚଳର ଉନ୍ନତୀକରଣ ପାଇଁ ବିଭିନ୍ନ ଯୋଜନାରେ ଲକ୍ଷ ଲକ୍ଷ ଟଙ୍କା ସରକାରୀ ରାଜକୋଷରୁ ଅନୁଦାନ ମଞ୍ଜୁର କରିଥିବା ବେଳେ ବାସ୍ତବରେ କାମ ନହୋଇ ଆସୁଥିବା ଅନୁଦାନ ଆତ୍ମସାତ ହେବାରେ ଲାଗିଛି। ଯାହାଫଳ ଜଳନ୍ତା ଉଦାହରଣ ବଲାଙ୍ଗିର ଜିଲ୍ଲାର ତୁରେକେଲା ବ୍ଲକ୍ ହିଆଁଲ ଗାଁ ରେ ଦେଖିବାକୁ ମିଳିଛି। ସୂଚନା ଅନୁସାରେ ହିଆଁଲ ଗାଁର ପହରି ମଣ୍ଡପ ଠାରୁ ଅଙ୍ଗନବାଡ଼ି କେନ୍ଦ୍ର ପର୍ଯ୍ୟନ୍ତ କଂକ୍ରିଟ ରାସ୍ତା ନିର୍ମାଣ କହିବାକୁ ତୁରେକେଲା ପଞ୍ଚାୟତ ସମିତି ପକ୍ଷରୁ ରାଜ୍ୟ ପଞ୍ଚଦଶ ଅର୍ଥ ଯୋଜନାରେ ତିନି ଲକ୍ଷ ଟଙ୍କା ଅନୁଦାନ ମଞ୍ଜୁର ହୋଇଛି। ଯେଉଁ ସ୍ଥାନରେ କଂକ୍ରିଟ ରାସ୍ତା ନିର୍ମାଣ କରାଯଇଥିବା ସୂଚନା ଫଳକ ରେ ଲେଖା ହୋଇଛି କିନ୍ତୁ ସେହି ସ୍ଥାନରେ ସିମେଣ୍ଟ ଅତଡା ଟିକେ ମଧ୍ୟ ପଡିନାହିଁ। ନୂତନ ହିଆଁଲ ୫ଟି ନୂତନ ହାଇସ୍କୁଲ ସମ୍ମୁଖୀନ ସେହି ସୂଚନା ଫଳକ ଲାଗିଛି। କିନ୍ତୁ ସେହି ସ୍ଥାନରେ କାମ ହୋଇଥିବା ସୂଚନା ଫଳକରେ ଉଲ୍ଲେଖ କରିଛି ସେହି ସ୍ଥାନରେ ଫଳକ ନାହିଁ କି କାମ ହେଇନାହିଁ। ଫଳକ ଲଗାଇ ଥିବା ହାଇସ୍କୁଲ ସମ୍ମୁଖୀନରେ

## ■ କାମରଦେଖାନାହିଁ

କଂକ୍ରିଟ ରାସ୍ତା ମଧ୍ୟ ନିର୍ମାଣ କରାଯାଇନାହିଁ। ଏନେଇ ପଞ୍ଚାୟତରେ କାର୍ଯ୍ୟରତ କନିଷ୍ଠ ଯନ୍ତ୍ରୀ ସନତ ଦାଶଙ୍କୁ ପଚାରିବାରୁ ଯେଉଁ ସ୍ଥାନରେ କାମ କରିବା ଅନୁଦାନ ଆସିଥିଲା ସେଠାରେ କାମ କରିବାକୁ ସ୍ଥାନ ନାହିଁ ତେଣୁ ଗାଁ ଲୋକଙ୍କ ଅନୁରୋଧକ୍ରମେ ଆମେ ସେହି ଅନୁଦାନ ହିଆଁଲ ୫ଟି ହାଇସ୍କୁଲ ସମ୍ମୁଖୀନରେ ପେଭର ରୋଡ ନିର୍ମାଣ କରିବାରେ ତିନି ଲକ୍ଷ ଟଙ୍କା ଖର୍ଚ୍ଚ କରାଯାଇଥିବ କହିଛନ୍ତି। ତାଙ୍କ ପ୍ରତିକ୍ରିୟା ଶୁଣିବା ପରେ ଆମକୁ ଆହୁରି ଚକିତ କରିଛି। ଯଦି ସେଠାରେ କାମ କରିବା ସ୍ଥାନ ନାହିଁ ତେବେ ସେଠାରେ କଂକ୍ରିଟ ରାସ୍ତା ନିର୍ମାଣ କରିବାକୁ ତୁରେକେଲା ବ୍ଲକ୍ ପ୍ରଶାସନକୁ କିଏ ପ୍ରସ୍ତାବ ଦେଇଥିଲା ଯାହାଫଳରେ ତୁରେକେଲା ବ୍ଲକ୍ ପ୍ରଶାସନ ରାସ୍ତା ନିର୍ମାଣ କରିବାକୁ ଅନୁଦାନ ମଞ୍ଜୁର କଲା। ସେପଟେ ଯଦି ଅନୁଦାନ କଂକ୍ରିଟ ରୋଡ ନିର୍ମାଣ ପାଇଁ ଆସିଥିଲା ତେବେ ସେହି ଅନୁଦାନକୁ ପେଭର ରୋଡ ନିର୍ମାଣ କରିବାରେ କେମିତି ଖର୍ଚ୍ଚ କଲେ ଏବଂ ନିର୍ମାଣ ହୋଇଥିବା ପେଭର ରୋଡ ମଧ୍ୟ ଅତିନିମ୍ନମାନର ହୋଇଥିବା ଯୋଗୁଁ ଦବିବାରେ ଲାଗିଛି। ସରକାର ନଜର ଦେଇ କଂକ୍ରିଟ ରାସ୍ତା ନିର୍ମାଣ କରିବା ନାହିଁରେ ନିମ୍ନମାନର ପେଭର ରୋଡ ନିର୍ମାଣ କରି ସରକାରୀ ଅନୁଦାନ ଆତ୍ମସାତ କରାଯାଇଥିବା ସ୍ଥାନୀୟ ଲୋକ ଅଭିଯୋଗ କରିଛନ୍ତି। ତୁରନ୍ତ ତଦନ୍ତକରି କାର୍ଯ୍ୟାନୁଷ୍ଠାନ ପାଇଁ ଦାବି ହେଉଛି।




## ■ ବଲାଙ୍ଗିର ସିନିୟର ନକ୍‌ଆଉଟ ଫୁଟବଲ ଟୁର୍ଣ୍ଣାମେଣ୍ଟ

# ଚତୁର୍ଥ ଦିବସ ମ୍ୟାଚ୍



ବଲାଙ୍ଗିର,୧।୭ (ସମିସ): ବଲାଙ୍ଗିର ଜିଲ୍ଲା କ୍ରୀଡ଼ା ସଂସଦ ଆନୁକୂଲ୍ୟରେ ମଙ୍ଗଳବାର ୮ ଗୋଟି ପଡିଆରେ ଫୁଟବଲ ମ୍ୟାଚ୍ ଅନୁଷ୍ଠିତ ହୋଇଯାଇଛି।ଟାଉନ ହାଇସ୍କୁଲ ପଡିଆରେ ସିସିଏଫ୍‌ଏ ବଲାଙ୍ଗିର ୧୧-୦ ଗୋଲରେ ସରକାରୀ ଆଇଟିଆଇ ଦଳକୁ ହରାଇଛି। ଅତିଥି ଭାବେ କ୍ରୀଡା ସଂସଦର କାଉନସିଲ ସଭ୍ୟ ପ୍ରଭାତ କୁମାର ମିଶ୍ର ଓ ବରିଷ୍ଠ ସଦସ୍ୟ ଡା.ସିଦ୍ଧେଶ୍ୱର ମିଶ୍ର ଯୋଗ ଦେଇଥିଲେ। ଟୁର୍ଣ୍ଣାମେଣ୍ଟ କମିଟି ଅଧ୍ୟକ୍ଷ ହେମନ୍ତ କୁମାର ବେହେରା ଓ ପୂର୍ବତନ ଖେଳାଳି ପ୍ରଦୀପ ମହାରଣା ଉପସ୍ଥିତ ଥିଲେ। ଖେଳକୁ ଜିତେନ୍ଦ୍ର ପାତ୍ର, ରାଜେନ୍ଦ୍ରସେଠ, ବିକିବିଶି, ଜିତୁଦଲାଇ ଓ ନରସିଂସ୍ୱାମୀ ନାଇଡୁ ପରି.ଳନା କରିଥିଲେ। ପଲ୍ଲିଶ୍ରୀ ଷ୍ଟାଡିୟମ ସଦାଇପାଲି ଠାରେ ଚନ୍ଦନଭାଟି ବନାମ ପ୍ରୋଗେସିଭ କ୍ଲବ୍ ୨-୨ଗୋଲରେ ଡ୍ର ରହିଥିଲେ।ଟ୍ରାଇବ୍ରେକର ୩-୧ ରେ ଚନ୍ଦନଭାଟି ଦଳ ବିଜୟୀ ହୋଇଛି। ଅତିଥି ଭାବେ ସୁଶ୍ରୀ ଡିପ୍ଲୋମା ଇଞ୍ଜିନିଅରିଂ ଅଧ୍ୟକ୍ଷା ନମିତା ପଟେଲ ଯୋଗ ଦେଇଥିବା ବେଳେ ପୂର୍ବତନ ଖେଳାଳି ଗରୁଡଧ୍ୱଜ ସାଏ ଓ ସୁନିଲ ଚନ୍ଦ୍ର ବିଶ୍ୱାଳ ଯୋଗଦେଇ ଥିଲେ। ଖେଳକୁ ସଂଜିବ ମହାରଣା, ନିଶାରକାନ୍ତ ନାଗ,ଜ୍ୟୋର୍ତିମୟ ରାଉତ ଓ ସୁଧାଂଶୁ ସେଠ ପରି.ଳନା କରିଥିଲେ। ଚୁଡାପାଲି ପଡିଆରେ ନକଟାସର୧-୦ଗୋଲରେ ରେଙ୍ଗଟାସିଲକୁ ହରାଇ ବିଜୟୀ ହେଲା। ପୂର୍ବତନ ଖେଳାଳି ଗୋପାଳ ପଟେଲ ଓ ରଘୁମଣି ମେହେର ଅତିଥି ଭାବେ ଯୋଗ ଦେଇଥିବା ବେଳେ ସଂସଦର ଫୁଟବଲ ସଂପାଦକ ଶରତ କୁମାର ନନ୍ଦ ଯୋଗଦେଇ ଥିଲେ। ଖେଳକୁ ଜଳନ୍ଧର ସାହୁ, ପୁରୁଷୋତ୍ତମ ବୁଡେକ, ମଣ୍ଟୁ ବେହେରା ଓ ବୈକୁଣ୍ଠ ଜେନା ପରି.ଳନା କରିଥିଲେ।ଟିଟିଲାଗଡ ସିଟି ସ୍କୁଲ ପଡିଆରେ ଚାନ୍ଦୋତରା ୮-୦ଗୋଲରେ କେସି ୟୁନାଇଟେଡ କୁ ହରାଇ ବିଜୟୀ ହେଲା। ଖେଳକୁ ମଳୟ ଘିଭେଲା, ପ୍ରୀତମ ନାଏକ, ମୋହନ ପ୍ରଧାନୀ, ରାଜେଶ ସ୍ୱାଇଁ ଓ ଧବଳେଶ୍ୱର ଦଳବେହେରା ପରି.ଳନା କରିଥିଲେ। ଜରାସିଂହା ମିନି ଷ୍ଟାଡିୟମରେ ମହିପୁର ୫-୨ ଗୋଲରେ ବର୍ଲାକୁ ହରାଇ ବିଜୟୀ ହେଲା। ପୂର୍ବତନ ଖେଳାଳି ନବୀନ ବାରିକ ଅତିଥି ଭାବେ ଯୋଗ ଦେଇଥିଲେ। ଖେଳକୁ ଶ୍ରୀବତ୍ସ ମେହେର, ଡୋଳାମଣି ବଗର୍ତ୍ତି , କୁନ୍ତେ ମେହେର ଓ କୈଳାସ ଚନ୍ଦ୍ର କର୍ତ୍ତି ପରି.ଳନା କରିଥିଲେ। ଲୋଇସିଂହା ମିନି ଷ୍ଟାଡିୟମରେ ବଲାଙ୍ଗିର ପୋଲିସ ଦଳ ୭-୦ ଗୋଲରେ ସଲତରପାଲି କୁ ହରାଇ ବିଜୟୀ ହେଲା। ବୁର୍ଡା ଗ୍ରା.ପ. ସରପଞ୍ଚ ସୁଦିପ କୁମାର ସା ଅତିଥି ଭାବେ ଯୋଗ ଦେଇଥିଲେ। ଖେଳକୁ କରୁଣାକର ପ୍ରଧାନ, ଗୋପାଲ ପ୍ରଧାନ, ଅଞ୍ଜନ ବେସ୍ରା, ପ୍ରଦୀପ ବଗର୍ତ୍ତି ଓ ସୁରେଶ ସାହୁ ପରି.ଳନା କରିଥିଲେ। ବଙ୍ଗୋମୁଣ୍ଡା ପଡିଆରେ କେଏଫ୍‌ସି କଣ୍ଟାବାଞ୍ଜି ୨-୦ ଗୋଲରେ ବଙ୍ଗୋମୁଣ୍ଡାକୁ ହରାଇ ବିଜୟୀ ହେଲା। ଖେଳକୁ ଆଶିର୍ବାଦ ସା, ଆଶିଷଦେବ ସା, ଅଶ୍ୱିନୀ ଭୁକ୍ତା, ଗୌରହରି ପୁଟେଲ, ଦୁଷ୍ମନ୍ତ ସାହୁ ଓ ସୁନିସ ପ୍ରଧାନୀ ପରି.ଳନା କରିଥିଲେ।ଖୁଜେନପାଲି ପଡିଆରେ ସ୍ପୋର୍ଟ୍ସ ହଷ୍ଟେଲ ବଲାଙ୍ଗିର ୬-୦ ଗୋଲରେ କୁରୁଲ କୁ ହରାଇ ବିଜୟୀ ହେଲା। କ୍ରୀଡ଼ା ସଂସଦର ଯୁଗ୍ମ ସଂପାଦକ ଶତ୍ରୁଘନ ସିଂ, କ୍ରୀଡା ସଂପାଦକ ବିଭୁତି ଭୂଷଣ ପଣ୍ଡା, ପୂର୍ବତନ ଖେଳାଳି ଖଲିଲଉର ରହେମାନ ଓ ଖେଳାଳି ଚୟନ ସଦସ୍ୟ ଶ୍ରୀକାନ୍ତ ରାଉତ ଅତିଥି ଭାବେ ଯୋଗ ଦେଇଥିଲେ। ଖେଳକୁ ରାଜେନ୍ଦ୍ର ଧରୁଆ, ସୁଶାନ୍ତ ନାଗ, ସୁଦର୍ଶନ ସେଠ, ଜ୍ୟୋତି ମହାନନ୍ଦ ଓ ଅବଦୁଲ ମୁଜିବ ପରି.ଳନା କରିଥିଲେ।

# ଅବସରକାଳୀନ ସମ୍ବର୍ଦ୍ଧନା



କଣ୍ଟାବାଞ୍ଜି,୧।୭ (ସମିସ): ବଲାଙ୍ଗିର ଜିଲ୍ଲା କଣ୍ଟାବାଞ୍ଜି ସହରର ମୁକୁନ୍ଦୀଲାଲ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ବରିଷ୍ଠ ତର୍କଶାସ୍ତ୍ର ଅଧ୍ୟାପକ ବଳରାଜ ସିଂଦେଓଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଛି। ବିଦ୍ୟାଳୟର ଅଧ୍ୟକ୍ଷା ରଞ୍ଜିତା ଗୁରୁଙ୍କ ଅଧ୍ୟକ୍ଷତାରେ ଅବସରକାଳୀନ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଯାଇଛି। ସଭାରେ ମୁଖ୍ୟଅତିଥି ଭାବେ ପ୍ରତିଷ୍ଠାତା ସମ୍ପାଦକ ବିଷ୍ଣୁ ପ୍ରସାଦ ଶର୍ମା ଯୋଗ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ପ୍ରତିଷ୍ଠାତା ସଭ୍ୟ ଅଭିବକ୍ତା ଶମ୍ମିମ ଅହମ୍ମଦ ଖାଁ, ଦୁଝିଶ୍ୟାମ ରାଏ,ପ୍ରାକ୍ତନ ସରକାରୀ ମହିଳା ମହାବିଦ୍ୟାଳୟର ଅଧ୍ୟକ୍ଷ ମନୋରଞ୍ଜନ ମିଶ୍ର ଉପସ୍ଥିତ ଥିଲେ। ସୂଚନା ଅନୁସାରେ ଶ୍ରୀ ସିଂଦେଓ ଦୀର୍ଘ ତିନି ଦଶନ୍ଧିରୁ ଉର୍ଦ୍ଧ୍ୱ ସମୟ ଏହି ବିଦ୍ୟାଳୟରେ ଅଧ୍ୟାପନା କରିଥିଲେ। ସେ ଜଣେ ଛାତ୍ର ବତ୍ସଳ ଓ ଅମାୟିକ ବ୍ୟକ୍ତିତ୍ୱର ଅଧିକାରୀ ଥିଲେ। ତାଙ୍କୁ ସଭାରେ ଉପଢୌକନ ଓ ମାନପତ୍ର ଦେଇ ଅତିଥିମାନେ ସମ୍ମାନିତ କରିଥିଲେ।ସଭାରେ ଅନ୍ୟମାନଙ୍କ ମଧ୍ୟରେ ଅଧ୍ୟାପକ ଦେବେନ୍ଦ୍ର ପଣ୍ଡା, ରମେଶ ପୂଜାହାରି, ଭାସ୍କର ମେହେର, ସୁନାନି ବାବୁ, ମଞ୍ଜେଶ ସୁନା,ଅଧ୍ୟାପିକା ସଂଜୀବନୀ ସୁଧା ରଥ, ଡ଼କ୍ଟର ମିଲୀ କର, ଡ଼କ୍ଟର ସସ୍ମିତା ପଟ୍ଟନାୟକ,ଅନିତା ପଟ୍ଟନାୟକ, ଗ୍ରନ୍ଥାଗାର ରକ୍ଷକ ମନୋଜ ସାହୁ, କର୍ମଚାରୀ ପିଙ୍କି ନାଗ ଓ ସମସ୍ତ କର୍ମଚାରୀ ଛାତ୍ର ବୃନ୍ଦ ଉପସ୍ଥିତ ଥିଲେ। ମହା ବିଦ୍ୟାଳୟର ପ୍ରତିଷ୍ଠାତା ସଭାପତି ତଥା ପୂର୍ବତନ କଣ୍ଟାବାଞ୍ଜି ବିଧାୟକ ସନ୍ତୋଷ ସିଂ ସାଲୁଜା ଶ୍ରୀ ସିଂଦେଓଙ୍କ ସେବନିବୃତ୍ତ ପରବର୍ତ୍ତୀ ଜୀବନରେ ଦୀର୍ଘଜୀବି, ନିରୋଗ ରହନ୍ତୁ ଏବଂ ସୁଖମୟ ହେଉ କାମନା କରିଛନ୍ତି।

# ସମାଜସେବୀ ମୁଖିରାମ ଡାଙ୍ଗଙ୍କ ପରଲୋକ

ବଲାଙ୍ଗିର,୧।୭ (ସମିସ): ପୁଇଁନ୍ତଲା ବ୍ଲକ୍ ଅଙ୍କରିଆପଦରର ସମାଜସେବୀ ମୁଖିରାମ ଡାଙ୍ଗଙ୍କ ୭୫ ବର୍ଷ ବୟସରେ ହୃଦଘାତରେ ପରଲୋକ ହୋଇଯାଇଛି।ତାଙ୍କ ବିୟୋଗରେ ଅଞ୍ଚଳରେ ଶୋକର ଛାୟା ଖେଳି ଯାଇଛି। ମୃତ୍ୟୁ ଶର୍ଯା ନିକଟରେ ତାଙ୍କର ୫ ପୁଅ ସରୋଜ, ହୃଦାନନ୍ଦ, ହିମାଂଶୁ, ସୁଦାମ, ନିଳ ଏବଂ ଝିଅ କୌଶଲ୍ୟା ଏବଂ ଜ୍ୱାଇଁ ଦେବରାଜଙ୍କ ସମେତ ବନ୍ଧୁବାନ୍ଧବ ଉପସ୍ଥିତ ଥିଲେ। ଶେଷ ଯାତ୍ରାରେ



ଅଙ୍କରିଆପଦର ପଞ୍ଚାୟତ, ଜାମଗାଁ ପଞ୍ଚାୟତ ଏବଂ ବହଲପଦର ପଞ୍ଚାୟତର ସହସ୍ରାଧିକ ଲୋକଙ୍କ ସହ ମନିକେତନ ଡାଙ୍ଗ, ପ୍ରଶନ୍ନ ବାରିକ, ପ୍ରଶାନ୍ତ ଡାଙ୍ଗ, ପ୍ରଶାନ୍ତ ବାରିକ, ସାନନ୍ଦ ମିଶ୍ର, ବୁଲୁ ଡାଙ୍ଗ ଏବଂ ଅଙ୍କରିଆପଦର ସରପଞ୍ଚ ବିବେକାନନ୍ଦ ଖମାରି ପ୍ରମୁଖ ଉପସ୍ଥିତ ଥିଲେ। ବଡ ପୁଅ ସରୋଜ ମୁଖାଗ୍ନି ଦେଇଥିଲେ।

## ● ଡ୍ରେନ ନିର୍ମାଣ ପାଇଁ କୃତ୍ରିମ ବନ୍ୟା ପରିସ୍ଥିତି

# ପୋଲ ସହିତ ଡ୍ରେନ୍ ସଂଯୋଗ କରିବାକୁ ଦାବି



କଣ୍ଟାବାଞ୍ଜି,୧।୭ (ସମିସ): ବଲାଙ୍ଗିର ଜିଲ୍ଲା କଣ୍ଟାବାଞ୍ଜି ସହରରେ ରେଳ ବିଭାଗ ଦ୍ୱାରା ଡ୍ରେନ୍ ନିର୍ମାଣ ଅଳ୍ପ ଦୂର ପର୍ଯ୍ୟନ୍ତ ହୋଇଥିବାରୁ କଣ୍ଟାବାଞ୍ଜିର ୱାର୍ଡ ନମ୍ବର ୧୫ ର ବାସିନ୍ଦାମାନେ ଘୋର ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ଭୂତଳ ସେତୁ ଦେଇ ନିର୍ମିତ ଡ୍ରେନ୍ ଆଂଶିକ ଭାବରେ ନିର୍ମାଣ କରାଯାଇ ଅଳ୍ପ ବାଟରେ ସମାପ୍ତ କରାଯାଇଛି ଯାହା ଫଳରେ ବର୍ଷା ପାଣି ଘରେ ପ୍ରବେଶ କରି ଅଞ୍ଚଳରେ କୃତ୍ରିମ ବନ୍ୟା ପରିସ୍ଥିତି ସୃଷ୍ଟି କରୁଛି। ନିବାସୀମାନେ ଚିନ୍ତିତ ଯେ ନିର୍ମାଣ କାର୍ଯ୍ୟ ସମାପ୍ତ ନ ହେଲେ ଚଳିତ ବର୍ଷା ଋତୁରେ ପରିସ୍ଥିତି ଆହୁରି ଖରାପ ହେବ। ସେମାନେ ବିଶ୍ୱାସ କରନ୍ତି ଯେ ଯଦି ଡ୍ରେନ୍ ଆହୁରି ଆଗକୁ ବଢ଼ି ପୂର୍ତ୍ତ ବିଭାଗ ରାସ୍ତା ସେତୁ ସହିତ ସଂଯୋଗ କରାଯାଏ, ତେବେ ବର୍ଷା ପାଣି ସେତୁ ଦେଇ ଆଗକୁ ପ୍ରବାହିତ ହେବ, ଯାହାଦ୍ୱାରା ବାସିନ୍ଦାମାନେ କୃତ୍ରିମ ବନ୍ୟା ପରିସ୍ଥିତିରୁ ରକ୍ଷା ପାଇବେ।ଅଞ୍ଚଳ ବାସିନ୍ଦାମାନେ ଦାବି କରିଛନ୍ତି ଯେ ଡ୍ରେନ୍ ନିର୍ମାଣ କାର୍ଯ୍ୟ ଶୀଘ୍ର ସମାପ୍ତ କରି ପୂର୍ତ୍ତ ବିଭାଗ ରାସ୍ତା ସେତୁ ସହିତ ସଂଯୋଗ କରାଯାଉ। ଅଧିକ ସମସ୍ୟାକୁ ଏଡାଇବା ପାଇଁ ଡ୍ରେନ୍ ନିର୍ମାଣ କାର୍ଯ୍ୟ ସମାପ୍ତ କରିବାକୁ ବାସିନ୍ଦାମାନେ ରେଳ ବିଭାଗ କର୍ତ୍ତୃପକ୍ଷଙ୍କୁ ହସ୍ତକ୍ଷେପ କରି ନିଶ୍ଚିତ କରିବାକୁ ଅନୁରୋଧ କରୁଛନ୍ତି।

# ମୁଣ୍ଡପଦର ସରକାରୀ ଉନ୍ନତ୍ତୀ ଉଚ୍ଚ ବିଦ୍ୟାଳୟରେ ବନମହୋତ୍ସବ



ଟିଟିଲାଗଡ଼,୧।୭ (ସମିସ): ବଲାଙ୍ଗିର ଜିଲ୍ଲା ବଙ୍ଗୋମୁଣ୍ଡା ବ୍ଲକ୍ ଅନ୍ତର୍ଗତ ମୁଣ୍ଡପଦରଠାରେ ଥିବା ସରକାରୀ ଉନ୍ନତୀ ଉଚ୍ଚ ବିଦ୍ୟାଳୟ ପରିସରରେ ବନମହୋତ୍ସବ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ଅଞ୍ଜଳୀ ସୁନାଙ୍କ ଅଧ୍ୟକ୍ଷତା ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ବଙ୍ଗୋମୁଣ୍ଡା ବନାଞ୍ଚଳ ଅଧିକାରୀ ପଦ୍ମନାଭ କୁମ୍ଭାର ଏବଂ ସମ୍ମାନିତ ଅତିଥି ଭାବେ ପ୍ରକୃତି ବନ୍ଧୁ ସାଇପ୍ରସାଦ ସାହୁ ଯୋଗ ଦେଇଥିଲେ। ଉତ୍ସବରେ ସିନ୍ଧେକେଲା ବନପାଳ ଦିବସ କୁମାର ମାଝୀ , ଫରେଷ୍ଟଗାର୍ଡ ହିମାଂଶୁ ପଣ୍ଡା , ତପସ୍ୱନୀ ରଣା ଓ ଗୀତାଞ୍ଜଳୀ ନିଆଳ,ଆମ ଜଙ୍ଗଲ ଯୋଜନାର ଡିଓ ଶଶିଭୂଷଣ ଦାସ ଓ ଡିଇଓ ରୁପେଶ ସାହୁ ଉପସ୍ଥିତ ଥିଲେ। ଏହି ଅବସରରେ ଛାତ୍ରଛାତ୍ରୀ,ବନ ବିଭାଗ କର୍ମଚାରୀ ଓ ଶିକ୍ଷକଶିକ୍ଷୟିତ୍ରୀ ବିଭିନ୍ନ ପ୍ରକାର ବୃକ୍ଷ ରୋପଣ କରିଥିଲେ। ଶିକ୍ଷକ ପ୍ରେମଚନ୍ଦ୍ର ତାଣ୍ଡି,ପ୍ରସନ୍ନ କୁମାର ସାହୁ , ଦିଲିପ ପଧାନ,କୌସଲ୍ୟା ଦୀପ୍ ,ଦେବଜାନୀ ତାଣ୍ଡି , ଦିପାଞ୍ଜଳୀ ଭୋଇ ,କରିସ୍ମା ବଗର୍ତ୍ତୀ , ସୋଭାମୟୀ ସୁନା ଏବଂ ଅନ୍ୟ ଶିକ୍ଷକ ଓ ସହକର୍ମୀମାନେ ସହଯୋଗ କରିଥିଲେ। ବିଦ୍ୟାଳୟ ପରିସରରେ ଆତ ,ପିଜୁଳି, କାଜୁ , ଅଁଳା , ଜାମୁକୋଳି ଭଳି ବିଭିନ୍ନ ପ୍ରଜାତିର ଫଳ ଉତ୍ପାଦନକାରୀ ବୃକ୍ଷ ଏବଂ ବଉଳ ,କଦମ୍ବ ଚାରା ଲଗାଯାଇଥିଲା। ବନମହୋତ୍ସବ କାର୍ଯ୍ୟକ୍ରମରେ ୩୦ରୁ ଉର୍ଦ୍ଧ୍ୱ ଚାରାରୋପଣ କରାଯାଇଥିଲା।

# ବିଏମ୍‌ସି ଡେପୁଟି କମିଶନରଙ୍କୁ ମାଡ଼ ଘଟଣାର ପ୍ରତିବାଦ

ବଲାଙ୍ଗିର,୧।୭ (ସମିସ):

ଭୁବନେଶ୍ୱର ମହାନଗର ନିଗମ କାର୍ଯ୍ୟାଳୟରେ ସୋମବାର ଅତିରିକ୍ତ କମିଶନର ରତ୍ନାକର ସାହୁଙ୍କୁ ଆକ୍ରମଣ ଘଟଣାର ପ୍ରତିବାଦ କରି ଆଜି ବଲାଙ୍ଗିର ଓଡିଶା ପ୍ରଶାସନିକ ସେବା ଓ ଓଡିଶା ରାଜସ୍ୱ ସେବା ସଂଘ ପକ୍ଷରୁ କାର୍ଯ୍ୟ ବନ୍ଦ କରାଯାଇଛି। ଜିଲ୍ଲା




ସଂଘ ସଭାପତି ତଥା ଏଡିଏମ ପବିତ୍ର ବେହେରାଙ୍କ ଅଧ୍ୟକ୍ଷତାରେ ସ୍ଥାନୀୟ ସର୍କିଟ ହାଉସ ଠାରେ ପ୍ରତିବାଦ ସଭା କରାଯାଇ କାର୍ଯ୍ୟରତ ବିଏମସି ଅତିରିକ୍ତ କମିଶନର ସାହୁଙ୍କୁ ଆକ୍ରମଣ ଘଟଣାର ନିନ୍ଦା କରାଯାଇଛି।ଆକ୍ରମଣକାରୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଜିଲ୍ଲା ସଂଘ ଦାବି କରିବା ସହ ଜିଲ୍ଲାପାଳ ଗୌରୱ ଶୀୱାଜୀ ଇସାଲୱାରଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି।ସଭାରେ ବଲାଙ୍ଗିର ଜିଲାର ସମସ୍ତ ଓଏଏସ ଓ ଓଆରଏସ ଯୋଗଦାନ କରିଥିଲେ। ସଭାରେ ଅତିରିକ୍ତ ଜିଲ୍ଲାପାଳ ଡ଼ ବିଜୟାନନ୍ଦ ସେଠୀ, ଜିଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ପ୍ରଭାତ କୁମାର ମହାପାତ୍ର, ବଲାଙ୍ଗୀର ଉପଜିଲ୍ଲାପାଳ ଆଲୋକ ପଟେଲ, ପାଟଣାଗଡ ଉପଜିଲ୍ଲାପାଳ ସୁନିଲ କୁମାର ମେହେରଙ୍କ ସହ ବିଭିନ୍ନ ବ୍ଲକର ବିଡ଼ିଓ, ତହସିଲଦାର ଓ ଓଆରଏସ ଅଧିକାରୀ ଯୋଗଦାନ କରିଥିଲେ।





ରିଷିଡା ମାଉସୀମା ମନ୍ଦିରରେ ଜଗନ୍ନାଥଙ୍କ ନୃସିଂହ ଅବତାର ବେଶ

## ଅବ୍ୟବସ୍ଥାରେ ଲିଆଡ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର

# ସିକ୍ୟୁରିଟି ଗାର୍ଡର ଇଞ୍ଜେକ୍ସନ୍‌ରେ ଯନ୍ତ୍ରଣାରେ ଛଟପଟ ରୋଗୀ

ସିନାପାଲି,୧।୭(ସମିସ)




ନୂଆପଡ଼ା ଜିଲ୍ଲା ସିନାପାଲି ବ୍ଲକ୍ ସ୍ଥିତ ଲିଆଡ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରରେ ଅବ୍ୟବସ୍ଥା ଯୋଗୁଁ ରୋଗୀ ହନ୍ତସନ୍ତ ହେଉଥିବା ବେଳେ ଜୀବନକୁ ବାଜି ଲଗାଇ ହସ୍ପିଟାଲରେ ଚିକିତ୍ସା ହେଉଥିବା ଅଭିଯୋଗ ହେଉଛି। ଜଣେ ରୋଗୀ ଙ୍କୁ ସ୍ୱାସ୍ଥ୍ୟ କେନ୍ଦ୍ରର ସିକ୍ୟୁରିଟି ଗାର୍ଡ ଇଞ୍ଜେକସନ ଦେବାରୁ ରୋଗୀ ଯନ୍ତ୍ରଣାରେ ଛଟ ପଟ ହୋଇ କାନ୍ଦ ବୋବାଳି କରୁଥିବା ହସ୍ପିଟାଲ ପରିସରରେ ଦେଖିବାକୁ ମିଳିଥିଲା। ପ୍ରକାଶ ଯେ, ଗଡରାମାଳ ଗ୍ରାମର ଜନୈକ ମହିଳା ନିଜ ବାପ ଘରକୁ ଯାଇଥିବା ବେଳେ ସେଠାରେ ମସ୍ତିଷ୍କ ଜ୍ୱରରେ ପୀଡ଼ିତ ହୋଇ ଚିକିତ୍ସା ପାଇଁ ଯାଇଥିଲେ। ହେଲେ ସେଠାରେ ଥିବା ଫାର୍ମାସିଷ୍ଟ ମନ୍ମଥ ସିଂ ସ୍ୱା।ସ୍ଥ୍ୟ କେନ୍ଦ୍ରର ସିକ୍ୟୁରିଟି ଗାର୍ଡ ଗଣପତି ବାଗକୁ ଇଞ୍ଜେକସନ ଦେବା ପାଇଁ କହିବାରୁ ରୋଗୀଙ୍କୁ ସେ ଇଞ୍ଜେକ୍ସନ ଦେଇଥିଲେ। ହେଲେ ଶରୀରର ଯେଉଁ ସ୍ଥାନରେ ଦେବା କଥା ସେହି ଜାଗାରେ ନ ଦେଇ ଅଲଗା ଜାଗାରେ ଇଞ୍ଜେକ୍ସନ ଲାଗିବାରୁ ରୋଗୀ ଜଣକ ଯନ୍ତ୍ରଣାରେ ଛଟପଟ ହୋଇ ସ୍ୱାସ୍ଥ୍ୟ କେନ୍ଦ୍ର ପରିସରରେ ଗଡି ପଡ଼ିଥିଲେ। ଏଭଳି ସିକ୍ୟୁରିଟି ଗାର୍ଡ ହାତରେ ରୋଗୀ ସେବା ଯୋଗାଇବା ଲୋକଙ୍କ ଜୀବନ ସହ ଖେଳ ଖେଳୁଥିବା ବେଳେ ଏହାକୁ ନେଇ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ଏ ସଂପର୍କରେ ସିକ୍ୟୁରିଟି ଗାର୍ଡ ଗଣପତି ବାଗଙ୍କୁ ପଚାରିବାରୁ ହସ୍ପିଟାଲ ବନ୍ଦ ହେବାକୁ ଯାଉଥିଲା ରୋଗୀଙ୍କୁ ଦେଖି ଇଞ୍ଜେକସନ ଦେଇଥିବା କହିଥିଲେ। ସେହିପରି ଫାର୍ମାସିଷ୍ଟ ମନ୍ମଥ ସିଂଙ୍କୁ ପଚାରିବାରୁ ଇଞ୍ଜେକସନ ଷ୍ଟାଫ ନର୍ସ ଦେବା କଥା କିନ୍ତୁ ଭୁଲରେ ହୋଇଯାଇଛି ବୋଲି କହିଛନ୍ତି। ତେବେ ଏଭଳି ଏକ ଅସାଧାରଣ କାମ ଜଣେ

**● ନାହାଁନ୍ତି ଡାକ୍ତର; ଫାର୍ମାସିଷ୍ଟଙ୍କ ଭରସାରେ ଚାଲିଛି ରୋଗୀ ସେବା**

ସିକ୍ୟୁରିଟି କରିବା କେତେଦୂର ଯୁକ୍ତିଯୁକ୍ତ ବୋଲି ବୁଦ୍ଧିଜୀବୀ ମହଲରେ ମତପ୍ରକାଶ ପାଇଛି। ସୂଚନାଯୋଗ୍ୟ, ସିନାପାଲି ବ୍ଲକ୍‌ସଦର ମହକୁମା ଠାରୁ ପ୍ରାୟ ୨୦ କିମି ଦୂରରେ ଲିଆଡ ସ୍ୱାସ୍ଥ୍ୟ କେନ୍ଦ୍ର ଅବସ୍ଥିତ। ଏହି ସ୍ୱାସ୍ଥ୍ୟ କେନ୍ଦ୍ରରେ ମଖାପଦର ଗ୍ରାମପଞ୍ଚାୟତ ଓ ଗଣ୍ଡାବାହାଲି ସମେତ ପଡୋଶୀ କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ବ୍ଲକ୍ ଅଞ୍ଚଳର ଲୋକେ ନିର୍ଭର କରିଥାନ୍ତି। ହେଲେ ଆବଶ୍ୟକ ଡାକ୍ତର ନ ଥିବାରୁ ରୋଗୀମାନେ ହଇରାଣ ହେବା ସହ ଉଚିତ୍ ସ୍ୱାସ୍ଥ୍ୟ ସେବା ପାଇବାରୁ ବଞ୍ଚିତ ହେଉଛନ୍ତି। ସରକାରୀ ନିୟମ ଅନୁସାରେ ସ୍ୱାସ୍ଥ୍ୟ କେନ୍ଦ୍ରରେ ଜଣେ ଡାକ୍ତର, ଜଣେ ଆୟୁସ ଡାକ୍ତର, ଫାର୍ମାସିଷ୍ଟ ମହିଳା ସ୍ୱାସ୍ଥ୍ୟ କର୍ମୀ, ୱାର୍ଡ, ଆଟେଣ୍ଡାଣ୍ଟ, ଷ୍ଟାଫ ନର୍ସ (ନର୍ସିଂ ଅଫିସର) ରହିବା କଥା। ହେଲେ ଏଠାରେ ପଦବୀ ଖାଲି ପଡ଼ିଛି। ତେବେ କିଭଳି ରୋଗୀ ସେବା ହେଉଥିବ ଅନୁମାନ କଲେ ବୁଝାପଡୁଛି। ଏହି ଅଞ୍ଚଳ ଏକ ବଣ ପାହାଡ ଘେରା ଅଞ୍ଚଳରେ ଅବସ୍ଥିତ ଥିବା ବେଳେ ବର୍ତ୍ତମାନ ବର୍ଷା ଋତୁ ସମୟରେ ଅନେକ ପ୍ରକାର ରୋଗର ଶିକାର ହେଉଥିବାରୁ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଯାଇ ଆବଶ୍ୟକ ଚିକିତ୍ସା ସୁବିଧାରୁ ବଞ୍ଚିତ ହୋଇ ଦୂରଦୁରାନ୍ତ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଯାଇ ଚିକିତ୍ସିତ ହୋଇ ଖର୍ଚ୍ଚାନ୍ତ ହେଉଛନ୍ତି। ଏ ସଂପର୍କରେ ନୂଆପଡ଼ା ଜିଲ୍ଲାପାଳଙ୍କୁ ପଚାରିବାରୁ ସିନାପାଲି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଅଧିକାରୀଙ୍କୁ ତଦନ୍ତ କରିବା ପାଇଁ ନିର୍ଦ୍ଦେଶ ଦିଆଯିବ। ତଦନ୍ତ ପରେ ପଦକ୍ଷେପ ନିଆଯିବ ବୋଲି ପ୍ରକାଶ କରିବା ସହ ଜନସାଧାରଣ ମଧ୍ୟ ଏ ଦିଗରେ ସଚେତନ ହେବା କଥା ବୋଲି ପ୍ରକାଶ କରିଥିଲେ।

## ରୁପ୍ରାରୋଡ଼ ଗୁଣ୍ଡିଚା ମନ୍ଦିରରେ ହେରାପଞ୍ଚମୀ

ଭବାନୀପାଟଣା,୧।୭(ସମିସ): ମହାପ୍ରଭୁ ନବଯୌବନ ଦର୍ଶନ ଦେଇ ଆଷାଢ଼ ଶୁକ୍ଳ ଦ୍ୱିତୀୟା ତିଥିରେ ଗୁଣ୍ଡିଚା ଘରକୁ ଚାଲିଗଲେ ମହାପ୍ରଭୁ। ସାଙ୍ଗରେ ବଡ଼ଭାଇ ବଳଭଦ୍ର ଓ ଭଉଣୀ ସୁଭଦ୍ରା। ଚାରି ଦିନ ବିତିଗଲା ହେଲେ ମହାପ୍ରଭୁ ଆଉ ଫେରିଲେନାହିଁ। ପଞ୍ଚମ ଦିବସକୁ ଆଉ ମା'ମହାଲକ୍ଷ୍ମୀ ରହି ପାରିଲେନାହିଁ। ବିମଳା ଠାକୁରାଣୀଙ୍କ ଠାରୁ ମୋହ ଚୂର୍ଣ୍ଣ ନେଇ ଦାସଦାସୀଙ୍କ ଛଳିଆ ଠାକୁରଙ୍କ ଲୀଳା ଦେଖିବା ପାଇଁ ଗହଣରେ ମା' ଗଲେ ଆଡପ ମଣ୍ଡପ। ମାଆ ଯିବେ ଜାଣି, ପ୍ରଭୁ ପୂର୍ବ ଦିନ ବନକ ସାଜ ହୋଇ ଯାଇଥାନ୍ତି। ମାଆ ଗୁଣ୍ଡିଚା ମନ୍ଦିରରେ ପହଞ୍ଚିଲା ବେଳକୁ ସଞ୍ଜ। ମହାପ୍ରଭୁଙ୍କ ସନ୍ଧ୍ୟାଧୂପ ପୂଜା ଚାଲି ଥାଏ। ଦେଢଶୁର ଅଛନ୍ତି। ସେବାୟତମାନେ କବାଟ ଆହୁଡାଇ ଦିଅନ୍ତି, ମା' ଜଳାକବାଟି ବାଟେ ମହାପ୍ରଭୁଙ୍କ ଆଡମ୍ବର ଦେଖି କ୍ରୋଧ ହୁଅନ୍ତି। ମହାପ୍ରଭୁ ଶୀଘ୍ର ଆସିବା ପାଇଁ ମାଆ ମୋହଚୂର୍ଣ୍ଣ ପ୍ରଭୁଙ୍କ ଆଡେ ପକେଇଦେଇ ପଳାଇ ଆସନ୍ତି। ନନ୍ଦିଘୋଷ ରଥକୁ ଦେଖି ଲକ୍ଷ୍ମୀ ଆହୁରି କ୍ରୋଧ ହୁଅନ୍ତି। ଆରେ ଏହି ରଥଟା ତ ମହାପ୍ରଭୁଙ୍କୁ ଏଠାକୁ ନେଇ ଆସିଛି। ଅଭିମାନରେ ନନ୍ଦିଘୋଷରଥକୁ ଖୁଣକରି ଖଣ୍ଡେ କାଠ ବାହାରକରି ନେଇ ଆସନ୍ତି। ଫେରିଲା ବେଳେ ଲଜ୍ଜା ବଶତଃ, ସିଧା ବଡ଼ ଦାଣ୍ଡ ହୋଇ ନ ଫେରି ହେରା ଗୋହିରୀ ସାହି ବାଟେ ଶ୍ରୀମନ୍ଦିରକୁ ଫେରିଆସନ୍ତି ମହାଲକ୍ଷ୍ମୀ। ମହାଲକ୍ଷ୍ମୀଙ୍କ ଏ ଲୀଳା ହେରା ପଞ୍ଚମୀ ଭାବେ ଖ୍ୟାତ। ମହାଲକ୍ଷ୍ମୀଙ୍କ ଏହି ମାନବୀୟ ଲିଳା ଶ୍ରୀକ୍ଷେତ୍ରରେ ଅନୁଷ୍ଠିତ ହୋଇଥାଏ। ମଙ୍ଗଳବାର କଳାହାଣ୍ଡି ଜିଲ୍ଲା ନର୍ଲା ବ୍ଲକ୍ ଅନ୍ତର୍ଗତ ରୁପ୍ରାରୋଡଠାରେ ମଧ୍ୟ ଅନୁଷ୍ଠିତ ହୋଇଛି ହେରାପଞ୍ଚମୀ ନିତି। ମଞ୍ଜୁ ଅଗ୍ରୱାଲ ମହାଲକ୍ଷ୍ମୀ ଭୂମିକାରେ ରହି ମହାଲକ୍ଷ୍ମୀଙ୍କର ଚଳନ୍ତି ପ୍ରତିମା ସହ ଏକ ସୁସଜ୍ଜିତ ରଥରେ ଯାଇ ଗୁଣ୍ଡିଚା ମନ୍ଦିରରେ ପହଞ୍ଚିଥିଲେ। ସେଠାରେ ଓଡ଼ିଶାର ପ୍ରସିଦ୍ଧ କଥାବାଚକ ଆଶିର୍ବାଦଜୀ ମହାରାଜ ଓ ରୁପ୍ରାରୋଡ ଶ୍ରୀ ଜଗନ୍ନାଥ ମନ୍ଦିରର ପୂଜକ ପ୍ରତାପ ପଣ୍ଡା ହେରାପଞ୍ଚମୀ ନିତି ସଂପାଦନ କରାଇଥିଲେ। ରୁପ୍ରାରୋଡ ଜଗନ୍ନାଥ ମନ୍ଦିରର ଉଦ୍ୟୋକ୍ତା ଦିବଂଗତ ଡ଼ଃ ସାଧୁରାମ ଅଗ୍ରୱାଲଙ୍କ ସୁପୁତ୍ର ସୁନିଲ କୁମାର ଅଗ୍ରୱାଲ, ସୁମିତ କୁମାର ଅଗ୍ରୱାଲ ଓ କମିଟିର ସଂପାଦକ ପ୍ରଦୀପ କୁମାର ଅଗ୍ରୱାଲଙ୍କ ତତ୍ତ୍ୱାବଧାନରେ ଆୟୋଜିତ ମହାଲକ୍ଷ୍ମୀଙ୍କ ଏହି ଅପୂର୍ବ ଯାତ୍ରା ଦେଖି ଭକ୍ତମଣ୍ଡଳୀ କୃତାର୍ଥ ହୋଇଛନ୍ତି। ପୁନମ ଅଗ୍ରୱାଲ, ମଞ୍ଜୁ ରୋହିଲା, ପ୍ରଶାନ୍ତ ବେହେରା, ଅଶୋକ ଅଗ୍ରୱାଲ, ସୁଧିର ଅଗ୍ରୱାଲ, ସୁଦିପ ଅଗ୍ରୱାଲ, କାହ୍ନା ଶର୍ମା, ଅଫତାର ଅଗ୍ରୱାଲ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ସିନାପାଲିରେ ହେରାପଞ୍ଚମୀ

ସିନାପାଲି,୧।୭(ସମିସ): ନୂଆପଡ଼ା ଜିଲ୍ଲା ସିନାପାଲି ଜଗନ୍ନାଥ ମନ୍ଦିର ତରଫରୁ ପବିତ୍ର ହେରା ପଞ୍ଚମୀ ନୀତି ମଙ୍ଗଳବାର ଅନୁଷ୍ଠିତ ହୋଇଛି। ଏହି ଅବସରରେ ଜଗନ୍ନାଥ ମନ୍ଦିର ଠାରୁ ଶୋଭାଯାତ୍ରା ମାଧ୍ୟମରେ



ଏକ ସୁସଜ୍ଜିତ ବିମାନରେ ମା' ଲକ୍ଷ୍ମୀଙ୍କୁ ଗୁଣ୍ଡିଚା ମନ୍ଦିରକୁ ନିଆଯାଇଥିଲା। ସେଠାରେ ମା' ଲକ୍ଷ୍ମୀଙ୍କ ବନ୍ଦାପନା ପରେ ଆଡ଼ପ ମଣ୍ଡପରେ ପ୍ରଭୁ ଜଗନ୍ନାଥଙ୍କୁ ଦର୍ଶନ କରିଥିଲେ। ଏହା ପରେ ପ୍ରଭୁଙ୍କ ଉପରେ ଅସନ୍ତୁଷ୍ଟ ମା' ଲକ୍ଷ୍ମୀ ବିଧି ଅନୁଯାୟୀ ଜଗନ୍ନାଥଙ୍କ ନନ୍ଦିଘୋଷ ରଥକୁ ଭାଙ୍ଗି ଦେଇଥିଲେ। ଶ୍ରୀଗୁଣ୍ଡିଚା ଯାତ୍ରା ଦିନ ପ୍ରଭୁ ଜଗନ୍ନାଥ ମାତା ଲକ୍ଷ୍ମୀଙ୍କୁ ଶ୍ରୀମନ୍ଦିରରେ ଛାଡ଼ି ଦେଇ ବଡ଼ଭାଇ ବଳଭଦ୍ର ଓ ଭଉଣୀ ସୁଭଦ୍ରାଙ୍କୁ ନେଇ ମାଉସୀ ଘରକୁ ଆସିଥାନ୍ତି । ଏହି କାରଣରୁ ଅସନ୍ତୁଷ୍ଟ ଥିବା ମା' ଲକ୍ଷ୍ମୀ ହେରାପଞ୍ଚମୀ ତିଥିରେ ଜଗନ୍ନାଥଙ୍କ ନନ୍ଦିଘୋଷ ରଥ ଭାଙ୍ଗିବାର ପରମ୍ପରା ରହିଛି। ଆଜିର ଏହି ପର୍ବରେ ବିଶେଷ କରି ମହିଳା ଶ୍ରଦ୍ଧାଳୁଙ୍କ ଭିଡ଼ ଦେଖିବାକୁ ମିଳିଥିଲା।

## ବର୍ଷାରେ ଭୀମଖୋଜପଡ଼ା ରାସ୍ତା ବେହାଲ / ଆଣ୍ଠୁଏ ପାଣିରେ ଯାତାୟାତ କରୁଛନ୍ତି ଲୋକ

ଧର୍ମଗଡ଼,୧।୭(ସମିସ): ଆଶା କରାଯାଉଥିଲା ଏନଏସି ଗଠନ ପରେ ଲୋକଙ୍କ ଦୁଃଖ ଦୂର ହେବ।ଏନଏସି ଅନ୍ତର୍ଗତ ୱାର୍ଡ ଗୁଡିକ ବିକାଶ ପଥରେ ଆଗେଇବ। ଅନେକ ମୌଳିକ ସୁବିଧା ଲୋକେ ସହଜରେ ପାଇଁ ପାରିବେ। ହେଲେ ଇତି ପରମ୍ପରା ଭିତରେ ବୁଡି ରହିଛି ଏନଏସି ଅନ୍ତର୍ଭୁକ୍ତ ଭୀମଭୋଜ ପଡା ୱାର୍ଡ ନମ୍ବର-୧।ଏଭଳି ଦୃଶ୍ୟ ଏନଏସି ଅନ୍ତର୍ଗତ ଏହି ୱାର୍ଡ ନଂ ୧-ଭୀମଖୋଜ ପଡା ରେ ଦେଖିବାକୁ ମିଳିଛି।ରାସ୍ତା ପାଶ୍ୱର୍?ରେ ଡ୍ରେନ ନିର୍ମାଣ କାମ ଦୀର୍ଘ ଦିନ ରୁ ଆରମ୍ଭ ହୋଇଛି।ହେଲେ ଶେଷ ହେବା ନା ଧରୁନି।ଏବେ ବର୍ଷା ରେ ବେହାଲ ହୋଇ ପଡିଛି ରାସ୍ତା। ଜମି ରହିଛି ଆଣ୍ଠୁଏ ପାଣି।ଲୋକେ ଏହି



ଆଣ୍ଠୁଏ ପାଣି ଦେଇ ଯାତାୟାତ କରୁଥିବା ନେଇ ପଡା ରେ ଏବେ ଅସନ୍ତୋଷ ଦେଖାଦେଇଛି। ବାରମ୍ବାର କର୍ତ୍ତୃପକ୍ଷ ଙ୍କୁ ଜଣାଇ ଥିଲେ ହେଁ ପଦକ୍ଷେପ ଶୁନ। ବରଂ ଠିକାଦାର କୁ ଘଣ୍ଟ ଘୋଡେଇବାରେ ଲାଗି ପଡିଥିବା ଅଭିଯୋଗ ହୋଉଛି। ବର୍ଷା ଜଳ ଏବେ ପଡାବାସୀ ଙ୍କ ପାଇଁ ଚିନ୍ତା କାରଣ ପାଲଟିଥିବା ବେଳେ ଏନଏସି କୁ ଆସିଲା କି ଗଲା। ଅନ୍ୟପଟେ ପ୍ରଶାସନ ନୀରବତା କୁ ନେଇ ବିଭିନ୍ନ ମହଲରେ ତୀ?୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଏପରିକି ସମସ୍ୟା ଦିନ କୁ ଦିନ ବଢୁ ଥିବା ବେଳେ ଲୋକଙ୍କ ମଧ୍ୟରେ ଆନ୍ଦୋଳନ ଦାନା ବାନ୍ଧୁଥିବା ଚର୍ଚ୍ଚା ହେଉଛି।ତୁରନ୍ତ ଏନଏସି କର୍ତ୍ତୃପକ୍ଷ ଏଥିପ୍ରତି ଦୃଷ୍ଟି ନ ଦେଲେ ଆଗାମୀ ଦିନ ରେ ଆନ୍ଦୋଳନ ରୂପ ନେବ ବୋଲି ପଡା ବାସୀ ପ୍ରକାଶ କରିଛନ୍ତି।

**● କାର୍ଯ୍ୟରତ ଅଧିକାରୀଙ୍କୁ ମାଡ ଘଟଣା**

## ଓଡିଶା ରାଜସ୍ୱ ଅମଲା ସଂଘର ନିନ୍ଦା

ନୂଆପଡ଼ା,୧।୭(ସମିସ): ଭୁବନେଶ୍ୱର ମହାନଗର ନିଗମ କାର୍ଯ୍ୟାଳୟ ପରିସର ମଧ୍ୟରେ ଜନ ଅଭିଯୋଗ ଶୁଣାଣି ସମୟରେ କାର୍ଯ୍ୟରତ



ଏକ ସରକାରୀ ଅଧିକାରୀ ରତ୍ନାକର ସାହୁଙ୍କ ସରକାରୀ କାର୍ଯ୍ୟ ସମ୍ପାଦନ ସମୟରେ ଜନଗହଳି ମଧ୍ୟରେ ଆକ୍ରୋଶମୂଳକ ଭାବେ ଆକ୍ରମଣ କରିବା ଘଟଣାକୁ ଓଡ଼ିଶା ରାଜସ୍ୱ ଅମଲା ସଂଘ, ନୂଆପଡା ଶାଖା ଦୃଢ ନିନ୍ଦା କରିଛି। ଦିନକୁ ଦିନ ନିଜର ସ୍ୱାର୍ଥ ହାସଲ କରିବା ପାଇଁ କିଛି ମୁଷ୍ଟିମେୟ ଓ ଖଳ ପ୍ରକୃତିର ବ୍ୟକ୍ତି ବିଶେଷମାନେ ସରକାରୀ କାର୍ଯ୍ୟାଳୟରେ କାର୍ଯ୍ୟରତ ସରକାରୀ ଅଧିକାରୀ ଏବଂ କର୍ମଚାରୀମାନଙ୍କୁ ଆକ୍ରମଣ କରିବା ଏକ ନିତିଦିନିଆ ଘଟଣାରେ ପରିଣତ ହୋଇଥିବାରୁ ସଂଘ ଚିନ୍ତା ବ୍ୟକ୍ତ କରିଛି। ଏହି ଘଟଣାକୁ ରାଜ୍ୟ ସରକାର ଗମ୍ଭୀରତାର ସହ ଗ୍ରହଣ କରି ଅଭିଯୁକ୍ତମାନଙ୍କ ବିରୁଦ୍ଧରେ ଦୃଷ୍ଟାନ୍ତ ମୂଳକ ପଦକ୍ଷେପ ଗ୍ରହଣ କରିବା ସକାଶେ ଓଡ଼ିଶା ରାଜସ୍ୱ ଅମଲା ସଂଘ ନୂଆପଡା ଜିଲ୍ଲା ଶାଖା ଜିଲ୍ଲା ସଭାପତି ତ୍ରିଲୋଚନ ରଥ, ସମ୍ପାଦକ, ମଦନ ସୁନ୍ଦର ସାହୁ, କାର୍ଯ୍ୟକାରୀ ସଭାପତି ମନୋଜ କୁମାର ମହାରଣା ପ୍ରକାଶ କରିଥିଲେ। ଏହି ଅବସରରେ ଅନ୍ୟମାନଙ୍କ ମଧ୍ୟରେ କାର୍ଯ୍ୟାଳୟ ସମ୍ପାଦକ ମମତା ଶବର, ବରିଷ୍ଠ ସଦସ୍ୟା ରୀତା ବେହେରା, ଦିଲୀପ କୁମାର କର, କେଶବ ରାମ ପୁଞ୍ଜି, ଦେବାଶିଷ ମହାପାତ୍ର, ମିନେଶ କୁମାର ଧରୁଆ, ତନ୍ମୟ କୁମାର ଜେନା, ଗୋକୁଳ ଯାନୀ, ସରୋଜ ହୋତା, ପୂଜା ଅରପିତା ଦାସ, କ୍ଷେତ୍ର ନାଏକ, ବିକ୍ରମ ହେର୍ଣ୍ଣା, ବିରଞ୍ଚି ନାଏକ, ହରିସିଂ ରାଜପୁତ, ଗୁପ୍ତେଶ୍ୱର ବେହେରା, ହିତେଶ ମେହେର, ବିକ୍ରମ ମାଝୀ, ବିଜୟଲକ୍ଷ୍ମୀ ଶବର ପ୍ରମୁଖ ଉପସ୍ଥିତ ଥିଲେ।

**■ କମାଲ କଲେ କଳାହାଣ୍ଡିର ପୁଅ ବିଶ୍ୱଜିତ**

## ଜିତିଲେ ସ୍ୱର୍ଣ୍ଣ ସହ ରୌପ୍ୟ ପଦକ

ଭବାନୀପାଟଣା,୧।୭(ସମିସ):ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ ଠାରେ ୨ ଦିନ ଧରି ଚାଲିଥିବା ଦ୍ୱିତୀୟ ଓଡିଶା ଷ୍ଟେଟ ଓପନ ସୁଟିଂ ଚାମ୍ପିଅନସିପରେ କମାଲ ଦେଖାଇଛନ୍ତି କଳାହାଣ୍ଡିର ପୁଅ ବିଶ୍ୱଜିତ ପାତ୍ର। ଓଡିଶା ରାଇଫଲ ଆସୋସିଏସନ ପକ୍ଷରୁ ଅନୁଷ୍ଠିତ ପ୍ରତିଯୋଗିତାରେ କଳାହାଣ୍ଡି ଜିଲ୍ଲା ଭବାନୀପାଟଣା



**ଓଡିଶା ଷ୍ଟେଟ ଓପନ ସୁଟିଂ ଚାମ୍ପିଅନସିପ**

ସହରର ବିଶ୍?ଜିତ ପାତ୍ର ୨ ଟି ଇଭେଣ୍ଟ ରେ ସ୍ୱର୍ଣ୍ଣ ଓ ରୌପ୍ୟ ପଦକ ହାସଲ କରି ଜିଲ୍ଲା ତଥା ରାଜ୍ୟ ପାଇଁ ଗୌରବ ଆଣିଛନ୍ତି। ବିଶ୍ୱଜିତ ୧୦ ମୋଟର ଓପନ ସାଇଟ ଏୟାର ରାଇଫଲ (ବରିଷ୍ଠ) ବର୍ଗରେ ସ୍ୱର୍ଣ୍ଣ ଓ ୫୦ ମିଟର ରାଇଫଲ (ବରିଷ୍ଠ ବର୍ଗରେ) ରୋପ୍ୟ ପଦକ ହାସଲ କରିଛନ୍ତି। ଏହି ସଫଳତା ପରେ ଜିଲ୍ଲାର ବିଭିନ୍ନ ମହଲରୁ ତାଙ୍କ ପାଖକୁ ଶୁଭେଚ୍ଛାର ସୁଅ ଛୁଟିଛି।

**● ବିଏମ୍‌ସି ଅତିରିକ୍ତ କମିଶନରଙ୍କୁ ମାଡ ଘଟଣାକୁ ନିନ୍ଦା**

## ସମୂହ ଛୁଟି ଘୋଷଣା କଲେ ଜିଲ୍ଲା ଓଏଏସ୍, ଓଆର୍‌ଏସ୍ ସଂଘ

ନୂଆପଡା,୧।୬(ସମିସ): ଆମେ ଲୋକଙ୍କ ସହ ମିଶି ଲୋକଙ୍କ ପାଇଁ ଦିନରାତି କାମ କରୁଛୁ। ହେଲେ ଆମେ ଆଜି ସୁରକ୍ଷିତ ନୋହୁଁ। ରାଜ୍ୟ ରାଜଧାନୀରେ ଜଣେ ବରିଷ୍ଠ ଓଏଏସ୍ ଅଧିକାରୀଙ୍କ ଗୋଇଠା ମାଡ଼ ସହ ଅମାନୁଷିକ ଭାବେ ମାଡ ମାରିବା ଭଳି ଘଟଣାକୁ ତୀବ୍ର ନିନ୍ଦା କରୁଛୁ ବୋଲି କହିବା ସହ ନୂଆପଡା ଜିଲ୍ଲା ଓଏଏସ୍ ଓ ଓଆରଏସ୍ କର୍ମଚାରୀ ସଂଘ ତରଫରୁ ସମୁହ ଛୁଟି ଘୋଷଣା କରିଛନ୍ତି। ଏସଂକ୍ରାନ୍ତରେ ଏକ ୫ଦଫା ଦାବିପତ୍ର ନୂଆପଡା ଜିଲ୍ଲାପାଳ ମଧୁସୂଦନ ଦାଶଙ୍କୁ ପ୍ରଦାନ କରାଯାଇଛି।



ସ୍ଥାନୀୟ ସର୍କିଟ ହାଉସରେ ଜିଲ୍ଲା ଶାଖା ସଭାପତି ତଥା ଅତିରିକ୍ତ ଜିଲ୍ଲାପାଳ ସୁବାଷ ଚନ୍ଦ୍ର ରଇତଙ୍କ ଅଧ୍ୟକ୍ଷତାରେ ଜିଲ୍ଲାର ସମସ୍ତ ଓଏଏସ୍ ଓ ଓଆର୍‌ଏସ୍ ଅଧିକାରୀମାନଙ୍କୁ ନେଇ ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ବସିଥିଲା। ଜଣେ ଅଧିକାରୀଙ୍କୁ ଭୁବନେଶ୍ୱର ଭଳି ଜାଗାରେ ଦିନ ଦ୍ୱିପ୍ରହରେ ଅଫିସରୁ ଟାଣି ଆଣି ଗୋଇଠା ମାଡ଼ ମାରିବା ଭଳି ଘଟଣା ସମସ୍ତଙ୍କୁ ଦୋହଲାଇ ଦେଇଛି। ଏଭଳି ନିର୍ଦ୍ଦୟ ଏବଂ ଘୃଣ୍ୟ କାମ ରାଜ୍ୟ ଇତିହାସରେ କେବେ ଘଟିନଥିଲା। ଏଭଳି ହେଲେ ଆମେ ସମସ୍ତେ ସୁରକ୍ଷିତ ନୋହୁଁ ବୋଲି ଅଧିକାରୀମାନେ ମତ ପ୍ରକାଶ କରିଥିଲେ। ପରେ ଅପରାହ୍ନରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟକୁ ଆସି ଜିଲ୍ଲାପାଳଙ୍କୁ ଏକ ୫ ଦଫା ଦାବିପତ୍ର ପ୍ରଦାନ କରାଯାଇଥିଲା। ଏଥିରେ ଅଭିଯୁକ୍ତଙ୍କୁ ଗିରଫ କରିବା, କାର୍ଯ୍ୟରତ ଅଧିକାରୀମାନଙ୍କୁ ବନ୍ଧୁକ ଲାଇସେନ୍ସ ପ୍ରଦାନ, ସୁରକ୍ଷା କର୍ମୀ ନିଯୁକ୍ତ କରିବା ଆଦି ଦାବି କରାଯାଇଛି। ଏହି ଅବସରରେ ଅତିରିକ୍ତ ଜିଲ୍ଲାପାଳଙ୍କ ସମେତ ଜିଲ୍ଲା ଉନ୍ନୟନ ଅଧିକାରୀ ଲମ୍ବୋଦର ଧରୁଆ, ଉପଜିଲ୍ଲାପାଳ ଯୋଗେନ୍ଦ୍ର ମାଝୀଙ୍କ ସମେତ ସମସ୍ତ ବ୍ଲକର ବିଡିଓ, ତହସିଲଦାରଙ୍କ ସମେତ ଅନ୍ୟାନ୍ୟ ଅଧିକାରୀମାନେ ସାମିଲ ଥିଲେ।

## ବିଏମ୍‌ସି ଅତିରିକ୍ତ କମିଶନରଙ୍କୁ ଆକ୍ରମଣ ଘଟଣାକୁ ନିନ୍ଦା



ଭବାନୀପାଟଣା,୧।୭(ସମିସ): ମହାନଗର ନିଗମ (ବିଏମସି.) କାର୍ଯ୍ୟାଳୟ ଠାରେ ସୋମବାର ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରରେ ଅତିରିକ୍ତ କମିଶନର ରତ୍ନାକର ସାହୁଙ୍କୁ ଆକ୍ରମଣ ଘଟଣାକୁ କଳାହାଣ୍ଡି ଓଏଏସ୍ ସଂଘ ତୀବ୍ର ନିନ୍ଦା କରିଛି। ଜଣେ କର୍ତ୍ତବ୍ୟରତ ବରିଷ୍ଠ ଓଡିଶା ପ୍ରଶାସନିକ ସେବା ଅଧିକାରୀଙ୍କୁ ନିଜ କାର୍ଯ୍ୟାଳୟରେ ଆକ୍ରମଣ କରି ମାଡ଼ ମାରିବା ଘଟଣାକୁ ଜିଲ୍ଲା ଓଏଏସ୍ ସଂଘ ନିନ୍ଦା କରିବା ସହିତ ସମ୍ପୃକ୍ତ ଦୋଷୀଙ୍କ ବିରୋଧରେ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ନିମନ୍ତେ ଜିଲ୍ଲା ସଂଘ ତରଫରୁ ଦାବିପତ୍ର ଜିଲ୍ଲାପାଳ କଳାହାଣ୍ଡିଙ୍କ ମାଧ୍ୟମରେ ରାଜ୍ୟ ମୁଖ୍ୟ ଶାସନ ସଚିବଙ୍କ ଗୋଚରାର୍ଥେ ପ୍ରଦାନ କରାଯାଇଛି। ଏହି ଘଟଣାରେ ସମ୍ପୃକ୍ତ ସମସ୍ତ ଦୋଷୀଙ୍କ ବିରୋଧରେ ସରକାର ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଦାବି କରି ଜିଲ୍ଲାର ସମସ୍ତ ଓ?ଶା ପ୍ରଶାସନିକ ସେବା ଅଧିକାରୀ ମାସ୍ ଲିଭରେ ରହିଥିବା ସୂଚନା ମିଳିଛି। ଏଥିରେ ଜିଲ୍ଲାର ଓଆରଏସ୍ ସଂଘ ମଧ୍ୟ ପୂର୍ଣ୍ଣ ସମର୍ଥନ ଜଣାଇଛନ୍ତି।ଜିଲ୍ଲା ଓଏଏସ୍. ସଂଘର ସଭାପତି ଅତିରିକ୍ତ ଜିଲ୍ଲାପାଳ (ସାଧାରଣ) ତନ୍ମୟ କୁମାର ଦରୱାନଙ୍କ ନେତୃତ୍ୱରେ ଆଠ ଦଫା ସମ୍ବିଳିତ ଦାବିପତ୍ର ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ବଇତୁରା ଦୀପ, ମୁଖ୍ୟ ଉନ୍ନୟନ ତଥା ନିର୍ବାହୀଅଧିକାରୀ ଜିଲ୍ଲାପରିଷଦ ଦୟାମୟ ପାଢୀ, ଉପଜିଲ୍ଲାପାଳ ଭବାନୀପାଟଣା ପ୍ରଭାତ କୁମାର ପରିଡା, ସଂଘର ସଭ୍ୟ, ସଭ୍ୟାଙ୍କ ଉପସ୍ଥିତିରେ ଜିଲ୍ଲାପାଳ କଳାହାଣ୍ଡିଙ୍କୁ ରାଜ୍ୟ ମୁଖ୍ୟ ଶାସନ ସଚିବଙ୍କ ଉଦ୍ଦେଶ୍ୟରେ ଜିଲ୍ଲା ଓଏଏସ ସଂଘ ପକ୍ଷରୁ ଦାବିପତ୍ର ପ୍ରଦାନ କରାଯାଇଛି।

## ମା' ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟରେ ବନମହୋତ୍ସବ

ଭବାନୀପାଟଣା,୧।୭(ସମିସ):ମା' ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟ ଜାତୀୟ ସେବା ଯୋଜନା (ଏନ୍‌ଏସ୍‌ଏସ୍) ପ୍ରଭାବ ଆନୁକୂଲ୍ୟରେ କାର୍ଯ୍ୟକ୍ରମ ସଂଯୋଜକ ଡ. ଚିତ୍ତରଞ୍ଜନ ଖୁଣ୍ଟିଆଙ୍କ ତତ୍ତ୍ୱାବଧାନରେ ବନମହୋତ୍ସବ କାର୍ଯ୍ୟକ୍ରମ କ୍ୟାମ୍ପସ୍ ମଧ୍ୟରେ ପାଳିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ବିଶ୍ୱବିଦ୍ୟାଳୟର ଭାରପ୍ରାପ୍ତ କୁଳପତି ଡକ୍ଟର ନିବେଦିତା ନାଥ ମୁଖ୍ୟଅତିଥି ରୂପେ ଯୋଗଦାନ କରି ବୃକ୍ଷରୋପଣ କରିବା ସହିତ ସ୍ୱେଚ୍ଛାସେବୀଙ୍କୁ ଅଧିକରୁ ଅଧିକ ବୃକ୍ଷରୋପଣ ଲାଗି ଆହ୍ୱାନ କରିଥିଲେ। ଏନ୍‌ଏସ୍‌ଏସ୍ କାର୍ଯ୍ୟକ୍ରମ ଅଧିକାରୀ ପୁରୁଷ ବିଭାଗ ଡ. ଜୟନ୍ତ କୁମାର ଦନସନା, ଏନ୍‌ଏସ୍‌ଏସ୍ କାର୍ଯ୍ୟକ୍ରମ ଅଧିକାରୀ ମହିଳା ବିଭାଗ ମିସ୍ ରୋଜମାରି ରସ୍ମିତା ଏକ୍କା ପ୍ରମୁଖ ବୃକ୍ଷରୋପଣ କାର୍ଯ୍ୟକ୍ରମରେ ଅଂଶ ଗ୍ରହଣ କରିଥିଲେ। ଚଳିତ ଋତୁରେ ୧୦୦୦ରୁ ଅଧିକ କ୍ୟାମ୍ପସ ଏବଂ କ୍ୟାମ୍ପସ୍ ବାହାରେ




ତଥା ଏନ୍‌ଏସ୍‌ଏସ୍‌ର ପୋଷ୍ୟଗ୍ରାମ ଏବଂ ଜିଲ୍ଲାର ବିଭିନ୍ନ ଅନୁଷ୍ଠାନମାନଙ୍କରେ ବୃକ୍ଷରୋପଣ ପାଇଁ ଏନ୍‌ଏସ୍‌ଏସ୍ ତରଫରୁ କାର୍ଯ୍ୟକ୍ରମ ଆରମ୍ଭ କରାଯିବାଲାଗି ପ୍ରସ୍ତାବ ପାରିତ ହେଲା। ଏହି ଅବସରରେ ଏନ୍‌ଏସ୍‌ଏସ୍‌ର ଦୀପକ ବେହେରା, ଶାଶ୍ୱତ ଦାନୀ, ଅଭିଶେକ ମହାପାତ୍ର, ବିକାଶ ପଟେଲ, ବିଭୁତି ମଲ୍ଲିକ ପ୍ରମୁଖ ସ୍ୱେଚ୍ଛାସେବୀ ଅଗ୍ରଣୀ ଭୂମିକା ଲିଭାଇ ଅଂଶଗ୍ରହଣ କରିଥିଲେ।


Nippon india Mutual Fund
Wealth sets you free

Mutual Fund Investor Awareness Program

To increase awareness about Mutual Funds, we conduct Investor Awareness Programmes (IAPs) across the country. Schedule of upcoming IAP is as mentioned below:

| Date | Time | Location |
| --- | --- | --- |
| 04th July, 2025 | 06:00 PM | Kantabanji |

Venue: Hotel Royal Tulip, Sh-42, Bolangir Road, Kantabanji, Odisha - 767039.
Name: Shib Prasad Joshi | Mob. No.: 8657417350

Nippon Life India Asset Management Limited | CIN : L65910MH1995PLC220793

Good gets better

Mutual Fund investments are subject to market risks, read all scheme related documents carefully.


## ଶିକ୍ଷକଙ୍କ ଆସିବାରେ ବିଳମ୍ବ — ସ୍କୁଲରେ ତାଲା ପକାଇଲା ପରିଚାଳନା କମିଟି

ଧର୍ମଗଡ,୧।୭(ସମିସ): ଧର୍ମଗଡ ଗୋଷ୍ଠୀ ଶିକ୍ଷା ଅନ୍ତର୍ଗତ ଗତାଗୁଡା ସରକାରୀ ପ୍ରକଳ୍ପ ଉଚ୍ଚ ବିଦ୍ୟାଳୟରେ ଶିକ୍ଷକଶିକ୍ଷୟିତ୍ରୀ ବିଳମ୍ବରେ ବିଦ୍ୟାଳୟକୁ ଆସିବାରୁ ବିଦ୍ୟାଳୟ ପରିଚାଳନା କମିଟି ଓ ଗ୍ରାମବାସୀ ଅତିଷ୍ଠ ହୋଇ ସ୍କୁଲକୁ ତାଲା ପକାଇଛନ୍ତି। ସୂଚନାରୁ ପ୍ରକାଶ ଉକ୍ତ ସ୍କୁଲରେ ଛଅ ଜଣ ଶିକ୍ଷକ ଥିବା ବେଳେ ଶିକ୍ଷକ ଧର୍ମେନ୍ଦ୍ର ନାଏକ ନିୟମିତ ଠିକ ସମୟରେ ବିଦ୍ୟାଳୟରେ ଉପସ୍ଥିତ ଥିବା ବେଳେ ପ୍ରଧାନଶିକ୍ଷକ କେଶରୀ ନାଏକ, ସହ ଶିକ୍ଷକ ଭୁବନେଶ୍ୱର ନାଏକ, ଦୀନେଶ କୁମାର ଯୋଶୀ ଶିକ୍ଷୟତ୍ରୀ ବନିତା ପାଣିଗ୍ରାହି, କଳ୍ପତରୁ ନାଏକ ୧୦:୩୦ ପରେ ବିଦ୍ୟାଳୟକୁ ଆସୁଥିବାରୁ ଗ୍ରାମବାସୀ ଓ ବିଦ୍ୟାଳୟ ପରିଚାଳନା କମିଟି ଅତିଷ୍ଠ ହୋଇ ବିଦ୍ୟାଳୟ ଫାଟକକୁ




ତାଲାମାରିବା ସହିତ ସିଆରସିସିଙ୍କୁ ଡ଼କାଇଥିଲେ। ସିଆରସିସି ଦୁଶାନ୍ତ ନାଏକ ସମେତ ପରିଚାଳନା କମିଟି ଓ ଗ୍ରାମବାସୀ ଶିକ୍ଷକମାନଙ୍କୁ ନିୟମିତ ଠିକ୍ ସମୟରେ ଆସିବାକୁ କହିବା ସହ ଆଗକୁ ଏଭଳି ଭୁଲ ନକରିବା ପାଇଁ ତାଗିଦ କରିଥିଲେ। ଏଥିସହ ପରିଚାଳନା କମିଟିର ହସ୍ତକ୍ଷେ ପରେ ଏଥର ଭୁଲ ହେଇଯାଇଛି ଆଗାମୀ ଦିନରେ ଭୁଲ ହେବନାହିଁ ନିୟମିତ ଆସିବୁ ବୋଲି ଏକ ରେଜୁଲେସନ ପ୍ରସ୍ତାବିତ କରି ଲେଖି ଦେବା ଫଳରେ ସମସ୍ତଙ୍କ ସହମତିରେ ବିଦ୍ୟାଳୟ ଫାଟକ ଖୋଲାଯାଇଥିଲା। ଏଭଳି ଭୁଲର ଯଦି ପୁନରାବୃତ୍ତି ହୁଏ ତେବେ ଆଗକୁ ଆମେ ଉଚ୍ଚ କର୍ତ୍ତୃପକ୍ଷଙ୍କୁ ଜଣାଇ ଦୃଢ କାର୍ଯ୍ୟାନୁଷ୍ଠାନ ନେବାପାଇଁ ଜଣାଇବୁ ବୋଲି ପରିଚାଳନା କମିଟି ସଭାପତି ସର୍ଜନ ନାଏକ, ଚିତ୍ତରଞ୍ଜନ ଭୋଇ, ବନମାଳୀ ତାଣ୍ଡି, ପ୍ରେମଲାଲ୍ ମାଝୀ, ଭାରତ ଭୁଷଣ ନିଆଲ, ନରେନ୍ଦ୍ର ପ୍ରମୁଖ ପ୍ରକାଶ କରିଛନ୍ତି।

## ଜଳନ୍ଧର ନାଏକ କଳାହାଣ୍ଡି ଡିସିସି ସଭାପତି



ଭବାନୀପାଟଣା,୧।୭(ସମିସ): କଳାହାଣ୍ଡି ଜିଲ୍ଲା କଂଗ୍ରେସ ନୂତନ ସଭାପତି ଭାବେ ବରିଷ୍ଟ କଂଗ୍ରେସ ନେତା ଜଳନ୍ଧର ନାଏକଙ୍କୁ ପିସିସି ନିଯୁକ୍ତି ଦେଇଛି। ଶ୍ରୀ ନାଏକ ନୂତନ ଭାବେ ଆଜି ପୂର୍ବତନ ସଭାପତି ଭାରତ ଭୂଷଣ ବେମାଲଙ୍କ ଠାରୁ ଦାୟିତ୍ୱ ଗ୍ରହଣ ଜିଲ୍ଲା କଂଗ୍ରେସ କାର୍ଯ୍ୟାଳୟ ଠାରେ ଦାୟିତ୍ୱ ଗ୍ରହଣ କରିଥଲେ। ଏହି ଅବସରରେ ଜିଲ୍ଲା କଂଗ୍ରେସ କାର୍ଯ୍ୟାଳୟ ଠାରେ କର୍ମୀ ଓ ନେତାମାନେ କେକ୍ କାଟି ନୂତନ ସଭାପତିଙ୍କୁ ସ୍ୱାଗତ କରିଥଲେ।

ସକାଳ
THE SAKALA



ଇତିହାସର ପୁନରାବୃତ୍ତି ହୁଏ, ପ୍ରଥମେ ଏକ ଦୁଃଖଦ ଘଟଣା ଭାବେ ଏବଂ ଦ୍ୱିତୀୟରେ ଏକ ପ୍ରହସନ ଭାବେ।
-କାର୍ଲ ମାର୍କସ୍

# ସଂକଟ ଟଳିନି

ମଧ୍ୟପ୍ରାଚ୍ୟରେ ଯେ ଶାନ୍ତି ଫେରିଆସୁଛି, ଏକଥା କୌଣସି ଗୋଟିଏ ପକ୍ଷ ଜୋରଦେଇ କହିପାରିବେନି। 'ଅପରେସନ ସିନ୍ଦୂର'ରେ ହଠାତ୍ ବିରତି ବା ବିରାମ ଘୋଷଣା କଲା ଭଳି ରାଷ୍ଟ୍ରପତି ଟ୍ରମ୍ପ ଇସ୍ରାଇଲ-ଇରାନ ଅଘୋଷିତ ଯୁଦ୍ଧ ସ୍ଥଗିତ ରହିଲା କହି ଉତ୍ତେଜନା ପ୍ରଶମିତ କରିଛନ୍ତି। ଏହାର ପୃଷ୍ଠଭାଗରେ ତାଙ୍କର ନୋବେଲ ଶାନ୍ତି ପୁରସ୍କାର ହାସଲ ଲକ୍ଷ୍ୟ ଥାଉ କିମ୍ବା କାତାର ଉପରେ ଇରାନର ପ୍ରତୀକାତ୍ମକ ଆକ୍ରମଣର ସମ୍ଭାବ୍ୟ ଭୟଙ୍କର ପରିଣତି ହେଉ, ଏଭଳି କିଛି ବିଚାର ତାଙ୍କୁ ଏ ଦିଗରେ ନିଶ୍ଚିତ ଅନୁପ୍ରେରିତ କରିଛି। ତେବେ ଘଟଣାକ୍ରମ ଯାହା, ସେଥିରେ ତେହେରାନର ମନୋବଳ ବଢ଼ିଛି। ଦୁଇଦିନ ଧରି ସହରର ରାଜରାସ୍ତାରେ ପାଳିତ ହୋଇଥିବା ବିଜୟୋଲ୍ଲାସ ଏବଂ ଜୁନ ୧୩ରେ ଇସ୍ରାଏଲ ଆକ୍ରମଣରେ ନିହତ ସାମରିକ ମୁଖ୍ୟ ଜେନେରାଲ ମହମ୍ମଦ ବାଘେରି, ପରମାଣୁ ବୈଜ୍ଞାନିକଙ୍କ ସମେତ ୬୦ଜଣଙ୍କୁ କବର ଦେବା ସକାଶେ ଯେଉଁ ଲକ୍ଷ ଲକ୍ଷ ଜନତାଙ୍କ ଶୋଭାଯାତ୍ରା ବାହାରିଥିଲା ତାହା ଇରାନ ଶାସକ ମୁଖ୍ୟ ଖେମିନିଙ୍କ ନେତୃତ୍ୱକୁ ସୁଦୃଢ଼ କରିଛି।

ଅନ୍ୟପକ୍ଷରେ ସ୍ଥାୟୀ ଶାନ୍ତି ପ୍ରତିଷ୍ଠା ସକାଶେ ହ୍ୱାଇଟ ହାଉସରେ ସ୍ୱତନ୍ତ୍ର ଦୂତ ଷ୍ଟିଭ ୱିଟକଫ, ମଧ୍ୟପ୍ରାଚ୍ୟ ସହଯୋଗୀଙ୍କ ପ୍ରତିନିଧି ସହ ଟ୍ରମ୍ପ କରିଥିବା ଗୋପନ ଆଲୋଚନା ଏବଂ ନାଟୋ ସହଯୋଗୀଙ୍କ ବୈଠକରେ ଦେଇଥିବା ସୂଚନା କେତେଦୂର ଇରାନ ପାଇଁ ଗ୍ରହଣୀୟ ତାହା ମଧ୍ୟ ସନ୍ଦେହଜନକ। ଇରାନର ତିନିଟି ଆଣବିକ କେନ୍ଦ୍ର ଉପରେ ଆମେରିକା ବି-୨ ବମ୍ବର ମାଧ୍ୟମରେ ନିର୍ଣ୍ଣାୟକ ଆକ୍ରମଣର ପରାକ୍ରମ ଓ ପରିଣତି ନେଇ ଏବେ ମଧ୍ୟ ଅନିଶ୍ଚିତତା ଲାଗି ରହିଛି। ଆମେରିକାର ପକ୍ଷରୁ ଯେତେ ଦାବି କରାଯାଉନା କାହିଁକି ତଥାକଥିତ ବିପର୍ଯ୍ୟୟ ଓ ବିଧ୍ୱସ୍ତ ଘଟିବା ନେଇ ଉପଗ୍ରହ ଚିତ୍ରରୁ ପେଣ୍ଟାଗନ ସଂଗ୍ରହ କରିଥିବା ଖବର ଶେଷରେ ପ୍ରଘଟ ହୋଇଯାଇଛି। ଇରାନର ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଆଣବିକ କେନ୍ଦ୍ର ଫୋର୍ଡୋ ର ଭୂତଳ କଂକ୍ରିଟ ଢାଞ୍ଚାକୁ ଭେଦ କରିପାରିନାହିଁ ବି-୨ ବମ୍ବର। ଅବଶ୍ୟ ଯଥେଷ୍ଟ ପୂର୍ବରୁ ସମ୍ବର୍ଦ୍ଧିତ ୟୁରାନିୟମକୁ ଇରାନ ସ୍ଥାନାନ୍ତର କରିବାକୁ ମଧ୍ୟ ସମର୍ଥ ହୋଇଥିଲା। ସେହି ଫୋର୍ଡୋ କେନ୍ଦ୍ରର ମରାମତି ଆରମ୍ଭ କରି ଆଣବିକ କାର୍ଯ୍ୟକ୍ରମ ପ୍ରତି ଇରାନ ନିଜର ଅଙ୍ଗୀକାରବଦ୍ଧତା ଜାହିର କରିଛି। ଆନ୍ତର୍ଜାତିକ ଆଣବିକ ସଂଗଠନରୁ ସଂପର୍କ ଛିନ୍ନ କରିବାର ନିଷ୍ପତ୍ତି ମଧ୍ୟ ନେଇଛି। ତେହେରାନ ପକ୍ଷରୁ କୁହାଯାଇଛି ଯେ ସଂଗଠନର ଡିଜି ରାଫଲ୍ ମାରିଆନା ଗ୍ରସି ଇରାନ୍ ଆଣବିକ କେନ୍ଦ୍ର ଅନୁଧ୍ୟାନ ଓ ତଦାରଖ ନାମରେ ସମସ୍ତ ଗୋପନ ତଥ୍ୟ ପ୍ରତିପକ୍ଷ ଇସ୍ରାଏଲକୁ ଯୋଗାଉଛି। ଜୁନ ୧୩ ତାରିଖରେ ଇସ୍ରାଏଲ ଆକ୍ରମଣରୁ ଏହା ସ୍ପଷ୍ଟ ହୋଇଛି। ଏକଥା ଏଠାରେ ଉଲ୍ଲେଖ କରିବାର ଉଦ୍ଦେଶ୍ୟ ହେଉଛି, ଟ୍ରମ୍ପ ଯେଉଁ ସମାଧାନର ସୂତ୍ର ଉପସ୍ଥାପନ କରିଛନ୍ତି ତାହା ଇରାନ ପାଇଁ ଆଦୌ ଗ୍ରହଣୀୟ ନୁହେଁ। ଇରାନର ବୈଦେଶିକ ମନ୍ତ୍ରୀ ଆବାସ୍ ଆରାଗ୍ଛି ମଧ୍ୟ ତାଙ୍କ ବିବୃତିରେ ସ୍ପଷ୍ଟ କରିଛନ୍ତି।

ଇରାନର ଆଣବିକ କାର୍ଯ୍ୟକ୍ରମକୁ ଗତି ଦେବା ପାଇଁ ଟ୍ରମ୍ପ ୨୦ ରୁ ୩୦ ବିଲିୟନ ଡଲାର ସହାୟତା ଦେବା ସକାଶେ ପ୍ରସ୍ତୁତ ଅଛନ୍ତି। ତେବେ ସର୍ତ୍ତ ହେଲା ଇରାନ ୟୁରାନିୟମ୍ ସମ୍ବର୍ଦ୍ଧନ କରିପାରିବନି। ଆଣବିକ ଶକ୍ତିର ବେସାମରିକ ଉପଯୋଗ ସକାଶେ ସେ ସମ୍ବର୍ଦ୍ଧିତ ୟୁରାନିୟମ ବିଦେଶରୁ ଆମଦାନୀ କରିପାରିବ। ଏହି ବିପୁଳ ଅର୍ଥରାଶି ମଧ୍ୟ ପ୍ରାଚ୍ୟର ତାଙ୍କ ସହଯୋଗୀ ଇରାନକୁ ଦେବେ ବୋଲି ସେ ସ୍ପଷ୍ଟ କରିଛନ୍ତି। ପ୍ରତିବନ୍ଧକ ପ୍ରତ୍ୟାହାରର ପ୍ରଥମ ପଦକ୍ଷେପ ସ୍ୱରୂପ ଜବତ କରାଯାଇଥିବା ବିଦେଶୀ ବ୍ୟାଙ୍କର ୬ ବିଲିୟନ ଡଲାର ମଧ୍ୟ ଇରାନ ଉଠାଇବାରେ ଆଉ କଟକଣା ରହିବ ନାହିଁ। ଏହି ପ୍ରାରମ୍ଭିକ ସର୍ତ୍ତ ମାଧ୍ୟମରେ ଇରାନ ସହ ଆପୋସ ଆଲୋଚନା ସାତଦିନ ମଧ୍ୟରେ ଆରମ୍ଭ ହେବ ବୋଲି ଆମେରିକା ପକ୍ଷରୁ ସୂଚନା ଦିଆଯାଇଛି। ଇରାନ ସକାଶେ ଏହା ଯେ ଗ୍ରହଣୀୟ ନୁହେଁ ତାହା ଖେମିନିଙ୍କ ଜାତି ଉଦ୍ଦେଶ୍ୟରେ କରିଥିବା ଘୋଷଣାରୁ ଜଣାପଡ଼ିଛି।

ଏହି ତଥ୍ୟରୁ ଏବେ ମଧ୍ୟ ଅସ୍ପଷ୍ଟ ଯେ ଆପୋସ ଆଲୋଚନାରେ ଇସ୍ରାଏଲର ଭୂମିକା କ'ଣ ହେବ। ଆମେରିକା ପକ୍ଷରୁ ଉପସ୍ଥାପିତ ସର୍ତ୍ତରେ ଇସ୍ରାଏଲର ନାମ ଗନ୍ଧ ନଥିବାର ଲକ୍ଷ୍ୟ କରାଯାଇଛି। ଜୁନ ୧୩ ତାରିଖରେ ଇରାନ ଉପରେ ଇସ୍ରାଏଲର ଅତର୍କିତ ଆକ୍ରମଣ ଏବଂ ସେଥିରେ ଯେଉଁ ବିପୁଳ କ୍ଷୟକ୍ଷତି ଘଟିଲା ସେଥିସକାଶେ କାହାକୁ ଦାୟୀ କରାଯାଇନାହିଁ। ଇରାନ ପ୍ରତିଆକ୍ରମଣ ଜାରି ରଖିଥିବା ବେଳେ ଆମେରିକା ସର୍ବଶକ୍ତିମାନ ବି-୨ ବମ୍ବର ମାଧ୍ୟମରେ ତିନିଟି ପରମାଣୁ କେନ୍ଦ୍ର ଉପରେ କରିଥିବା ଘାତକ ଆକ୍ରମଣ ରାଷ୍ଟ୍ରର ସାର୍ବଭୌମତାକୁ କ୍ଷୁଣ୍ଣ କରିଛି। ଏହି ପାତାଳ ଭେଦୀ ବୋମା ଯଦି ଆଣବିକ ତେଜସ୍କ୍ରିୟର ବିକିରଣ ଘଟିଥା'ନ୍ତା ତାହାର ଭୟଙ୍କର ପରିଣତି ନେଇ ଆମେରିକା ସଚେତନ ହେବାର ଥିଲା। ଏହି ନୈତିକ ଅପରାଧ ସକାଶେ କିଏ କାହାକୁ ଦୋଷୀ କରିବ?

ସର୍ବଶକ୍ତିମାନ ଗୋଇନ୍ଦା ସଂସ୍ଥା ମୋସାଡ୍ ମାଧ୍ୟମରେ ଇସ୍ରାଏଲ ଆବଶ୍ୟକତାଠାରୁ ଅଧିକ ବଳୀୟାନ ନୁହେଁ ତ? କେବେଳ ଆମେରିକା ନୁହେଁ ବିଶ୍ୱର ବହୁ ପ୍ରମୁଖ ରାଷ୍ଟ୍ରରେ ମୋସାଡ୍ ସକ୍ରିୟ। ସେଠାକାର ନେତୃତ୍ୱ ବିରୋଧରେ ଗୋପନ ତଥ୍ୟ ସଂଗ୍ରହ ଏବଂ ଆବଶ୍ୟକ ସ୍ଥଳେ ତାହାର ଦୁରୁପଯୋଗ କରିବାରେ ସେମାନେ ସିଦ୍ଧହସ୍ତ। ବିଶ୍ୱ କୂଟନୈତିକ ସଂପର୍କକୁ ପ୍ରଭାବିତ କରି ପ୍ରାଧାନ୍ୟ ଓ ପତିଆରା ଜାହିର କରିଆସିଛି ଇସ୍ରାଏଲ। ଅତ୍ୟାଧୁନିକ ଇଲେକ୍ଟ୍ରୋନିସ୍ ଜ୍ଞାନକୌଶଳର ଉପଯୋଗ ହେଉଛି ମୋସାଡ୍‌ର ଗୋପନ ଅସ୍ତ୍ର। ସମସ୍ତଙ୍କ ଅଜ୍ଞାତରେ ବିଭିନ୍ନ ରାଷ୍ଟ୍ରର ଶୀର୍ଷ ନେତୃତ୍ୱକୁ କବ୍‌ଜା କରିବାରେ ସେମାନେ ସିଦ୍ଧହସ୍ତ। ଆମଦେଶରେ ପେଗାସସ୍‌କୁ ନେଇ ଯେଉଁ ହଟଚମଟ ଘଟିଲା, ତାହାଠାରୁ ଆହୁରି ସଂଗିନ ସରଂଜାମର ଅଧିକାରୀ ସେମାନେ। ଏସବୁ ଉଲ୍ଲେଖ କଲାବେଳେ ଆମେ ଆମ ନିଜକୁ ମଧ୍ୟ ପ୍ରଶ୍ନ କରୁଛୁ। ଜୁନ ୧୩ ର ଆକ୍ରମଣ କ'ଣ ଆମେରିକାର ଅଜ୍ଞାତରେ ହୋଇଥିଲା? ପ୍ରତିଆକ୍ରମଣରେ ଇସ୍ରାଏଲର ବିପୁଳ କ୍ଷତି ତାହାର ପ୍ରତିରୋଧ କ୍ଷମତାକୁ ଦୁର୍ବଳ କରିଥିବା ବେଳେ ହଠାତ୍ ଇରାନ ଉପରେ ଆମେରିକା ଆକ୍ରମଣ କରିବା ସହ ଚଟାପଟ ଯୁଦ୍ଧ ବିରାମ ଘୋଷଣା କରିବାର ଉଦ୍ଦେଶ୍ୟ କ'ଣ? ଇସ୍ରାଏଲ ପ୍ରଧାନମନ୍ତ୍ରୀ ବେଞ୍ଜାମିନ୍ ନେତାନ୍ୟାହୁଙ୍କ ନେତୃତ୍ୱ ପ୍ରତି ସମ୍ଭାବ୍ୟ ବିପଦର ମୁକାବିଲା ସକାଶେ ଟ୍ରମ୍ପ ଏତେ ତତ୍ପର କାହିଁକି? ଏସବୁର ଉତ୍ତର ଆମେ ଏହି ଅଗ୍ରଲେଖାରେ ଏକପ୍ରକାର ଦେଇସାରିଛୁ। କିନ୍ତୁ ଏଥିନେଇ କାହାକୁ ସିଧାସଳଖ ଆକ୍ଷେପ କରାଯାଇନପାରେ।

# ଡିଜିଟାଲ୍ ଭାରତର ଏକ ଦଶନ୍ଧି



**ନରେନ୍ଦ୍ର ମୋଦୀ, ପ୍ରଧାନମନ୍ତ୍ରୀ**

ଦଶ ବର୍ଷ ପୂର୍ବେ, ଆମେ ପୂର୍ଣ୍ଣ ବିଶ୍ୱାସ ସହିତ ଏପରି ଏକ କ୍ଷେତ୍ରକୁ ଯାତ୍ରା ଆରମ୍ଭ କରିଥିଲୁ ଯେଉଁଠାକୁ ପୂର୍ବରୁ କେହି ଯାଇ ନଥିଲେ। ଭାରତୀୟମାନେ ପ୍ରଯୁକ୍ତିବିଦ୍ୟା ବ୍ୟବହାର କରିପାରିବେ କି ନାହିଁ ତାହାକୁ ନେଇ ଅନେକ ଦଶନ୍ଧି ଧରି ଶଙ୍କା ବ୍ୟକ୍ତ କରାଯାଉଥିଲା। ଆମେ ସେହି ମାନସିକତାକୁ ପରିବର୍ତ୍ତନ କରିଛୁ ଏବଂ ଭାରତୀୟମାନଙ୍କ ପ୍ରଯୁକ୍ତିବିଦ୍ୟା ବ୍ୟବହାର କରିବାର କ୍ଷମତାରେ ବିଶ୍ୱାସ କରିଛୁ। ପ୍ରଯୁକ୍ତିବିଦ୍ୟାର ବ୍ୟବହାର କେବଳ ଧନୀ ଏବଂ ଗରିବଙ୍କ ମଧ୍ୟରେ ବ୍ୟବଧାନକୁ ଆହୁରି ଅଧିକ କରିବ ବୋଲି ଅନେକ ଦଶନ୍ଧି ଧରି ଯେଉଁ ମାନସିକତା ରହିଥିଲା ଆମେ ସେହି ମାନସିକତାକୁ ପରିବର୍ତ୍ତନ କରି ପ୍ରଯୁକ୍ତିବିଦ୍ୟା ମାଧ୍ୟମରେ ବ୍ୟବଧାନକୁ ଦୂର କରିଛୁ।

ଉଦ୍ଦେଶ୍ୟ ସଠିକ୍ ଥିଲେ ନବସୃଜନ ଅବହେଳିତ ଲୋକଙ୍କୁ ସଶକ୍ତ କରିଥାଏ। ଆଭିମୁଖ୍ୟ ସମାବେଶୀ ହେଲେ ପ୍ରଯୁକ୍ତିବିଦ୍ୟା ଗରିବ ଲୋକଙ୍କ ଜୀବନକୁ ପରିବର୍ତ୍ତନ କରିଥାଏ। ଏହି ବିଶ୍ୱାସ ଡିଜିଟାଲ୍ ଇଣ୍ଡିଆର ମୂଳଦୁଆ ପାଲଟିଥିଲା। ଏହାର ବିସ୍ତାରକୁ ସାର୍ବଜନୀନ କରିବା, ସମନ୍ୱିତ ଡିଜିଟାଲ୍ ଭିତ୍ତିଭୂମି ନିର୍ମାଣ କରିବା ଏବଂ ସମସ୍ତଙ୍କ ପାଇଁ ସୁଯୋଗ ଉପଲବ୍ଧ କରାଇବାର ଏକ ମିଶନ ଆରମ୍ଭ ହୋଇଥିଲା।

୨୦୧୪ରେ, ଇଣ୍ଟରନେଟ୍ ଉପଲବ୍ଧତା ସୀମିତ ଥିଲା, ଡିଜିଟାଲ୍ ସାକ୍ଷରତା କମ୍ ଥିଲା ଏବଂ ସରକାରୀ ସେବା ପାଇଁ ଅନଲାଇନ୍ ପ୍ରବେଶ ଅତ୍ୟନ୍ତ ସୀମିତ ଥିଲା। ଅନେକ ସନ୍ଦେହ କରୁଥିଲେ ଯେ ଭାରତ ଭଳି ବିଶାଳ ଏବଂ ବିବିଧ ଦେଶ ପ୍ରକୃତରେ ଡିଜିଟାଲ୍ ହୋଇପାରିବ କି ନାହିଁ। ଆଜି ଏହି ପ୍ରଶ୍ନର ଉତ୍ତର ତଥ୍ୟ କିମ୍ବା ଡ୍ୟାସବୋର୍ଡରେ ନୁହେଁ, ବରଂ ୧୪୦ କୋଟି ଭାରତୀୟଙ୍କ ଜୀବନରେ ଉପଲବ୍ଧ। ଶାସନ ଠାରୁ ଶିକ୍ଷା, କାରବାର ଏବଂ ଉତ୍ପାଦନ ପର୍ଯ୍ୟନ୍ତ ଡିଜିଟାଲ ଇଣ୍ଡିଆ ସବୁଠି ରହିଛି।

**ଡିଜିଟାଲ ବିଭାଜନର ଦୂରୀକରଣ:** ୨୦୧୪ରେ ଭାରତରେ ପ୍ରାୟ ୨୫ କୋଟି ଇଣ୍ଟରନେଟ୍ ସଂଯୋଗ ଥିଲା। ଆଜି ଏହି ସଂଖ୍ୟା ୯୭ କୋଟିରୁ ଅଧିକ ହୋଇଛି। ୪୨ ଲକ୍ଷ କିଲୋମିଟରରୁ ଅଧିକ ଅପ୍ଟିକାଲ୍ ଫାଇବର କେବୁଲ୍, ପୃଥିବୀ ଏବଂ ଚନ୍ଦ୍ର ମଧ୍ୟରେ ଦୂରତାର ୧୧ ଗୁଣା, ବର୍ତ୍ତମାନ ସବୁଠାରୁ ଉପାନ୍ତ ଗ୍ରାମଗୁଡ଼ିକୁ ମଧ୍ୟ ସଂଯୋଗ କରୁଛି।

ଭାରତରେ ୫ଜି ସେବା ବିଶ୍ୱର ସବୁଠାରୁ ଦ୍ରୁତତମ ସମୟ ମଧ୍ୟରେ କାର୍ଯ୍ୟକାରୀ ହୋଇଛି। ମାତ୍ର ଦୁଇ ବର୍ଷ ମଧ୍ୟରେ ୪.୮୧ ଲକ୍ଷ ବେସ୍ ଷ୍ଟେସନ୍ ସ୍ଥାପିତ ହୋଇଛି। ହାଇ-ସ୍ପିଡ୍ ଇଣ୍ଟରନେଟ୍ ବର୍ତ୍ତମାନ ସହରାଞ୍ଚଳ କେନ୍ଦ୍ରଗୁଡ଼ିକଠାରୁ ଆରମ୍ଭ କରି ଗଲୱାନ୍, ସିଆଚେନ୍ ଏବଂ ଲଦାଖ ଭଳି ସାମରିକ ପୋଷ୍ଟଗୁଡ଼ିକରେ ପହଞ୍ଚାଯାଇଛି। ଆମର ଡିଜିଟାଲ୍ ଭିତ୍ତିଭୂମି, ଇଣ୍ଡିଆ ଷ୍ଟାକ୍, ୟୁପିଆଇ ଭଳି ପ୍ଲାଟଫର୍ମକୁ ସକ୍ଷମ କରିଛି, ଯାହା ଏବେ ବାର୍ଷିକ ୧୦୦ ବିଲିୟନରୁ ଅଧିକ କାରବାର ପ୍ରକ୍ରିୟାକରଣ କରିଥାଏ। ବିଶ୍ୱର ମୋଟ ବାସ୍ତବ ସମୟ ବା ରିଅଲ-ଟାଇମ୍ ଡିଜିଟାଲ୍ କାରବାରର ପ୍ରାୟ ଅଧା ଭାରତରେ ହେଉଛି।

ପ୍ରତ୍ୟକ୍ଷ ଲାଭ ହସ୍ତାନ୍ତର (ଡିବିଟି) ମାଧ୍ୟମରେ ନାଗରିକମାନଙ୍କୁ ସିଧାସଳଖ ୪୪ ଲକ୍ଷ କୋଟି ଟଙ୍କାରୁ ଅଧିକ ହସ୍ତାନ୍ତର କରାଯାଇଛି। ଦଲାଲଙ୍କ ଭୂମିକାକୁ ଦୂର କରି ଏବଂ ୩.୪୮ ଲକ୍ଷ କୋଟି ଟଙ୍କାର ବାଟମାରଣାକୁ ବନ୍ଦ କରାଯାଇପାରିଛି। ସ୍ୱାମୀତ୍ୱ ଭଳି ଯୋଜନାଗୁଡ଼ିକ ୨.୪ କୋଟିରୁ ଅଧିକ ସମ୍ପତ୍ତି କାର୍ଡ ଜାରି କରିଛି ଏବଂ ୬.୪୭ ଲକ୍ଷ ଗ୍ରାମକୁ ମ୍ୟାପ୍ ଅଧୀନକୁ ଆଣିଛି। ଫଳରେ ବର୍ଷ ବର୍ଷ ଧରି ଜମି ସମ୍ପର୍କିତ ଅନିଶ୍ଚିତତାର ସମାପ୍ତି ହୋଇଛି।

**ସମସ୍ତଙ୍କ ପାଇଁ ସୁଯୋଗର ଉପଲବ୍ଧତା :** ଭାରତର ଡିଜିଟାଲ ଅର୍ଥବ୍ୟବସ୍ଥା ଏବେ ପୂର୍ବ ଅପେକ୍ଷା ଅଧିକ ଏମଏସଏମଇ ଏବଂ କ୍ଷୁଦ୍ର ଉଦ୍ୟୋଗୀଙ୍କୁ ସଶକ୍ତ କରୁଛି। ଓଏନଡିସି (ଓପନ୍ ନେଟୱାର୍କ ଫର୍ ଡିଜିଟାଲ କମର୍ସ) ଏକ କ୍ରାନ୍ତିକାରୀ ପ୍ଲାଟଫର୍ମ ଯାହା ବିକ୍ରେତା ଏବଂ କ୍ରେତାଙ୍କୁ ଏକ ବିଶାଳ ବଜାର ସହିତ ସଂଯୋଗ କରି ନୂତନ ସୁଯୋଗର ଏକ ଦ୍ୱାର ଖୋଲିଥାଏ। ଜିଇଏମ (ସରକାରୀ ଇ-ମାର୍କେଟପ୍ଲେସ୍) ସାଧାରଣ ଲୋକଙ୍କୁ ସରକାରଙ୍କ ସମସ୍ତ ବିଭାଗକୁ ସାମଗ୍ରୀ ଏବଂ ସେବା ବିକ୍ରୟ କରିବାକୁ ଅନୁମତି ଦିଏ। ଏହା କେବଳ ସାଧାରଣ ନାଗରିକଙ୍କୁ ଏକ ବିଶାଳ ବଜାର ପ୍ରଦାନ କରେ ନାହିଁ ବରଂ ସରକାରଙ୍କ ପାଇଁ ଟଙ୍କା ମଧ୍ୟ ସଞ୍ଚୟ କରେ।

**କଳ୍ପନା କରନ୍ତୁ:** ଆପଣ ଅନଲାଇନରେ ମୁଦ୍ରା ଋଣ ପାଇଁ ଆବେଦନ କରିପାରୁଛନ୍ତି। ଆପଣଙ୍କର କ୍ରେଡିଟ ଯୋଗ୍ୟତା ଆକାଉଣ୍ଟ ଏଗ୍ରିଗେଟର ଫ୍ରେମୱାର୍କ ମାଧ୍ୟମରେ ମୂଲ୍ୟାଙ୍କନ କରାଯାଇପାରୁଛି। ଆପଣ ଋଣ ପାଉଛନ୍ତି, ଆପଣ ନିଜର ବ୍ୟବସାୟ ଆରମ୍ଭ କରନ୍ତି। ଆପଣ ଜିଇଏମରେ ପଞ୍ଜୀକରଣ କରିପାରୁଛନ୍ତି, ସ୍କୁଲ ଏବଂ ହସ୍ପିଟାଲଗୁଡ଼ିକୁ ଯୋଗାଣ କରୁଛନ୍ତି ଏବଂ ତା'ପରେ ଓଏନଡିସି ମାଧ୍ୟମରେ ଏହାକୁ ବୃଦ୍ଧି କରୁଛନ୍ତି।

ଓଏନଡିସି ବର୍ତ୍ତମାନ ୨୦ କୋଟି କାରବାର ସୀମା ଅତିକ୍ରମ କରିଛି, ଯେଉଁଥିରେ ୬ ମାସରେ ୧୦ କୋଟି କାରବାର ହୋଇଛି। ବନାରସୀ ବୁଣାକାରଙ୍କଠାରୁ ନାଗାଲାଣ୍ଡର ବାଉଁଶ କାରିଗର ପର୍ଯ୍ୟନ୍ତ, ସବୁ କ୍ଷେତ୍ରର ବିକ୍ରେତାମାନେ ଏବେ ଦଲାଲଙ୍କ ବିନା ଦେଶବ୍ୟାପୀ ଗ୍ରାହକଙ୍କ ପାଖରେ ପହଞ୍ଚି ପାରୁଛନ୍ତି। ଜିଇଏମ ୫୦ ଦିନରେ ୧ ଲକ୍ଷ କୋଟି ଟଙ୍କା ଜିଏମଭି ଅତିକ୍ରମ କରିଛି, ୧.୮ ଲକ୍ଷରୁ ଅଧିକ ମହିଳା ପରିଚାଳିତ ଏମଏସଏମଇ ସମେତ ୨୨ ଲକ୍ଷ ବିକ୍ରେତା ୪୬,୦୦୦ କୋଟି ଟଙ୍କାର ସାମଗ୍ରୀ ଯୋଗାଇଛନ୍ତି।

**ଡିଜିଟାଲ୍ ସାର୍ବଜନୀନ ଭିତ୍ତିଭୂମି: ଭାରତର ବିଶ୍ୱ ଅବଦାନ:** ଭାରତର ଡିଜିଟାଲ୍ ସାର୍ବଜନୀନ ଭିତ୍ତିଭୂମି (ଡିପିଆଇ) - ଯେପରିକି ଆଧାର, କୋୱିନ, ଡିଜିଲକର, ଫାସଟ୍ୟାଗ, ପିଏମ-ବାଣୀ, ଏବଂ ଏକ ରାଷ୍ଟ୍ର ଏକ ସବସ୍କ୍ରିପସନ୍ - ବର୍ତ୍ତମାନ ବିଶ୍ୱ ସ୍ତରରେ ଗ୍ରହଣ କରାଯାଉଛି। କୋୱିନ ବିଶ୍ୱର ସର୍ବବୃହତ ଟୀକାକରଣ ଅଭିଯାନକୁ ସକ୍ଷମ କରିଛି, ଯାହା ୨୨୦ କୋଟି କ୍ୟୁଆର-ଯାଞ୍ଚ ପ୍ରମାଣପତ୍ର ପ୍ରଦାନ କରିଛି। ୫୪ କୋଟି ଉପଭୋକ୍ତା ଥିବା ଡିଜିଲକର ୭୭୫ କୋଟିରୁ ଅଧିକ ଡକ୍ୟୁମେଣ୍ଟକୁ ସୁରକ୍ଷିତ ଏବଂ ସୁଗମ ଭାବରେ ପରିଚାଳିତ କରୁଛି। ଭାରତ ଏହାର ଜି-୨୦ ଅଧ୍ୟକ୍ଷତା ସମୟରେ ଗ୍ଲୋବାଲ୍ ଡିପିଆଇ ରିପୋଜିଟୋରୀ ଏବଂ ୨୫ ନିୟୁତ ଡଲାରର ସାମାଜିକ ପ୍ରଭାବ ପାଣ୍ଠି ଆରମ୍ଭ କରିଛି, ଯାହାଦ୍ୱାରା ଆଫ୍ରିକା ଏବଂ ଦକ୍ଷିଣ ଏସିଆର ଦେଶଗୁଡ଼ିକୁ ସମନ୍ୱିତ ଡିଜିଟାଲ୍ ଇକୋସିଷ୍ଟମ ଗ୍ରହଣ କରି ପାରିବେ।

**ଷ୍ଟାର୍ଟଅପର ଶକ୍ତି ଏବଂ ଆତ୍ମନିର୍ଭର ଭାରତ :** ଭାରତ ଏବେ ବିଶ୍ୱର ଶ୍ରେଷ୍ଠ ୩ ଷ୍ଟାର୍ଟଅପ୍ ଇକୋସିଷ୍ଟମ ମଧ୍ୟରେ ସାମିଲ ଏବଂ ଭାରତରେ ୧.୮ ଲକ୍ଷରୁ ଅଧିକ ଷ୍ଟାର୍ଟଅପ୍ ରହିଛନ୍ତି। କିନ୍ତୁ ଏହା କେବଳ ଏକ ଷ୍ଟାର୍ଟଅପ୍ ଆନ୍ଦୋଳନ ନୁହେଁ, ଏହା ଏକ ପ୍ରଯୁକ୍ତିବିଦ୍ୟା ପୁନର୍ଜାଗରଣ। ଭାରତ ଯୁବପିଢ଼ିଙ୍କ ମଧ୍ୟରେ ଏଆଇ ଦକ୍ଷତା ଏବଂ ଏଆଇ ପ୍ରତିଭାରେ ବହୁତ ଆଗକୁ ବଢ଼ୁଛି।

୧.୨ ବିଲିୟନ ଡଲାର ଭାରତ ଏଆଇ ମିଶନ ଅଧୀନରେ, ଭାରତ ବିଶ୍ୱସ୍ତରରେ ସବୁଠାରୁ ସର୍ବନିମ୍ନ ମୂଲ୍ୟରେ ୩୪, ହଜାର ଜିପିୟୁ ଉପଲବ୍ଧ କରାଇଛି। ପ୍ରତ୍ୟେକ ଜିପିୟୁ ଘଣ୍ଟା ପ୍ରତି ୧ ଡଲାରରୁ କମରେ ଉପଲବ୍ଧ। ଏହା ଭାରତକୁ କେବଳ ସବୁଠାରୁ ଶସ୍ତା ଇଣ୍ଟରନେଟ୍ ଅର୍ଥବ୍ୟବସ୍ଥା ନୁହେଁ ବରଂ ସବୁଠାରୁ ସୁଲଭ କମ୍ପ୍ୟୁଟିଂ ହବ୍ କରିଛି। ଭାରତ ମାନବିକତା ଆଧାରିତ ଏଆଇକୁ ସମର୍ଥନ କରିଛି। ଏଆଇ ଉପରେ ନୂଆଦିଲ୍ଲୀ ଘୋଷଣାନାମା ଦାୟିତ୍ୱ ସହିତ ନବସୃଜନକୁ ପ୍ରୋତ୍ସାହିତ କରେ। ସାରା ଦେଶରେ ଏଆଇ ଉତ୍କର୍ଷ କେନ୍ଦ୍ର ସ୍ଥାପନ କରାଯାଉଛି।

**ଆଗକୁ ଯିବାର ମାର୍ଗ :** ଆଗାମୀ ଦଶନ୍ଧି ଆହୁରି ପରିବର୍ତ୍ତନକାରୀ ହେବ। ଆମେ ଡିଜିଟାଲ୍ ପ୍ରଶାସନ ଠାରୁ ଡିଜିଟାଲ୍ ନେତୃତ୍ୱ ଦିଗରେ ଆଗକୁ ବଢ଼ୁଛୁ। ଇଣ୍ଡିଆ ଫାଷ୍ଟରୁ ଇଣ୍ଡିଆ ଫର ଦି ୱାର୍ଲ୍ଡ ପର୍ଯ୍ୟନ୍ତ ଆମର ଯାତ୍ରା ଜାରି ରହିଛି। ଡିଜିଟାଲ ଇଣ୍ଡିଆ ଆଉ କେବଳ ଏକ ସରକାରୀ କାର୍ଯ୍ୟକ୍ରମ ନୁହେଁ, ଏହା ଏକ ଜନ ଆନ୍ଦୋଳନରେ ପରିଣତ ହୋଇଛି। ଏହା ଏକ ଆତ୍ମନିର୍ଭର ଭାରତ ଗଠନ କରିବାରେ ସହାୟକ ହୋଇଛି।

**ସମସ୍ତ ଉଦ୍ଭାବକ, ଉଦ୍ୟୋଗୀଙ୍କ ପାଇଁ:** ପରବର୍ତ୍ତୀ ଡିଜିଟାଲ ବିପ୍ଳବ ନିମନ୍ତେ ସମଗ୍ର ବିଶ୍ୱ ଭାରତକୁ ଚାହିଁ ରହିଛି। ଆସନ୍ତୁ ଯାହା ସଭିଙ୍କୁ ସଶକ୍ତ କରିବ ତାହା ନିର୍ମାଣ କରିବା। ଆସନ୍ତୁ ଏପରି ସମାଧାନ ବାହାର କରିବା ଯାହା ଗୁରୁତ୍ୱପୂର୍ଣ୍ଣ। ଆସନ୍ତୁ ଆମେ ଏପରି ପ୍ରଯୁକ୍ତିବିଦ୍ୟା ସହିତ ନେତୃତ୍ୱ ନେବା ଯାହା ସମସ୍ତଙ୍କୁ ଏକତ୍ରିତ କରିବ, ଅନ୍ତର୍ଭୂକ୍ତୀକରଣକୁ ବଢ଼ାଇବ ଏବଂ ସାମଗ୍ରୀକ ବିକାଶ ଆଣିପାରିବ।

# ବିଳାସରେ ମିତବ୍ୟୟିତା

**ପ୍ରଣତି ଆଚାର୍ଯ୍ୟ ମିଶ୍ର**

ଗ୍ରୀଷ୍ମ ଋତୁରେ ଘୋର ବିଦ୍ୟୁତ୍ ଅଭାବର ସମ୍ମୁଖୀନ ହେଉଥିବା ସରକାର ବିଦ୍ୟୁତ୍ ସଞ୍ଚୟ ଏବଂ ବିଦ୍ୟୁତ୍ ବିଲ୍ ହ୍ରାସ କରିବା ପାଇଁ ପ୍ରସ୍ତୁତ ହୋଇଛନ୍ତି। ସରକାର ଏବେ ଏୟାର କଣ୍ଡିସନର(ଏସି) ର ତାପମାତ୍ରା ସ୍ଥିର କରିବା ସମ୍ପର୍କରେ ଏକ ନୂତନ ନିୟମ ଲାଗୁ କରିବାକୁ ଯୋଜନା କରୁଛନ୍ତି। ଏହି ଯୋଜନା ଲାଗୁ ହେଲେ ଏସିର ତାପମାତ୍ରା ୨୦ ଡିଗ୍ରୀରୁ କମ୍ ଏବଂ ୨୮ ଡିଗ୍ରୀ ସେଲସିୟସ୍‌ରୁ ଅଧିକ ରଖିହେବ ନାହିଁ। ଏହି ନିୟମ ସମସ୍ତ ଘର, କାର୍ଯ୍ୟାଳୟ, ଦୋକାନ, ମଲ୍, ହୋଟେଲ, ରେଷ୍ଟୁରାଣ୍ଟ ଓ ଯାନବାହନ ପାଇଁ ପ୍ରଯୁଜ୍ୟ।

ପ୍ରାୟତଃ ଦେଖାଯାଇଛି ଯେ ଗ୍ରୀଷ୍ମ ଋତୁରେ ଏସି ବ୍ୟବହାର ଏବଂ ଏହାର ତାପମାତ୍ରା ୧୬ ଡିଗ୍ରୀ ପର୍ଯ୍ୟନ୍ତ ରଖିବା ଯୋଗୁଁ ବିଦ୍ୟୁତ୍ ବ୍ୟବହାର ନିରନ୍ତର ବୃଦ୍ଧି ପାଉଛି। ବର୍ତ୍ତମାନ ବଜାରରେ ଉପଲବ୍ଧ ଅଧିକାଂଶ ଏସି ୧୬ଡିଗ୍ରୀରୁ ୩୦ ଡିଗ୍ରୀ ପର୍ଯ୍ୟନ୍ତ ସ୍ଥିର କରାଯାଇପାରିବ, କିନ୍ତୁ ନୂତନ ନିୟମ ଲାଗୁ ହେବା ପରେ ଏହି ସୀମା ୨୦ ରୁ ୨୮ ଡିଗ୍ରୀ ସେଲସିୟସ୍ ମଧ୍ୟରେ ସ୍ଥିର ରହିବ। ପ୍ରଥମ ଥର ପାଇଁ ନିଆଯାଇଥିବା ଏହି ପଦକ୍ଷେପ କେବଳ ବିଦ୍ୟୁତ୍ ବିଲ୍ ସଞ୍ଚୟ କରିବ ନାହିଁ ବରଂ ଦୀର୍ଘକାଳୀନ ଭିତ୍ତିରେ ଦେଶ ଏବଂ ରାଜ୍ୟ ପାଇଁ ଲାଭଦାୟକ ସାବ୍ୟସ୍ତ ହେବ। ପ୍ରକୃତରେ ବିଦ୍ୟୁତ୍ ବିଲ୍ ହ୍ରାସ ଏବଂ ପରିବେଶର ସୁରକ୍ଷା ପାଇଁ 'ବ୍ୟୁରୋ ଅଫ୍ ଏନର୍ଜି ଏଫିସିଏନ୍ସି' ୨୦୨୦ ରେ ସମସ୍ତ ଷ୍ଟାର ଲେଭଲ୍ ଏସି ପାଇଁ ସର୍ବନିମ୍ନ ତାପମାତ୍ରା ୨୪ଡିଗ୍ରୀରେ ରଖିବାକୁ ସ୍ଥିର କରିଥିଲା। କିନ୍ତୁ ସରକାର ସମସ୍ତ କ୍ଷେତ୍ରରେ ଏସି ତାପମାତ୍ରା ନିର୍ଦ୍ଧାରଣ ନିୟମକୁ ଅଧିକ କଠୋର ଭାବରେ କାର୍ଯ୍ୟକାରୀ କରିବାକୁ ଚାହୁଁଛନ୍ତି। ଏହି ପଦକ୍ଷେପ ଏବେ ପରୀକ୍ଷଣ ଭାବରେ ଆରମ୍ଭ କରାଯାଉଛି ଏବଂ ନିଶ୍ଚିତ ଭାବେ ଭବିଷ୍ୟତରେ ବାଧ୍ୟତାମୂଳକ କରାଯିବ। ସରକାର ଖୁବ୍ ଶୀଘ୍ର ସମସ୍ତ ଏସି ନିର୍ମାତା ଏବଂ ବାଣିଜ୍ୟିକ କୋଠାଗୁଡ଼ିକୁ ସ୍ୱତନ୍ତ୍ର ପରାମର୍ଶ ଜାରି କରିବାର ସମ୍ଭାବନା ଅଛି।

ଆର୍ଥିକ ଦୃଷ୍ଟିରୁ ମଧ୍ୟ ଏହା ବହୁତ ଲାଭଦାୟକ ହୋଇପାରେ। ଯଦି ଦେଶର ଅଧିକାଂଶ ଗ୍ରାହକ ଏହାକୁ ନିୟମିତ ବ୍ୟବହାର କରନ୍ତି ତେବେ ଏହା କୋଟି କୋଟି ୟୁନିଟ୍ ବିଦ୍ୟୁତ୍ ସଞ୍ଚୟ କରିପାରିବ। ସାଧାରଣରେ ବିଶ୍ୱାସ କରାଯାଏ ଯେ ଏସିର ତାପମାତ୍ରା ୧୮ ଡିଗ୍ରୀ ରଖିବା ଦ୍ୱାରା କୋଠରି ଶୀଘ୍ର ଥଣ୍ଡା ହେବ। ଏହି କ୍ଷେତ୍ର ସହିତ ଜଡ଼ିତ ବିଶେଷଜ୍ଞମାନେ କୁହନ୍ତି ଯେ ଏହି ବିଶ୍ୱାସ ଭୁଲ। ଯଦି ବାହାରେ ତାପମାତ୍ରା ୪୦ ଡିଗ୍ରୀ ଥାଏ ତେବେ କୋଠରିକୁ ୨୬ ଡିଗ୍ରୀରେ ପହଞ୍ଚିବାକୁ ସମାନ ସମୟ ଲାଗିବ, ଏସିର ତାପମାତ୍ରା ୧୮ ଡିଗ୍ରୀ ହେଉ ବା ୨୬ ଡିଗ୍ରୀ। ନିଶ୍ଚିତ ଭାବରେ ୧୮ ଡିଗ୍ରୀରେ କୋଠରି ପରେ ଅଧିକ ଥଣ୍ଡା ରହିବ। କିନ୍ତୁ ଆପଣଙ୍କୁ କମ୍ ତାପମାତ୍ରା ପାଇଁ ଅଧିକ ମୂଲ୍ୟ ଦେବାକୁ ପଡ଼ିବ। ଏସିର ତାପମାତ୍ରା ଯେତେ କମ୍ ହୁଏ କମ୍ପ୍ରେସର ଅଧିକ ସମୟ ପାଇଁ କାମ କରେ। ଏହାର



ଅର୍ଥ ଅଧିକ ବିଦ୍ୟୁତ୍ ବ୍ୟବହାର ହୁଏ। ଅନ୍ୟପକ୍ଷରେ ଯଦି ଆପଣ ଏସିର ତାପମାତ୍ରା ୨୪ ଡିଗ୍ରୀ କରନ୍ତି ତେବେ କମ୍ପ୍ରେସରକୁ କମ୍ ସମୟ ପାଇଁ କାମ କରିବାକୁ ପଡ଼େ, ଯାହା ବିଦ୍ୟୁତ୍ ବ୍ୟବହାର ହ୍ରାସ କରେ। ଇଚ୍ଛିତ ତାପମାତ୍ରା ପହଞ୍ଚିବା ମାତ୍ରେ କମ୍ପ୍ରେସର କାମ କରିବା ବନ୍ଦ କରିଦେଇ କେବଳ ଏସି ଫ୍ୟାନ୍ କାମ କରେ। କମ୍ପ୍ରେସର କେବଳ ସେତେବେଳେ କାମ କରେ ଯେତେବେଳେ ଥର୍ମୋସେଟ୍ ତାପମାତ୍ରା ବୃଦ୍ଧିର ସଙ୍କେତ ପାଏ।

ବିଶେଷଜ୍ଞଙ୍କ କହିବା ଅନୁସାରେ ୨୪ ଡିଗ୍ରୀ ତାପମାତ୍ରା ମଧ୍ୟ ଆରାମଦାୟକ। ଯଦି ବାହାରେ ଆର୍ଦ୍ରତା ଅଧିକ ଥାଏ ଏହା ୧୮ କିମ୍ବା ୨୨ ଡିଗ୍ରୀ ତାପମାତ୍ରା ତୁଳନାରେ କମ୍ ଶକ୍ତି ବ୍ୟବହାର କରେ। ଏକ ଅଧ୍ୟୟନ ଅନୁଯାୟୀ ଏସିର ତାପମାତ୍ରାରେ ପ୍ରତ୍ୟେକ ଡିଗ୍ରୀ ବୃଦ୍ଧି ୩ରୁ ୫ ପ୍ରତିଶତ ବିଦ୍ୟୁତ୍ ସଞ୍ଚୟ କରିପାରିବ। ଯଦି ଏସିର ତାପମାତ୍ରା ୧୮ ଡିଗ୍ରୀରୁ ୨୭ ଡିଗ୍ରୀକୁ ବୃଦ୍ଧି କରାଯାଏ ତେବେ ବାର୍ଷିକ ୬୫୦୦ଟଙ୍କା ପର୍ଯ୍ୟନ୍ତ ସଞ୍ଚୟ କରାଯାଇପାରିବ। ଏହାସହିତ ଏହି ସମୟ ମଧ୍ୟରେ ପ୍ରଚୁର ପରିମାଣର ଶକ୍ତି ମଧ୍ୟ ସଞ୍ଚୟ କରାଯାଇପାରିବ। ଉଲ୍ଲେଖଯୋଗ୍ୟ ଯେ ଏସିରେ କେବଳ ନିର୍ଦ୍ଧାରିତ ତାପମାତ୍ରା ମାଧ୍ୟମରେ ବିଦ୍ୟୁତ୍ ସଞ୍ଚୟ ହୁଏ ନାହିଁ, ବରଂ ଷ୍ଟାରରେଟିଂ, ବାହାର ତାପମାତ୍ରା, ଏସି ବ୍ୟବହାରର ଅବଧି, କୋଠରିର ଆକାର, କୋଠରିରେ ଥିବା ଲୋକଙ୍କ ସଂଖ୍ୟା ଇତ୍ୟାଦି କାରଣ ଉପରେ ନିର୍ଭର କରେ। ସ୍ୱାସ୍ଥ୍ୟ ଦୃଷ୍ଟିରୁ ମଧ୍ୟ ଏସିର ତାପମାତ୍ରା ୨୦ ଡିଗ୍ରୀରୁ ୨୮ ଡିଗ୍ରୀ ମଧ୍ୟରେ ରଖିବା ଲାଭଦାୟକ।

ପରିସଂଖ୍ୟାନ ଅନୁଯାୟୀ, ଭାରତରେ ଏସିର ସଂଖ୍ୟା ପ୍ରାୟ ୧୦ କୋଟି ଏବଂ ପ୍ରତିବର୍ଷ ପ୍ରାୟ ୧.୫ କୋଟି ଏସି ଲଗାଯାଉଛି। ଯଦି ଏସିର ତାପମାତ୍ରା ଗୋଟିଏ ଡିଗ୍ରୀ ବୃଦ୍ଧି କରାଯାଏ ତେବେ ଏହା ଶକ୍ତି ବ୍ୟବହାରକୁ ୬ ପ୍ରତିଶତ ପର୍ଯ୍ୟନ୍ତ ହ୍ରାସ କରିପାରେ ଏବଂ ଆମେ ପ୍ରତିବର୍ଷ ଲକ୍ଷ ଲକ୍ଷ ଗିଗାୱାଟ ବିଦ୍ୟୁତ୍ ସଞ୍ଚୟ କରିପାରିବା। ସାମଗ୍ରିକ ଭାବରେ ଏହି ପଦକ୍ଷେପର ମୁଖ୍ୟ ଉଦ୍ଦେଶ୍ୟ ହେଉଛି ବିଦ୍ୟୁତ୍ ବ୍ୟବହାରକୁ ହ୍ରାସ କରିବା ବିଶେଷକରି ଗ୍ରୀଷ୍ମଦିନରେ। ବିଶେଷଜ୍ଞମାନେ କହିଛନ୍ତି ଯେ ଏସି କୁ ୨୦ ରୁ ୨୮ ଡିଗ୍ରୀ ମଧ୍ୟରେ ରଖିଲେ ଗରମ ସମ୍ବନ୍ଧୀୟ ରୋଗ ହ୍ରାସ, ଭଲ ନିଦ ଏବଂ ଆରାମଦାୟକ ଜୀବନ ମିଳିପାରିବ। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଏସିର ଉଚିତ୍ ବ୍ୟବହାର ଶ୍ୱାସ ଓ ସଂକ୍ରମଣ ରୋଗୀ ସଂଖ୍ୟା ହ୍ରାସ କରେ।

ନୟାଗଡ଼, ମୋ: ୯୪୩୭୬୪୨୯୪୭

# ବାହୁଡ଼ା ରଥ ଓ ଭକ୍ତ ସାଲବେଗ

**ସ୍ୱପ୍ନେଶ୍ୱର**

## ଲୋକକଥାରେ ଲୋକଦେବତା

ମହାପ୍ରଭୁଙ୍କ ପରମଭକ୍ତ ସାଲବେଗ ଠାକୁରଙ୍କୁ ଆଶ୍ରୟ କରି ଶ୍ରୀକ୍ଷେତ୍ରବାସୀ ହୋଇ ରହିଗଲେ। ସେ ଜାତିରେ ଯବନ ହୋଇଥିବାରୁ ମନ୍ଦିର ଭିତରକୁ ଯାଇ ଦର୍ଶନ କରିବା ସମ୍ଭବ ହେଉ ନ ଥିଲେ ମଧ୍ୟ ଦିବ୍ୟଚକ୍ଷୁରେ ପ୍ରଭୁଙ୍କୁ ଦର୍ଶନ କରି ସ୍ୱରଚିତ ଭଜନମାନ ଗାଇ ଗାଇ ସନ୍ଥ ଓ ଭକ୍ତଙ୍କୁ ମନ୍ତ୍ରମୁଗ୍ଧ କରିଦେଉଥିଲେ। ଏପରିକି ଗଜପତି ନରସିଂହ ଦେବ ମଧ୍ୟ ସାଲବେଗଙ୍କର ଜଣେ ମୁଗ୍ଧ ପ୍ରଶଂସକ ହୋଇଗଲେ ଏବଂ ବାରମ୍ବାର ତାଙ୍କୁ ନିମନ୍ତ୍ରଣ କରି ସୁଲଳିତ କଣ୍ଠରୁ ଭଜନ ଶୁଣୁଥିଲେ। ଦିନକୁ ଦିନ ସାଲବେଗଙ୍କ ଲୋକପ୍ରିୟତା ବଢୁଥିବା ଦେଖି କିଛି ସେବକ ତାଙ୍କୁ ଈର୍ଷା କରିବାକୁ ଲାଗିଲେ। ଥରେ ରାଜା ଏକ ଅଦ୍ଭୁତ ସ୍ୱପ୍ନ ଦେଖିଲେ ଯେ ସାଲବେଗ ରତ୍ନବେଦୀ ଉପରକୁ ଚଢ଼ି ତିନି ଠାକୁରଙ୍କୁ ଚାମର କରୁଛନ୍ତି। ଏ କଥା ସେ ତା'ପରଦିନ ସମସ୍ତଙ୍କୁ କହିଲେ। ନିନ୍ଦୁକମାନଙ୍କୁ ଏକ ସୁଯୋଗ ମିଳିଗଲା। ସେମାନେ ପ୍ରଚାର କଲେ ଯେ ସାଲବେଗଙ୍କୁ ମନ୍ଦିର ବାରଣ ଥିବାରୁ ସେ ଲୁଚିଛପି ଭିତରକୁ ଯାଉଛି ଏବଂ ମନ୍ଦିରକୁ ଅପବିତ୍ର କରୁଛି। ସାଲବେଗ ବ୍ୟଥିତ ହୋଇ କିଛିଦିନ ପାଇଁ ବୃନ୍ଦାବନ ଚାଲିଗଲେ।

ଗୁଣ୍ଡିଚା ଯାତ୍ରାର ସମୟ ଆସି ପହଞ୍ଚିବାରୁ ପୁଣି ପୁରୀ ଉଦ୍ଦେଶ୍ୟରେ ଯାତ୍ରା କଲେ। ଅନେକ ବାଟ ଯିବାପରେ ସେ ତାଙ୍କ ଦିବ୍ୟଚକ୍ଷୁରେ ରଥାରୂଢ଼ ଠାକୁରମାନଙ୍କୁ ଦର୍ଶନ କରୁଥିଲେ ମଧ୍ୟ ଜାଣିଲେ ଯେ ନୀଳାଦ୍ରି ବିଜେ ଆଗରୁ ପୁରୀରେ ପହଞ୍ଚି ପାରିବେ ନାହିଁ। ତେଣୁ ସେ ବିକଳ ହୋଇ ମହାପ୍ରଭୁଙ୍କୁ ପ୍ରାର୍ଥନା କରିବାକୁ ଲାଗିଲେ- 'ଜଗବନ୍ଧୁ ହେ ଗୋସାଇଁ ତୁମ ଶ୍ରୀଚରଣ ବିନୁ ଅନ୍ୟଗତି ନାହିଁ.../... ସାତଶ ପଚାଶ କୋଶ ଚାଲି ନ ପାରଇ ମୋହ ଯିବା ଯାଏ ନନ୍ଦିଘୋଷେ ଥିବ ରହି।'

ଶ୍ରୀକ୍ଷେତ୍ରରେ ମହାପ୍ରଭୁଙ୍କ ବାହୁଡ଼ା ଯାତ୍ରା ଚାଲିଥିଲା। ବଡ଼ଠାକୁର ବଳଭଦ୍ର ଓ ଦେବୀ ସୁଭଦ୍ରା ଆଗେ ଆଗେ ରଥାରୋହଣ କରି ଚାଲିଗଲେ। ମହାପ୍ରଭୁଙ୍କ ନନ୍ଦିଘୋଷ ବଳଗଣ୍ଡିଠାରେ ପହଞ୍ଚିଥିବା ବେଳେ ହଠାତ୍ ଅଟକି ଗଲା। ଯେତେ ଚେଷ୍ଟା କଲେ ମଧ୍ୟ ରଥ ହଲିଲା ନାହିଁ। ଗଜପତି ମହାପ୍ରଭୁଙ୍କୁ ଧ୍ୟାନ କରି ଗୁହାରିଆ ପଡ଼ିଲେ। ମହାପ୍ରଭୁ ରାଜାଙ୍କୁ ଶୂନ୍ୟବାଣୀରେ ଆଜ୍ଞା ଦେଲେ, 'ରାଉତ, ମୋର ପରମଭକ୍ତ ବର୍ଷରେ ଦୁଇଥର ମୋତେ ରଥରେ ଦର୍ଶନ କରେ। ସେ ବୃନ୍ଦାବନରୁ ଫେରିବା ପର୍ଯ୍ୟନ୍ତ ମୋତେ ରଥରେ ଅପେକ୍ଷା କରିବାକୁ ହେବ। ସେ ପର୍ଯ୍ୟନ୍ତ ରଥ ଟାଣିବା ପାଇଁ ସମସ୍ତ ଉଦ୍ୟମ ବନ୍ଦ ରହୁ।'

ସାଲବେଗ ଚାଲିଚାଲି ଆସି ଅଠର ନଳାରେ ପହଞ୍ଚିଲେ। ମହାପ୍ରଭୁ ବଳଗଣ୍ଡିରେ ଅପେକ୍ଷା କରିଥିବା ଶୁଣି ଦୌଡ଼ିଲେ ବଡ଼ଦାଣ୍ଡକୁ। ଅଶ୍ରୁସିକ୍ତ ନୟନରେ ନିବେଦନ କଲେ, 'ମହାପ୍ରଭୁ! ଭକ୍ତବତ୍ସଳ! ମୋ ପରି ଜଣେ ଅଛୁଆଁ ଯବନ ଅକିଞ୍ଚନ ପତିତକୁ ଦର୍ଶନ ଦେବା ପାଇଁ ଭାଇଭଉଣୀଙ୍କୁ ଛାଡ଼ି ବଡ଼ଦାଣ୍ଡରେ ଅଟକି ରହିଲ! ତୁମେ ଧନ୍ୟ, ! ଏବେ ଚାଲ ମହାବାହୁ। ଆମେ ସବୁ ତୁମ ସାଙ୍ଗରେ ଯିବୁ। - ଆହେ ରଥବର ଚଢ଼ା, ମୋ କରମ ଏତେ ପୋଡ଼ା / ମୋ ପାଇଁ ସହିଲ ପ୍ରଭୁ ଏତେ କଷଣ, ଜାତିରେ ମୁହିଁ ଯବନ / କ୍ଷମ ଦୋଷ ନବଘନ, ବଳଗଣ୍ଡି ପଥେ ପ୍ରଭୁ କର ଗମନ / ସାଲବେଗ ହୀନ ସ୍ୱଭାବ, ଦୀନ ହୀନ ଯବନରେ ଏତେ ସରାଗ!' ଏହାପରେ ଥରଥର ହାତରେ ରଥ ଦଉଡ଼ିକୁ ଉଠାଇଲେ। ଭକ୍ତମାନେ ଦଉଡ଼ି ଧରି ଟାଣିବାକୁ ଆରମ୍ଭ କଲେ। ନନ୍ଦିଘୋଷ ହଠାତ୍ ଚଳଚଞ୍ଚଳ ହୋଇ ଉଠିଲା ଏବଂ ଘୋର ଘର୍ଘର ନାଦ କରି ସିଂହଦ୍ୱାର ଆଡ଼କୁ ଚାଲିଲା। ହରିବୋଲ ହୁଳହୁଳି ଧ୍ୱନିରେ ବଡ଼ଦାଣ୍ଡ କମ୍ପମାନ ହେଲା।

ଗଜପତି ମହାରାଜ ଘୋଷଣା କଲେ, ପ୍ରତିବର୍ଷ ବାହୁଡ଼ା ରଥ ବଳଗଣ୍ଡିଠାରେ ଅଟକିବ। ସେଠାରେ ମଠ ସ୍ଥାପନା କରି ନିଜର ସାଧନା ଜାରି ରଖିବାକୁ ମୁଁ ଭକ୍ତ ଶିରୋମଣି ସାଲବେଗଙ୍କୁ ଅନୁରୋଧ କରୁଛି। ରାଜାଙ୍କ ଅନୁରୋଧ ରକ୍ଷାକରି ସାଲବେଗ ସେଠାରେ ସାରା ଜୀବନ ମହାପ୍ରଭୁଙ୍କ ଭଜନ ସେବାରେ ଅତିବାହିତ କଲେ। ମହାପ୍ରୟାଣ ପରେ ତାଙ୍କୁ ସେଠାରେ ସମାଧି ଦିଆଗଲା। ସେହିକାଳରୁ ଆଜି ପର୍ଯ୍ୟନ୍ତ ମହାପ୍ରଭୁଙ୍କ ବାହୁଡ଼ା ରଥ ବଳଗଣ୍ଡିରେ ଅଟକି ସମାଧିସ୍ଥ ସାଲବେଗଙ୍କୁ ପ୍ରଭୁଙ୍କ ଦର୍ଶନର ସୁଯୋଗ ପ୍ରଦାନ କରୁଛି।

ମୋ: ୯୯୦୦୦୮୩୪୩୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ଶୃଙ୍ଖଳିତ ରଥଯାତ୍ରାର ସମୀକ୍ଷା କଲେ ମୁଖ୍ୟମନ୍ତ୍ରୀ

# 'ଡ୍ୟୁଟି ନୁହେଁ, ସେବା ଭାବି କାମ କର'

ପୁରୀ,୧।୭(ସମିସ): ଚଳିତବର୍ଷ ରଥଯାତ୍ରାରେ ମାଳମାଳ ଅବ୍ୟବସ୍ଥା ଓ ବିଭ୍ରାଟ ଘଟିଛି। ରଥଟଣାଠାରୁ ଆରମ୍ଭ କରି ଦଳାଚକଟାରେ ଭକ୍ତ ମରିବା ପର୍ଯ୍ୟନ୍ତ ଅଘଟଣ ପାଇଁ ନିନ୍ଦିତ ହେଉଛନ୍ତି ରାଜ୍ୟ ସରକାର। ସବୁଆଡୁ ସମାଲୋଚନାର ଶିକାର ହେବା ପରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ପୁରୀ ଆସି ଆଗକୁ ବାକିଥିବା ଦିଗ ଉପରେ ଯଥା- ସୁରୁଖୁରୁରେ ରଥ ପରିଚାଳନା ଓ ଭକ୍ତଙ୍କ ସୁରକ୍ଷା, ଟ୍ରାଫିକ୍ ନିୟନ୍ତ୍ରଣ ଏବଂ ଅଗ୍ନିଶମ ସେବା ପ୍ରତି ଗୁରୁତ୍ୱାରୋପ କରାଯାଇଥିଲା। ମୁଖ୍ୟମନ୍ତ୍ରୀ କହିଥିଲେ, ରଥଯାତ୍ରାର ୪ଟି ଉତ୍ସବ ମଧ୍ୟରୁ ଏବେ ବି ଆଉ ତିନିଟି ବାହୁଡ଼ା, ସୁନାବେଶ ଓ ନୀଳାଦ୍ରି ବିଜେ ବାକି ଅଛି। ଅନୁକୂଳ ପାଗ ଯୋଗୁଁ ଏହି ତିନିଦିନ ବହୁତ ଭକ୍ତ ଆସିବେ। ପ୍ରତି ସ୍ୱତନ୍ତ୍ର ଧ୍ୟାନ ଦେବା ସହିତ ଆଗାମୀ ଦିନମାନଙ୍କରେ ଯାହା ସବୁ ମହାପ୍ରଭୁଙ୍କ କାର୍ଯ୍ୟକ୍ରମ ଅଛି, ସେଗୁଡ଼ିକ ଯେଭଳି ସୁରୁଖୁରୁରେ ସମ୍ପାଦିତ ହେବ ସେଥିପ୍ରତି ଅଧିକ ଯତ୍ନବାନ ହେବା ପାଇଁ ପରାମର୍ଶ ଦେଇଥିଲେ। ସେହିପରି ବେଳାଭୂମିରେ ଲୋକଙ୍କ ସୁରକ୍ଷା ସୁନିଶ୍ଚିତ କରିବାକୁ ପୁଲିସ ବିଭାଗ ସହ ସମନ୍ୱୟରକ୍ଷା କରି କାର୍ଯ୍ୟ କରିବା ନିମନ୍ତେ ସେ ଅଗ୍ନିଶମ ବିଭାଗକୁ ନିର୍ଦ୍ଦେଶ ଦେଇଥିଲେ। ଶେଷରେ ମୁଖ୍ୟମନ୍ତ୍ରୀ ଉପସ୍ଥିତ ଅଧିକାରୀମାନଙ୍କୁ ପୁରୀ- ଭୁବନେଶ୍ୱର ରାସ୍ତା ସମେତ ବେଳାଭୂମି, ରେଳ ଷ୍ଟେସନ, ବସ୍‌ଷ୍ଟାଣ୍ଡ, ମନ୍ଦିର ସମ୍ମୁଖ ଇତ୍ୟାଦି ଗୁରୁତ୍ୱପୂର୍ଣ୍ଣ ସ୍ଥାନମାନଙ୍କରେ କଡ଼ା ନଜର ରଖି ସମସ୍ତେ କାମ କରିବା ପାଇଁ ପରାମର୍ଶ ଦେଇଥିଲେ।



ରଥଯାତ୍ରାର ଅନ୍ୟାନ୍ୟ ନୀତିକାନ୍ତି ଯେପରି ଶୃଙ୍ଖଳିତ ହେବ, ତାହାର ସମୀକ୍ଷା କରିଛନ୍ତି।

ମଙ୍ଗଳବାର ସ୍ୱତନ୍ତ୍ର ସର୍କିଟ୍ ହାଉସ୍‌ରେ ଅନୁଷ୍ଠିତ ବୈଠକରେ ମୁଖ୍ୟମନ୍ତ୍ରୀ ଅଧ୍ୟକ୍ଷତା କରି କହିଥିଲେ ଯେ ଏହି କାମ ଆମମାନଙ୍କ ପାଇଁ ଏକ ଡ୍ୟୁଟି ନୁହେଁ, ଏହା ହେଉଛି ସୌଭାଗ୍ୟର ବିଷୟ। ସମର୍ପଣ ଭାବ ସହ ସମନ୍ୱୟ ରକ୍ଷା କରି କାର୍ଯ୍ୟ କରିବା ପାଇଁ ସେ ସମସ୍ତ ଉପସ୍ଥିତ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ। ବୈଠକରେ ସୁରକ୍ଷାର ତିନିଟି ବିଶେଷକରି ସୁନାବେଶ ଦିନ। ଏଣୁ ଏହି ବଡ଼ ସମାଗମରେ ସୁରକ୍ଷା ବ୍ୟବସ୍ଥାର ପରିଚାଳନା ପାଇଁ ଏବଂ ସବୁବେଳେ ସବୁ ସମୟରେ କିଛି ଅପ୍ରତ୍ୟାଶିତ ଘଟଣା ପାଇଁ ପ୍ରସ୍ତୁତ ରହିବା ଅତ୍ୟନ୍ତ ଜରୁରି।

ବାହୁଡ଼ା, ସୁନାବେଶ ପାଇଁ ଭକ୍ତ ଓ ଶ୍ରଦ୍ଧାଳୁମାନଙ୍କ ସୁରକ୍ଷା ବ୍ୟବସ୍ଥାକୁ ସୁନିଶ୍ଚିତ କରିବା ନିମନ୍ତେ ଆବଶ୍ୟକସ୍ଥଳେ ଅଧିକ ଫୋର୍ସ ନିୟୋଜିତ କରିବା ପାଇଁ ମୁଖ୍ୟମନ୍ତ୍ରୀ ନିର୍ଦ୍ଦେଶ ଦେଇଥିଲେ। ଟ୍ରାଫିକ୍ କଣ୍ଟ୍ରୋଲ ବୈଠକରେ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ, ସାଂସଦ ଡ. ସମ୍ବିତ ପାତ୍ର, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ପୁଲିସ ଡିଜି ୱାଇ.ବି. ଖୁରାନିଆ, ରଥଯାତ୍ରା ପାଇଁ ସ୍ୱତନ୍ତ୍ର ଦାୟିତ୍ୱରେ ଥିବା କମିଶନର ତଥା ଶାସନ ସଚିବ ଅରବିନ୍ଦ ଅଗ୍ରୱାଲ, ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀ ପ୍ରମୁଖ ସୁରକ୍ଷା ବ୍ୟବସ୍ଥାର ବିଭିନ୍ନ ଦିଗ ଉପରେ ସୁଚିନ୍ତିତ ମତାମତ ରଖିଥିଲେ। ଜିଲ୍ଲାପାଳ ଚଞ୍ଚଳ ରାଣା ସମସ୍ତଙ୍କୁ ସ୍ୱାଗତ କରିଥିଲେ।

# ସେବାୟତଙ୍କୁ କ୍ଷମା ମାଗିଲେ ଆଇନମନ୍ତ୍ରୀ

ପୁରୀ, ୧।୭ (ସମିସ): ଚଳିତବର୍ଷ ରଥଯାତ୍ରା ନାନା ବିଭ୍ରାଟ ମଧ୍ୟରେ ଚାଲିଛି। ରଥକାଠ ଅଭାବଠାରୁ ଆରମ୍ଭ କରି ଏବେ ଶରଧାବାଲିରେ ଦଳାଚକଟା ଘଟି ୩ ଭକ୍ତଙ୍କ ମୃତ୍ୟୁ ପର୍ଯ୍ୟନ୍ତ ମାଳମାଳ ସମସ୍ୟା ଓ ବିଭ୍ରାଟ ଦେଖିବାକୁ ମିଳିଛି। ଆଗକୁ ପୁଣି ମହାପ୍ରଭୁଙ୍କ ବାହୁଡ଼ା, ସୁନାବେଶ ଭଳି ଅନେକ ଗୁରୁତ୍ୱପୂର୍ଣ୍ଣ ପର୍ବପର୍ବାଣୀ ରହିଛି। ଏ ସବୁକୁ କିପରି ଶୃଙ୍ଖଳିତ ଭାବେ ସମ୍ପନ୍ନ କରାଯିବ, ସେନେଇ ମଙ୍ଗଳବାର ସର୍କିଟ୍ ହାଉସରେ ସେବାୟତମାନଙ୍କ ସହ ବୈଠକ କରିଛନ୍ତି ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ। ତେବେ ରଥଯାତ୍ରା ଦିନ ଡାକବାଜି ଯନ୍ତ୍ର ଦ୍ୱାରା ସେମାନଙ୍କୁ ଅନଧିକୃତ କହିବା ନେଇ ସେବାୟତଙ୍କ ମଧ୍ୟରେ ଯେଉଁ ଅସନ୍ତୋଷ ଥିଲା, ସେନେଇ ଆଇନମନ୍ତ୍ରୀ କ୍ଷମା ମାଗି ସେଥିରେ ଯବନିକା ପକାଇଛନ୍ତି।

ରଥଯାତ୍ରାରେ ଗୋଟିଏ ପରେ ଗୋଟିଏ ବିଭ୍ରାଟ ଘଟିବାରେ ଲାଗିଛି। ଏବେ ଠାକୁର ଆଡ଼ପ ମଣ୍ଡପରେ ଦର୍ଶନ ଦେଉଛନ୍ତି। ଆଗକୁ ବାହୁଡ଼ା, ସୁନାବେଶ, ଅଧରପଣା ଓ ନୀଳାଦ୍ରିବିଜେ ନୀତିକାନ୍ତି ଯେଭଳି ଶୃଙ୍ଖଳିତ ହେବ, ସେନେଇ ସେବାୟତଙ୍କ ସହ ଆଲୋଚନା କରିଥିଲେ ଆଇନମନ୍ତ୍ରୀ ଶ୍ରୀ ହରିଚନ୍ଦନ। ସେବାୟତ, ଜିଲ୍ଲା ପ୍ରଶାସନ, ପୁଲିସ ପ୍ରଶାସନ ଓ ରାଜ୍ୟ ସରକାରଙ୍କ ଭିତରେ ଉପଯୁକ୍ତ ସମନ୍ୱୟ ରକ୍ଷାକରି କିଭଳି ସମସ୍ତ ନୀତିକାନ୍ତି ସୁରୁଖୁରୁରେ ଓ ଶୃଙ୍ଖଳିତ ଭାବେ ଶେଷ ହେବ ସେ ନେଇ ଦୀର୍ଘ ସମୟ ଧରି ଆଲୋଚନା ହୋଇଥିଲା। ବିଶେଷକରି ରଥଯାତ୍ରା ଦିନ ରଥ ଉପରୁ କିଛି ସେବାୟତଙ୍କୁ କାଢ଼ି ଦିଆଯିବା ଓ ବାରମ୍ବାର ଅନଧିକୃତ ଶବ୍ଦ ପ୍ରୟୋଗ କରାଯିବା ଘଟଣାକୁ ନେଇ ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କ୍ଷମା ପ୍ରାର୍ଥନା କରିବା ସହ ଭବିଷ୍ୟତରେ କିଭଳି ଏହାର ପୁନରାବୃତ୍ତି ନ ହେବ, ତା' ଉପରେ ଗୁରୁତ୍ୱ ଦେଇଥିଲେ। ଏଥିସହ ପ୍ରତି ୩ମାସରେ ସେ ଛତିଶା ନିଯୋଗ ସେବାୟତଙ୍କ ସହ ଆଲୋଚନା କରି ଶ୍ରୀମନ୍ଦିର ପାଇଁ ବିଭିନ୍ନ ସଂସ୍କାର ଏବଂ ଉନ୍ନତିମୂଳକ କାମ କରିବେ ବୋଲି କହିଛନ୍ତି।

ସେହିପରି ବୈଠକରେ ସେବାୟତ ପିଲାଙ୍କ ପାଇଁ ଆଦର୍ଶ ଗୁରୁକୁଳ, ସେବାୟତ ଆବାସ ଯୋଜନା ଓ ସେବାୟତଙ୍କ ବିଭିନ୍ନ ସମସ୍ୟା ନେଇ ଆଲୋଚନା କରାଯାଇଥିଲା। ଆଇନ ମନ୍ତ୍ରୀଙ୍କ ସହ ପୁରୀ ସାଂସଦ ଡ. ସମ୍ବିତ ପାତ୍ର ଓ ପିପିଲି ବିଧାୟକ ଆଶ୍ରିତ ପଟ୍ଟନାୟକ ଉପସ୍ଥିତ ଥିଲେ। ଏହି ବୈଠକରେ ଶ୍ରୀମନ୍ଦିରର ବରିଷ୍ଠ ଏବଂ ସେବା ସମ୍ପୃକ୍ତ ସେବାୟତ ଉପସ୍ଥିତ ଥିଲେ। ଶ୍ରୀମନ୍ଦିର ପରିଚାଳନା କମିଟି କାର୍ଯ୍ୟକାଳ ଶେଷ ହେବା ପରେ ନୂତନ ମନୋନୀତ ସେବକ ପ୍ରତିନିଧି ଏଯାବତ ଚୟନ ହୋଇନାହାନ୍ତି, ଯାହାକୁ ନେଇ ଅସନ୍ତୋଷ ରହିଛି। ଏ ପ୍ରଶ୍ନରେ ଆଇନ ମନ୍ତ୍ରୀ କହିଛନ୍ତି, ରଥଯାତ୍ରା ପରେ ନୂତନ ଶ୍ରୀମନ୍ଦିର ପରିଚାଳନା କମିଟି ଗଠନ କରାଯିବ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ସମୂହ ଛୁଟିରେ...

ଭାବେ ସଂଘ ପକ୍ଷରୁ ଦର୍ଶାଯାଇଥିବା ବିଜେପି ନେତା ଜଗନ୍ନାଥ ପ୍ରଧାନଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନାହିଁ। ଯାହାକୁ ନେଇ ସଂଘ ଖଡ୍‌ଗହସ୍ତ ହୋଇଛି ଏବଂ ସାରା ରାଜ୍ୟରେ ଓଏଏସ୍ ଅଧିକାରୀମାନେ ସମୂହ ଛୁଟିରେ ଯାଇଛନ୍ତି। ଯାହାଫଳରେ ରାଜ୍ୟରେ ପ୍ରଶାସନିକ ଅଚଳାବସ୍ଥା ସୃଷ୍ଟି ହୋଇଛି।

### ଥାଇଲାଣ୍ଡ ପ୍ରଧାନମନ୍ତ୍ରୀଙ୍କୁ...

ଏହି ରାୟ ଶୁଣାଇଛନ୍ତି। ଏହି ମାମଲାରେ ଅନ୍ତିମ ରାୟ ଆସିବା ପର୍ଯ୍ୟନ୍ତ ଶିନାୱାତ୍ରାଙ୍କୁ ପ୍ରଧାନମନ୍ତ୍ରୀ ପଦରୁ ନିଲମ୍ବନ କରାଗଲା ବୋଲି କୋର୍ଟ ତରଫରୁ କୁହାଯାଇଛି।

ଉଲ୍ଲେଖଥାଉ କି, ଗତ ମେ ମାସରେ ଥାଇଲାଣ୍ଡ ଓ କାମ୍ବୋଡିଆ ମଧ୍ୟରେ ସୀମା ବିବାଦକୁ ନେଇ ସଂଘର୍ଷ ହୋଇଥିଲା।। ଏଥିରେ କାମ୍ବୋଡିଆରେ ଜାଣେ ସୈନିକ ମୃତ୍ୟୁବରଣ କରିଥିଲେ। ସୀମାରେ ସଂଘର୍ଷ ଚାଲିଥିବା ବେଳେ ଶିନାୱାତ୍ରା କାମ୍ବୋଡିଆର ପୂର୍ବତନ ପ୍ରଧାନମନ୍ତ୍ରୀ ହୁନ୍ ସେନଙ୍କୁ ଫୋନ୍ କରିଥିଲେ। ଏବେ ଏହି ଫୋନ୍ କଲର ରେକର୍ଡିଂ ଲିକ୍ ହୋଇଛି। ନିଜ ଦେଶରେ ଜାଣେ ବରିଷ୍ଠ କମାଣ୍ଡରଙ୍କୁ ତାଙ୍କର ବିରୋଧୀ ବୋଲି ସେ କହିଛନ୍ତି। ଏହାକୁ ଥାଇଲାଣ୍ଡରେ ଲୋକେ ସହଜରେ ଗ୍ରହଣ କରିପାରୁ ନଥିବା ବେଳେ କୋର୍ଟ ଏହି ରାୟ ଶୁଣାଇଛନ୍ତି।

### ମୃତ୍ୟୁସଂଖ୍ୟା ୪୨...

ଶ୍ରମିକଙ୍କ ପରିବାର ଓ ସଂପର୍କୀୟଙ୍କୁ ସବୁ ପ୍ରକାର ସହାୟତା ଯୋଗାଇଦେବା ଲାଗି ସେମାନଙ୍କୁ କୁହାଯାଇଛି। ରାଜଧାନୀ ହାଇଦ୍ରାବାଦରୁ ୫୦ କିଲୋମିଟର ଦୂର ସିଗାଚି ଫାର୍ମା କଂପାନୀରେ ଗତକାଲି ଶକ୍ତିଶାଳୀ ବିସ୍ଫୋରଣ ଯୋଗୁଁ ଭୟଙ୍କର ପରିସ୍ଥିତି ସୃଷ୍ଟି ହୋଇଥିଲା। ଗତକାଲି ୧୬ ଜଣଙ୍କର ମୃତଦେହ ମିଳିଥିବା ବେଳେ ଅନେକ ଆହତ ଶ୍ରମିକଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଥିଲା। ବିସ୍ଫୋରଣ ଏତେ ଶକ୍ତିଶାଳୀ ଥିଲା ଯେ ତିନି ମହଲା କୋଠା ଭୁଶୁଡ଼ି ପଡ଼ିଥିଲା। ଏବେ ବି ଭଗ୍ନାବଶେଷ ତଳେ ଅନେକ ମୃତାହତ ଶ୍ରମିକ ପୋତି ହୋଇ ରହିଛନ୍ତି। ଅନେକ ମୃତଦେହ ସଂପୂର୍ଣ୍ଣ ରୂପେ ପୋଡ଼ି ହୋଇଯାଇଥିବାରୁ ଚିହ୍ନଟ କରିବା ମୁସ୍କିଲ ହୋଇପଡ଼ିଛି। କେତେକ ମୃତଦେହ ଖଣ୍ଡ ଖଣ୍ଡ ହୋଇଯାଇଛି। ତେଣୁ ଏଥିରେ କେତେଜଣ ଓଡ଼ିଆ ଶ୍ରମିକ ରହିଛନ୍ତି, ତାହା ଜଣାପଡ଼ି ନାହିଁ। ବର୍ତ୍ତମାନ ସୁଦ୍ଧା ମାତ୍ର ୫ ମୃତଦେହ ଚିହ୍ନଟ ହୋଇଛି। ଗତକାଲି କାରଖାନର ରିଆକ୍ଟର ୟୁନିଟ୍‌ରେ ବିସ୍ଫୋରଣ ହୋଇଥିଲା। ପାଶମିଲାରାମ ଇଣ୍ଡଷ୍ଟ୍ରିଆଲ୍ ଏରିଆରେ ଥିବା ସିଗାଚି ଇଣ୍ଡଷ୍ଟ୍ରିରେ ସକାଳ ୮.୧୫ରୁ ୯.୩୦ ମଧ୍ୟରେ ଏହି ଦୁର୍ଘଟଣା ଘଟିଥିଲା। ମୃତକଙ୍କ ପରିଜନଙ୍କୁ ୨ ଲକ୍ଷ ଟଙ୍କାର ଅନୁକମ୍ପାମୂଳକ ରାଶି ଦେବାକୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଘୋଷଣା କରିଛନ୍ତି। ସେହିପରି ଆହତଙ୍କୁ ୫୦ ହଜାର ଟଙ୍କାର ସହାୟତା ରାଶି ଦେବାକୁ କୁହାଯାଇଛି। କାରଖାନାରେ ବିସ୍ଫୋରଣ ଏତେ ଶକ୍ତିଶାଳୀ ଥିଲା ଯେ, କେତେକ ଶ୍ରମିକ ୧୦୦ ମିଟର ଦୂରରେ ଯାଇ ଛିଟିକି ପଡ଼ିଥିଲେ।

### ଦିନକରେ ୩ ହତ୍ୟା...

ବ୍ୟକ୍ତିଙ୍କୁ ଖଣ୍ଡା, ହକିଷ୍ଟିକ୍, ଲୁହାରଡ୍ ଓ ବ୍ଲେଡ୍‌ରେ ସଂଘବଦ୍ଧ ଆକ୍ରମଣ କରିଥିଲେ। ୩ଗୁରୁତରଙ୍କୁ ଛତ୍ରପୁର ମେଡିକାଲରେ ଭର୍ତ୍ତି କରାଯାଇଥିଲା। ସେଠାରେ ସୁଧୀର ସ୍ୱାଇଁ, ନନ୍ଦବାରିକ ଓ ରାହୁଲ ସ୍ୱାଇଁଙ୍କୁ ଚିକିତ୍ସା କରାଯାଇଥିଲା। ତୋଫାନଙ୍କ ଅବସ୍ଥା ଗୁରୁତର ଥିବାରୁ ତାଙ୍କୁ ବ୍ରହ୍ମପୁର ପଠାଯାଇଥିଲା। ସେଠାରେ ତୋଫାନଙ୍କ ମୃତ୍ୟୁ ହୋଇଯାଇଥିଲା। ଏହି ଘଟଣାରେ ପୁଲିସ୍ ଦୁଇଜଣଙ୍କୁ ଥାନାରେ ଅଟକ ରଖି ତଦନ୍ତ ଚଳାଇଛି। କିନ୍ତୁ ଖବର ଲେଖା ହେବା ବେଳକୁ ଥାନାରେ କେହି ଏତଲା ଦେଇନାହାନ୍ତି ବୋଲି ଥାନା ଅଧିକାରୀ ଦେବାଶିଷ ମହାନ୍ତି କହିଛନ୍ତି।

ସୂଚନାଯୋଗ୍ୟ, ବିଗତ କିଛି ବର୍ଷ ହେଲା ଗୋବା ଗ୍ରାମରେ ୨ ଗୋଷ୍ଠୀ ମଧ୍ୟରେ ବିବାଦ ଲାଗି ରହିଥିଲା। ବହୁବାର ଥାନାରେ ଏହାର ସମାଧାନ ମଧ୍ୟ ହୋଇଥିଲା। ପୂର୍ବରୁ ଗାଁ କମିଟି ଥିବା ବେଳେ ବିଗତ କିଛି ବର୍ଷ ହେଲା ସଭାପତିଙ୍କ ମୃତ୍ୟୁ ପରେ ନୂତନ କମିଟି ଗଠନ କରିବା, କିଛି ଦିନ ତଳେ ଗାଁରେ ଏକ ଟେଣ୍ଡର କାର୍ଯ୍ୟକୁ ନେଇ ଦୁଇଗୋଷ୍ଠୀ ମୁହାମୁହିଁ, ପୂର୍ବଶତ୍ରୁତା ସହ ବିଭିନ୍ନ ବିଷୟକୁ ନେଇ ଏହି ଦୁଇଗୋଷ୍ଠୀ ମଧ୍ୟରେ ଛକାପଞ୍ଝା ଲାଗି ରହୁଥିବା ବେଳେ କାଲି ଏହା ଉଗ୍ରରୂପ ନେଇଛି ବୋଲି ପୁଲିସ କହିଛି। ଅନ୍ୟ ଏକ ଘଟଣାକ୍ରମେ, ବେଗୁନିଆପଡ଼ା ଥାନା ବି.ନୂଆପଲ୍ଲୀରେ ଜଣେ ଯୁବକଙ୍କୁ ସଂଘବଦ୍ଧ ଭାବେ ହତ୍ୟା କରାଯାଇଛି। ମୃତକ ହେଲେ, ନିରାକାର ଦାସ। ସୋମବାର ବିଳମ୍ବିତ ରାତିରେ ୩ରୁ ଊର୍ଦ୍ଧ୍ୱ ଯୁବକ ତାଙ୍କୁ ସଂଘବଦ୍ଧ ଆକ୍ରମଣ କରି ହତ୍ୟା କରିଥିବା ଜଣାପଡ଼ିଛି। ଘଟଣାସ୍ଥଳରେ ପୁଲିସ ଓ ସାଇଣ୍ଟିଫିକ୍ ଟିମ୍ ପହଞ୍ଚି ଛାନଭିନ୍ ଚଳାଇଛି। ପୁଲିସ ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଛି। ପରିବାରଲୋକେ ବେଗୁନିଆପଡ଼ା ଥାନାରେ ଏତଲା ଦେଇଥିବା ବେଳେ ପୁଲିସ ୪ ଯୁବକଙ୍କୁ ଅଟକ ରଖି ପଚରାଉଚରା ଚଳାଇଛି।

ସେହିପରି ବ୍ରହ୍ମପୁର ନୂଆ ବସ୍‌ଷ୍ଟାଣ୍ଡସ୍ଥିତ ପୁଷ୍ପାଞ୍ଜଳି ଗେଷ୍ଟ୍ ହାଉସ୍‌ରେ ଜଣେ ଯୁବତୀଙ୍କୁ ଛୁରି ଭୁସି ହତ୍ୟା କରିଛି ପ୍ରେମିକ। ମୃତ ଯୁବତୀଜଣଙ୍କ ହେଲେ, ବ୍ରହ୍ମପୁର ଲାଞ୍ଜିପଲ୍ଲୀ ଫାଣ୍ଡି ଅଧୀନ ପାଢ଼ୀ କଲୋନୀର ପ୍ରିୟା ମହାରଣା(୨୪)। ପ୍ରିୟାଙ୍କୁ ହତ୍ୟା କରିବା ପରେ ପ୍ରେମିକ ଲାଞ୍ଜିପଲ୍ଲୀ ଉମାନଗର ୧ମ ଲାଇନ୍‌ର ଅଭୟ କୁମାର ମହାରଣା(୨୪) ଥାନାରେ ଆତ୍ମସମର୍ପଣ କରିଛି।

ସୂଚନାନୁସାରେ, ପାଢ଼ୀ କଲୋନୀର ପ୍ରଭାକର ମହାରଣାଙ୍କ ଝିଅ ପ୍ରିୟା ବ୍ରହ୍ମପୁର ଉପକଣ୍ଠରେ ଥିବା ଏକ ଘରୋଇ ହସ୍ପିଟାଲରେ ଲାବ୍ ଆସିଷ୍ଟାଣ୍ଟ ଭାବେ କାର୍ଯ୍ୟ କରୁଥିଲେ। ମଙ୍ଗଳବାର ପୂର୍ବାହ୍ନରେ ସେ ଡ୍ୟୁଟିକୁ ଯାଉଛି କହି ଘରୁ ବାହାରିଥିଲେ। ହେଲେ ଡ୍ୟୁଟିକୁ ଯିବା ପରିବର୍ତ୍ତେ ପ୍ରେମିକ ଅଭୟ ସହ ନୂଆ ବସ୍‌ଷ୍ଟାଣ୍ଡସ୍ଥିତ ପୁଷ୍ପାଞ୍ଜଳି ଲଜ୍‌କୁ ଯାଇଥିଲେ। ଉଭୟେ ଉକ୍ତ ଲଜ୍‌ର ୧୧୨ନଂ ରୁମରେ ରହିଥିଲେ। ତେବେ ଅପରାହ୍ଣରେ କୌଣସି କାରଣରୁ ଉକ୍ତ ରୁମ୍ ଭିତରେ ଅଭୟ ପ୍ରିୟାଙ୍କୁ ନୃଶଂସ ଭାବେ ଶରୀରର ବିଭିନ୍ନ ସ୍ଥାନକୁ ଛୁରିରେ ଆକ୍ରମଣ କରିଥିଲା। ପରେ ଅଭୟ ଉକ୍ତ ଲଜ୍‌ରୁ ଚାଲିଯାଇଥିଲେ। କିଛି ସମୟ ପରେ ଅଭୟ ଗୋଷାଣିନୂଆଗାଁ ଥାନାକୁ ଯାଇ ଆତ୍ମସମର୍ପଣ କରିବା ସହ ନିଜ ଦୋଷ ସ୍ୱୀକାର କରି ଘଟଣା ସମ୍ପର୍କରେ ପୁଲିସକୁ ଜଣାଇଥିଲେ। ଗୋଷାଣିନୂଆଗାଁ ପୁଲିସ ପକ୍ଷରୁ ତୁରନ୍ତ ବୈଦ୍ୟନାଥପୁର ଥାନାକୁ ଅବଗତ କରାଯାଇଥିଲା। ଖବର ପାଇ ବୈଦ୍ୟନାଥପୁର ଥାନା ପୁଲିସ ଉକ୍ତ ଲଜ୍‌ରୁ ପ୍ରିୟାଙ୍କ ରକ୍ତ ଜୁଡୁବୁଡୁ ଶବ ଉଦ୍ଧାର କରି ଏମକେସିଜି ମେଡିକାଲରେ ଭର୍ତ୍ତି କରାଇଥିଲା। ଖବର ପାଇ ଦକ୍ଷିଣାଞ୍ଚଳ ଆଇଜି ନିତିଶେଖର, ବ୍ରହ୍ମପୁର ଏସ୍‌ପି ଡା. ସର୍ବଣା ବିବେକ ଏମ୍ ସମ୍ପୃକ୍ତ ଲଜ୍‌ରେ ପହଞ୍ଚି ତଦନ୍ତ କରିଥିଲେ।

### ସ୍କୁଲ୍ ଶୌଚାଳୟରେ...

୧୧ଟାରେ ପୀଡ଼ିତାଜଣଙ୍କ ନିଜ ମାଉସୀଙ୍କ ଘରକୁ ଗୁଆ ଆଣିବାକୁ ଯାଇଥିଲା। ସେଠାରେ ଭୁବନ ପହଞ୍ଚି ନାବାଳିକାଙ୍କୁ ସ୍କୁଲ ପାଇଖାନା ପାଖକୁ ନେଇ ଦୁଷ୍କର୍ମ କରିଥିଲା। ନାବାଳିକାଙ୍କ ଚିତ୍କାର ଶୁଣି ଗ୍ରାମର ଭଗବାନ ପ୍ରଧାନ ଘଟଣାସ୍ଥଳରେ ପହଞ୍ଚିଯିବାରୁ ଭୁବନ ନାବାଳିକାଙ୍କୁ ସେଠାରେ ଛାଡ଼ି ଚମ୍ପଟ ମାରିଥିଲା। ଖବର ପାଇ ନାବାଳିକାଙ୍କ ବାପା ଓ ମାଆ କାମ ଛାଡ଼ି ଘରକୁ ଆସି ଝିଅ ଠାରୁ ସବୁକଥା ଶୁଣିବା ପରେ ଗତ ୩୦ ତାରିଖରେ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ପୁଲିସ୍ ଏକ ମାମଲା ରୁଜୁ କରି ତଦନ୍ତ କରିବା ସହ ନାବାଳିକାଙ୍କ ଡାକ୍ତରୀମାଇନା କରି କୋର୍ଟରେ ବୟାନ ରେକର୍ଡ କରାଯାଇଛି।

### ଚାନ୍ଦା ନ ଦେଲେ...

ଚାନ୍ଦା ଓ ବଟି ପାଇଁ ଖୋଲାଖୋଲି ଧମକ ଦେଉଛନ୍ତି। କେଇମାସ ତଳେ ଆସିକା ବିଧାୟକ ସରୋଜ ପାଢ଼ୀ ବାଲିଘାଟରୁ ଦାଦାବଟି ଆଦାୟ ଅଡ଼ିଓ ଭାଇରାଲ ହୋଇଥିଲା। ଏବେ ଅନୀଲ ପଣ୍ଡା ନାମକ ଜଣେ ବିଜେପି ନେତା ଚାନ୍ଦା ମାଗୁଥିବା ଅଡ଼ିଓ ଜିଲ୍ଲା ସାରା ଘୂରି ବୁଲୁଛି। ବିଜେପି ଯୁବନେତା ନିଜକୁ ଅନୀଲ ପଣ୍ଡା ବୋଲି ପରିଚୟ ଦେଇ ଖଲ୍ଲିକୋଟ ଜାତୀୟ ରାଜପଥରେ ଥିବା ଟୋଲଗେଟ ଠିକାସଂସ୍ଥାର ମ୍ୟାନେଜରଙ୍କୁ ଚାନ୍ଦା ମାଗୁଥିବା ଅଡ଼ିଓରୁ ସ୍ପଷ୍ଟ ହୋଇଛି। ହିନ୍ଦୀ ଭାଷାରେ ମ୍ୟାନେଜରଙ୍କ ସହିତ କଥା ହୋଇ ପାର୍ଟି ଲାଗି ଚାନ୍ଦା ଦିଅ ନଚେତ ହାଲ୍ଲାବୋଲ ହେବ ବୋଲି ବିଜେପି ନେତା ଜଣକ ଫୋନ ଯୋଗେ ଖୋଲାଖୋଲି ଧମକ ଦେଉଛନ୍ତି। ଆମେ ଯାହା କହିଥିଲୁ, ତାହା କାହିଁକି ଆସିଲା ନାହିଁ ଓ ତାହା ନ ମିଳିଲେ ଆମେ ଆଉ କାମ ଆରମ୍ଭ କରିବୁ ବୋଲି ସେ ସ୍ପଷ୍ଟ ଭାବରେ କହୁଛନ୍ତି। ତୁମେ ଯଦି ଆମ କଥାରେ ରାଜି ନହୁଅ ତେବେ ମୋ କାମ ମୁଁ ଆରମ୍ଭ କରିବି। ପାର୍ଟି ପାଇଁ ଚାନ୍ଦା ଦେବନି ଯଦି ବିଜେପି ଯୁବମୋର୍ଚ୍ଚା ହାଲ୍ଲାବୋଲ କରିବେ ବୋଲି ସେ କହୁଛନ୍ତି। ସେହିପରି ଟୋଲଗେଟ୍‌ରେ କାମ କରୁଥିବା ପିଲାମାନଙ୍କୁ ବାହାର କରି ବିଜେପି ପିଲାଙ୍କୁ ଭର୍ତ୍ତି କରିବାକୁ ମଧ୍ୟ ସେ ଧମକ ଦେଇଛନ୍ତି। ଅପରପକ୍ଷରୁ ଟୋଲ ଗେଟ୍‌ର ଅଧିକାରୀ ଏହା ସେ କରି ପାରିବେ ନାହିଁ ଓ ଏତେ ପରିମାଣରେ ଦାବି ପୂରଣ କରିବାକୁ ଅକ୍ଷମତା ପ୍ରକାଶ କରିବା ପରେ ତାଙ୍କୁ ମଧ୍ୟ ସମ୍ପୃକ୍ତ ଯୁବ ନେତା ଧମକ ଦେଉଥିବା ଅଡ଼ିଓରେ ଶୁଣାଯାଉଛି। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ସମ୍ପୃକ୍ତ ବିଜେପି ଯୁବ ନେତା ସେ କହୁଥିବା କଥାକୁ ରେକର୍ଡିଂ କରି କମ୍ପାନୀ ଓ ସ୍ଥାନୀୟ ବିଧାୟକଙ୍କୁ ଜଣାଇବା ସହ ନିଜେ ସୁରକ୍ଷା ସହ ନ ରହିଲେ ଅସୁବିଧା ହେବ ବୋଲି କହୁଛନ୍ତି। ଏହି ଅଡ଼ିଓ ପ୍ରଚାରିତ ହେବା ପରେ ଜିଲ୍ଲାରେ ଆଇନଶୃଙ୍ଖଳା ଓ ବିଜେପି ନେତାମାନଙ୍କ ଦାଦାଗିରିକୁ ନେଇ ସାଧାରଣରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ଦୀର୍ଘବର୍ଷ ହେଲା ଶାନ୍ତ ପଡ଼ିଥିବା ଗଞ୍ଜାମର ସ୍ଥିତି ୮୦ ଦଶକକୁ ଫେରିଯିବା ପରି ଅବସ୍ଥା ସୃଷ୍ଟି ହୋଇଛି। ଏପରିକି ବିଜେପି ନେତାମାନେ ହିଁ ଅପରାଧ ଭଳି ଘଟଣା ଘଟାଇବାକୁ ପଛାଉନାହାନ୍ତି। ନାବାଳିକା ଦୁଷ୍କର୍ମ ଭଳି ସଂଗୀନ ମାମଲାରେ ବିଜେପି ନେତାଙ୍କ ସମ୍ପୃକ୍ତି, ବାଲିଘାଟ ଠାରୁ ଟୋଲଗେଟ ପର୍ଯ୍ୟନ୍ତ ବିଭିନ୍ନ ଜାଗାରେ ଚାନ୍ଦା ମାଗିବା ସହିତ ଏଭଳି ଆଚରଣ ବିଜେପି ଦଳର ଆଦର୍ଶ କି ବୋଲି ବିରୋଧୀ ପ୍ରଶ୍ନ କରିଛନ୍ତି।

### କାହାକୁ ସୁରକ୍ଷା...

ଚଳିତ ରଥଯାତ୍ରାରେ ଯେଉଁ ବିଭ୍ରାଟ ଘଟିଲା ତାହା ଆଗରୁ କେବେ ଘଟିନଥିଲା। ଗୁଣ୍ଡିଚା ମନ୍ଦିର ସମ୍ମୁଖରେ ଭୋର ୪ଟା ପରେ ଦଳାଚକଟାରୁ ଲୋକଙ୍କ ଜୀବନ ଯିବା ପୁରୀ ଇତିହାସରେ ପ୍ରଥମ। ଘୋର ପ୍ରଶାସନିକ ଅବ୍ୟବସ୍ଥା, ବରିଷ୍ଠ ଅଧିକାରୀଙ୍କ ଦାୟିତ୍ୱହୀନତା ସର୍ବୋପରି ରାଜ୍ୟ ସରକାର ଏବଂ ମନ୍ତ୍ରୀସ୍ତରୀୟ କମିଟିର ହେୟଜ୍ଞାନ ମନୋବୃତ୍ତି କାରଣରୁ ଏତେବଡ଼ ଅଘଟଣ ଘଟିଥିବା କୁହାଯାଉଛି। ସରକାର ଚାହିଁଥିଲେ ଥିରେ ଦାୟୀ ଅଧିକାରୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେଇପାରିଥାନ୍ତେ। ମାତ୍ର କାର୍ଯ୍ୟାନୁଷ୍ଠାନ ପରିବର୍ତ୍ତେ ସରକାର କେବଳ ୨ ଜଣ ଓପିଏସଙ୍କୁ ନିଲମ୍ବନ କରି ନିଜ ଅସହାୟତାର ପ୍ରମାଣ ଦେଇଛନ୍ତି। ସରକାରଙ୍କ ଅସହାୟତା ଆଗକୁ ରାଜ୍ୟରେ ଘୋର ସଂକଟ ଆଣିପାରେ। ଯାହା ରାଜ୍ୟପାଇଁ ଭଲ ନୁହେଁ ବୋଲି ସାଧାରଣରେ ମତ ପ୍ରକାଶ ପାଇଛି। ଗୁଣ୍ଡିଚା ମନ୍ଦିର ଦଳାଚକଟା ଘଟଣାର କାରଣ ଉଜାଗର ପାଇଁ ରାଜ୍ୟ ସରକାର ପ୍ରଶାସନିକ ତଦନ୍ତ ଦେଇଛନ୍ତି। ମାତ୍ର ପୂର୍ବରୁ ବଡଠାକୁର ବଳଭଦ୍ର ଚାରମାଳ ଉପରେ ପଡ଼ିଯିବା, ଭରତପୁର ଥାନା ଘଟଣା, ଚିକିଟି ମଦମୃତ୍ୟୁ ପରି ତଦନ୍ତର ଇତିହାସ ଦେଖିଲେ ପୁରୀ ରଥଯାତ୍ରା ତଦନ୍ତ ରିପୋର୍ଟ ସାଧାରଣକୁ ଆସିବ ତାହାକୁ ନେଇ ସନ୍ଦେହ ରହିଛି।

### ନନ୍ଦିଘୋଷ ରଥ...

ବାହାରିଥିଲେ। ନନ୍ଦିଘୋଷ ରଥ ନିକଟରେ ଲକ୍ଷ୍ମୀ ଠାକୁରାଣୀ ପହଞ୍ଚିବା ପରେ ପତି ମହାପାତ୍ର ବନ୍ଦାପନା, ଚାମର ଆଳଟ, ଘଷା ବିଡ଼ିଆ ଓ ଦହିପଟି ମଣୋହୀ କରିଥିଲେ। ସନ୍ଧ୍ୟାଧୂପ ପୂଜା ବସିଥିବା ସମୟରେ ଲକ୍ଷ୍ମୀ ଠାକୁରାଣୀ ଜଗମୋହନକୁ ବିଜେ କରି ଜୟବିଜୟ ଦ୍ୱାର ନିକଟକୁ ଆସିଥିଲେ। ପତିମହାପାତ୍ର ସେବକ ମହାପ୍ରଭୁଙ୍କ ଆଜ୍ଞାମାଳ ଆଣି ଲକ୍ଷ୍ମୀ ଠାକୁରାଣୀଙ୍କୁ ପ୍ରଦାନ କରିଥିଲେ। କିନ୍ତୁ ମହାପ୍ରଭୁ ମହାଲକ୍ଷ୍ମୀଙ୍କ ସହ ଫେରିନଥିଲେ।


**ସତ୍ୟପାଠ**

କୁଜଙ୍ଗ, ଜଗତସିଂହପୁର ଜିଲ୍ଲାର କାର୍ଯ୍ୟନିର୍ବାହୀ ମାଜିଷ୍ଟ୍ରେଟଙ୍କ ଅଦାଲତରେ ଦାଖଲ କରାଯାଇଥିବା ଶପଥପତ୍ର ସଂଖ୍ୟା ୨୪୪୦, ତାରିଖ ୦୧.୦୭.୨୦୨୫ ଅନୁଯାୟୀ, ମୁଁ, ମଧୁସ୍ମିତା ସାହୁ, ସ୍ୱାମୀ- ରବି ନାରାୟଣ ସାହୁ, ଠିକଣା- ପ୍ଲଟ ନଂ.-୪୧, ଜିଜେଏଆଇ କଲୋନୀ, ମଧୁବନ, ଥାନା- ପାରାଦୀପ, ଜିଲ୍ଲା- ଜଗତସିଂହପୁର, ମୋର ନାମ ମଧୁସ୍ମିତା ବିଶ୍ୱାଳରୁ ମଧୁସ୍ମିତା ସାହୁକୁ ପରିବର୍ତ୍ତନ କରିଛି। ଏଣିକି ମୁଁ ସମସ୍ତ ଉଦ୍ଦେଶ୍ୟରେ ମଧୁସ୍ମିତା ସାହୁ ନାମରେ ପରିଚିତ ହେବି।

ସ୍ୱାକ୍ଷର/- ମଧୁସ୍ମିତା ସାହୁ

**ପୂର୍ବ ତଟ ରେଳପଥ**

ଇ-ଟେଣ୍ଡର ବିଜ୍ଞପ୍ତି ସଂ. ETCECONIIBBS 2025025, ତା.24.06.2025ରିଖ

**କାର୍ଯ୍ୟର ନାମ :** ତାଳଚେର-ବିମଳଗଡ଼ BG ରେଳ ଲିଙ୍କ ପ୍ରକଳ୍ପ ସମ୍ବନ୍ଧୀୟ ଅନୁଗୁଳ ଠାରେ ଉପ ମୁଖ୍ୟ ଯନ୍ତ୍ରୀ/ ନିର୍ମାଣ /II/ ଅନୁଗୁଳଙ୍କ ଅଧୀନରେ କାର୍ଯ୍ୟାଳୟ ଭବନ, କ୍ୱାର୍ଟରଗୁଡ଼ିକର ନିର୍ମାଣ, ମରାମତି, ନବୀକରଣ ଏବଂ ରକ୍ଷଣାବେକ୍ଷଣ କାର୍ଯ୍ୟ ତଥା ଅନ୍ୟ ଆନୁଷଙ୍ଗିକ କାର୍ଯ୍ୟ ସମୂହ।

**କାର୍ଯ୍ୟର ଆନୁମାନିକ ମୂଲ୍ୟ :** ₹ 152.77 ଲକ୍ଷ, EMD : ₹ 2,26,400/-, କାର୍ଯ୍ୟ ଶେଷ ହେବା ଅବଧି : 12 (ବାର) ମାସ।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :** ତା.25.07.2025ରିଖ 1200 ଘଟିକାରେ।

ଏହି ଇ-ଟେଣ୍ଡରଗୁଡ଼ିକ ନିମନ୍ତେ ଡାକ/କୋରିୟର/ଫାକ୍ସ ଜରିଆରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ମାନୁଆଲ ପ୍ରସ୍ତାବ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ। ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ।

ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ www.ireps.gov.in ରେ ଉପଲବ୍ଧ ଅଟେ।

ଦ୍ରଷ୍ଟବ୍ୟ : ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ / ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15 (ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି। ଟେଣ୍ଡରଦାତା/ବିଡ଼ରମାନଙ୍କ ପାଖରେ ନିଶ୍ଚିତ ଭାବେ କ୍ଲାସ-III ଡିଜିଟାଲ ସ୍ୱାକ୍ଷର ପ୍ରମାଣପତ୍ର ଥିବା ଆବଶ୍ୟକ ଏବଂ ସେମାନେ ନିଶ୍ଚିତ ଭାବେ IREPS ପୋର୍ଟାଲରେ ପଞ୍ଜୀକୃତ ହୋଇଥିବେ। କେବଳ ପଞ୍ଜୀକୃତ ଟେଣ୍ଡରଦାତା/ବିଡ଼ରମାନେ ଇ-ଟେଣ୍ଡରିଙ୍ଗରେ ଅଂଶଗ୍ରହଣ କରିପାରିବେ।

ଟେଣ୍ଡରଦାତାମାନେ ଟେଣ୍ଡରଦାତାମାନଙ୍କ ନିମନ୍ତେ ଉଦ୍ଦିଷ୍ଟ ସମସ୍ତ ନିର୍ଦ୍ଦେଶାବଳୀକୁ ସତର୍କତାର ସହିତ ପଢ଼ିବା ଉଚିତ ଏବଂ ଉପର୍ଯ୍ୟୁକ୍ତ ଆକାଉଣ୍ଟାଣ୍ଟଙ୍କ ଦ୍ୱାରା ବିଧିବଦ୍ଧ ଭାବେ ଯାଞ୍ଚ ଏବଂ ସ୍ୱାକ୍ଷର ହୋଇଥିବା ଅନୁଲଗ୍ନକ-B ର ଦାଖଲ ସହିତ, ଟେଣ୍ଡର ନଥିପତ୍ର ଉପରୁ 2ର ଅନୁଲଗ୍ନକ-I, ଟେଣ୍ଡର ଫର୍ମ (ଦ୍ୱିତୀୟ ସିଟ୍)ର ଯାଞ୍ଚ ସୂଚୀ, ପାରା 3.1 (ଯାଞ୍ଚ ସୂଚୀ) ସହିତ ସମସ୍ତ ନିର୍ଦ୍ଦେଶାବଳୀଗୁଡ଼ିକୁ ଅନୁପାଳନ କରିବା ଆବଶ୍ୟକ।

ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ)/ ଭୁବନେଶ୍ୱର

PR-47/CI/25-26

B-242

WORKS DEPARTMENT
OFFICE OF THE SUPERINTENDING ENGINEER,
RAIRANGPUR (R&B), DIVISION
e-mail: - eerbrairangpur@yahoo.co.in
Government of Odisha "e" Procurement Notice
**Bid Identification No.SE 08 OF 2025-26**

1. Nature of work:- Building Work
2. Number of works: 1 ( One )
3. Amount put to Tender: - Rs. 97,82,200.00
4. Class of Contractor: B Class
5. Date & Time of availability of bid document in the portal: - Dt. 08.07.2025 at 10:00 AM
6. Last Date / Time of receipt of bid in the portal: - Dt. 17.07.2025 up to 04:00 PM
7. Date of opening of bid : - Dt. 18.07.2025 at 11:00 AM
8. Name & address of the Office inviting bid: - Superintending Engineer, Rairangpur (R&B)Division
9. The bidders have to participate in ONLINE bidding only. Further details can be seen from the e-procurement portal "http//tendersodisha.gov.in." All future corrigendum will be available on ONLINE mode only.

OIPR-34041/11/0010/2526

Superintending Engineer
Rairangpur (R&B) Division

n-89

**DISTRICT PROJECT OFFICE**
**SAMAGRA SHIKSHA: CUTTACK (ODISHA)**
Phone Fax: 0671-2509937 / 2509934
E-mail: dpccuttackssa.opepa@nic.in & dpccuttack.ss@gmail.com
No. 3153/XXIV-2123 / Plg / Date 30.06.2025

**NOTICE**

With reference to this office Advertisement No. 701 dated 17.02.2023, it is for information of all concerned that **the Final Merit List, Panel List & Reject list of candidates applied for Different Posts of** Netaji Subas Chandra Bose Awasiya Hostel (NSCBAH) Under Samagra Shiksha ,Cuttack are published in official Website https://www.osepa.odisha.gov.in & https://www.cuttack.odisha.gov.in respectively. The candidates placed at the serial No. 1 in the final Merit list of the post of Warden, Part Time Teacher (Maths &Science), Part Time Teacher (Sanskrit & Hindi), Asst. Cook are directed to attend the District Project Office, Samagra Shiksha, 2nd Floor, Collectorate Building, Cuttack-02 on 15.07.2025 (Tuesday) at 11A.M with their original Certificates, Mark sheets & other documents for executing the agreements & undertakings. This Panel List shall have the validity of one year from the date of publication of this notice for consideration in event any vacancy arises in future.

OIPR-27121/11/0009/2526

District Project Coordinator,
Samagra Shiksha, Cuttack

**କବଲା ହଜିଛି**

ଏତଦ୍ୱାରା ଆମ୍ଭେ ଶିବ ସ୍ୱସ୍ତିକ ଶ୍ରୀଚନ୍ଦନ, ପିତା- ବୈଦ୍ୟନାଥ ଶ୍ରୀଚନ୍ଦନ, ଏମ.ବି.- ୮୩, ବଡ଼ଗଡ଼ ବ୍ରିଟ କଲୋନୀ, ଭୁବନେଶ୍ୱର, ଜନସାଧାରଣଙ୍କୁ ଅବଗତ କରୁଛି ଯେ, ମୋର ମାତା ଶ୍ରୀମତୀ ଶକୁନ୍ତଳା ଶ୍ରୀଚନ୍ଦନଙ୍କର ପୁରୀ ତହସିଲର : ଗୋପୀନାଥପୁର ଓରଫ ରାଉତରାପୁର, ଖାତା ନମ୍ବର - ୧୬୫/୬୫୧, ପ୍ଲଟ ନମ୍ବର- ୧୮୭/୧୩୮୫ ରେ ଅବସ୍ଥିତ ଏକର ୦.୦୨୨୫ ଡିସିମିଲ ସମ୍ବନ୍ଧିୟ ଜମିର ଅରିଜିନାଲ ଜମି କବଲା (RSD ନଂ. ୨୧୭୭, ତାରିଖ ୦୨.୦୭.୧୯୯୩) ଗତ ୨୬.୦୬.୨୦୨୫ ଦିନ ହଜିଯାଇଛି

**LOST**

Lost sale Deed of my Property Plot No-1151, Drawing No-177/85, Mouza-Sikharpur,PS-Chauliaganj, Dist-Cuttack, State-Odisha. Document No-RSD 2033 dt-07.05.1999 and RSD 5032 DT-26.12.1988. NCR is lodge on 10.06.2025 at Chauliaganj PS. Finder may send to : Mr. Sanjay Jena at above address. Ph.No-9853086101

**TO-LET**

Commercial Space available on rent for Shopping Mall, Bank, Office, Restaurant, Banquet Hall, Saloon & Spa, Gym, Godown, Rooftop restaurant and other purposes. Beside Vipul Gardens, Kalinga Nagar, Ghatikia, Bhubaneswar. Basement - 2755 sqft, Ground - 2191 sqft, 1st, 2nd & 3rd floor - 2757 sqft and Terrace / Rooftop - 2755 sqft. with Anandban scenery view.

CONTACT : 6371093914

**AFFIDAVIT**

I, Duradana Bibi, aged about 58 years, W/o- Abu Taher Khan, resident of Walimian Mohallah, PO- Charinangal, PS- Balichandrapur, Dist- Jajpur, PIN- 754292, Odisha declared by this affidavit No. 1241, dtd- 30/06/2025 that now onwards I shall be known as **KANIJ FATMA** for all future purposes.

**AFFIDAVIT**

I, Mahaprangya Jain, aged about 46 years, S/o- Khemchand Jain, resident of Kantabanji, Po- Kantabanji, Ps- Kantabanji, Dist- Balangir, Odisha, Pin- 767039 declare by this affidavit No.1238, dtd- 30/06/2025, that now onwards I shall be known as **MAHAPRAGYA JAIN** for all future purposes.

**AFFIDAVIT**

Shaik Faizulla, S/o- SK.Nurulla , Resident of Ward No -13, Muleswar, Po/Ps- Soro, Dist- Balasore, PIN 756045, Odisha declare by this affidavit No- 413, Dated -12.12.24 that now onwards I shall be known as **SK. FAIZULLA** for all future purposes.

**AFFIDAVIT**

I, Kanija Bibi, aged about 58 years, W/o- Abu Taher Khan, resident of Walimian Mohallah, PO- Charinangal, PS- Balichandrapur, Dist- Jajpur, PIN- 754292, Odisha declared by this affidavit No. 1242, dtd- 30/06/2025 that now onwards I shall be known as **KANIJ FATMA** for all future purposes.

**AFFIDAVIT**

By virtue of an affidavit before The Executive Magistrate, Titilagarh, on dated- 30/06/2025. I, **Sashi Kumbhar,** aged about 48 years, S/O- Manchan Kumbhar, permanent resident of At- Sargiguda, Ward No.1, PO/PO- Titilagarh, Dist. Balangir, (Odisha), PIN- 767033 now residing at the same place affirm that I have changed my minor son's name from **Gulshan Kumbhar** (old name) To **Gulsan Ayush Kumbhar** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he will be known as **Gulsan Ayush Kumbhar** (new name).

**Sashi Kumbhar**

**WANTED**

ବୟସ୍କ ଲୋକ କେୟାର, ବେବିକେୟାର ଓ ରୋଷେଇ, ଘର କାମ ପାଇଁ ତିନିଜଣ ମହିଳା ଆବଶ୍ୟକ, ଭଲ ଦରମା ମିଳିବ

6370964966

**AFFIDAVIT**

By virtue of an affidavit sworn before Executive Magistrate, G.Udayagiri, dated: 23.06.2025, I, Runima Mallick, W/o- Basanta Kumar Pradhan, Vil.- Dakeringia, PO- Gressingia, PS- G.Udayagiri, Dist.- Kandhamal- 762100 declare that I have changed name of my minor son from Anisas Pradhan to Balabana Pradhan. Henceforth,he will be known as **Balabana Pradhan** for all purposes.

**AFFIDAVIT**

By virtue of an affidavit sworn before Executive Magistrate, G.Udayagiri, Dated: 30.06.2025, I, Nuresh Khatun, D/o- M.D. Islam, resident of Vil.- G. Udaygiri, P.O./P.S.- Dist.- Kandhamal- 762100 declare that I have changed my name from Nuraisaha Khatun to Nuresh Khatun. Henceforth, I shall be known as **Nuresh Khatun** for all purposes.

**AFFIDAVIT**

By virtue of an affidavit sworn before Executive Magistrate, G.Udayagiri, dated 21.06.2025, I, Suneina Pradhan, W/o- Subodh Kumar Pradhan, Vil.- Telingia, PO- Gadaguda, PS- G.Udayagiri, Dist.- Kndhamal- 762100 declare that I have changed name of my minor daughter from Shreeya Digal to Shreeya Pradhan. Henceforth she will be known as **Shreeya Pradhan** for all purposes.

**AFFIDAVIT**

By virtue of an affidavit Sl. No.- 1687/25, dtd. 13.06.2025 before Notary Public, Malkangiri, I, Mamani Mandal have changed my name from Mamoni Bachar, D/o- Manoranjan Bachar, MV-14, Tamasa, Malkangiri to Mamani Mandal, W/o- Shitu Mandal, MV-7, Tamasa, Malkangiri. Henefroth I shall be known as **Mamani Mandal** for all purposes.

**Sd/- Mamani Mandal**

**AFFIDAVIT**

By virtue of an affidavit sworn before Notary Public, Titilagarh, dated 25.06.2025 I, Rajkishor Dash, At-Bandhapada,Po-Bandhapada, P.s-Deogaon, Dist-Balangir, Odisha, Pin- 767029 declare that I have changed my Son's name from Triyambaka Dash to Tryambak Dash. Henceforth, he shall be known as Tryambak Dash for all purposes.

**Rajkishor Dash**

**AFFIDAVIT**

By virtue of an affidavit Sl. No.- 525, dtd. 30.06.2025 before the Executive Magistrate, Koraput, I, Shaym Sameli, have changed my minor son's name from Saiba Sameli to Saheb Sameli. Henefroth I shall be known as **Saheb Sameli** for all purposes.

**Sd/- Shyam Sameli**

**AFFIDAVIT**

I, Munataj Shaikh, aged about 67 years, S/o- Golam Tahir, resident of At/Po- Neulpur, Dharmasala, Jajpur, PIN- 755024, Odisha declared by this affidavit No. 531, dtd- 26/06/2025 that now onwards I shall be known as **SK MUNTAJ** for all future purposes.

**AFFIDAVIT**

I, Taher Khan, aged about 60 years, S/o- Alim Khan, resident of Walimian Mohallah, PO- Charinangal, PS- Balichandrapur, Dist- Jajpur, PIN- 754292, Odisha declared by this affidavit No. 1243, dtd- 30/06/2025 that now onwards I shall be known as **ABU TAHER KHAN** for all future purposes.

# ସାହାଜଖୋଲରେ ମକା ମାଫିଆଙ୍କ ଉତ୍ପାତ

କୋକସରା,୧।୭(ସମିସ):



■ ବନମହୋତ୍ସବ ପାଇଁ ତତ୍ପର ପ୍ରଶାସନ
■ ବୃକ୍ଷରୋପଣ ନାମରେ ଚାଲିଛି ପ୍ରହସନ

ଏକଦା କଳାହାଣ୍ଡିର ପାଣିପାଗକୁ ସନ୍ତୁଳିତ କରିବାରେ ପ୍ରମୁଖ ଭୂମିକା ନିର୍ବାହ କରୁଥିବା ସାହାଜଖୋଲ ଜଙ୍ଗଲ ଆଜି ଥକ୍କା ମାରି ବସିଛି। ହଜିଯାଇଛି ତା'ର ପୂର୍ବ ଗୌରବ। ନିଶ୍ଚିହ୍ନ ହୋଇ ଯାଇଛନ୍ତି ବାଘ ପରି ହିଂସ୍ର ଜନ୍ତୁ। ଆଉ ଶୁଭୁନି କୋଇଲିର କୁହୁତାନ। ଆକାଶରେ ଚକ୍କର କାଟୁ ନାହାନ୍ତି ଗୃଧ, କୁମ୍ଭାଟୁଆ ପରି ବିହଙ୍ଗ। ଦୃଶ୍ୟ ହେଉନାହାନ୍ତି ମୃଗ, ଠେକୁଆ ପରି ନିରିହ ଯନ୍ତୁ। କାଚଘର ପରି ଭାଙ୍ଗି ଚୁରମାର ହୋଇଯାଇଛି ଜୈବ ବିବିଧତା। ଜଙ୍ଗଲ ଭିତରେ ଚାଲିଛି ମକା ମାଫିଆଙ୍କ ରାଜୁତି। ୧୨ହଜାର୯୮୯ ହେକ୍ଟର ପରିମିତ ଜଙ୍ଗଲର ପରିସୀମା ଧିରେ ଧିରେ ସଂକୁଚିତ ହେବାରେ ଲାଗିଛି। ପ୍ରତିବର୍ଷ ଜୁଲାଇ ପହିଲାରେ ଆରମ୍ଭ ହୁଏ "ବନ ମହୋତ୍ସବ' ସପ୍ତାହ ପାଳନ। ପ୍ରଶାସନିକ କଳ ତତ୍ପର ହୋଇଉଠେ। ସ୍ଥାନେ ସ୍ଥାନେ ସଚେତନତା କାର୍ଯ୍ୟକ୍ରମ ସହ ଚାଲେ ବୃକ୍ଷ ରୋପଣ। ତେବେ ଲଗାଯାଇଥିବା ଗଛ ଆର ବର୍ଷକୁ ସେହି ସ୍ଥାନରେ ଅଛି କି ନାହିଁ, ମଲା କି ବଞ୍ଚିଲା ସେନେଇ କାହାର ନିଘା ରୁହେ ନାହିଁ। ଏପଟେ ସାହାଜଖୋଲ ପରି ଜଙ୍ଗଲରେ ଗୋଟିଏ ଗଛ ଲାଗିଲେ ଦଶଟି ଗଛ କଟାଯାଉଥିବା ବୁଦ୍ଧିଜୀବୀ ମହଲରେ ଚର୍ଚ୍ଚା ହେଉଛି। କଳାହାଣ୍ଡି ଜିଲ୍ଲାର ଏକ ପ୍ରମୁଖ ଜଙ୍ଗଲ ଭାବେ ସାହାଜଖୋଲ ନିଜର ସ୍ୱତନ୍ତ୍ରତା ପ୍ରତିପାଦନ କରି ଆସିଛି। କୋକସରା ବ୍ଲକ୍‌ର ବୃହତ ଅଞ୍ଚଳରେ ପରିବ୍ୟାପ୍ତ ଏହି ବନ୍ୟାଞ୍ଚଳ ଆଜି ଶ୍ରୀହୀନ ହୋଇପଡ଼ିଛି। ଜଙ୍ଗଲ ବିଭାଗ ଓ ପ୍ରଶାସନର ଉଦାସୀନତାର ସୁଯୋଗ ନେଇ ହଜାର ହଜାର ସଂଖ୍ୟାରେ ଗଛ କାଟି ମକା ଚାଷ କରୁଛନ୍ତି ମାଫିଆ। ଏନେଇ ବାରମ୍ବାର ସାହାଜଖୋଲ ବନ ସୁରକ୍ଷା ସମିତି ସ୍ୱର ଉତ୍ତୋଳନ କରିଛି କିନ୍ତୁ କେତେକ ଅସାଧୁ ଅଧିକାରୀ ମକା ମାଫିଆଙ୍କୁ ଏହି ବେନିୟମ କାର୍ଯ୍ୟରେ ସହଯୋଗ କରୁଥିବାରୁ ସେମାନେ ବେଫିକର ଭାବେ ବର୍ଷ ବର୍ଷ ଧରି ଜଙ୍ଗଲ ଅଞ୍ଚଳରେ ମକା ଚାଷ କରୁଛନ୍ତି। ଗତ ୨ମାସରୁ ଉର୍ଦ୍ଧ୍ୱ ହେବ ମକା ଚାଷ ନିମନ୍ତେ ବଙ୍ଗୀୟ ଓ ବିହାରୀ ମାଫିଆ ମାନେ ଡେରା ପକାଇ ନିରିହ ଆଦିବାସୀଙ୍କୁ ହାତ କରି ବେହେରା ଓ ଆମପାଣି ଫରେଷ୍ଟ ସେକ୍ସନ ଅଧିନ ସାହାଜଖୋଲ ସଂରକ୍ଷିତ ଜଙ୍ଗଲର ଶହ ଶହ ହେକ୍ଟର ଜମିରେ ମକା ଲଗାଇ ସାରିଲେଣି। ଏବେ ଜଙ୍ଗଲରେ ମକା ଗଛ ଉଠି ପତ୍ର କଅଁଳି ସିରିଲାଣି। ଅଥଚ ବନ ବିଭାଗ ସବୁ ଜାଣି ହାତବାନ୍ଧି ବସିଥିବାବେଳେ ଏଭଳି ବେଆଇନ ଚାଷକୁ ରୋକିବାରେ ବିଭାଗ କାହିଁକି ତତ୍ପରତା ଦେଖାଉ ନାହିଁ ବୋଲି ପ୍ରଶ୍ନ ଉଠିଲାଣି। ବିଗତ ୧୦ ବର୍ଷରୁ ଉର୍ଦ୍ଧ୍ୱର ହେବ ଆମପାଣି ଫରେଷ୍ଟ ସେକ୍ସନ ଅଧିନ ସାହାଜଖୋଲ ଜଙ୍ଗଲର ବିରିମୁହାଣ, କାଦୋମଲି, ଆନ୍ଦିଝରନ, କୁଟୁରୁ, ସର୍ଗିପାନୀ, ଗୋଇଚଞ୍ଚରା, ଛକପଡା, ଗାଇବନ୍ଧ ସମେତ ବେହେରା ଫରେଷ୍ଟ ଅଧିନ ଧେବେନ ଚଞ୍ଚରା, ମୁଗୁନାପଦର, ଖଲିଗଡ, ଭଟାପାଣି, ଡେମେରପେନ ଆଦି ସ୍ଥାନରେ ଜଙ୍ଗଲ ଜମିରେ ବ୍ୟାପକ ମକା ଚାଷ ହୋଇ ଆସୁଛି। ଅନ୍ୟପଟେ ବନ ବିଭାଗ ପକ୍ଷରୁ ପ୍ରତିବର୍ଷ ଜଙ୍ଗଲରେ ବେଆଇନ ଚାଷ ରୋକିବା ପାଇଁ ବ୍ୟାପକ ପଦକ୍ଷେପ ଗ୍ରହଣ କରୁଥିବା ଓ ସେହି ସ୍ଥାନରେ ବୃକ୍ଷରୋପଣ କରୁଥିବା ଦୃଢ଼ତାର ସହ କହି ଆସୁଛନ୍ତି। କିନ୍ତୁ ପ୍ରତିବର୍ଷ ଜଙ୍ଗଲ ଭିତରେ ମକା ଚାଷ କମିବା ପରିବର୍ତ୍ତେ ଢେର ଗୁଣା ବଢ଼ିବାରେ ଲାଗିଛି। ଅନ୍ୟପଟେ ପ୍ରତିବର୍ଷ ବନିକରଣ କରାଯାଉଥିବା ସତ୍ତ୍ୱେ ଜଙ୍ଗଲ ବଢ଼ିବା ପରିବର୍ତ୍ତିତ ତା'ର ଦଶ ଗୁଣ ଅଧିକ କ୍ଷୟ ହେବାରେ ଲାଗିଛି। ୫ଶହ ପ୍ରଜାତିର ଔଷଧୀୟ ବୃକ୍ଷ ସହ ବହୁମୂଲ୍ୟ ବୃକ୍ଷରେ ପରିପୂର୍ଣ୍ଣ ଥିବା ସାହାଜଖୋଲ ଏବେ ଗଛ ପରିବର୍ତ୍ତେ ମକା ଗଛରେ ସବିଜୀମା ବଢ଼ିବାରେ ଲାଗିଛି। ଯାହାକୁ ନେଇ ପ୍ରକୃତି ପ୍ରେମୀମାନେ ଅସନ୍ତୋଷ ବ୍ୟକ୍ତ କରିଛନ୍ତ

## ଜିଲ୍ଲା ପରିଷଦ ବୈଠକରେ ଜିଲ୍ଲାପାଳ-ଜନପ୍ରତିନିଧି ମୁହାଁମୁହିଁ



**ବଲାଙ୍ଗିର,୧।୭(ସମିସ):**ଜିଲ୍ଲା ପରିଷଦ ବୈଠକରେ ଜିଲ୍ଲା ପ୍ରଶାସନ ଓ ଜିଲ୍ଲା ପରିଷଦ ସଭ୍ୟ ମୁହାଁମୁହିଁ। ବୈଠକ ଆରମ୍ଭରୁ ହଟ୍ଟଗୋଳ।ରାଗିଗଲେ ଜିଲ୍ଲାପାଳ।ମଙ୍ଗଳବାର ପୂର୍ବାହ୍ନରେ ବଲାଙ୍ଗିର ଜିଲ୍ଲା ପରିଷଦ କାର୍ଯ୍ୟାଳୟ ସ୍ଥିତ ସମ୍ମିଳନୀ କକ୍ଷରେ ଜିଲ୍ଲା ପରିଷଦ ବୈଠକ ଅନୁଷ୍ଠିତ ହୋଇଥିବା ବେଳେ ଏଭଳି ଦୃଶ୍ୟ ଦେଖିବାକୁ ମିଳିଛି। ପ୍ରକାଶ ଯେ ମଙ୍ଗଳବାର ସକାଳେ ଜିଲ୍ଲାପରିଷଦ ସଭାପତି ଦେବକୀ ସାହୁଙ୍କ ନେତୃତ୍ୱରେ ଜିଲ୍ଲା ପରିଷଦ ବୈଠକ ଅନୁଷ୍ଠିତ ହୋଇଥିଲା। ଏଥିରେ ବଲାଙ୍ଗିର ଜିଲ୍ଲାପାଳ ଗୌରବ ଶିବାଜୀଙ୍କ ସମେତ ସମସ୍ତ ବିଭାଗୀୟ ଅଧିକାରୀ ଓ ଜିଲ୍ଲା ପରିଷଦ ସଭ୍ୟସଭ୍ୟା ମାନେ ଉପସ୍ଥିତ ଥିଲେ। ବିଗତ ଦିନରେ ଜିଲ୍ଲା ପରିଷଦ ସଭ୍ୟ ସଭ୍ୟା ମାନଙ୍କୁ ଅଣଦେଖା କରାଯାଇଥିବା ଅଭିଯୋଗରେ ବୈଠକ ଆରମ୍ଭରୁ ଅସନ୍ତୋଷ ପ୍ରକାଶ ପାଇଥିଲା। ସେହିଭଳି ଜିଲ୍ଲା ପରିଷଦ ବୈଠକରେ ପିଡି ଡିଆରଡିଏ ଉପସ୍ଥିତ ନରହିବା ଘଟଣା ଯୋଗୁଁ ଜନପ୍ରତିନିଧିମାନେ ଅସନ୍ତୋଷ ପ୍ରକାଶ କରିଥିଲେ। ଏଭଳି ଅସନ୍ତୋଷ ଯୋଗୁଁ ଆଲୋଚନା ଆରମ୍ଭ ହୋଇ ନ ପାରିବାରୁ ଜିଲ୍ଲାପାଳ ଗୌରବ ଶିବାଜି ବିରକ୍ତି ପ୍ରକାଶ କରିଥିଲେ। ଜିଲ୍ଲାରେ ଉନ୍ନତିମୂଳକ କାମ ଠପ୍ ହୋଇ ପଡ଼ିଛି। ଅନୁଦାନ ଅଟକି ରହିଛି। ଏଭଳି ଅନେକ ସମସ୍ୟା ରହିଥିଲେ ହେଁ ଜନ ପ୍ରତିନିଧି ମାନଙ୍କୁ ଅଣଦେଖା କରାଯାଉଛି। ଯାହା ଫଳରେ ପ୍ରାୟ ସମସ୍ତ ଜନ ପ୍ରତିନିଧି ମାନେ ଜିଲ୍ଲା ପ୍ରଶାସନ ଉପରେ ପ୍ରବଳ ବର୍ଷିଥିଲେ। ଏଭଳି ଅବହେଳା ଲାଗି ରହିଲେ ଆଗାମୀ ଦିନରେ ତୀବ୍ରତର ଆନ୍ଦୋଳନ ହେବ ସୁନିଶ୍ଚିତ ବୋଲି ଚେତାଇ ଦେଇଥିଲେ।

# ସଭାପତି ବଦଳରେ ଷ୍ଟିଅରିଂ କମିଟି ଭରସାରେ ରାଜ୍ୟ କଂଗ୍ରେସ

**ବଲାଙ୍ଗିର,୧।୭(ସମିସ):** ରାଜ୍ୟ ପିସିସି ସଭାପତି ଭାବେ ଭକ୍ତ ଦାସ ଦାୟିତ୍ୱ ଗ୍ରହଣ କରିବା ପରେ କଂଗ୍ରେସ ଶିବିର ବେଶ ଉତ୍ସାହିତ ରହିଛି। ଦାୟିତ୍ୱ ଗ୍ରହଣ କରିବା ପରେ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ବିରୋଧରେ କଂଗ୍ରେସ ନିଜ ସ୍ୱର ଶାଣିତ କରିପାରିଛି। ରାଜ୍ୟର ବିଭିନ୍ନ ପ୍ରସଙ୍ଗ କୁ କଂଗ୍ରେସ ପ୍ରତିବାଦ କରି ବିରୋଧର ସ୍ୱର ଉଠାଇଛି। ଏମିତିରେ କଂଗ୍ରେସକୁ ତୃଣମୂଳ ସ୍ତରରୁ ସଙ୍ଗଠିତ କରିବାକୁ ଉଦ୍ୟମ ଆରମ୍ଭ କରିଥିବା ବେଳେ ଜିଲ୍ଲା ସଙ୍ଗଠନର ନବୀକରଣ କରାଯାଇଛି। ଏନେଇ ଏକ ବିଦ୍ଧିବଦ୍ଧ ତାଲିକା ପ୍ରକାଶ ପାଇଥିବା ବେଳେ ୩୨ ଜଣ ଆନ୍ତରୀଣ ଜିଲ୍ଲା ସଭାପତିଙ୍କ ନାମ ଘୋଷଣା କରାଯାଇଥିବା ବେଳେ ତିନୋଟି ଜିଲ୍ଲା ସଭାପତିଙ୍କ ନାମ ବଦଳରେ ଷ୍ଟିଅରିଂ କମିଟିକୁ ଦାୟିତ୍ୱ ଦିଆଯାଇଛି। ଏହି ତିନି ଜିଲ୍ଲାରେ ବଲାଙ୍ଗିର ଜିଲ୍ଲାର ମଧ୍ୟ ନାମ ରହିଛି। ତେବେ ବଲାଙ୍ଗିର ଜିଲ୍ଲା ସଭାପତିଙ୍କ ନାମ ଘୋଷଣା ନହେବା ପଛରେ କାରଣକୁ ନେଇ ଏବେ କଂଗ୍ରେସ ଶିବିରରେ ଆଲୋଚନା ଆରମ୍ଭ ହୋଇଛି। ତେବେ ଜିଲ୍ଲା ସଭାପତି ଅଙ୍କ ଛିଣ୍ଡୁନଥିବାରୁ ଏହିଭଳି ସ୍ଥଗିତ ରଖାଗଲା ନା ଦଳ ବଲାଙ୍ଗିରରେ ନୂଆ କିଛି ରଣନୀତି ଅପେକ୍ଷାରେ ରହିଛି ତାକୁ ନେଇ ଚର୍ଚ୍ଚା ଆରମ୍ଭ ହୋଇଛି।

ବଲାଙ୍ଗିର ଜିଲ୍ଲା କଂଗ୍ରେସ ଯେ ଏକ ଗୋଳିଆ ପାଣିର ପୋଖରୀ ତାହା କାହାକୁ ଅଛପା ନାହିଁ। ଜିଲ୍ଲାରେ କଂଗ୍ରେସର ବରିଷ୍ଠ ନେତା ନରସିଂହ ମିଶ୍ରଙ୍କ ଏକ ବଡ ସଙ୍ଗଠନ ଜିଲ୍ଲାରେ ରହିଛି। ସେହିପରି ପୂର୍ବତନ ପିସିସି ସଭାପତି ଶରତ ପଟ୍ଟନାୟକଙ୍କ ଏକ ପୃଥକ ସଙ୍ଗଠନ ରହିଥିବା ବେଳେ ଶରତ ଙ୍କ ସହ ପୂର୍ବତନ ବିଧାୟକ ସନ୍ତୋଷ ସିଂ ସାଲୁଜା ଓ ଅନ୍ୟ କିଛି କଂଗ୍ରେସ ନେତା ମଧ୍ୟ ରହିଛନ୍ତି। ଗତ ନିର୍ବାଚନ ସମୟରେ ଶରତ ପଟ୍ଟନାୟକ ପିସିସି ସଭାପତି ରହିଥିବା ବେଳେ ତାଙ୍କ ନେତୃତ୍ୱରେ ଦଳ ନିର୍ବାଚନ ଲଢିଥିଲା। ସେ ନିଜେ ଜିଲ୍ଲାରୁ ପ୍ରାର୍ଥୀ ହୋଇନଥିବା ବେଳେ ନରସିଂହଙ୍କ ଇସାରାରେ ଟିକେଟ ବଣ୍ଟନ କରାଯାଇଥିଲା। ଯାହାକୁ ନେଇ ଅସନ୍ତୋଷ ପ୍ରକାଶ କରି ଅନେକ ଦଳ ଛାଡିଥିଲେ। ନିର୍ବାଚନ ପରେ ପିସିସି ସଭାପତି ଭାବେ ଭକ୍ତଦାସ ଦାୟିତ୍ୱ ନେବା ପରେ ତାଙ୍କ ସମର୍ଥକ ଗୋଷ୍ଠୀ ମଧ୍ୟ ଭିନ୍ନ ରହିଛି। ଶ୍ରୀ ଦାସ ପିସିସି ସଭାପତି ହେବା ପରେ ନରସିଂହ ମିଶ୍ରଙ୍କ କାଟତି ପ୍ରଭାବିତ ହୋଇଥିବା ଚର୍ଚ୍ଚା ହୋଇଆସୁଛି। ଯାହାକି ଏବେ ଜିଲ୍ଲା ସଭାପତି ଚୟନରେ ସମସ୍ୟା ସୃଷ୍ଟି କରିଥିବା ଚର୍ଚ୍ଚା ହେଉଛି। କିଛି ଦିନ ତଳେ ନରସିଂହ ମିଶ୍ରଙ୍କ ପୁଅ ତଥା ଗତ ନିର୍ବାଚନରେ କଂଗ୍ରେସ ପ୍ରାର୍ଥୀ ହୋଇଥିବା ସମରେନ୍ଦ୍ର ମିଶ୍ରଙ୍କ ଅଣ୍ଡା ପାଉଡର ପ୍ଲାଣ୍ଟର ଉଦ୍‌ଘାଟନରେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଓ ଅନ୍ୟ ରାଜ୍ୟ ମନ୍ତ୍ରୀମାନେ ଯୋଗଦେଇଥିଲେ। ଯାହାକୁ ନେଇ କିଛି କଂଗ୍ରେସ ନେତା ପ୍ରଶ୍ନ ଉଠାଇଥିଲେ। ଏହାରି ଭିତରେ ଗଠନ ହୋଇଥିବା ବିଭିନ୍ନ କମିଟି ରେ ମଧ୍ୟ ନରସିଂହ କିମ୍ବା ତାଙ୍କ ସମର୍ଥକଙ୍କୁ ଦାୟିତ୍ୱ ଦେବାରେ ଅବହେଳା ପ୍ରଦର୍ଶନ କରାଯାଇଥିବା ଆଲୋଚନା ହୋଇଥିଲେ। ତେବେ ବର୍ତ୍ତମାନ ଜିଲ୍ଲା ସଭାପତି ଚୟନରେ କାହାକୁ ଦଳ ଜିଲ୍ଲା ସଭାପତି କରିବ ତାକୁ ନେଇ ଅଡୁଆରେ ରହିଥିବା ଜଣାପଡିଛି। ଏହା ପୂର୍ବରୁ ନରସିଂହ ମିଶ୍ରଙ୍କ ଶିବିରରୁ ପ୍ରଥମେ ଦୀଲିପ ବେହେରା ଓ ପରେ ଅଶୋକ ନନ୍ଦଙ୍କୁ କରାଯାଇଥିଲା। ବର୍ତ୍ତମାନ ନରସିଂହଙ୍କ ସେହିଭଳି କିଛି ପ୍ରଭାବ ଦଳରେ ରହିନଥିବାରୁ ସେମାନଙ୍କ ନାମକୁ ନେଇ ଦଳ ଅଗ୍ରାହ୍ୟ ଥିବା କିଛି କଂଗ୍ରେସ ନେତା ପ୍ରକାଶ କରିଛନ୍ତି। ସେହିପରି ନରସିଂହଙ୍କୁ ଛାଡିଦେଲେ ଦଳରେ ଏବେ ଜିଲ୍ଲାର ଟାଣୁଆ ନେତା ଭାବେ ଶ୍ରୀ ସାଲୁଜା ରହିଥିବା ବେଳେ ସେ ତାଙ୍କ କୌଣସି ସମର୍ଥକଙ୍କୁ ସଭାପତି କରିବା ପାଇଁ ଉଦ୍ୟମ କରିଛନ୍ତି। କିନ୍ତୁ ଯଦି ନରସିଂହଙ୍କ ଶିବିରରୁ ଜିଲ୍ଲା ସଭାପତି ନହେଲେ ଦଳୀୟ ସଙ୍ଗଠନ ପ୍ରଭାବିତ ହେବା ଆଶଙ୍କା ରହିଛି। ଯାହକି ଏବେ ଦଳର ହାଇକମାଣ୍ଡ ପାଇଁ ଏହା ମୁଣ୍ଡ ବ୍ୟଥାର କାରଣ ପାଲଟିଛି। ଅନ୍ୟପକ୍ଷରେ ଲଗାତାର ଜିଲ୍ଲାରେ କେହି ନା କେହି କଂଗ୍ରେସ ଦଳରୁ ବିଧାନସଭା ନିର୍ବାଚନ ଜିତିଆସୁଥିଲେ। କିନ୍ତୁ ଚଳିତ ନିର୍ବାଚନରେ ଗୋଟିଏ ବି ଆସନରେ କଂଗ୍ରେସ ବାଜିମାତ କରିପାରିଲା ନାହିଁ। ଫଳରେ କଂଗ୍ରେସ ଦଳର ସ୍ଥିତି ଏକ ବଡ ପ୍ରଶ୍ନ ହୋଇରହିଛି।ଏମିତିରେ ପିସିସି ସଭାପତି ଜିଲ୍ଲା ସଭାପତି ନାମ ଘୋଷଣା କୁ ସ୍ଥଗିତ ରଖି ଷ୍ଟିଅରିଂ କମିଟି ହାତରେ ଛାଡିଥିବା ଜଣାପଡିଛି। ତେବେ କିଏ ହେବ ଜିଲ୍ଲା ସଭାପତି, କାହା ସମର୍ଥନ ଦଳରେ କାମ କରିବ ତାକୁ ନେଇ କଂଗ୍ରେସ ଦଳ ଭିତରେ ରାଜନୀତି ବେଶ ସରଗରମ ରହିଛି।

● ନରସିଂହଙ୍କ କାଟତି କାମ କରିବ ନା ସାଲୁଜାଙ୍କ ସମର୍ଥନ
● ୩୫ ରୁ ୩୨ ଜିଲ୍ଲା ସଭାପତିଙ୍କ ନାମ ଘୋଷଣା

# ବାଲି ବୋଝେଇ ହାଇୱା ଟ୍ରାକ୍ଟର ପାଇଁ ରାସ୍ତାରେ ଆଣ୍ଠୁଏ କାଦୁଅ

**ବୌଦ୍ଧ,୧।୭(ସମିସ):** ରାସ୍ତା ପାଇଁ ଲୋକେ ହିନସ୍ତା । କାଦୁଅ ପାଇଁ ବସିଲା ନାହିଁ ହରଭଙ୍ଗା ସାପ୍ତାହିକ ହାଟ। ଉକ୍ତ ରାସ୍ତାର ମୁଖ୍ୟ ସମସ୍ୟା ସୃଷ୍ଟି କରୁଛି ଦୈନିକ ଯାଉଥିବା ବାଲି ହାଇୱା ଓ ଟ୍ରାକ୍ଟର। ଏହି ରାସ୍ତା ଦେଇ ପ୍ରତ୍ୟକ ଦିନ ବେଆଇନ ବାଲି ହାଇୱା ଟ୍ରାକ୍ଟର, ଓ ଓଭର ଲୋଡ଼ିଂରେ ଯାତାୟାତ ଯୋଗୁଁ ରାସ୍ତା ଅବସ୍ଥା ଶୋଚନୀୟ ବୋଲି ସ୍ଥାନୀୟ ବୁଦ୍ଧିଜୀବୀ ଓ ଜନସାଧାରଣଙ୍କ ଅଭିଯୋଗ ହେଉଛି। ସୂଚନା ଥାଉକି କେଉଁ ଅବାହନ କାଳରୁ ବୌଦ୍ଧ ଜିଲ୍ଲା ପରିଚିତ ହରଭଙ୍ଗା ସାପ୍ତାହିକ ହାଟ ମହାନଦୀ କୂଳରେ ବସି ଆସୁଛି। ଏହି ହାଟ ପାଇଁ ଅଞ୍ଚଳର ଲୋକେ ସପ୍ତାହକୁ ଥରେ ତେଲ, ଲୁଣ, ପନିପରିବା ଠାରୁ ଆରମ୍ଭ କରି ଘରେ ନିତ୍ୟ ବ୍ୟବହାରିକ ସାମଗ୍ରୀ କିଣା ବିକା ପାଇଁ ସୋମବାରକୁ ଅପେକ୍ଷା କରିଥାନ୍ତି। ଅନ୍ୟପଟେ କେତକ ଲୋକ ହାଟ ପାଇଁ ନିଜର ଜୀବିକା ନିର୍ବାହ କରିଥାନ୍ତି। ବିଭିନ୍ନ ବ୍ୟବସାୟ କରି ସପ୍ତାହକ ପର୍ଯ୍ୟନ୍ତ ନିଜର ଗୁଜୁରାଣ ମେଣ୍ଟାଇ ଥାନ୍ତି।ଉକ୍ତ ହାଟକୁ ଯିବା ପାଇଁ ହେଲେ ଅଞ୍ଚଳର ଲୋକ, ବ୍ୟବସାୟୀ ଠାରୁ ଆରମ୍ଭ କରି ସମସ୍ତେ ଥାନା ଛକ ରାସ୍ତା ଦେଇ ହାଟକୁ ଯାଇଥାନ୍ତି। ଏହି ରାସ୍ତା ଉପରେ ଅଞ୍ଚଳର ଲୋକ ଦୈନିକ ନଦୀକୁ ଯିବା ଗାଧୋଇ ଯିବା, ପିଇବା ପାଣି ପାଇଁ ଯିବା, ମନ୍ଦିର ଯିବା ଆଦିକାର୍ଯ୍ୟ ପାଇଁ ରାସ୍ତା ଉପରେ ନିର୍ଭର କରୁଛନ୍ତି। କିନ୍ତୁ ଆଜି ପର୍ଯ୍ୟନ୍ତ ଉକ୍ତ ରାସ୍ତା ସମସ୍ୟାର ସମାଧାନ ହୋଇପାରିଲା ନାହିଁ କି ସ୍ଥାୟୀ ରାସ୍ତା ହୋଇପାରିଲା ନାହିଁ। ଏପରିକି ରାସ୍ତା ନିର୍ମାଣ ପାଇଁ ସ୍ଥାନୀୟ ଜନ ପ୍ରତିନିଧି ବା ପ୍ରଶାସନ ଆନ୍ତରିକତା ପ୍ରକାଶ ପାଇ ପାରୁନାହିଁ। ଫଳରେ ବର୍ଷା ଚାରିମାସ ଲୋକେ ନିଜକୁ ନିଜେ ଭାଗ୍ୟକୁ ନିନ୍ଦି ଆଣ୍ଠୁଏ କାଦୁଅରେ ଯାତାୟାତ କରିଥାନ୍ତି। ଅନ୍ୟପଟେ ଉକ୍ତ ରାସ୍ତା ଦେଇ ପ୍ରତିଦିନ ମହାନଦୀରୁ ହାଇୱା ଓ ଟ୍ରାକ୍ଟର ଯୋଗେ ବାଲି ଯାଉଥିବାରୁ ରାସ୍ତା ସମସ୍ୟାର ମୁଖ୍ୟ ବାଧକ ବୋଲି ଗ୍ରାମବାସୀ ଅଭିଯୋଗ ଆଣିଛନ୍ତି। ଦୈନିକ ଥାନା ପଛପାଖ ଦେଇ ଟ୍ରିପ୍ ଟ୍ରିପ୍ ବାଲି ଯିବା, ଅତ୍ୟଧିକ ଲୋଡ଼ିଂ ପାଇଁ ରାସ୍ତା ସମସ୍ୟା ଆଉ ଟିକେ ଦ୍ୱିଗୁଣିତ ସମସ୍ୟା ବୋଲି ଅଞ୍ଚଳବାସୀ କହିଛନ୍ତି। ସୋମବାର ସାପ୍ତାହିକ ହାଟ ଥିବାରୁ କ୍ରୟ ବିକ୍ରୟ ପାଇଁ ସକାଳୁ ସକାଳୁ ଅଞ୍ଚଳଲୋକ, ବ୍ୟବସାୟୀମାନେ ପହଞ୍ଚିଥିଲେ।କିନ୍ତୁ ରାସ୍ତା କାଦୁଅ ପାଇଁ ଯାଇ ପାରିନଥିବାରୁ ସମସ୍ତେ ଫେରି ଆସିଥିଲେ। ଅନ୍ୟପଟେ କାଦୁଅ ରାସ୍ତା ପାଇଁ ହରଭଙ୍ଗାସ୍ଥିତ ଥିବା ପୁରୁଣା ବଙ୍ଗଳା ନିକଟରେ ଅସ୍ୱାସ୍ଥ୍ୟ କର ପରିବେଶରେ ହାଟ ବସିଥିବା ଦେଖିବାକୁ ମିଳିଥିଲା।ଏପଟେ ବେଆଇ ବାଲି ହାଇବା, ଟ୍ରାକ୍ଟର କୁ ଉକ୍ତ ରାସ୍ତା ରେ ବନ୍ଦ କରିବା ଏବଂ ତୁରନ୍ତ ରାସ୍ତା ନିର୍ମାଣ ପାଇଁ ଅଞ୍ଚଳ ଲୋକ ନିକଟସ୍ଥ ପୋଲିସ ଷ୍ଟେସନ ପହଁଚି ଅଭିଯୋଗ କରିଥିଲେ। ଏପଟେ ହରଭଙ୍ଗା ଥାନା ଅଧିକାରୀ ମହାନଦୀରୁ ବାଲି ଉଠାଉଥିବା ଦାୟିତ୍ୱରେ ଥିବା ମୁନୁସୀକୁ ଡାକି ତୁରନ୍ତ ଖାଲ ଖମା ,କାଦୁଅ ସ୍ଥାନରେ ରାସ୍ତା ନିର୍ମାଣ ପାଇଁ ନିର୍ଦ୍ଦେଶ ଦେଇଥିଲେ। ଖୁବ ଶୀଘ୍ର ପ୍ରଶାସନ ରାସ୍ତା ସମସ୍ୟା ନବୁଝିଲେ ସ୍ଥାୟୀ ରାସ୍ତା ନିର୍ମାଣ ପାଇଁ ରାଜରାସ୍ତାକୁ ଓହ୍ଲାଇବୁ ଦରକାର ପଡିଲେ ବେଆଇନ ବାଲି ହାଇୱା, ଟ୍ରାକ୍ଟର ଗୁଡିକ କୌଣସି ମତେ ନଦୀକୁ ଛାଡିବୁ ନାହିଁ ବୋଲି ଚେତାବନୀ ଦେଇଛନ୍ତି।



ଅନ୍ୟତ୍ର ବସିଲା ସାପ୍ତାହିକ ହାଟ

● ଚାଷୀଙ୍କୁ ଲୁଟୁଛନ୍ତି ସାର ବେପାରୀ

# କୃଷି ବିଭାଗ ପକ୍ଷରୁ ବେପାରୀଙ୍କୁ କାରଣ ଦର୍ଶାଅ ନୋଟିସ୍



**ଖପ୍ରାଖୋଲ,୧।୭(ସମିସ):**ବଲାଙ୍ଗିର ଜିଲ୍ଲା ଅନ୍ତର୍ଗତ ଖପ୍ରାଖୋଲ ବ୍ଲକ୍ ଅଞ୍ଚଳରେ ସାର ବେପାରୀମାନେ ନିର୍ଦ୍ଧାରିତ ମୂଲ୍ୟ ଠାରୁ ଅଧିକ ଦାମରେ ସାର ବିକ୍ରି କରୁଥିବା ନେଇ ଖପ୍ରାଖୋଲ କୃଷି ବିଭାଗ ସାରା ବେପାରୀ ମାନଙ୍କୁ କାରଣ ଦର୍ଶାଅ ନୋଟିସ୍ ପଠାଇଥିବା ଜଣାପଡ଼ିଛି। ପ୍ରକାଶ ଥାଉକୀ ରବି ଚାଷ ହେଉ ଅଥବା ଖରିଫ ଚାଷ ସମୟରେ ଚାଷୀମାନଙ୍କୁ ଉତ୍କୃଷ୍ଟ ଫସଲ ଅମଳ ପାଇଁ ସାର ଉପରେ ନିର୍ଭର କରିଥାନ୍ତି। ଏହାର ସୁଯୋଗ ନେଇ ସାର ବେପାରି ମାନେ ନିର୍ଦ୍ଧାରିତ ମୂଲ୍ୟ ଠାରୁ ଅଧିକ ଦରରେ ସାର ବିକ୍ରି କରି ବେଶ୍ ମୁନାଫା ଉଠାଇ ଲାଭବାନ ହେଉଥିବା ବେଳେ ବିଚରା ଚାଷୀ ଧାରକରଜ କରି ଅବେଳାରେ ସାର ନିର୍ଦ୍ଧାରିତ ମୂଲ୍ୟ ଠାରୁ ଅଧିକ ଦରରେ କିଣିବାକୁ ବାଧ୍ୟ ହୋଇଥାଏ। ସରକାର ଚାଷୀ କିପରି ଠିକ୍ ସମୟରେ ଚାଷ ପାଇଁ ବ୍ୟବହାର ଉପଯୋଗୀ ସାର ଉଚିତ ମୂଲ୍ୟରେ ପାଇ ପାରିବ ସେଥିପାଇଁ ହୋଲସେଲର ଠାରୁ ପଞ୍ଜୀକୃତ ସାର ବେପାରୀ ମାନଙ୍କୁ ନୀତି ନିୟମ ଅନୁଯାୟୀ ସାର ବିକ୍ରି କରିବା ପାଇଁ କୁହାଯାଇଛି। ଯାହାକି ଚାଷୀମାନେ ଠିକ୍ ସମୟରେ ଏବଂ ସରକାରଙ୍କ ନିର୍ଦ୍ଧାରିତ ମୂଲ୍ୟରେ ପାଇ ପାରିବେ। ଏନେଇ ଖପ୍ରାଖୋଲ ବ୍ଲକ୍ ଅଞ୍ଚଳରେ ଜଣେ ହୋଲସେଲର ରହିଥିବା ବେଳେ ୫୨ଜଣ ସାର ବେପାରୀ ସାର ବିକ୍ରି କରିବା ପାଇଁ ପଞ୍ଜୀକରଣ କରିଛନ୍ତି। ତେବେ ସରକାରି ସୂତ୍ରରେ ୟୁରିଆ ସାର ୨୬୬ ଟଙ୍କା ୬୬ ପଇସା ରହିଥିବା ବେଳେ ଏମ୍ଓପି୧୫୦୦ଟଙ୍କା ଡିଏପି ୧୩୫୦ଟଙ୍କା ଏସଏସପି ୫୫୦ ରୁ ୫୭୫ ଟଙ୍କା ଓ କରମଣ୍ଡଳ (୨୮.୨୮.୦) ୧୭୦୦ ଟଙ୍କା ଧାର୍ଯ୍ୟ କରାଯାଇଛି। କିନ୍ତୁ ଧାର୍ଯ୍ୟ ମୂଲ୍ୟ ଠାରୁ ସାର ବେପାରୀମାନେ ୨୦୦ ରୁ ୪୦୦ ଟଙ୍କା ଅଧିକ ମୂଲ୍ୟରେ ସାର ବିକ୍ରି କରୁଥିବା ନେଇ ଚାଷୀ ମହଲରୁ ଅଭିଯୋଗ ହେଉ ଥିବାରୁ ଖପ୍ରାଖୋଲ କୃଷି ବିଭାଗ ତରଫରୁ ସାରବେପାରୁ ମାନଙ୍କୁ କାରଣ ଦର୍ଶାଅ ନୋଟିସ୍ ଜାରି କରିଛନ୍ତି। ଏନେଇ ଲାଠୋର , କରୁଆଁଝର,ଅଞ୍ଚଳର ୬ ଜଣ ସାର ବେପାରୀଙ୍କୁ ନୋଟିସ୍ ଜାରି କରିଥିବା ଖପ୍ରାଖୋଲ କୃଷି ଅଧିକାରୀ କହିଥିବା ବେଳେ ସମସ୍ତ ସାର ବେପାରୀମାନଙ୍କୁ ଏ ନେଇ କାରଣ ଦର୍ଶାଅ ନୋଟିସ୍ ଜାରି କରାଯିବ ବୋଲି କହିଛନ୍ତି। ଆହୁରି ମଧ୍ୟ ଯେ ପ୍ରତ୍ୟେକ ସାରବେପାରି ନିଜ ନିଜର ଦୋକାନ ସମ୍ମୁଖରେ ସାରର ଏକ ରେଟ ଚାର୍ଟ ଲେଖି ରଖିବା ପାଇଁ ତାଗିତ କରାଯାଇଛି ଯାହାକି ଚାଷୀ ସାରର ନିର୍ଦ୍ଧାରିତ ମୂଲ୍ୟ ଜାଣିପାରିବେ। ଯଦି ଏହାର କେହି ଖିଲାପି କରେ ତେବେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ପ୍ରକାଶ କରିଛନ୍ତି।

## ପାଟଣାଗଡ଼ରେ ଉନ୍ନୟନମୂଳକ କାର୍ଯ୍ୟ ବ୍ୟାହତ

# ଜନପ୍ରତିନିଧିଙ୍କ ଧାରଣା ପଞ୍ଚମ ଦିନରେ



ପାଟଣାଗଡ଼,୧।୭(ସମିସ):

ବଲାଙ୍ଗିର ଜିଲ୍ଲା ପାଟଣାଗଡ଼ ବ୍ଲକ୍ ଓ ଏନ୍‌ଏସିରେ ବିଜେପି ସରକାର ଆସିବା ଦିନଠାରୁ ଉନ୍ନୟନମୂଳକ କାର୍ଯ୍ୟ ସମ୍ପୂର୍ଣ ବନ୍ଦ ହୋଇ ରହିଥିବା ଅଭିଯୋଗ ଆଣି ପାଟଣାଗଡ଼ ବ୍ଲକ୍ ଅଞ୍ଚଳର ସମିତି ସଭ୍ୟ ଓ ଏନ୍‌ଏସି ଅଧ୍ୟକ୍ଷାଙ୍କ ସହ କାଉନସିଲରମାନେ କାର୍ଯ୍ୟାଳୟ ସମ୍ମୁଖରେ ଅନିର୍ଦ୍ଧିଷ୍ଟ କାଳ ପାଇଁ ଧାରଣାରେ ବସିଛନ୍ତି। ଧାରଣା ମଙ୍ଗଳବାର ପଞ୍ଚମ ଦିନରେ ପହଞ୍ଚିଛି।ତେବେ ସମାଧାନ ପାଇଁ ଧାରଣାସ୍ଥଳକୁ କୌଣସି ପ୍ରଶାସନିକ ଅଧିକାରୀ ଆସିନଥିବାରୁ ଜନପ୍ରତିନିଧିଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି।ଫଳରେ ସମିତି ସଭ୍ୟ,ସଭ୍ୟା ମଙ୍ଗଳବାର ବ୍ଲକ୍‌ର ମୁଖ୍ୟ ଗେଟ ନିକଟକୁ ଆସି ଧାରଣା ଦେବା ସହ ବ୍ଲକ୍‌ର ବିଭିନ୍ନ ଅଫିସ କୁ ଯାଇ କାର୍ଯ୍ୟ ବନ୍ଦ କରାଇଛନ୍ତି।ଏହାର ସ୍ଥାୟୀ ସମାଧାନ ନ ହେବା ପର୍ଯ୍ୟନ୍ତ ଅନିର୍ଦ୍ଦିଷ୍ଟ କାଳ ପାଇଁ ଧାରଣା ଜାରି ରହିବାସହ ପ୍ରଶାସନ ତରଫରୁ ଜନପ୍ରତିନିଧିଙ୍କୁ ଅଣଦେଖା କରାଯାଉଥିବା ଅଭିଯୋଗ ଆଣି ଆଗାମୀ ଦିନରେ ପଞ୍ଚାୟତସ୍ତରରୁ ଲୋକ ଆଣି ଜନଆନ୍ଦୋଳନ କରାଯିବ ବୋଲି ସମିତି ସଭ୍ୟ ସଂଘ ସଭାପତି ଗୋବିନ୍ଦ ମେହେର ଙ୍କ ସହ ଉପସ୍ଥିତ ସମିତି ସଭ୍ୟ କହିଛନ୍ତି। ଅଗକୁ ଭୟାବହ ଆନ୍ଦୋଳନ କରିବାକୁ ବାଧ ହେବୁ ସେଥିପାଇଁ ପ୍ରଶାସନ ଦାୟୀ ରହିବ ବୋଲି କହିଛନ୍ତି।ଅପରପକ୍ଷରେ ପାଟଣାଗଡ଼ ଏନ୍‌ଏସି ସମ୍ମୁଖରେ ଇଓ ନାରାୟଣ ଦଣ୍ଡସେନାଙ୍କ ମନମୁଖୀ କାର୍ଯ୍ୟ ଯୋଗୁଁ ମଙ୍ଗଳବାର ଠାରୁ ଏନ୍‌ଏସି ସମ୍ମୁଖରେ ବିଜ୍ଞପିତ ପରିଷଦ ଅଧ୍ୟକ୍ଷା ମାନସୀ ବିଶ୍ୱାଳଙ୍କ ସହ ୧୧ ଜଣ କାଉନସିଲର ଅନିର୍ଦ୍ଦିଷ୍ଟକାଳ ପାଇଁ ଦେଇଥିବା ଧାରଣା ମଧ୍ୟ ପଞ୍ଚମ ଦିନରେ ପହଞ୍ଚିଛି। ଧାରଣାସ୍ଥଳକୁ ସୋମବାର ସୁନୀଲ ମେହେର ଉପଜିଲ୍ଲାପାଳ ପାଟଣାଗଡ଼ ପହଁଞ୍ଚି ଧାରଣାରୁ ଉଠିବାକୁ ବୁଝାସୁଝା କରିଥିଲେ କିନ୍ତୁ ସମସ୍ୟାର ସ୍ଥାୟୀ ସମାଧାନ ନ ହେବା ପର୍ଯ୍ୟନ୍ତ ଓ ଲିଖିତ ଭାବେ ନ ଦେବା ପର୍ଯ୍ୟନ୍ତ ଧାରଣା ଅନିର୍ଦ୍ଦିଷ୍ଟ କାଳ ପାଇଁ ଜାରି ରହିବ ବୋଲି ଅଧ୍ୟକ୍ଷା ଶ୍ରୀମତୀ ବିଶ୍ୱାଳ କହିଛନ୍ତି। ଆମକୁ ଲୋକେ ଭୋଟ ଦେଇ ଜନପ୍ରତିନିଧି ଭାବେ ପଠାଇଛନ୍ତି କିନ୍ତୁ ଲୋକଙ୍କ ଅଭିଯୋଗର ସମସ୍ୟାର ସମାଧାନ କରିପାରୁନାହୁଁ। ଧାରଣାକୁ ପାଞ୍ଚ ଦିନ ବିତିଯାଇଥିଲେ ସୁଦ୍ଧା ପ୍ରଶାସନ ଅଣଦେଖା କରି ଚାଲିଛି। ଆଗାମୀ ଦିନରେ ସମସ୍ତ ୱାର୍ଡ ଗୁଡ଼ିକରୁ ଲୋକ ଆସି ଧାରଣା ଜନଆନ୍ଦୋଳନରେ ପରିଣତ ହେବ ସେଥିପାଇଁ ପ୍ରଶାସନ ଦାୟୀ ରହିବ ବୋଲି କହିଛନ୍ତି।ଶାନ୍ତି ଶୃଙ୍ଖଳା ପାଇଁ ପୋଲିସ ମୁତୟନ କରାଯାଇଛି।

ଆଗାମୀ ଦିନରେ ଜନ ଆନ୍ଦୋଳନ



ବିଜେପି ସରକାର ଆସିବା ଦିନଠାରୁ ପାଟଣାଗଡ଼ ବ୍ଲକ୍ ଓ ଏନ୍‌ଏସି ସହ ଜିଲ୍ଲାସ୍ତରରେ ମଧ୍ୟ ସମସ୍ତ ଉନ୍ନୟନ ମୂଳକ କାର୍ଯ୍ୟବନ୍ଦ ରହିଛି।ସେଥିପାଇଁ ଜିଲ୍ଲାପରିଷଦ ଅଧ୍ୟକ୍ଷା କିଛି ଦିନ ତଳେ ଧାରଣା ଦେଇଥିଲେ।ସେହିପରି ପାଟଣାଗଡ଼ରେ ମଧ୍ୟ ଜନପ୍ରତିନିଧି ଧାରଣା ଦେଇଛନ୍ତି।ସମସ୍ୟାର ସମାଧାନ ପରିବର୍ତ୍ତେ ପ୍ରଶାସନ ଅଣଦେଖା କରିଚାଲିଛି।ଆଗାମୀ ଦିନରେ ଲୋକଙ୍କ ସାମୁହିକ ସ୍ୱାର୍ଥ କୁ ନେଇ ଜନପ୍ରତିନିଧି ଙ୍କ ଅଧିକାର କୁ କ୍ଷୁର୍ଣ୍ଣ କରାଯାଇଥିବା ପ୍ରତିବାଦରେ ଏହି ଧାରଣା ଜନ ଆନ୍ଦୋଳନରେ ପରିଣତ ହେବ। ଲୋକେ ରାଜରାସ୍ତାକୁ ଓହ୍ଲାଇବାକୁ ବାଧ ହେବେ। ସେଥିପାଇଁ ପ୍ରଶାସନ ଦାୟୀ ରହିବ।

**ସରୋଜ ମେହେର,**
**ପୂର୍ବତନ ପାଟଣାଗଡ଼ ବିଧାୟକ ତଥା ବିଜେଡି ଜିଲ୍ଲା ସଭାପତି**



ବ୍ଲକ୍‌ରେ ଆମ ଜନପ୍ରତିନିଧିଙ୍କୁ ଅଣଦେଖା କରାଯାଇଛି। କାହା ଚାପରେ ସମସ୍ତ ଉନ୍ନୟନମୂଳକ କାର୍ଯ୍ୟ ଗୁଡିକୁ ବନ୍ଦ କରାଯାଇଛି। ଲୋକଙ୍କ ହକ ଅଧିକାର ପାଇଁ ଆମ୍ଭେ ସମିତି ସଭ୍ୟ, ସଭ୍ୟା ବ୍ଲକ୍ ସମ୍ମୁଖରେ ମଙ୍ଗଳବାର ଠାରୁ ଧାରଣା ଦେଇଛୁ। ପାଞ୍ଚ ଦିନ ବିତିଯାଇଥିଲେ ସୁଦ୍ଧା ପ୍ରଶାସନ କୌଣସି ସମାଧାନ ପାଇଁ ଚେଷ୍ଟା କରିନାହିଁ। ଏହି ଧାରଣା ଆହୁରି ଭୟାବହ ହେବ। ପଞ୍ଚାୟତ ସ୍ତରରେ ଲୋକେ ଧାରଣାକୁ ସମର୍ଥନ ଜଣାଇଛନ୍ତି।ଆଗାମୀ ଦିନରେ ଧାରଣା ଜନ ଆନ୍ଦୋଳନରେ ପରିଣତ ହେବ।ପ୍ରଶାସନ ଦାୟୀ ରହିବ।

**ଗୋବିନ୍ଦ ମେହେର,**
**ସମିତି ସଭ୍ୟ ସଂଘ ସଭାପତି,ପାଟଣାଗଡ଼ ବ୍ଲକ୍**



ଇଓଙ୍କ ମନମୁଖୀ କାର୍ଯ୍ୟ ଯୋଗୁଁ ଏନ୍‌ଏସିରେ ସମସ୍ତ ଉନ୍ନୟନ ମୂଳକ କାମ ବନ୍ଦ ରହିଛି। ଚାରି ଗୋଟି କାଉନସିଲ ମିଟିଙ୍ଗରେ ଯୋଗ ଦେଲେନାହିଁ। ଜନପ୍ରତିନିଧି ହୋଇଥିବାରୁ ଲୋକଙ୍କ ଅଭିଯୋଗ ଗୁଡିକର ସମାଧାନ ହୋଇପାରୁନାହିଁ ବାଧ ହୋଇ ମୋ ସହ ୧୧ ଜଣ କାଉନସିଲର ଧାରଣା ଦେଇଛୁ।କିନ୍ତୁ ଦୁଃଖର ବିଷୟ ପାଞ୍ଚ ଦିନ ବିତିଯାଇଥିଲେ ମଧ୍ୟ ପ୍ରଶାସନ ସମାଧାନ କରିପାରିନାହିଁ।ଆଗାମୀ ଦିନରେ ପ୍ରତ୍ୟେକ ୱାର୍ଡସ୍ତରରୁ ଲୋକ ଆସି ଧାରଣାକୁ ସମର୍ଥନ କରିବେ। ଜନଆନ୍ଦୋଳନ ସହ ରାଜ ରାସ୍ତାକୁ ଓହ୍ଲାଇବୁ ସେଥିପାଇଁ ପ୍ରଶାସନ ଦାୟୀ ରହିବ।

**ମାନସୀ ବିଶ୍ୱାଳ,ଅଧ୍ୟକ୍ଷା ଏନ୍‌ଏସି ପାଟଣାଗଡ଼**

## ରାମ ଓ ଲକ୍ଷ୍ମଣ ବେଶରେ ଦର୍ଶନ ଦେଲେ ଦୁଇଠାକୁର

**ସୋନପୁର,୧ା୭(ସମିସ):** ସୁବର୍ଣ୍ଣପୁର ବଡ଼ବଜାର ଗୁଣ୍ଡିଚା ମନ୍ଦିରରେ ଆଜି ଭକ୍ତଙ୍କୁ ରାମ ଓ ଲକ୍ଷ୍ମଣ ବେଶରେ ଦର୍ଶନ ଦେଇଛନ୍ତି ଦୁଇ ଠାକୁର। ବିଶ୍ୱାସ ଅଛି ଆଡପ ମଣ୍ଡପରେ ପ୍ରଭୁଙ୍କୁ ଦର୍ଶନ କଲେ ପୁଣ୍ୟ ଫଳ ପ୍ରାପ୍ତି ହୋଇଥାଏ। ସେପଟେ ଆଜି ପବିତ୍ର ହେରା ପଞ୍ଚମୀ ତିଥି ଅବସରରେ ମା' ଲକ୍ଷ୍ମୀ କ୍ରୋଧିତ ହୋଇ ପ୍ରଭୁ ଜଗନ୍ନାଥଙ୍କୁ ଶ୍ରୀମନ୍ଦିର ଆସିବା ପାଇଁ ନିମନ୍ତ୍ରଣ କରି ଫେରିବା ବେଳେ ଅଷ୍ଟବେତାଳଙ୍କ



ସହାୟତାରେ ନନ୍ଦିଘୋଷ ରଥକୁ ଭାଙ୍ଗି ମନ୍ଦିରକୁ ପ୍ରତ୍ୟାବର୍ତ୍ତନ କରିଛନ୍ତି। ରଥଯାତ୍ରା ଅବସରରେ ବଡ଼ବଜାର 'ଗୁଣ୍ଡିଚା ରଥଯାତ୍ରା ସାଂସ୍କୃତିକ କମିଟି' ପକ୍ଷରୁ ଗୁଣ୍ଡିଚା ମନ୍ଦିର ଠାରେ ସନ୍ଧ୍ୟା ସମୟରୁ ରାତି ପର୍ଯ୍ୟନ୍ତ ପ୍ରତ୍ୟହ ସୁନ୍ଦର ଭଜନ କାର୍ଯ୍ୟକ୍ରମ ଅନୁଷ୍ଠିତ ହେଉଥିବା ବେଳେ ମଙ୍ଗଳବାର "ଶ୍ରାବଣୀ" ଭୁବନେଶ୍ୱର ତରଫରୁ ଆୟୋଜିତ ଭଜନ ସନ୍ଧ୍ୟାରେ ହଜାର ହଜାର ସଂଖ୍ୟାରେ ଶ୍ରଦ୍ଧାଳୁ ଯୋଗଦେଇ ଥିଲେ। ସେହିପରି ବୃନ୍ଦାବନ ବିହାରୀ ମନ୍ଦିରରେ ପ୍ରଭୁ ଜଗନ୍ନାଥ ରାମ ଅବତାରରେ ଭକ୍ତମାନଙ୍କୁ ଦର୍ଶନ ଦେଇଛନ୍ତି। ପ୍ରଭୁ ଦଧିବାମନ ମଝିପଡାଠାରେ ରାମ ଓ ଲକ୍ଷ୍ମଣ ବେଶରେ ଭକ୍ତଙ୍କୁ ଦର୍ଶନ ଦେଇଥିବା ବେଳେ ଥନାପତି ପଡାଠାରେ ମଧ ଶ୍ରଦ୍ଧାଳୁ ପ୍ରଭୁ ଜଗନ୍ନାଥଙ୍କ ଦିବ୍ୟ ଲୀଳା ଦର୍ଶନ ଲାଭ କରୁଛନ୍ତି।

## ଅବସର ନେଲେ ଉଲୁଣ୍ଡା ଏସ୍‌ବିଆଇ ମ୍ୟାନେଜର




**ବିନିକା/ଉଲୁଣ୍ଡା,୧ା୭(ସମିସ):** ଉଲୁଣ୍ଡା ଏସବିଆଇ ମ୍ୟାନେଜର ଘନଶ୍ୟାମ ମେହେର ଚାକିରିରୁ ଅବସର ନେଇଛନ୍ତି। ଶ୍ରୀମେହେର ପ୍ରଥମେ ବିନିକା ଏସବିଆଇ ଶାଖାରେ ୧୫ନଭେମ୍ବର ୧୯୮୯ରେ ଯୋଗଦାନ କରିଥିଲେ। ଶ୍ରୀ ମେହେର ପ୍ରମୋଶନ ପାଇବା ପରେ ସମ୍ପ୍ରତି ବଲାଙ୍ଗିର, କଳାହାଣ୍ଡି, ବରଗଡ଼, ସମ୍ବଲପୁର, ଅନୁଗୁଳ, ଢେଙ୍କାନାଳ ଜିଲ୍ଲାର ବିଭିନ୍ନ ବ୍ୟାଙ୍କରେ କାର୍ଯ୍ୟ ତୁଲାଇ ଶେଷରେ ଗତ ତିନି ବର୍ଷ ହେଲା ସୁବର୍ଣ୍ଣପୁର ଜିଲ୍ଲା ଉଲୁଣ୍ଡା ଏସବିଆଇ ବ୍ୟାଙ୍କରେ ଶାଖା ପରିଚାଳକ ଦାୟିତ୍ୱ ତୁଲାଇ ଜୁନ୍ ୩୦ତାରିଖରେ ତାଙ୍କ ଚାକିରି ଜୀବନରୁ ଅବସର ଗ୍ରହଣ କରିଛନ୍ତି। ଏହି ପରିପ୍ରେକ୍ଷୀରେ ବିଦାୟକାଳୀନ ସମ୍ବର୍ଦ୍ଧନା ସମାରୋହରେ ସୋନପୁର ଏଲଡିଏମ କାର୍ତ୍ତିକେଶ୍ୱର ପଣ୍ଡା ମୁଖ୍ୟଅତିଥି, ସୋନପୁର ଏସ୍‌ବିଆଇ ଚିଫ୍ ମ୍ୟାନେଜର ଲକ୍ଷ୍ମଣ ମାଝି, ଆରବିଓ ବରଗଡ଼ ମ୍ୟାନେଜର ଏଚଆର ପ୍ରିତିଶ ରଞ୍ଜନ ସେଠୀ, ଉଲୁଣ୍ଡା ଏସବିଆଇ ଫିଲ୍ଡ ମ୍ୟାନେଜର କୃଷ୍ଣ ଚନ୍ଦ୍ର ମେହେର, ଶିକ୍ଷାବିତ ଅନିରୁଦ୍ଧ କୁରକୁରିଆ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇ ତାଙ୍କ କାର୍ଯ୍ୟ ଦକ୍ଷତା ଓ କର୍ମମୟ ଜୀବନର ଗୁଣାବଳୀ ଉପରେ ଆଲୋକପାତ କରିଥିଲେ। ତାଙ୍କୁ ଉପସ୍ଥିତ ସମସ୍ତ ଷ୍ଟାଫ ଓ ବ୍ୟାଙ୍କ ସହିତ ଲିପ୍ତ ଥିବା ଗ୍ରାହକ ଉପଢୌକୋନ ଦେଇ ବିଦାୟ କାଳୀନ ସମ୍ବର୍ଦ୍ଧନା ଜ୍ଞାପନ କରିବା ପରେ ବିନିକା ନିଜସ୍ୱ ଘରକୁ ଆଣି ଛାଡିଥିଲେ।

## ଦିଲ୍ଲୀ ପେଣ୍ଟିଂ କ୍ୟାମ୍ପରେ ଅଶୋକଙ୍କ କମାଲ୍

**ବିନିକା,୧ା୭(ସମିସ):** ସୁବର୍ଣ୍ଣପୁର ଜିଲ୍ଲା ବିନିକା ବ୍ଲକ ଅନ୍ତର୍ଗତ ଫୁଲମୁଠୀ ଗ୍ରାମର ପୁଅ ଅଶୋକ ମହାକୁର ସମସ୍ତଙ୍କ ମନକୁ ଛୁଇଁଲା ଭଳିଆ ଚିତ୍ର ଆଙ୍କି ସୁଦୂର ଦିଲ୍ଲୀରେ କମାଲ ଦେଖାଇଛନ୍ତି। ସୂଚନାଯୋଗ୍ୟ, ଭାରତ ସରକାରଙ୍କ ସାଂସ୍କୃତିକ ବିଭାଗ ତରଫରୁ ୭ଦିନ ଧରି ଦିଲ୍ଲୀ ସ୍ଥିତ ଲଳିତ କଳା ଏକାଡେମୀଠାରେ ପେଣ୍ଟିଂ କ୍ୟାମ୍ପ ଆୟୋଜନ ହୋଇଥିଲା ଏଥିରେ ଭାଗନେବା ପାଇଁ ସାରା ଭାରତର ୧୫ଜଣ



ଆର୍ଟିଷ୍ଟଙ୍କୁ ଚୟନ କରାଯାଇଥିଲା। ବିଷୟବସ୍ତୁ ଥିଲା ରିମେବମ୍ବ୍ରିଂ ୫୦ ଇୟର ଇମ୍ପୋଜିସନ ଅଫ ଏମାରଜେନ୍ସି ଉପରେ ଚିତ୍ର ଅଙ୍କନ କରାଯାଇଥିଲା। ଚୟନ ଆର୍ଟିଷ୍ଟ ମାନେ ଉକ୍ତ ଚିତ୍ର ଆଙ୍କିବା ପରେ ସେହି ଚିତ୍ରଗୁଡ଼ିକ ଟାଇଗ୍ରା ଷ୍ଟାଡିୟମ ନୂଆଁଦିଲ୍ଲୀଠାରେ ସମସ୍ତଙ୍କ ଅବଗତି ନିମନ୍ତେ ପ୍ରଦର୍ଶିତ ହୋଇଥିଲା। ଉକ୍ତ ଚିତ୍ର ଗୁଡ଼ିକୁ ଦେଖିବା ପାଇଁ ଭାରତ ସରକାରଙ୍କ ତରଫରୁ କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହା, ସଂସ୍କୃତି ବିଭାଗ ମନ୍ତ୍ରୀ ଗଜେନ୍ଦ୍ର ସିଂ ସେଖାୱତ, ଦିଲ୍ଲୀ ମୁଖ୍ୟମନ୍ତ୍ରୀ ରେଖା ଗୁପ୍ତା, କ୍ୟାବିନେଟ ମନ୍ତ୍ରୀ କପିଳ ମିଶ୍ର ପ୍ରମୁଖ ପରିଦର୍ଶନରେ ଆସି ଚିତ୍ରକରମାନଙ୍କୁ ପ୍ରଶଂସା କରିଥିଲେ। ଏହି ଅବସରରେ ଓଡ଼ିଆ ପୁଅ ଅଶୋକଙ୍କ ଆଙ୍କିତ ଚିତ୍ର ବେଶ ପ୍ରଶଂସନୀୟ ହୋଇଥିଲା। ପରେ ଭାଗନେଇଥିବା ସମସ୍ତ ଚିତ୍ରକରମାନଙ୍କୁ ପ୍ରମାଣ ପତ୍ର ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା।

## ଦୁଇ ମଦ ବେପାରୀ ଗିରଫ

**ଶଗଡ଼ା,୧ା୭(ସମିସ):** ଘଣ୍ଟାପଡା ଥାନା ଖୁଣ୍ଟିଗୋରା ରାସ୍ତା ନିକଟରେ ମଦ ଚୋରା ଚାଲାଣ ହେଉଥିବା ନେଇ କଣ୍ଟାମାଳ ଅବକାରୀ ବିଭାଗ ଖବର ପାଇ ଟିମ ଚଢ଼ଉ କରିଥିଲା। ଲକ୍ଷ୍ମୀକାନ୍ତ ସାହୁ (୨୮) ନିକଟରୁ ୭ ଲିଟର ମଦ ଜବତ କରି ମାଫିଆକୁ ଗିରଫ କରିଛି ଓ ସେହିପରି କଣ୍ଟାମାଳ ଅବକାରୀ ଟିମ ପକ୍ଷରୁ ଘଣ୍ଟାପଡା ଥାନା ରେକଡୋଲ ଗ୍ରାମ ରାସ୍ତା ନିକଟରେ ଚଢ଼ଉ କରି ନରେନ୍ଦ୍ର କାଲସେ (୨୬) ନିକଟରୁ ୮ ଲିଟର ମଦ ଜବତ କରିଛି। ଏ ନେଇ କଣ୍ଟାମାଳ ଅବକାରୀ ପକ୍ଷରୁ ଦୁଇଟି ପୃଥକ ମାମଲା ରୁଜୁ କରି ଉଭୟଙ୍କୁ କୋର୍ଟ ଚାଲାଣ କରାଯାଇଛି।

## ଦୁର୍ଘଟଣାରେ ଯୁବକଙ୍କ ମୃତ୍ୟୁ

**ବୌଦ୍ଧ,୧ା୭(ସମିସ):** ସମବାର ସନ୍ଧ୍ୟାରେ ବୌଦ୍ଧ ଇଣ୍ଡେନ ଗ୍ୟାସରେ ଡେଲିଭରି ବଏ କାମ କରୁଥିବା ମୁର୍ଷୁଣ୍ଡି ଗ୍ରାମର ମୁଟୁ ପରିଡା ସାଇକଲ ଯୋଗେ ଘରକୁ ଫେରୁଥିବା ବେଳେ ଫିସରୀ କାର୍ଯ୍ୟାଳୟ ନିକଟରେ ଏକ ଅଜଣା ଗାଡି ଧକ୍କା ଦେଇଥିଲା। ସ୍ଥାନୀୟ ଲୋକେ ଉଦ୍ଧାର କରି ବୌଦ୍ଧ ଡାକ୍ତରଖାନା ଆଣିଥିଲେ। ବିଳମ୍ବିତ ରାତିରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ପୁଲିସ୍ ମୃତଦେହକୁ ଜବତ କରିବା ସହ ବ୍ୟବଚ୍ଛେଦ କରାଇବା ପରେ ପରିବାରକୁ ହସ୍ତାନ୍ତର କରିଛି।

### ଲଗାଣ ବର୍ଷାରେ ଭାଙ୍ଗିଲା ମାଟି ଘର

# ଖୋଲା ଆକାଶ ତଳେ ପୀଡ଼ିତ ପରିବାର

**ଶଗଡା,୧ା୭(ସମିସ):**



ଗତ କିଛିଦିନ ଧରି କଣ୍ଟାମାଳ ବ୍ଲକ୍‌ର ବିଭିନ୍ନ ଅଞ୍ଚଳରେ କ୍ରମାଗତ ଭାବେ ଲଗାଣ ବର୍ଷା ଜାରି ରହିଛି। ବର୍ଷା ଯୋଗୁଁ ସାଧାରଣ ଜନଜୀବନ ଅସ୍ତବ୍ୟସ୍ତ ହୋଇ ପଡ଼ିଥିବା ବେଳେ କଣ୍ଟାମାଳ ରାଜସ୍ୱ ସର୍କଲ ଖଲିଆପାଲି ପଞ୍ଚାୟତର ବରଡିପଦର ଗ୍ରାମର ପ୍ରେମସିଲା ମଲ୍ଲିକ, ମିନି ମୁଦୁଲି, ଅଯୋଧ୍ୟା ମଲ୍ଲିକ, ଦଣ୍ଡାଧରି ଛତ୍ରିଆ, ଟିକୁନୁ ଗୁରୁ ଆଦିଙ୍କ ମାଟି ଘର ବର୍ଷା ଯୋଗୁଁ ଭାଙ୍ଗି ଯାଇଛି। ଘର ଭାଙ୍ଗିବା ଯୋଗୁଁ ବର୍ଷାରେ ଘରର ବହୁ ଆସବାବପତ୍ର ସହ ଧାନ, ଚାଉଳ ଭିଜି ନଷ୍ଟ ହୋଇଥିବା ଅଭିଯୋଗ ହୋଇଛି। ସରକାର ଗ୍ରାମାଞ୍ଚଳରେ ସମସ୍ତ ଲୋକଙ୍କ ପାଇଁ ମୁଣ୍ଡ ଉପରେ ପକ୍କାଘର ବିଭିନ୍ନ ଯୋଜନା ମାଧ୍ୟମରେ ଯୋଗାଇ ଦେବାପାଇଁ କହୁଥିବା ବେଳେ ବାସ୍ତବରେ ଯୋଜନାର ସଫଳତା ପ୍ରକୃତ ହିତାଧିକାରୀଙ୍କ ନିକଟରେ ପହଞ୍ଚି ପାରୁ ନାହିଁ। ବର୍ତ୍ତମାନ ଅର୍ଥାଭାବରୁ ମୁଣ୍ଡ ଗୁଞ୍ଜିବା ପାଇଁ ପକ୍କାଘର ଖଣ୍ଡିଏ ଗଢିବା , ବହୁ ଗରିବ ଖଟିଖିଆଙ୍କ ପାଇଁ ସ୍ୱପ୍ନ ପାଲଟିଛି। ଯାହା ଫଳରେ ଝାଟିମାଟି ଘରେ ବହୁ ଦୁଃଖ କଷ୍ଟରେ ରହିବାକୁ ପଡୁଛି। ରାଜସ୍ୱ ବିଭାଗ ପକ୍ଷରୁ ତୁରନ୍ତ ପୀଡିତ ପରିବାର ନିକଟରେ ପହଞ୍ଚି କ୍ଷୟକ୍ଷତି ର ଆକଳନ କରିବା ସହ ପ୍ରଶାସନ ତରଫରୁ ଆବଶ୍ୟକୀୟ ସହାୟତା ଯୋଗାଇଦେବା ପାଇଁ ସାଧାରଣରେ ଦାବି ହେଉଛି। ବର୍ଷାରେ ଘର ଭାଙ୍ଗିବା ଖବର ପାଇ ଉକ୍ତ ପଞ୍ଚାୟତ ର ସରପଞ୍ଚ ପ୍ରତିନିଧି ତୁରନ୍ତ ଘଟଣାସ୍ଥଳକୁ ଯାଇ ଲୋକଙ୍କ ସମସ୍ୟା ବୁଝିବା ସହ ଏ ସମ୍ପର୍କରେ ଉପରିସ୍ଥ ଅଧିକାରୀଙ୍କୁ ଜଣାଇଥିବା ସୂଚନା ମିଳିଛି।

## ଲଗାଣ ବର୍ଷାରେ ଧୋଇଗଲା ଜଡ଼ାମୁଣ୍ଡା ପୋଲ

**ସୁବଳୟା,୧ା୭(ସମିସ):** ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ଠାରୁ ଜୟପୁରକୁ ସଂଯୋଗ କରୁଥିବା ଜଡାମୁଣ୍ଡା ପୋଲ ଲଗାଣ ବର୍ଷାରେ ଧୋଇଯାଇଛି। ବର୍ତ୍ତମାନ ବର୍ଷା ହେଲେ ଏହି ପୋଲ ଉପରେ ପାଣି ପ୍ରଭାବିତ ହେଉଛି। ଫଳରେ ଏହି ରାସ୍ତା ଉପରେ ନିର୍ଭର କରୁଥିବା ଜନସାଧାରଣ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ବିଶେଷ କରି ଛାତ୍ରଛାତ୍ରୀମାନେ ଅନେକ ସମସ୍ୟା ସମ୍ମୁଖୀନ ହେବାକୁ ପଡୁଛି। ଏ ରାସ୍ତା ଦେଇ ଠେଙ୍ଗଡ୍ୟାମ, ପାତାଳି ଶ୍ରୀକ୍ଷେତ୍ରକୁ ମଧ ସଂଯୋଗ କରିଥାଏ। ଦୈନିକ ବହୁ ଲୋକ ଯିବା ଆସିବା କରୁଛନ୍ତି। ତୁରନ୍ତ ଜିଲ୍ଲା ପ୍ରଶାସନ ପୋଲ ନିର୍ମାଣ ସହ ଉକ୍ତ ରାସ୍ତା ମରାମତି କରିବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

## ଜୁନିୟର ରେଡ୍‌କ୍ରସ୍ ପରାମର୍ଶଦାତାଙ୍କ ପ୍ରଶିକ୍ଷଣ ଶିବିର ଉଦ୍‌ଘାଟିତ

**ବୌଦ୍ଧ,୧ା୭(ସମିସ):** ବୌଦ୍ଧ ଜିଲ୍ଲା ଶିକ୍ଷା କାର୍ଯ୍ୟାଳୟ ଓ ଭାରତୀୟ ରେଡ୍‌କ୍ରସ ସୋସାଇଟି ମିଳିତ ଆନୁକୂଲ୍ୟରେ ଅଣ ତାଲିମପ୍ରାପ୍ତ ଜୁନିୟର ରେଡ୍‌କ୍ରସ ପରାମର୍ଶଦାତାଙ୍କ ତ୍ରିଦିବସୀୟ ପ୍ରଶିକ୍ଷଣ ଶିବିର ପଲ୍ଲୀବିକାଶ ଉଚ୍ଚ ବିଦ୍ୟାଳୟ ଲୁଣିବାହାଲ ଠାରେ ଉଦ୍‌ଘାଟିତ ହୋଇଯାଇଛି। ଜିଲ୍ଲା ଶିକ୍ଷା ଅଧିକାରୀ ଟେମ୍ ଲାଲ୍ ଦୁବେଙ୍କ ଅଧକ୍ଷତାରେ ଆୟୋଜିତ ପ୍ରଶିକ୍ଷଣ ଶିବିରରେ ମୁଖ୍ୟଅତିଥି ଭାବେ ବୌଦ୍ଧ ଅତିରିକ୍ତ ଜିଲ୍ଲାପାଳ ଅନିରୁଦ୍ଧ ପଧାନ, ସମ୍ମାନିତ ଅତିଥି ଭାବେ ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ପ୍ରଭାସ ଚନ୍ଦ୍ର ଦଣ୍ଡସେନା, ବୌଦ୍ଧ ଖଣ୍ଡୀୟ ବନ ଅଧିକାରୀ ଦେବପ୍ରିୟ କମ୍ପ, ଅତିରିକ୍ତ



ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ ଡ଼. ଶାନ୍ତା ନିବେଦିତା, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଚୂଡ଼ାମଣି ବାରିକ, ବୌଦ୍ଧ ଗୋଷ୍ଠୀ ଶିକ୍ଷା ଅଧିକାରୀ ଉପେନ୍ଦ୍ର କୁମାର ପ୍ରଧାନ, ହରଭଙ୍ଗା ଗୋଷ୍ଠୀ ଶିକ୍ଷା ଅଧିକାରୀ ହାଡିବନ୍ଧୁ ବେହେରା, କଣ୍ଟାମାଳ ଗୋଷ୍ଠୀ ଶିକ୍ଷା ଅଧିକାରୀ ଅଶୋଭ ଭଞ୍ଜନ ମାଳି, ଲୁଣି ବାହାଲ ସରପଞ୍ଚ ଚନ୍ଦ୍ରମା ପ୍ରଧାନ, ଜିଲ୍ଲା ଜୁନିଅର୍ ରେଡ୍‌କ୍ରସ୍ ସମ୍ପାଦକ ଆନନ୍ଦ କୁମାର ବେହେରା, ସ୍ଥାନୀୟ ବିଦ୍ୟାଳୟର ପ୍ରଧାନଶିକ୍ଷକ ତୃପ୍ତି ରଞ୍ଜନ ଦାନି ପ୍ରମୁଖ ଯୋଗଦେଇ ଜୁନିଅର୍ ରେଡ଼କ୍ରସ୍ ପତାକା ଉତ୍ତୋଳନ କରିବା ସହିତ ସମୂହ ଚାରାରୋପଣ ଓ ବୃହତ ରକ୍ତଦାନ ଶିବିରକୁ ଉଦ୍‌ଘାଟନ କରିଥିଲେ। ଡା. ବିକେ ଆର ସି ଦେଓହେମ୍ବ୍ରମ୍‌ଙ୍କ ତତ୍ତ୍ୱାବଧାନରେ ରକ୍ତଦାନ ଶିବିରରେ ଜିଲ୍ଲାର ବିଭିନ୍ନ ବିଦ୍ୟାଳୟର ଶିକ୍ଷକଶିକ୍ଷୟିତ୍ରୀ, ସିଆରସିସି, ପୁରାତନ ଛାତ୍ରଛାତ୍ରୀ, ପରିଚାଳନା କମିଟିର ସଦସ୍ୟ ଏବଂ ଜିଲ୍ଲା ଶିକ୍ଷା କାର୍ଯ୍ୟାଳୟର କର୍ମଚାରୀ ତଥା ବିଇଓମାନେ ରକ୍ତଦାନ କରି ରେକର୍ଡ ସଂଖ୍ୟକ ୧୭୧ ୟୁନିଟ୍ ରକ୍ତ ସଂଗୃହୀତ ହୋଇଥିଲା। ସମସ୍ତ ରକ୍ତଦାତାଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଓ ଜିଲ୍ଲା ଶିକ୍ଷା କାର୍ଯ୍ୟାଳୟ ବୌଦ୍ଧ ତରଫରୁ ପ୍ରଶଂସାପତ୍ର ପ୍ରଦାନ କରାଯାଇଥିଲା। ପ୍ରଶିକ୍ଷଣ ଶିବିରରେ ବିଭିନ୍ନ ବିଦ୍ୟାଳୟରୁ ୬୦ ଜଣ ଶିକ୍ଷକ ଶିକ୍ଷୟିତ୍ରୀମାନେ ଯୋଗଦାନ କରି ଜୁନିଅର୍ ରେଡ଼କ୍ରସ୍ ପରାମର୍ଶଦାତା ଭାବେ ତିନି ଦିନ ଧରି ପ୍ରାଥମିକ ଚିକିତ୍ସା, ବିପର୍ଯ୍ୟୟ ପରିଚାଳନା, ଅଗ୍ନି ନିରାପତ୍ତା, ରକ୍ତଦାନ, ସଡ଼କ ସୁରକ୍ଷା,ପରିବେଶ ସୁରକ୍ଷା,ଏଡ଼ସ ସଚେତନତା ଆଦି ଗୁରୁତ୍ୱପୂର୍ଣ୍ଣ ବିଷୟଗୁଡ଼ିକ ଉପରେ ତାଲିମପ୍ରାପ୍ତ ହେବେ। ସଂଧ୍ୟାରେ ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ପ୍ରଦର୍ଶନ କରାଯାଇଥିଲା।



ତରଭା ଦଧିବାବନଙ୍କ ବାମନ ଅବତାର

## ଆଡପ ମଣ୍ଡପରେ ଶ୍ରୀଜଗନ୍ନାଥଙ୍କ ବାମନ ଓ ଶ୍ରୀବଳଭଦ୍ରଙ୍କ ପର୍ଶୁରାମ ବେଶ



**ବୌଦ୍ଧ,୧ା୭(ସମିସ):** ମଙ୍ଗଳବାର ମାଉସୀମା ମନ୍ଦିରରେ ପ୍ରଭୁ ଶ୍ରୀଜଗନ୍ନାଥ ବାମନ ଓ ଶ୍ରୀବଳଭଦ୍ର ପର୍ଶୁରାମ ବେଶରେ ଭକ୍ତଙ୍କୁ ଦର୍ଶନ ଦେଇଛନ୍ତି। ମହାପ୍ରଭୁଙ୍କ ବେଶ ଦେଖିବାକୁ ଭକ୍ତଙ୍କର ପ୍ରବଳ ଭିଡ ଦେଖିବାକୁ ମିଳିଥିଲା। ହେରାପଞ୍ଚମୀର ସମସ୍ତ ନୀତିକାନ୍ତିରେ ସଂପନ୍ନ ହୋଇଥିଲା। ମହାପ୍ରଭୁ ଭାଇ ଭଉଣୀଙ୍କୁ ସାଙ୍ଗରେ ଧରି ରଥଯାତ୍ରାରେ ମାଉସୀମା ଗୁଣ୍ଡିଚାଙ୍କ ଘରକୁ ଆସିଥିବାବେଳେ ମା ଲକ୍ଷ୍ମୀଙ୍କୁ ସାଙ୍ଗରେ ଆଣିନଥିଲେ। ତେଣୁ ମହାଲକ୍ଷ୍ମୀ ପ୍ରଭୁଙ୍କୁ ଦେଖା କରିବାକୁ ଶ୍ରୀଗୁଣ୍ଡିଚା ମନ୍ଦିରକୁ ଆସିଥିଲେ। ଫେରିଲା ବେଳେ ମହାପ୍ରଭୁଙ୍କ ରଥକୁ ଟିକିଏ ଭାଙ୍ଗି ଦେଇଥିଲେ। ଆଜିଠାରୁ ରଥକୁ ଦକ୍ଷିଣମୋଡ କରାଯାଇଥାଏ। ଆଜି ସନ୍ଧ୍ୟାରେ ଜିଲ୍ଲା ଜର୍ଣ୍ଣାଲିଷ୍ଟ ଫୋରମ ତରଫରୁ ଭଜନ ସମାରୋହ ଅନୁଷ୍ଠିତ ହୋଇଥିଲା। ବହୁ ସୁନାମଧନ୍ୟ କଣ୍ଠଶିଳ୍ପୀ ଭଜନ ପରିବେଷଣ କରିଥିଲେ।

## ବିଦ୍ୟାଳୟରେ ଅସାମାଜିକଙ୍କ ଆଡ୍ଡା

**ଶଗଡ଼ା,୧ା୭(ସମିସ):** ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ୍ ଶିମିଳି ପଦର ପଞ୍ଚାୟତ ଅନ୍ତର୍ଗତ ଗବଯୋର ସ୍ଥିତ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ଅସାମାଜିକଙ୍କ ଆଡ୍ଡା ଜମୁଥିବା ଅଭିଯୋଗ ହୋଇଛି। ବିଦ୍ୟାଳୟର ଶିକ୍ଷକ ଓ ଅଭିଭାବକମାନେ ବାରମ୍ବାର ବାରଣ ସତ୍ତ୍ୱେ ମଧ ଦୁର୍ବୃତ୍ତମାନେ ବିଦ୍ୟାଳୟ ବନ୍ଦ ହେବା ପରେ ଭିତରକୁ ଆସି ମଦ୍ୟପାନ କରିବା ସହ ଅସାମାଜିକ କାର୍ଯ୍ୟକଳାପ ଜାରି ରଖିଛନ୍ତି। ଏହାର କୁପ୍ରଭାବ ଛାତ୍ରଛାତ୍ରୀଙ୍କ ଉପରେ ପଡୁଛି। ଅନେକ ସମୟରେ ବିଦ୍ୟାଳୟ ପରିସରରେ ମଦ ବୋତଲ ପଡ଼ିଥିବା ବେଳେ କାଚ ବୋତଲ ଭାଙ୍ଗି ପଡ଼ିଥିବା ମଧ ଦେଖିବାକୁ ମିଳିଛି। ଅସାମାଜିକ କାର୍ଯ୍ୟକଳାପ ରୋକ ଲଗାଇବାକୁ ଆଜି ବିଦ୍ୟାଳୟର ଛାତ୍ରଛାତ୍ରୀ, ଶିକ୍ଷକଶିକ୍ଷୟତ୍ରୀଙ୍କ ସହ ଅଭିଭାବକମାନେ ରାଲିରେ ବାହାରି ଗ୍ରାମ ପରିକ୍ରମା କରି ଲୋକଙ୍କୁ ସଚେତନ କରିଥିବା ଦେଖିବାକୁ ମିଳିଥିଲା। ବିଦ୍ୟାଳୟ ବନ୍ଦ ହେବା ପରେ କୌଣସି ବ୍ୟକ୍ତି ଭିତରକୁ ଗଲେ ତା ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ନାରାବାଜି ଦେଇଥିଲେ। ବିଦ୍ୟାଳୟ ଭଳି ଶିକ୍ଷା ମନ୍ଦିରରେ ଏଭଳି ହୀନ କାର୍ଯ୍ୟକଳାପକୁ ସାଧାରଣରେ ତୀବ୍ର ନିନ୍ଦା କରାଯାଇଛି।

## ଦୁର୍ଘଟଣା ଘଟାଇ କାର୍ ଓ ଗଞ୍ଜେଇ ଛାଡ଼ି ମାଫିଆ ଫେରାର

**ମନମୁଣ୍ଡା,୧ା୭(ସମିସ):** ସୋମବାର ରାତ୍ରରେ ଅଭିଯୁକ୍ତ ଗିରଫ ଭୟରେ କାର୍‌କୁ ଜାଣିଶୁଣି ଦୁର୍ଘଟଣା ଘଟାଇ ଗଞ୍ଜେଇ ଛାଡ଼ି ଫେରାର ହେବା ଘଟଣା ଚର୍ଚ୍ଚାର ବିଷୟ ପାଲଟିଛି। ସୋମବାର ରାତ୍ରି ପ୍ରାୟ ୮.୩୦ରେ କାର୍‌ରେ ଫେରାର ମାରୁଥିବା ଅଭିଯୁକ୍ତ ପଛରେ ଦୁଇଟି ପୁଲିସ ଗାଡ଼ି ଗୋଡାଇଥିଲା। ମନମୁଣ୍ଡା ସହର ଭିତରେ କାର୍ ୧୩୦ ବେଗରେ ଯାଉଥିବା ବେଳେ ଦୁଇଟି ପୁଲିସ ଗାଡ଼ି



ଲୋକମାନଙ୍କ ଜୀବନ ପ୍ରତି ଧ୍ୟାନଦେଇ ଗୋଡ଼ାଉଥିଲା। ରାତ୍ରରେ ବର୍ଷା ପାଗ ଥିବାରୁ ରାସ୍ତାରେ ଗହଳି ନ ଥିଲା ଅନ୍ୟଥା ଅନେକ ଲୋକଙ୍କ ଜୀବନ ହାନି ଘଟିଥାନ୍ତା ବୋଲି ଆଲୋଚନା ହେଉଛି। ଏହି ଅଞ୍ଚଳ ଗଞ୍ଜେଇ ଚୋରାଚାଲାଣ ଭାବେ କୁଖ୍ୟାତି ଲାଭ କରିଥିବାରୁ ତାହା ନିଶ୍ଚୟ ଗଞ୍ଜେଇ ଗାଡ଼ି ହୋଇଥିବ ବୋଲି ଲୋକମାନେ ଭାବି ନେଇଥିଲେ। କଣ୍ଟାମାଳରୁ ଏକ ଧଳା କାର୍‌ରେ ଗଞ୍ଜେଇ ଆସୁଥିବା ମନମୁଣ୍ଡା ଆଇଆଇସି ଅଞ୍ଜଳି ବିଶ୍ୱାଳ କୌଣସି ସୂତ୍ରରୁ ଜାଣିଥିଲେ। ଆଇଆଇସି ପୁଲିସ ଟିମ୍ ଗଠନ କରି ମୁଖ୍ୟ ଛକମାନଙ୍କରେ ନାକାବନ୍ଦୀ ପରି ଜଗି ରହି ଥିଲେ। ମନମୁଣ୍ଡା ମୁଖ୍ୟ ଗାନ୍ଧୀ ଛକ ଠାରେ ପୁଲିସ ରାସ୍ତାରେ ଡ୍ରମ୍ ରଖି ଜଗି ରହିଥିଲା। ତେବେ କାର୍ ଅତ୍ୟନ୍ତ ଦ୍ରୁତ ଗତିରେ ଆସି ଫିଲ୍ମ ଷ୍ଟାଇଲରେ ପୁଲିସକୁ ଚକମା ଦେଇ ବୌଦ୍ଧ ଦିଗକୁ ଚାଲି ଯାଇଥିଲା। କାର୍ ପଛରେ ଦୁଇଟି ପୁଲିସ ଗାଡ଼ି ଗୋଡ଼ାଇ ଥିଲା। ତେବେ ଗଞ୍ଜେଇ ମାଫିଆ ଗିରଫ ଭୟ ରେ ଏନ୍‌ଏଚ ୫୭ ବାସୁଦେବପାଲି (ମନମୁଣ୍ଡା) ଓମ୍ ଶାନ୍ତି ପେଟ୍ରୋଲ ପମ୍ପ ନିକଟରେ ବିଲ ଭିତରକୁ କାର୍‌କୁ ନେଇ ଦୁର୍ଘଟଣା ଘଟାଇ ଚାଳକ ଫେରାର ହୋଇଯାଇଥିଲା। ଦୁର୍ଘଟଣାସ୍ଥଳ ଠାରୁ ମହାନଦୀ ପ୍ରାୟ ୫୦୦ ମିଟର ଦୂରରେ ଥିବାରୁ ଅନ୍ଧାରର ସୁଯୋଗ ନେଇ ଅଭିଯୁକ୍ତ ଫେରାର ହେବାରେ ସଫଳ ହୋଇଥିଲା। ପୁଲିସ ଉକ୍ତ ଗାଡ଼ିରୁ ବିପୁଳ ପରିମାଣର ଗଞ୍ଜେଇ ଜବତ କରିଥିବା ଆଇଆଇଆଇ ଶ୍ରୀମତୀ ବିଶ୍ୱାଳ କହିଛନ୍ତି। କେତେକ ଅନିବାର୍ଯ୍ୟ କାରଣବଶତଃ ମାଜିଷ୍ଟ୍ରେଟ ଆଜି ଆସି ନ ପାରିବାରୁ ଗଞ୍ଜେଇ ଓଜନ ହୋଇ ପାରି ନାହିଁ ବୋଲି ଆଇଆଇସି କହିଛନ୍ତି। ପୁଲିସ ଏନେଇ ତଦନ୍ତ ଚଳାଇଛି।

### ● ବିଏମ୍‌ସି ଅତିରିକ୍ତ କମିଶନରଙ୍କୁ ମାଡ଼ ପ୍ରତିବାଦ

## ସାମୂହିକ ଛୁଟିରେ ଯିବେ ଜିଲ୍ଲାର ସମସ୍ତ ଓଏଏସ ଅଧିକାରୀ



**ବୌଦ୍ଧ,୧ା୭(ସମିସ):** ବିଏମସି ଅତିରିକ୍ତ କମିଶନରଙ୍କୁ ମାଡ଼ ମାରିବା ଘଟଣାର ପ୍ରତିବାଦରେ ବୌଦ୍ଧ ଜିଲ୍ଲାରେ କାର୍ଯ୍ୟରତ ସମସ୍ତ ଓଏଏସ ଅଧିକାରୀ ସାମୂହିକ ଛୁଟିରେ ଯିବା ପାଇଁ ଦାବିପତ୍ର ଦେଇଛନ୍ତି। ମଙ୍ଗଳବାର ଜିଲ୍ଲାରେ କାର୍ଯ୍ୟରତ ସମସ୍ତ ଓଏଏସ ଅଧିକାରୀ ଅତିରିକ୍ତ ଜିଲ୍ଲାପାଳ ଅନିରୁଦ୍ଧ ପ୍ରଧାନଙ୍କ ନେତୃତ୍ୱରେ ଜିଲ୍ଲାପାଳ ସୁବ୍ରତ କୁମାର ପଣ୍ଡାଙ୍କୁ ସାକ୍ଷାତ୍ କରି ଲିଖିତ ଭାବରେ ଦାବିପତ୍ର ପ୍ରଦାନ କରିଥିଲେ। ଜିଲ୍ଲାପାଳ ଅଧିକାରୀମାନଙ୍କୁ ନେଇ ଜିଲାପାଳଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ବୈଠକ କରି କୌଣସି ଅଧିକାରୀ ସଦର ମହକୁମା ଛାଡି ନ ଯିବାକୁ ନିର୍ଦ୍ଦେଶ ଦେଇଛନ୍ତି। ରାଜ୍ୟ ଓଡିଶା ପ୍ରଶାସନିକ ସେବା ଅଧିକାରୀ ସଂଘର ଆହ୍ୱାନକ୍ରମେ ଜିଲ୍ଲାର ସମସ୍ତ ଓଏଏସ ଅଧିକାରୀ ସାମୂହିକ ଛୁଟିରେ ରହିବାକୁ ନିଷ୍ପତ୍ତି ନେଇଥିବା ସୂଚନା ମିଳିଛି।

## ବୌଦ୍ଧ ଜିଲ୍ଲାରୁ ଯୋଗଦେଲେ ୨ବୁଥ୍‌ସ୍ତରୀୟ ଅଧିକାରୀ

**ବୌଦ୍ଧ,୧ା୭(ସମିସ):** ପର୍ଯ୍ୟବେକ୍ଷକ ୫୦୦ ଜଣ କ୍ଷେତ୍ର କର୍ମଚାରୀଙ୍କ ପାଇଁ ଭାରତ ନିର୍ବାଚନ ଆୟୋଗ ୨ ଦିନିଆ ସାମର୍ଥ୍ୟ ବୃଦ୍ଧି କାର୍ଯ୍ୟକ୍ରମ ଆରମ୍ଭ କରିଛନ୍ତି। ନୂଆଦିଲ୍ଲୀ ସ୍ଥିତ ଇଣ୍ଡିଆ ଇଣ୍ଟରନ୍ୟାସନାଲ ଇନଷ୍ଟିଚ୍ୟୁଟ୍ ଅଫ୍ ଡେମୋକ୍ରାସି ଆଣ୍ଡ ଇଲେକ୍ସନ ମ୍ୟାନେଜମେଣ୍ଟ (ଡିଇଏମ୍)ରେ ବୁଥସ୍ତରୀୟ ଅଧିକାରୀ (ବିଏଲ୍‌ଓ)/ପର୍ଯ୍ୟବେକ୍ଷକଙ୍କ ପାଇଁ ତ୍ରୟୋଦଶ ବ୍ୟାଚର ତାଲିମ ଆରମ୍ଭ ହୋଇଛି। ଭାରତର ମୁଖ୍ୟ କମିଶନର ଜ୍ଞାନେଶ କୁମାର ୫୦୦ ଜଣ ଅଂଶଗ୍ରହଣକାରୀଙ୍କୁ ସମ୍ବୋଧିତ କରି କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ଓଡ଼ିଶାରୁ ୫୩ ଜଣ ଏଥିରେ ଭାଗ ନେଇଛନ୍ତି। ବୌଦ୍ଧ ଜିଲ୍ଲାରୁ ଉକ୍ତ ସାମର୍ଥ୍ୟ ବୃଦ୍ଧି କାର୍ଯ୍ୟକ୍ରମରେ ପଦ୍ମନାଭ ପ୍ରଧାନ ଉଜଉଉ,(ବିଏଲ୍‌ଓ ପର୍ଯ୍ୟବେକ୍ଷକ), ଏବଂ ଚକ୍ରଧର ମେହେର (ଈଖଡ଼) ଯୋଗ ଦେଇଥିଲେ ଏହା ଦେଶରେ ପ୍ରଥମ ଥର ପାଇଁ ଆୟୋଜନ ହେଇଛି। ଯାହା ଡେପୁଟି କଲେକ୍ଟର ତୃପ୍ତିମୟୀ ଜେନା ସୂଚନା ଦେଇଛନ୍ତି। ଉଦ୍‌ଘାଟନୀ ଭାଷଣରେ, ମୁଖ୍ୟ ର୍ନିବାଚନ କମିଶନର ଜ୍ଞାନେଶ କୁମାର କହିଛନ୍ତି ଯେ ଭୋଟର ତାଲିକା ଓ ନିର୍ବାଚନ ପ୍ରସ୍ତୁତି କଡ଼ାକଡ଼ି, ଲୋକ ପ୍ରତିନିଧିତ୍ୱ ଆଇନ ୧୯୫୦, ୧୯୫୧, ଭୋଟର ପଞ୍ଜୀକରଣ ନିୟମ ୧୯୬୦,ନିର୍ବାଚନ ଆଚରଣ ନିୟମ ୧୯୬୧ ଏବଂ ନିର୍ବାଚନ ଆୟୋଗଙ୍କ ଦ୍ୱାରା ଜାରି ନିର୍ଦ୍ଦେଶାବଳୀ ଅନୁଯାୟୀ କରିବା ପାଇଁ ତାଲିମ କାର୍ଯ୍ୟକ୍ରମ ଜରୁରୀ ବୋଲି କହିଥିଲେ।

## ପୁରୁଣା କଟକ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପରିଦର୍ଶନ କଲେ ଜିଲ୍ଲାପାଳ

**ବୌଦ୍ଧ,୧ା୭(ସମିସ):** ବୌଦ୍ଧ ଜିଲ୍ଲା ହରଭଙ୍ଗା ବ୍ଲକ୍ ପୁରୁଣା କଟକ ଗୋଷ୍ଠୀସ୍ୱାସ୍ଥ୍ୟ କେନ୍ଦ୍ର ପରିଦର୍ଶନ କରିଛନ୍ତି ଜିଲ୍ଲାପାଳ ସୁବ୍ରତ କୁମାର ପଣ୍ଡା। ଜିଲ୍ଲାପାଳ ଶ୍ରୀ ପଣ୍ଡା ସ୍ୱାସ୍ଥ୍ୟ କେନ୍ଦ୍ରରେ ପହଞ୍ଚି ତାର ଭିତ୍ତିଭୂମି ଅନୁଧ୍ୟାନ କରିବା ସହିତ ବିଭାଗୀୟ ଅଧିକାରୀଙ୍କ ସହ ବିଭିନ୍ନ ପ୍ରସଙ୍ଗରେ ଆଲୋଚନା କରିଥିଲେ। ଏଥିସହ ସହିତ ଏକ୍ସରେ ଗୃହ, ଔଷଧ ବିତରଣ ଗୃହ ଓ ରୋଗୀ ୱାର୍ଡ ପରିଦର୍ଶନ କରିଥିଲେ। ପରିଦର୍ଶନ ସମୟରେ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ପ୍ରଦୀପ କୁମାର ଗୁରୁ, ଜିଲ୍ଲା ସ୍ୱାସ୍ଥ୍ୟ ମିଶନର ଉଚଗ ଗିରିଜା ପ୍ରସାଦ ମିଶ୍ର, ବ୍ଲକ୍ ପରିଚାଳକ ଅରୁଣ କୁମାର ପାଢୀ ଓ ସ୍ୱାସ୍ଥ୍ୟ ବିଭାଗର ଅଧିକାରୀ ମାନେ ଉପସ୍ଥିତ ଥିଲେ।

# ୬ କ୍ୱିଣ୍ଟାଲ ଗଞ୍ଜେଇ ଜବତ; ଡ୍ରାଇଭର ଫେରାର

### ଗଞ୍ଜେଇ ଓଜନ କରିବାକୁ ପୁଲିସ ନାକେଦମ୍

**ତରଭା,୧ା୭(ସମିସ):**



ଗଞ୍ଜେଇ ଚୋରାଚାଲାଣ କରୁଥିବା ଏକ ବୋଲେରୋ ପିକଅପରୁ ତରଭା ପୁଲିସ ୬ କ୍ୱିଣ୍ଟାଲ ୧୫ କେଜି ୨୮୦ ଗ୍ରାମ ଗଞ୍ଜେଇ ଜବତ କରିଛି। ଘଟଣା ସ୍ଥଳରୁ ପିକ୍‌ଅପ୍ ଡ୍ରାଇଭର ଫେରାର ହୋଇଯାଇଛି। ପୋଲିସ ସୂତ୍ରରୁ ମିଳିଥିବାସୂଚନାପ୍ରକାରେ, ଗୋଟିଏବୋଲେରୋପିକ୍‌ଅପ୍ (ଓଡି ୩୧ ଜି ୨୮୪୩) ରେ ଗଞ୍ଜେଇ ନେଇ କଣ୍ଟାମାଳ ପଟରୁ ତରଭା ଆଡକୁ ଆସୁଥିବା ସମ୍ବନ୍ଧେ ସୋନପୁର ଏସ୍‌ପି ନାରାୟଣ ନାଏକଙ୍କୁ ଖବର ମିଳିଥିଲା। ଶ୍ରୀ ନାଏକ ତରଭା ପୁଲିସକୁ ଧରି ବୋଲେରୋକୁ ପିଛା କରିଥିଲେ। ବୋଲେରୋ ଡ୍ରାଇଭର ଗାଡିର ଚାବି ଧରି ଫେରାର ମାରିଥିଲା। ମଙ୍ଗଳବାର ପୁଲିସ ମଧୁବନ୍ଧ(ବଡ଼ବନ୍ଧ) ଆଡ଼ିରେ ମାଜିଷ୍ଟ୍ରେଟଙ୍କ ଅନୁପସ୍ଥିତିରେ ଗେଜେଟେଡ଼ ଅଫିସର ସୋନପୁର ଡିଏସ୍‌ପି ଚନ୍ଦ୍ରଶେଖର ଶବରଙ୍କ ଉପସ୍ଥିତିରେ ବୋଲେରୋରୁ ୬୦୮ ପ୍ୟାକେଟ ଗଞ୍ଜେଇ ବାହାରକରି ଓଜନ କରାଯାଇଥିଲା। ୬୦୮ ପ୍ୟାକେଟ ଗଞ୍ଜେଇକୁ ଖୋଲି ଓଜନ କରିବାରେ ପୁଲିସକୁ ନାକେଦମ୍ ହେବାକୁ ପଡିଥିଲା। ପ୍ୟାକେଟ ଖୋଲିବାକୁ ପୁଲିସକୁ ଅପରାହ୍ନ ୧.୩୦ରୁ ସନ୍ଧ୍ୟା ୬.୩୦ ପର୍ଯ୍ୟନ୍ତ ସମୟ ଲାଗିଥିଲା। ଅନେକ ବର୍ଷ ପରେ ତରଭାରେ ଏତେ ମାତ୍ରାରେ ଗଞ୍ଜେଇ ଧରା ପଡିବା ଘଟଣା ଚର୍ଚ୍ଚାର ବିଷୟ ହୋଇଛି। ଏହି ଚଢ଼ଉରେ ଅନ୍ୟମାନଙ୍କ ମଧ୍ୟରେ ଆଇଆଇସି ଅନିତା କିଡୋ, ଏସ୍‌ଆଇ ରବୀନ୍ଦ୍ର ସାହୁ, ମାରୁତ ଚନ୍ଦ୍ର ପ୍ରଧାନ, ଏଏସ୍‌ଆଇ ଶୁଭେନ୍ଦୁ ସିଂ, ମେଣ୍ଡା ଫାଣ୍ଡି ଅଧିକାରୀ ଟଙ୍କଧର ଛତ୍ରିଆ, କନଷ୍ଟେବଳ କୈଳାସ ଭୋଇ, ଗୋପୀନାଥ ସାହୁ, ଓଏଫିଏ ପରମାନନ୍ଦ ପଧାନ, ଜ୍ୟୋସ୍ନା ପ୍ରଧାନ, ପ୍ରଭାସିନୀ ପ୍ରଧାନ ଓ ହୋମଗାର୍ଡ ତରଣୀ ନନ୍ଦ ପ୍ରମୁଖ ସାମିଲ ଥିଲେ। ଏ ସମ୍ବନ୍ଧେ ଥାନାରେ ୧୬୩ରେ ଏକ ମାମଲା ରୁଜୁ କରାଯାଇଛି।

# ଏଲ୍‌ଏଲ୍‌ବି ପାଇଁ ଆରମ୍ଭ ହେଲା ଆବେଦନ


**ଅଗଷ୍ଟ ୧୧ରୁ ପାଠପଢ଼ା**

ଭୁବନେଶ୍ୱର,୧।୭ (ସମିସ): ୩ବର୍ଷିଆ ଏଲ୍‌ଏଲ୍‌ବି ପାଠ୍ୟକ୍ରମରେ ନାମ ଲେଖାଇବାକୁ ଆବେଦନ ପ୍ରକ୍ରିୟା ଆରମ୍ଭ ହୋଇଛି। ଆସନ୍ତା ୧୫ତାରିଖ ପର୍ଯ୍ୟନ୍ତ ଛାତ୍ରଛାତ୍ରୀମାନେ ଆବେଦନ କରିପାରିବେ। ଆବେଦନରେ କୌଣସି ତ୍ରୁଟି ଥିଲେ, ୧୬ରେ ସଂଶୋଧନ କରିପାରିବେ।ଜୁଲାଇ୨୧ତାରିଖରେ ପ୍ରଥମ ରାଉଣ୍ଡ ନାମଲେଖା ପାଇଁ ମେଧା ତାଲିକା ପ୍ରକାଶ ପାଇବ। ୨୪ ତାରିଖ ମଧ୍ୟରେ ସ୍ଲାଇଡ୍/ଫ୍ରିଜ୍ ଅପସନ୍ ଦେବା ସହ ଚୟନ ହୋଇଥିବା ଶିକ୍ଷାନୁଷ୍ଠାନରେ ନାମ ଲେଖାଇ ପାରିବେ।୨୯ ତାରିଖରେ ଦ୍ୱିତୀୟ ତଥା ଫାଇନାଲ୍ ରାଉଣ୍ଡ ନାମଲେଖା ପାଇଁ ମେଧା ତାଲକା ପ୍ରକାଶ ପାଇବାକୁ ଥିବା ବେଳେ ଅଗଷ୍ଟ ୧ତାରିଖ ମଧ୍ୟରେ ନାମଲେଖା ସରିବ। ପରେ ୫ ତାରିଖରେ ୱେଟିଂଲିଷ୍ଟ ପ୍ରକାଶ ପାଇବ। ଚୟନ ହୋଇଥିବା ଆଶାୟୀମାନେ ୭ ଓ ୮ ତାରିଖରେ ନାମ ଲେଖାଇବେ। ଅଗଷ୍ଟ ୧୧ ତାରିଖରୁ ପାଠପଢ଼ା ଆରମ୍ଭ ହେବ ବୋଲି ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ନାମଲେଖା ପାଇଁ କୌଣସି ପ୍ରବେଶିକା ପରୀକ୍ଷା ହେବ ନାହିଁ। ମାର୍କ ଓ ସଂରକ୍ଷଣ ଆଧାରରେ ଚୟନ କରାଯିବ। ସୂଚନାଯୋଗ୍ୟ, ମଧୁସୂଦନ ଆଇନ ବିଶ୍ୱବିଦ୍ୟାଳୟ, ଭୁବନେଶ୍ୱରସ୍ଥିତ ୟୁନିଭର୍ସିଟି ଆଇନ୍ ମହାବିଦ୍ୟାଳୟ ଓ ବ୍ରହ୍ମପୁରସ୍ଥିତ ଲିଙ୍ଗରାଜ ଆଇନ୍ ମହାବିଦ୍ୟାଳୟରେ ପଢ଼ିବା ପାଇଁ ଏହି ନାମଲେଖା ପ୍ରକ୍ରିୟା ହେବ।

# ଆମେରିକା ଓ ବୁଲଗେରିଆର ଦୁଇ ବିଶ୍ୱବିଦ୍ୟାଳୟ ସହ କିଟ୍‌ର ବୁଝାମଣା

ଭୁବନେଶ୍ୱର,୧।୭ (ସମିସ): ଶୈକ୍ଷିକସହଯୋଗ ନେଇ ବିଶ୍ୱର ଦୁଇ ପ୍ରମୁଖ ବିଶ୍ୱବିଦ୍ୟାଳୟ ସହ କିଟ୍ ବିଶ୍ୱବିଦ୍ୟାଳୟ ବୁଝାମଣାପତ୍ର ସ୍ୱାକ୍ଷରିତ କରିଛି। ଆଭାସୀ ମାଧ୍ୟମରେ ଆମେରିକାର ଆମେରିକାନ୍ ୟୁନିଭର୍ସିଟି ଅଫ୍ ମାଲଟା ଓ ବୁଲଗେରିଆର ବର୍ଗାସ୍ ମୁକ୍ତ ବିଶ୍ୱବିଦ୍ୟାଳୟ ସହ କିଟ୍ ବୁଝାମଣାପତ୍ର ସ୍ୱାକ୍ଷର କରିଛି। ଶୈକ୍ଷିକ ସହଯୋଗକୁ ସୁଦୃଢ଼ କରିବା ଏବଂ ପାରସ୍ପରିକ ବୁଝାମଣା ଏବଂ ସଦ୍‌ଭାବନାକୁ ପ୍ରୋତ୍ସାହିତ କରିବା ପାଇଁ ଏହି ବୁଝାମଣାପତ୍ର ସ୍ୱାକ୍ଷର ହୋଇଛି।

ଏହି ବୁଝାମଣା ଉଭୟ କିଟ୍ ଓ ଆମେରିକାନ୍ ୟୁନିଭର୍ସିଟି ଅଫ୍ ମାଲଟା ମଧ୍ୟରେ ଛାତ୍ର, ଅଧ୍ୟାପକ, କର୍ମଚାରୀ ଏବଂ ମିଳିତ ଗବେଷକ ବିନିମୟ ସହ ଅନେକ ପଦକ୍ଷେପକୁ ପ୍ରୋତ୍ସାହିତ ଏବଂ ସହଜ କରିବ। ଉଭୟ ବିଶ୍ୱବିଦ୍ୟାଳୟ ମିଳିତ ଗବେଷଣା, ଶିକ୍ଷାଗତ ପ୍ରକାଶନ ବିନିମୟ, ଗ୍ରୀଷ୍ମ ଏବଂ ଶୀତକାଳୀନ ଶିକ୍ଷା କାର୍ଯ୍ୟକ୍ରମଗୁଡ଼ିକୁ କାର୍ଯ୍ୟକାରୀ କରାଇବା ସହ ଅନ୍ୟାନ୍ୟ ପାରସ୍ପରିକ ସମ୍ମତିଭିତ୍ତିକ ଶିକ୍ଷାଗତ ଏବଂ ସାଂସ୍କୃତିକ କାର୍ଯ୍ୟକ୍ରମ ବିନିମୟରେ ମଧ୍ୟ ସହଯୋଗ କରିବେ।



କାର୍ଯ୍ୟକ୍ରମରେ କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ଯୋଗଦେଇ ଏହି ବୁଝାମଣା ନିଶ୍ଚିତ ଭାବେ ଫଳପ୍ରଦ ହେବ ବୋଲି ଆଶାବ୍ୟକ୍ତ କରିଥିଲେ।

ଆମେରିକାନ ୟୁନିଭର୍ସିଟି ଅଫ୍ ମାଲଟାର ସଭାପତି ପ୍ରଫେସର ଇଆନ୍ ରୋବସନ୍, ମାଲଟାସ୍ଥିତ ଭାରତୀୟ ଉଚ୍ଚାୟୁକ୍ତ ଗ୍ଲୋରିଆ ଗାଙ୍ଗେ, ବୁଲଗେରିଆର ଭାରତୀୟ ରାଷ୍ଟ୍ରଦୂତ ଅରୁଣ କୁମାର ସାହୁ, ବିଶ୍ୱବିଦ୍ୟାଳୟ ପକ୍ଷରୁ ପ୍ରଫେସର୍ ମିଲେନ ବାଲଟୋଭ, କିଟ୍ ବିଶ୍ୱବିଦ୍ୟାଳୟ ପକ୍ଷରୁ କୁଳପତି ପ୍ରଫେସର୍ ଶରଣଜିତ ସିଂହ, କିଟ୍ ବିଶ୍ୱବିଦ୍ୟାଳୟ ଅନ୍ତର୍ଜାତୀୟ ବ୍ୟାପାର ବିଭାଗ ମହାନିର୍ଦ୍ଦେଶକ ଦେବରାଜ ପ୍ରଧାନ, କିଟ୍ ବିଶ୍ୱବିଦ୍ୟାଳୟ କୁଳସଚିବ ପ୍ରଫେସର୍ ଜ୍ଞାନରଞ୍ଜନ ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ।

## ସଂକୁଚିତ ହେଉଛି ଭକ୍ତର ଅଧିକାର

# ଆଉ ଛୁଇଁ ହେବନି ଅରୁଣ ସ୍ତମ୍ଭ

ପୁରୀ,୧।୭ (ସମିସ): ଭକ୍ତର ଅଧିକାର ସଂକୁଚିତ ହେବାରେ ଲାଗିଛି। ଶୃଙ୍ଖଳା ଏବଂ ସଂସ୍କାର ପାଇଁ ହିଁ ପ୍ରଥମେ ଭକ୍ତଙ୍କୁ ଉତ୍ସର୍ଗ କରିବାକୁ ପଡୁଛି। ଶ୍ରୀମନ୍ଦିର କ୍ଷେତ୍ରରେ ଗୋଟିଏ ପରେ ଗୋଟିଏ ଅଧିକାର ହରାଇବାରେ ଲାଗିଛନ୍ତି ଶ୍ରଦ୍ଧାଳୁ। ଏବେ ପୁଣି ଏକ ଭକ୍ତର ଅଧିକାର ଉପରେ କୁଠାରାଘାତ। ଏଣିକି ଅରୁଣସ୍ତମ୍ଭ ଛୁଇଁପାରିବେ ନାହିଁ ଭକ୍ତ, ଯାହାକୁ ନେଇ ଭକ୍ତ ସେବାୟତଙ୍କ ମଧ୍ୟରେ ପ୍ରତିକ୍ରିୟା ପ୍ରକାଶ ପାଇଛି।

ଅରୁଣ ସ୍ତମ୍ଭ ହେଉଛି ଆସ୍ଥା ଓ ବିଶ୍ୱାସର ପ୍ରତୀକ। ମହାପ୍ରଭୁଙ୍କୁ ଦର୍ଶନ ପାଇଁ ଆସୁଥିବା ପ୍ରତ୍ୟେକ ଶ୍ରଦ୍ଧାଳୁ ପ୍ରଥମେ ସିଂହଦ୍ୱାର ସମ୍ମୁଖରେ ଥିବା ଅରୁଣସ୍ତମ୍ଭ ଦର୍ଶନ ଓ ସ୍ପର୍ଶ ସହ ପ୍ରଣିପାତ କରିଥା'ନ୍ତି। ଏହାପରେ ମନ୍ଦିରକୁ ପ୍ରବେଶ କରିଥା'ନ୍ତି। କେବଳ ଭକ୍ତ ନୁହଁନ୍ତି, ସେବାୟତ ମଧ୍ୟ ଏହାକୁ ପ୍ରଥମେ ଦର୍ଶନ ଓ ପ୍ରଣିପାତ କରିଥା'ନ୍ତି। ତେବେ ବ୍ରିଟିଶ ସମୟରୁ ଅରୁଣସ୍ତମ୍ଭ ଲୁହାବାଡ଼ ଦ୍ୱାରା ଘେରି ରହିଥିଲା। ଏବେ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ଏହାକୁ କାଢ଼ି ପିତ୍ତଳ ବ୍ୟାରିକେଡ୍ ଲଗାଯାଇଛି। ଅରୁଣସ୍ତମ୍ଭର ସୁରକ୍ଷା ଓ ଦୀର୍ଘସ୍ଥାୟୀ ପାଇଁ ଏହି ପିତ୍ତଳ ବ୍ୟାରିକେଡ୍ ଲଗାଯାଇଥିବା କୁହାଯାଇଛି। ହେଲେ ଏହାଦ୍ୱାରା ଶ୍ରଦ୍ଧାଳୁମାନେ ଆଉ ପୂର୍ବ ପରି ଅରୁଣ ସ୍ତମ୍ଭକୁ ସ୍ପର୍ଶ କରିପାରୁନାହାନ୍ତି। ଏହାକୁ ନେଇ ଭକ୍ତଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ମନ୍ଦିର ପ୍ରଶାସନ ଯଦି ଏଭଳି ବିଧି ପରମ୍ପରା ସହ ଜଡ଼ିତ ନିଷ୍ପତ୍ତି ନେବାକୁ ଚାହିଁଥିଲା କିନ୍ତୁ



ଏନେଇ କୌଣସି ସେବାୟତଙ୍କ ସହ ଆଲୋଚନା କରିନାହିଁ। ଏପରିକି ଚୁନରା ସେବାୟତଙ୍କ ସହିତ ମଧ୍ୟ ଆଲୋଚନା ହୋଇନାହିଁ। ପ୍ରାୟ ୪ଫୁଟ୍ ଉଚ୍ଚର ପିତ୍ତଳ ବ୍ୟାରିକେଡ୍ ଲଗାଯିବା ଦ୍ୱାରା ଅଧିକାଂଶ ଭକ୍ତ ଆଉ ଅରୁଣସ୍ତମ୍ଭ ସ୍ପର୍ଶ କରିପାରୁନାହାନ୍ତି। ଏହା ସେମାନଙ୍କ ଧର୍ମୀୟ ଭାବନାକୁ ଆଘାତ ପହଞ୍ଚାଇଛି। ଏ ସମ୍ପର୍କରେ ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଛନ୍ତି, ସେ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକଙ୍କ ସହିତ ଏ ନେଇ ଆଲୋଚନା କରିବେ।

ସୂଚନାଥାଉ କି, ୩୪ଫୁଟ୍ ଉଚ୍ଚ ଏହି ଶିଳାସ୍ତମ୍ଭ ପୂର୍ବରୁ କୋଣାର୍କ ମନ୍ଦିରର ଶୋଭାବର୍ଦ୍ଧନ କରୁଥିଲା। ୧୬ କୋଣୀ ଏହି ଶିଳାସ୍ତମ୍ଭର ଉପରି ଭାଗରେ ସୂର୍ଯ୍ୟ ଦେବତାଙ୍କୁ ପ୍ରାର୍ଥନା କରିବା ମୁଦ୍ରାରେ ଅରୁଣଙ୍କ ମୂର୍ତ୍ତି ରହିଛି। ଅରୁଣଙ୍କ ସମାନ ଉଚ୍ଚତାରେ ବଡ଼ଦେଉଳ ରତ୍ନବେଦୀ ରହିଛି ବୋଲି କୁହାଯାଏ। ଅଷ୍ଟାଦଶ ଶତାବ୍ଦୀରେ ତତ୍କାଳୀନ ମହାରାଜା ଦିବ୍ୟସିଂହ ଦେବଙ୍କ ଶାସନ କାଳରେ କୋଣାର୍କରୁ ସ୍ଥାନାନ୍ତର ହୋଇ ଶ୍ରୀମନ୍ଦିର ସିଂହଦ୍ୱାର ସମ୍ମୁଖରେ ଶୋଭା ପାଉଛି ଅରୁଣସ୍ତମ୍ଭ।

# ରାଜପଥରେ ଟ୍ୟାଙ୍କର୍‌ରୁ ଗ୍ୟାସ୍ ଲିକ୍

## ଲୋକେ ଭୟଭୀତ; ଅଟକି ରହିଛି ବହୁ ଗାଡ଼ି

ସାରସକଣା/ଜାମଶୋଲା, ୧।୭ (ସମିସ): ସାରସକଣା ବ୍ଲକ୍ ଦେଇ ଯାଇଥିବା ୪୯ ନମ୍ବର ଜାତୀୟ ରାଜପଥର ଜାମଶୋଲା ନିକଟ ଜିଓ ପେଟ୍ରୋଲ ପମ୍ପ ସମ୍ମୁଖରେ ଏକ ପ୍ରୋପିଲିନ୍ ଗ୍ୟାସ୍ ଭର୍ତ୍ତି ଟ୍ୟାଙ୍କର୍‌ରୁ ଗ୍ୟାସ୍ ଲିକ୍ ହେବାରୁ ସ୍ଥାନୀୟ ଅଞ୍ଚଳରେ ଭୟର ବାତାବରଣ ଦେଖାଦେଇଛି। ଏହାକୁ ଦୃଷ୍ଟିରେ ରଖି ପ୍ରଶାସନ ପକ୍ଷରୁ ତ୍ୱରିତ କାର୍ଯ୍ୟାନୁଷ୍ଠାନ ସ୍ୱରୂପ ଓଡ଼ିଶା-ଝାଡ଼ଖଣ୍ଡ ରାସ୍ତାକୁ ସମ୍ପୂର୍ଣ୍ଣ ବନ୍ଦ କରାଯିବା ସହ ସ୍ଥାନୀୟ ଅଞ୍ଚଳରେ ଧାରା ୧୬୩ ଜାରି କରାଯାଇଛି। ଏହି ଗ୍ୟାସ୍ ବିଷାକ୍ତ କି ସାଧାରଣ, ତାହା ଜାଣିବା ପାଇଁ ବାଲେଶ୍ୱରରୁ ବିଶେଷଜ୍ଞଙ୍କୁ ଡକାଯାଇଛି। ପ୍ରଶାସନ ପକ୍ଷରୁ ଘଟଣାସ୍ଥଳରେ ଅଗ୍ନିଶମ ବାହିନୀର ବ୍ୟବସ୍ଥା କରାଯିବା ସହ ୨କିମି ଯାଏ ଅଞ୍ଚଳକୁ ସମ୍ପୂର୍ଣ୍ଣ ସିଲ୍ କରିଦିଆଯାଇଛି। ଏହାସହ ସ୍ଥାନୀୟ ଲୋକଙ୍କୁ ଘରୁ ନ ବାହାରିବାକୁ ନିବେଦନ କରାଯାଇଛି। ଶାନ୍ତି ଏବଂ ସହଯୋଗ ବଜାୟ ରଖିବା ସହ ଗୁଜବରେ ଧ୍ୟାନ ନଦେବାକୁ ପ୍ରଶାସନ ପକ୍ଷରୁ ଅନୁରୋଧ କରାଯାଇଛି। ଅପରପକ୍ଷେ, ଏଥିଯୋଗୁଁ ରାଜପଥରେ ଶହଶହ ଯାନବାହନ ଅଟକି ରହିଛି। ବାହାରାଗୋଡ଼ା ଥାନା ପ୍ରଭାରୀ ଏବଂ ଜୋନାଲ ଅଧିକାରୀ ସକାଳଠାରୁ ଉଦ୍ଧାର କାର୍ଯ୍ୟରେ ନିୟୋଜିତ ଅଛନ୍ତି।

## ■ +୩ ତୃତୀୟ ରାଉଣ୍ଡ ମେଧା ତାଲିକା

# ୨ ରାଉଣ୍ଡ ପରେ ନାମଲେଖାରୁ ଦୂରେଇ ରହିଲେ ୫୦% ପିଲା


**ନାମଲେଖା ପାଇଁ ୪୯,୮୧୮ ଚୟନ**

ଭୁବନେଶ୍ୱର, ୧।୭ (ସମିସ): +୩ ନାମଲେଖା ପାଇଁ ତୃତୀୟ ରାଉଣ୍ଡ ମେଧା ତାଲିକା ପ୍ରକାଶ ପାଇଛି। ସମୁଦାୟ ୪୯,୮୧୮ ପିଲା ଚୟନ ହୋଇଛନ୍ତି। ତନ୍ମଧ୍ୟରେ ୨୧,୦୨୩ ଛାତ୍ର ଥିବା ବେଳେ ୨୮,୭୯୨ ଛାତ୍ରୀ ଓ ୩ଜଣ ତୃତୀୟ ଲିଙ୍ଗୀ ରହିଛନ୍ତି। ପୂର୍ବପରି ରେଭେନ୍ସା ବିଶ୍ୱବିଦ୍ୟାଳୟ ଛାତ୍ରଛାତ୍ରୀଙ୍କ ପାଇଁ ପ୍ରଥମ ପସନ୍ଦ ପାଲଟିଛି। କଳା, ବିଜ୍ଞାନ ସମେତ ବାଣିଜ୍ୟରେ ସର୍ବାଧିକ କଟ୍-ଅଫ୍ ଯାଇଛି। ଚୟନ ହୋଇଥିବା ଛାତ୍ରଛାତ୍ରୀମାନେ ଫ୍ରିଜ୍ ଅପସନ୍ ଦେଇ ନାମ ଲେଖାଇବାକୁ ବାଧ୍ୟ। ଅନ୍ୟଥା ସମ୍ପୂର୍ଣ୍ଣ ନାମଲେଖା ପ୍ରକ୍ରିୟାରୁ ବାଦ୍ ପଡ଼ିବେ। ଅପରପକ୍ଷେ, ପ୍ରଥମ ଦୁଇଟି ରାଉଣ୍ଡରେ ମୋଟ୍ ୨ଲକ୍ଷ ୨୧ହଜାର ୨୨୪ ପିଲା ଚୟନ ହୋଇଥିବା ବେଳେ ମାତ୍ର ୧ଲକ୍ଷ ୯ ହଜାର ୪୦୦ ଜଣ ନାମ ଲେଖାଇଛନ୍ତି। ଅର୍ଥାତ୍ ୫୦%ରୁ ଅଧିକ ପିଲା ନାମ ଲେଖାଇନାହାନ୍ତି। ଏହି ରାଉଣ୍ଡରେ ଚୟନ ହୋଇଥିବା ପିଲାମାନେ ୪ ତାରିଖ ମଧ୍ୟରେ ନାମ ଲେଖାଇପରିବେ। ଏହା ପରେ ୱେଟିଂଲିଷ୍ଟ ରାଉଣ୍ଡ ପାଇଁ ଜୁଲାଇ ୭ରୁ ୧୦ତାରିଖ ମଧ୍ୟରେ ଆବେଦନ ହେବ। ୧୨ ତାରିଖରେ ଇ-ସ୍ପେସ୍‌ରେ ଓ ୧୩ତାରିଖରେ ଚୟନ ହୋଇଥିବା ଶିକ୍ଷାନୁଷ୍ଠାନର ନୋଟିସ୍ ବୋର୍ଡରେ ମେଧା ତାଲିକା ପ୍ରକାଶ ପାଇବ। ୧୫ତାରିଖରେ ନାମଲେଖା ହେବ। +୨ ଇନ୍‌ଷ୍ଟାଣ୍ଟ ଓ ସପ୍ଲିମେଣ୍ଟାରୀ ପରୀକ୍ଷାଫଳ ବାହାରିବା ପରେ ଦ୍ୱିତୀୟ ପର୍ଯ୍ୟାୟ ନାମଲେଖା ପାଇଁ ପ୍ରକ୍ରିୟା ଆରମ୍ଭ ହେବ।

# ଇସ୍ରୋ ବୁଲିଲେ ସୌମ୍ୟ ଓ ପ୍ରୀତିକା

ଢେଙ୍କାନାଳ,୧।୭ (ସମିସ): ତାଳଚେର ଏମ୍‌ସିଏଲ ସ୍ଥିତ ଜଗନ୍ନାଥ ଏରିଆ ଡିଏଭି ପବ୍ଲିକ ସ୍କୁଲର ଛାତ୍ରୀ ପ୍ରୀତିକା ପ୍ରିୟଦର୍ଶିନୀ ଏବଂ ଅନୁଗୋଳ ଜିଲ୍ଲା ବଁଅରପାଳସ୍ଥିତ ପଞ୍ଚଗଡ଼ ବିଜୟ କୁମାର (ପିବିକେ) ସରକାରୀ ହାଇସ୍କୁଲର ଛାତ୍ର ସୌମ୍ୟରଞ୍ଜନ ସାହୁ ବେଙ୍ଗାଲୁରସ୍ଥିତ ଭାରତୀୟ ମହାକାଶ ଗବେଷଣା ସଂସ୍ଥା (ଇସ୍ରୋ) ପରିଭ୍ରମଣ କରିଛନ୍ତି। ଇସ୍ରୋର ଟେଲିମେଟ୍ରି ଟ୍ରାକିଂ ଏବଂ କମାଣ୍ଡ ନେଟୱର୍କ (ଇଷ୍ଟ୍ରାକ) ଏବଂ ୟୁଆରଓ ସାଟେଲାଇଟ ସେଣ୍ଟର (ୟୁଆରଏସସି) ପରଦର୍ଶନ କରିବାର ସୁଯୋଗ ପାଇଛନ୍ତି। ଟାଟାଷ୍ଟିଲ୍ ଜ୍ୟୋତିର୍ବିଜ୍ଞାନୀ ପ୍ରତିଭା ଅନ୍ୱେଷଣ (ୟାଟ୍ସ) ୨୦୨୪ କାର୍ଯ୍ୟକ୍ରମରେ ରାଜ୍ୟର ୩୦ ଶ୍ରେଷ୍ଠ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଏହି ୨ ଛାତ୍ରଛାତ୍ରୀ ମନୋନୀତ ହୋଇ ଇସ୍ରୋ ପରିଭ୍ରମଣର ସୁଯୋଗ ପାଇଥିଲେ। ରାଜ୍ୟ ସରକାରଙ୍କ ବିଜ୍ଞାନ ଓ ପ୍ରଯୁକ୍ତି ବିଭାଗ ଉପସଚିବ ଏବଂ ପଠାଣିସାମନ୍ତ ପ୍ଲାନେଟୋରିୟମର ନିର୍ଦ୍ଦେଶକ ଉର୍ମିପ୍ରଭା ମହାରଣା ଏବଂ ଟାଟାଷ୍ଟିଲର ଅଧିକାରୀଙ୍କ ସହିତ ଛାତ୍ରଛାତ୍ର ଓ ସେମାନଙ୍କ ଅଭିଭାବକମାନେ ୨୦୨୫ ମେ' ୨୪ରେ ବେଙ୍ଗାଲୁର ଯାତ୍ରା କରିଥିଲେ। ୨୦୨୫ ମେ' ୨୮ରେ ପରିଭ୍ରମଣ ସାରି ଫେରିଥିଲେ। ତାଳଚେରର ଆଲୋକକୁମାର ସାହୁ ଏବଂ ପ୍ରଭାତୀ ସାହୁଙ୍କ ଝିଅ ପ୍ରତିକା କହିଛନ୍ତି, ମୂଲ୍ୟାୟନରୁ ଆରମ୍ଭ କରି ପରିଦର୍ଶନ ପର୍ଯ୍ୟନ୍ତ ସମଗ୍ର ଯାତ୍ରା ବେଶ୍ ଉତ୍ସାହଜନକ ଥିଲା। ଏଥିରୁ ଅନେକ ଜ୍ଞାନ ଆହରଣ କରିପାରିଛୁ।





# ବିଶ୍ୱ ବାଣିଜ୍ୟ

## ମୁଦ୍ରା ବିନିମୟ ମୂଲ୍ୟ




ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୫.୬୫ ● ପାଉଣ୍ଡ ୧୧୭.୭୧
- ୟୁରୋ ୧୦୧.୮୮ ● ୟେନ୍ ୦.୫୯

## ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୮୯,୩୧୩ (ନୂଆଦିଲ୍ଲୀ)
- ରୁପା : ୧,୧୨,୬୦୦ (କେଜି)

## ଷ୍ଟକ୍ ମାର୍କେଟ୍



ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୩,୬୯୭.୦୦
- ନିଫ୍ଟି ୨୫,୫୪୧.୦୦

## ପେଟ୍ରୋଲ-ଡିଜେଲ୍



ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦

# ପ୍ରତି ଭାରତୀୟଙ୍କ ମୁଣ୍ଡରେ ୪.୮ ଲକ୍ଷ ଋଣ

**■ ୨୦୨୩ରେ ଥିଲା ୩.୯ ଲକ୍ଷ ଋଣ**
**■ ଦୁଇ ବର୍ଷରେ ଋଣ ୨୩% ବଢ଼ିଛି**

ନୂଆଦିଲ୍ଲୀ,୧।୭ (ଏଜେନ୍ସି)

ଭାରତର ପ୍ରତ୍ୟେକ ବ୍ୟକ୍ତିଙ୍କ ମୁଣ୍ଡପିଛା ହାରାହାରି ଋଣ ୪.୮ ଲକ୍ଷ ଟଙ୍କା। ୨୦୨୩ ମାର୍ଚ୍ଚରେ ଏହା ୩.୯ ଲକ୍ଷ ଟଙ୍କା ଥିଲା। ତେବେ କୌତୂହଳର ବିଷୟ ହେଉଛି ଯେ, ଗତ ଦୁଇ ବର୍ଷ ମଧ୍ୟରେ ଭାରତୀୟଙ୍କ ଉପରେ ମୁଣ୍ଡ ପିଛା ଋଣ ପରିମାଣରେ ୨୩% ବୃଦ୍ଧି ଘଟିଛି। ଅର୍ଥାତ୍ ପ୍ରତ୍ୟେକ ଭାରତୀୟଙ୍କ ହାରାହାରି ଋଣ ୯୦,୦୦୦ ଟଙ୍କା ବୃଦ୍ଧି ପାଇଛି। ଭାରତୀୟ ରିଜର୍ଭ ବ୍ୟାଙ୍କ (ଆର୍‌ବିଆଇ) ପକ୍ଷରୁ ଜୁନ୍‌ର ଆର୍ଥିକ ସ୍ଥିରତା ରିପୋର୍ଟରେ ଏହି ସୂଚନା ଦିଆଯାଇଛି।




ଭାରତୀୟଙ୍କ ଉପରେ ବଢୁଥିବା ଋଣ ଏହା ଦର୍ଶାଉଛି ଯେ ଦେଶରେ ଲୋକମାନେ ପୂର୍ବ ଅପେକ୍ଷା ଅଧିକ ଋଣ ନେଉଛନ୍ତି। ଏଥିରେ ଗୃହ ଋଣ, ବ୍ୟକ୍ତିଗତ ଋଣ, କ୍ରେଡିଟ୍ କାର୍ଡ ଦେୟ ଏବଂ ଅନ୍ୟାନ୍ୟ ଖୁଚୁରା ଋଣ ଅନ୍ତର୍ଭୁକ୍ତ। ବ୍ୟକ୍ତିଗତ ଋଣ ଏବଂ କ୍ରେଡିଟ୍ କାର୍ଡ ଦେୟ ଭଳି ଅଣ-ଗୃହ ଖୁଚୁରା ଋଣ ସର୍ବାଧିକ ବୃଦ୍ଧି ପାଇଛି। ଏହି ଋଣଗୁଡ଼ିକ ମୋଟ ଘରୋଇ ଋଣର ୫୪.୯%। ଏହା ଖର୍ଚ୍ଚଯୋଗ୍ୟ ଆୟର ୨୫.୭%। ଏଥିରେ ଗୃହ ଋଣର ଭାଗ ୨୯%। ତେବେ ଏଥିରେ ଅଧିକାଂଶ ଲୋକ ପୂର୍ବରୁ ଋଣ ନେଇସାରିଛନ୍ତି ଏବଂ ପୁଣି ନେଉଛନ୍ତି। ଅପରପକ୍ଷେ ଆର୍‌ବିଆଇ ଅନୁଯାୟୀ, ଭାରତର ମୋଟ ଜିଡିପିର ୪୨% ଋଣ। ଭାରତରେ ଅଧିକାଂଶ ଋଣଗ୍ରହୀତାଙ୍କ ଭଲ ରେଟିଂ ଅଛି, ଯାହାର ଅର୍ଥ ସେମାନଙ୍କଠାରୁ ଟଙ୍କା ହରାଇବାର ଆଶଙ୍କା କମ୍। ରିଜର୍ଭ ବ୍ୟାଙ୍କ କହିଛି ଯେ ବର୍ତ୍ତମାନ ଏହି ଋଣରୁ କୌଣସି ବଡ଼ ବିପଦ ନାହିଁ। ଅଧିକାଂଶ ଋଣଗ୍ରହୀତାଙ୍କ ଭଲ ରେଟିଂ ଅଛି। ସେମାନେ ଋଣ ପରିଶୋଧ କରିବାକୁ ସକ୍ଷମ।

କ୍ଷୁଦ୍ର ଆର୍ଥିକ କ୍ଷେତ୍ରରେ (କ୍ଷୁଦ୍ର ଋଣ ଗୋଷ୍ଠୀ) ଋଣଗ୍ରହୀତାଙ୍କ ହାରାହାରି ଦେୟ ୧୧.୭%କୁ ହ୍ରାସ ପାଇଛି, କିନ୍ତୁ ୦୨୫ ର ଦ୍ୱିତୀୟାର୍ଦ୍ଧରେ ଚାପଗ୍ରସ୍ତ ସମ୍ପତ୍ତି ସଂଖ୍ୟା ବୃଦ୍ଧି ପାଇଛି। ଆର୍‌ବିଆଇ କହିଛି ଯେ କ୍ଷୁଦ୍ର ଆର୍ଥିକ କମ୍ପାନୀଗୁଡ଼ିକ ଅଧିକ ସୁଧ ହାର ଏବଂ ଲାଭାଂଶ ଆଦାୟ କରୁଛନ୍ତି। ଯାହା ଋଣଗ୍ରହୀତାଙ୍କ ପାଇଁ ପରିଶୋଧ କରିବା କଷ୍ଟକର ହେଉଛି। ୨୦୨୫ ମାର୍ଚ୍ଚ ସୁଦ୍ଧା, ଅନ୍ୟ ଦେଶମାନଙ୍କ ପ୍ରତି ଭାରତର ଋଣ / ବାହ୍ୟ ଋଣ ୭୩୬.୩ ବିଲିୟନ ଡଲାର ଥିଲା, ଯାହା ଗତ ବର୍ଷ ତୁଳନାରେ ୧୦% ଅଧିକ।

# ଆଦାନୀ ଓ ଇସ୍କନ୍‌ର ମିଳିତ ସହଯୋଗରେ ରଥଯାତ୍ରାରେ ପୁଷ୍ଟିକର ଖାଦ୍ୟ ବଣ୍ଟନ



ଭୁବନେଶ୍ୱର,୧।୭ (ସମିସ): ଚଳିତ ବର୍ଷ ପୁରୀ ରଥଯାତ୍ରା ଆଦାନୀ ଗ୍ରୁପ ଏବଂ ଇସ୍କନ ମଧ୍ୟରେ ଏକ ଅନନ୍ୟ ସହଯୋଗ ସ୍ଥାପନ ହୋଇ ଶ୍ରଦ୍ଧାଳୁ ତଥା ସ୍ୱେଚ୍ଛାସେବୀମାନଙ୍କୁ ପ୍ରସାଦ ସେବନ କରାଇବାର ଦାୟିତ୍ୱ ତୁଲାଇଛନ୍ତି। ଗତ ୩ ଦିନ ହେବ ରଥଯାତ୍ରାରେ ଆଦାନୀ ଗ୍ରୁପ ତଥା ଇସ୍କନର ମିଳିତ ସହଯୋଗରେ ଏହି ପ୍ରସାଦ ସେବା ଏକ ଭକ୍ତିମୟ ପରିବେଶ ସୃଷ୍ଟି କରିଛି। ଏହି ପ୍ରସାଦରେ ଅନ୍ନ, ଦହି ଭାତ, ରୁଟି, ପରିବା ତରକାରୀ, ଡାଲି, ପାୟସମ୍, ଗୁଲାବ୍ ଜାମୁନ, ଏବଂ ହାଲୱା ଆଦି ଅନ୍ତର୍ଭୁକ୍ତ। ଏହା କେବଳ ଶ୍ରଦ୍ଧାଳୁମାନଙ୍କ ପେଟ ପୁରିବା ପାଇଁ ନୁହେଁ ବରଂ ଖରାରେ ଦୀର୍ଘ ବାଟ ଅତିକ୍ରମ କରି ଆସୁଥିବା ଲୋକଙ୍କ ପୁଷ୍ଟିକର ଆବଶ୍ୟକତାକୁ ମଧ୍ୟ ପୂରଣ କରିବାରେ ସାହାଯ୍ୟ କରିଥିଲା। ପ୍ରତ୍ୟେକ ଥାଳିରେ ପ୍ରାୟ ୭୦୦ ରୁ ୯୦୦ କ୍ୟାଲୋରୀ, ୨୦ ଗ୍ରାମରୁ ଅଧିକ ପ୍ରୋଟିନ ଏବଂ ଫାଇବର, ଭିଟାମିନ ଏବଂ ଅତ୍ୟାବଶ୍ୟକ ଖଣିଜ ତତ୍ତ୍ୱର ଏକ ପୌଷ୍ଟିକ ମିଶ୍ରଣ ବିତରଣ କରାଯାଇଥିଲା। ତାଳବଣିଆ ବସଷ୍ଟାଣ୍ଡଠୁ ପୁରୀ ରେଳ ଷ୍ଟେସନ, ଗୁଣ୍ଡିଚା ମନ୍ଦିର ନିକଟ, ସ୍ୱର୍ଗଦ୍ୱାର ଜଙ୍କସନ୍, ବଗଲା ଧର୍ମଶାଳା, ଦିଗବାରେଣୀ ପାର୍କିଂ ଏବଂ ଦୁଧଓ୍ୱାଲା ଧର୍ମଶାଳା ଭଳି ପ୍ରମୁଖ ସ୍ଥାନଗୁଡ଼ିକରେ ସ୍ୱେଚ୍ଛାସେବୀମାନେ ନମ୍ରତାର ସହ ସକାଳ ରୁ ସନ୍ଧ୍ୟା ପର୍ଯ୍ୟନ୍ତ ଶ୍ରଦ୍ଧାଳୁମାନଙ୍କୁ ଖାଦ୍ୟ ପରିବେଷଣ କରୁଛନ୍ତି। ଖାଦ୍ୟ ପରିବେଷଣରେ କୌଣସି ପ୍ରକାର ଥର୍ମୋକୁଲ କିମ୍ବା ପ୍ଲାଷ୍ଟିକ୍ ର ବ୍ୟବହାର କରାଯାଇନଥିଲା ବେଳେ ଜୈବ ବିଘଟନଶୀଳ କାଗଜପ୍ଲେଟ୍ର ବ୍ୟବହାର କରାଯାଉଛି।

# ରଥଯାତ୍ରାରେ ଅଲଟ୍ରାଟେକ୍ ସିମେଣ୍ଟ 'ଇଣ୍ଡିଆ ବୁକ୍ ଅଫ୍ ରେକର୍ଡ'ରେ ପାଇଲା ସ୍ଥାନ

ଭୁବନେଶ୍ୱର,୧।୭ (ସିମସ): ଚଳିତ ରଥଯାତ୍ରାରେ, ପୁରୀ ସମୁଦ୍ର ବେଳାଭୂମିରେ ସବୁଠାରୁ ବଡ଼ ଆନାମର୍ଫିକ୍ ସମନ୍ୱିତ ଗୃହ ସ୍ଥାପନା ପାଇଁ ଅଲଟ୍ରାଟେକ୍ ସିମେଣ୍ଟ ଇଣ୍ଡିଆ ବୁକ୍ ଅଫ୍ ରେକର୍ଡରେ ପାଇଲା ସ୍ଥାନ। ଏହି ଐତିହାସିକ ସଫଳତାରେ ସିମେଣ୍ଟ ବ୍ରାଣ୍ଡ ଅଲଟ୍ରାଟେକ୍ ସିମେଣ୍ଟ ଲିମିଟେଡ୍ ପ୍ରତିଷ୍ଠିତ ପୁରୀ ସମୁଦ୍ର ବେଳାଭୂମିରେ ସର୍ବବୃହତ ଆନାମର୍ଫିକ୍ ଡିସ୍‌ପ୍ଲେ ସମନ୍ୱିତ ଗୃହ ସ୍ଥାପନ କରି ଆନୁଷ୍ଠାନିକ ଭାବରେ ଇଣ୍ଡିଆ ବୁକ୍ ଅଫ୍ ରେକର୍ଡରେ ପ୍ରବେଶ କରିଛି, ଯାହା ୨୦୨୫ ରଥଯାତ୍ରାର ମହାନ ଉତ୍ସବ ସମୟରେ ନବସୃଜନ, ଡିଜାଇନ୍ ଏବଂ ଗଠନାତ୍ମକ ଉତ୍କର୍ଷତାର ଏକ ଅନନ୍ୟ ମିଶ୍ରଣକୁ ରଚନା କରିଛି। ସନ୍ଧ୍ୟାରେ ଆୟୋଜିତ ଏକ ସ୍ୱତନ୍ତ୍ର ଉତ୍ସବରେ ଯୁଗ୍ମ ସଭାପତି - ଜୋନାଲ ମୁଖ୍ୟ ଅମିତାଭ ପାଣ୍ଡେ ଅଲଟ୍ରାଟେକ୍ ସିମେଣ୍ଟ ବ୍ରାଣ୍ଡ ପକ୍ଷରୁ ଇଣ୍ଡିଆ ବୁକ୍ ଅଫ୍ ରେକର୍ଡ ପ୍ରମାଣପତ୍ର ଗ୍ରହଣ କରିଥିଲେ। ଏହି ସମ୍ମାନ ବିଶିଷ୍ଟ ଗଣମାଧ୍ୟମ ବ୍ୟକ୍ତିତ୍ୱ ଶ୍ରୀଯୁକ୍ତ ନରବିଜୟ ଯାଦବ ଏବଂ ଇଣ୍ଡିଆ ବୁକ୍ ଅଫ୍ ରେକର୍ଡର ସରକାରୀ ପ୍ରତିନିଧି, ପ୍ରଦାନ କରିଥିଲେ। ରେକର୍ଡ କରିଥିବା ଏହି ସ୍ଥାପନା ଲ୍ଇଡି ମାଧ୍ୟମରେ ଏକ ଦୁଇ ମହଲା ବିଶିଷ୍ଟ କଂକ୍ରିଟ୍ ଘର ଗଠନ ରହିଛି ଯାହା ଏକ ଆଧୁନିକ ଭାରତୀୟ ଘର ସଦୃଶ ଡିଜାଇନ୍ କରାଯାଇଛି ଓ ଏକ ବାହ୍ୟ ଆନାମର୍ଫିକ୍ ୩ଡି ପ୍ରଦର୍ଶନ ସହିତ ସହଜରେ ସମନ୍ୱିତ ହୋଇଛି ଯାହା ଭାରତରେ ପ୍ରଥମ। ଇଣ୍ଡିଆ ବୁକ୍ ଅଫ୍ ରେକର୍ଡସ୍ ର ମାନ୍ୟତା ଦାୟିତ୍ୱ ନେଇଥିବା ନରବିଜୟ ଯାଦବ ବର୍ତ୍ତମାନ ସେ ଇଣ୍ଡିଆ ବୁକ୍ ଅଫ୍ ରେକର୍ଡସ୍ ପତ୍ରିକାର ସମ୍ପାଦକ ଭାବରେ କାର୍ଯ୍ୟ କରୁଛନ୍ତି।




# ନିଯୁକ୍ତିଭିତ୍ତିକ ପ୍ରୋତ୍ସାହନ ଯୋଜନାକୁ କ୍ୟାବିନେଟ୍ ମଞ୍ଜୁରୀ

- ଉତ୍ପାଦନ କ୍ଷେତ୍ରକୁ ଗୁରୁତ୍ୱ, ପ୍ରଥମ ଥର କାମ କରୁଥିବା ଲୋକଙ୍କୁ ପ୍ରୋତ୍ସାହନ
- ମିଳିବ ଦୁଇଟି କିସ୍ତିରେ ୧୫,୦୦୦ ଟଙ୍କା ପର୍ଯ୍ୟନ୍ତ ମଜୁରୀ

ନୂଆଦିଲ୍ଲୀ, ୧।୭ (ଏଜେନ୍ସି): ଏକ ଗୁରୁତ୍ୱପୂର୍ଣ୍ଣ ଘଟଣାକ୍ରମେ କେନ୍ଦ୍ର କ୍ୟାବିନେଟ ନିଯୁକ୍ତି ଭିତ୍ତିକ ପ୍ରୋତ୍ସାହନ (ଇଏଲଆଇ) ଯୋଜନାକୁ ଅନୁମୋଦନ ଦେଇଛି। ଆଜି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କେନ୍ଦ୍ର କ୍ୟାବିନେଟ ଏହି ନିଷ୍ପତ୍ତି ନେଇଛି। ଏହି ଯୋଜନାରେ ଉତ୍ପାଦନ କ୍ଷେତ୍ର ଉପରେ ବିଶେଷ ଗୁରୁତ୍ୱ ଦେଇ ସବୁ କ୍ଷେତ୍ରରେ ଚାକିରି ସୃଷ୍ଟି, ନିଯୁକ୍ତି ଯୋଗ୍ୟତା ଏବଂ ସାମାଜିକ ସୁରକ୍ଷା ବୃଦ୍ଧି କରିବା ପାଇଁ ଲକ୍ଷ୍ୟ ରଖାଯାଇଛି। ଇଏଲଆଇ ଯୋଜନା ଅଧୀନରେ, ପ୍ରଥମ ଥର କାମ କରୁଥିବା ପାଇଁ କର୍ମଚାରୀମାନେ ଗୋଟିଏ ମାସର ଦରମା (୧୫,୦୦୦ ଟଙ୍କା ପର୍ଯ୍ୟନ୍ତ) ପାଇବେ। ନିଯୁକ୍ତିଦାତାମାନଙ୍କୁ ଦୁଇ ବର୍ଷ ଲାଗି ଅତିରିକ୍ତ ନିଯୁକ୍ତି ସୃଷ୍ଟି କରିବା ପାଇଁ ପ୍ରୋତ୍ସାହନ ଦିଆଯିବ। ଉତ୍ପାଦନ କ୍ଷେତ୍ର ପାଇଁ ଲାଭକୁ ଦୁଇ ବର୍ଷ ପାଇଁ ବୃଦ୍ଧି କରାଯିବ। ମୋଟ ୨ ଲକ୍ଷ କୋଟି ଟଙ୍କାର ବଜେଟ୍ ବ୍ୟୟବରାଦ ସହିତ୨୦୨୪-୨୫ କେନ୍ଦ୍ର ବଜେଟରେ ପ୍ରଧାନମନ୍ତ୍ରୀଙ୍କ ପାଞ୍ଚଟି ଯୋଜନାର ପ୍ୟାକେଜର ଅଂଶ ଭାବରେ ଇଏଲଆଇ ଯୋଜନା ଘୋଷଣା କରାଯାଇଥିଲା।

# ରଥଯାତ୍ରା ଉତ୍କଳ ବିଦ୍ୟୁତ୍ କର୍ମଚାରୀ ସଂଘ ପକ୍ଷରୁ ନିଃଶୁଳ୍କ ଖାଦ୍ୟ ବଣ୍ଟନ କାର୍ଯ୍ୟକ୍ରମ

ଭୁବନେଶ୍ୱର,୧।୭ (ସମିସ): ରଥଯାତ୍ରା ଅବସରରେ ଉତ୍କଳ ବିଦ୍ୟୁତ କର୍ମଚାରୀ ସଂଘ (ୟୁବିକେଏସ୍) ପକ୍ଷରୁ ପୁରୀ ବଡଶଙ୍ଖ ନିକଟରେ ଏକ ଉଲ୍ଲେଖନୀୟ ମାନବିକ ଉଦ୍ୟମ ହିସାବରେ ଭକ୍ତ ମାନଙ୍କ ପାଇଁ ନିଃଶୁଳ୍କ ଖାଦ୍ୟ ବଣ୍ଟନ କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ଏହି କାର୍ଯ୍ୟକ୍ରମ ମାଧ୍ୟମରେ ହଜାର-ହଜାର ଭକ୍ତଙ୍କୁ ଉଚିତ ବ୍ୟବସ୍ଥାରେ ମାନ୍ୟତା ଓ ସ୍ନେହସହିତ ଖାଦ୍ୟ ପରିବେଶନ କରାଯାଇଥିଲା। ସଂଘର ୧୦୦ ରୁ ଅଧିକ ସ୍ୱେଚ୍ଛାସେବୀ ସଚେଷ୍ଟ ଭାବରେ ଏଥିରେ ଅଂଶଗ୍ରହଣ କରି ଭକ୍ତମାନଙ୍କୁ ସମ୍ପୂର୍ଣ୍ଣ ଶୃଖଳାବଦ୍ଧ ବ୍ୟବସ୍ଥା ମାଧ୍ୟମରେ ସେବା ଦେଇଥିଲେ। ସଂଘର ସଭାପତି ୟୁର ବିଶ୍ୱାଳ, କାର୍ଯ୍ୟକାରୀ ସଭାପତି ଅମିତ୍ ମହାପାତ୍ର ଓ ସାଧାରଣ ସମ୍ପାଦକ ସୁଧୀର କୁମାର ସାହୁଙ୍କ ମିଳିତ ନେତୃତ୍ୱରେ ଏହି ଉଦ୍ୟମ ସଫଳ ହୋଇଥିଲା।



ସକାଳ
THE SAKALA
www.sakalaepaper.com

# ସମ୍ପୂର୍ଣ୍ଣା



## ଆଜିର ରାଶିଫଳ

**ମେଷ:** ଦିନଟି ଭଲରେ କଟିବ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଆର୍ଥିକ ସ୍ଥିତି ଭଲ ରହିବ। ବନ୍ଧୁଙ୍କ ସହାୟତା ମିଳିବ। ବ୍ୟବସାୟ ପାଇଁ ନୂଆ ଯୋଜନା ପ୍ରସ୍ତୁତ କରିବେ। ନକାରାତ୍ମକ ଚିନ୍ତା ଦୂର ହେବ।

**ବୃଷ:** ଯାତ୍ରା ଯୋଗ ଅଛି। ଜୀବନସାଥୀଙ୍କ ସହ ସୁଖମୟ ସମୟ ଅତିବାହିତ କରିବେ। ନିବେଶରୁ ଦୂରେଇ ରୁହନ୍ତୁ। କୌଣସି ଶୁଭ ଖବର ମିଳିବ। ଛାତ୍ରଛାତ୍ରୀ ମନପସନ୍ଦ କାର୍ଯ୍ୟରେ ସମୟ ଅତିବାହିତ କରିବେ।

**ମିଥୁନ:** ଧାର୍ମିକ ପୁସ୍ତକ ପ୍ରତି ଆଗ୍ରହ ବଢ଼ିବ। ମନ ପ୍ରସନ୍ନ ରହିବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ। ପରୋପକାର କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ। ଘରେ ମାଙ୍ଗଳିକ କାର୍ଯ୍ୟ ଅନୁଷ୍ଠିତ ହେବ।

**କର୍କଟ:** ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। କୌଣସି କାର୍ଯ୍ୟରେ ସମସ୍ୟା ଦେଖା ଦେବ। ଅଯଥା ଖର୍ଚ୍ଚ ବୃଦ୍ଧି ପାଇବ। ବିବାହରେ ସମସ୍ୟା ଆସିବ। ପ୍ରତିଯୋଗିତାମୂଳକ ପରୀକ୍ଷାରେ ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ସିଂହ:** ବ୍ୟବସାୟରେ ଆଶାଜନକ ପରିଣାମ ମିଳିବ ନାହିଁ। ଜୀବନସାଥୀଙ୍କ ସହଯୋଗ ମିଳିବ। ବାପାଙ୍କ ସ୍ୱାସ୍ଥ୍ୟ ସମସ୍ୟାକୁ ନେଇ ଚିନ୍ତାରେ ରହିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**କନ୍ୟା:** ଚାକିରିକୁ ନେଇ କୌଣସି ସମସ୍ୟା ଦେଖା ଦେବ। ପାରିବାରିକ ଜୀବନ ସୁଖମୟ ହେବ। ଘରେ ପୂଜାପାଠ ଆୟୋଜନ କରିବେ। ଅଟକିଥିବା କାର୍ଯ୍ୟ ପୂରା ହେବ। ଆୟର ନୂଆ ଅବସର ପ୍ରାପ୍ତ ହେବ।

**ତୁଳା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଆର୍ଥିକ ସ୍ଥିତି ମଜଭୁତ୍ ହେବ। ବିବାହ ପ୍ରସ୍ତାବ ଆସିବ। ରାଜନୀତିରେ ସଫଳତା ମିଳିବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ।

**ବିଛା:** ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳତା ମିଳିବ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ବୈବାହିକ ଜୀବନ ସୁଖଶାନ୍ତିରେ କଟିବ। ବିଦ୍ୟାର୍ଥୀ ପଢ଼ାରେ ମନୋନିବେଶ କରିବେ।

**ଧନୁ:** ପରିବାର ଲୋକଙ୍କ ସହଯୋଗ ମିଳିବ। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଆୟ ତୁଳନାରେ ବ୍ୟୟ ଅଧିକ ହେବ। କଥାରେ ମଧୁରତା ରକ୍ଷା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ।

**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ବ୍ୟବସାୟରେ ଲାଭ ମିଳିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପଡ଼ୋଶୀଙ୍କ ସହ ମତାନ୍ତର ହେବ। ପୈତୃକ ସମ୍ପତ୍ତିରୁ ଲାଭ ମିଳିବ। ପ୍ରେମ ସମ୍ବନ୍ଧ ସୁଖମୟ ହେବ।

**କୁମ୍ଭ:** ବ୍ୟବସାୟକୁ ନେଇ ଦୂରସ୍ଥାନକୁ ଯାତ୍ରା କରିବେ। ନିବେଶରୁ ଦୂରେଇ ରୁହନ୍ତୁ। ଘରେ ପୂଜାପାଠ ଆୟୋଜନ ହେବ। ବିବାହ ସମସ୍ୟା ସମାଧାନ ହେବ। ଯାନବାହନ କ୍ରୟର ଯୋଗ ଅଛି।

**ମୀନ:** ବ୍ୟସ୍ତତା ଭିତରେ ନିଜ ପାଇଁ ସମୟ ବାହାର କରିବେ। ଧାର୍ମିକ କାର୍ଯ୍ୟରେ ନିୟୋଜିତ ହେବେ। ଶିକ୍ଷାରେ ସଫଳତା ମିଳିବ। ପୈତୃକ ସମ୍ପତ୍ତି ବିବାଦର ସମାଧାନ ହେବ। ବ୍ୟବସାୟରେ ପରିବର୍ତ୍ତନ ଆଣିବେ।

## ଆଜିର ଇତିହାସ

- ୧୩୦୬-ଆଲ୍ଲାଉଦ୍ଦିନ୍ ଖିଲ୍‌ଜି ସିୱାନା ଉପରେ ଆକ୍ରମଣ କଲେ।
- ୧୮୯୭- ମାର୍କୋନି ରେଡିଓକୁ ପେଟେଣ୍ଟ କରାଇଲେ।
- ୧୯୪୦- ବ୍ରିଟିଶ୍ ସରକାର ନେତାଜୀ ସୁଭାଷ ଚନ୍ଦ୍ର ବୋଷଙ୍କୁ ଗିରଫ କଲେ।
- ୨୦୦୪- ମୁମ୍ବାଇର ଛତ୍ରପତି ଶିବାଜୀ ଟର୍ମିନସ୍ ଷ୍ଟେସନ୍‌କୁ ୟୁନେସ୍କୋ ଦ୍ୱାରା ବିଶ୍ୱ ଐତିହ୍ୟସ୍ଥଳର ମାନ୍ୟତା ମିଳିଲା।
- ୨୦୧୫- ଫିଲିପାଇନ୍ସରେ ୨୨୦ ଯାତ୍ରୀଙ୍କୁ ନେଇ ଯାଉଥିବା ଏକ ନୌକା ବୁଡ଼ିଯିବାରୁ ୬୨ ଲୋକଙ୍କ ପ୍ରାଣହାନି।

# ବିବାହିତ ପୁରୁଷଙ୍କର ବୃଦ୍ଧି ପାଏ ଆୟୁ!



ବିବାହ ପରେ ଉଭୟ ପୁରୁଷ ଓ ମହିଳାଙ୍କ ଜୀବନରେ ଅନେକ ପରିବର୍ତ୍ତନ ଆସିଥାଏ। ତେବେ ବିବାହ ପୁରୁଷଙ୍କ ପାଇଁ ଲାଭଦାୟକ ହୋଇଥାଏ ବୋଲି ନିକଟରେ ଏକ ଅଧ୍ୟୟନରୁ ଜଣାପଡ଼ିଛି। ଏକ ନୂତନ ଅଧ୍ୟୟନରୁ ଜଣାପଡ଼ିଛି ଯେ, ଅବିବାହିତ ପୁରୁଷଙ୍କ ତୁଳନାରେ ବିବାହିତ ପୁରୁଷ ଦୀର୍ଘ ଦିନ ପର୍ଯ୍ୟନ୍ତ ସୁସ୍ଥ ଓ ଜୀବିତ ରହିବା ସମ୍ଭାବନା ଅଧିକ। ପୁରୁଷ ଓ ମହିଳାଙ୍କ ବୟସ ଉପରେ ବିବାହର ଅଲଗା ଅଲଗା ପ୍ରଭାବ ଥିବା ଏହି ଅଧ୍ୟୟନ ଏକପ୍ରକାର ସୂଚାଇଛି। ବିବାହିତ ପୁରୁଷଙ୍କ ବୟସ ବଢ଼ିବା ପ୍ରକ୍ରିୟା ଅବିବାହିତ ପୁରୁଷଙ୍କ ତୁଳନାରେ ଧୀରେ ବୃଦ୍ଧି ପାଏ। ଅବଶ୍ୟ ମହିଳାଙ୍କ କ୍ଷେତ୍ରରେ ଏହି ସ୍ଥିତିଟି ଅଲଗା ଥାଏ। ତେବେ ଜୀବନସାଥୀ ସହିତ ରହୁଥିବା ପୁରୁଷ ଦୀର୍ଘାୟୁ ହୋଇଥାନ୍ତି ବୋଲି ଏହି ଅଧ୍ୟୟନରେ କୁହାଯାଇଛି।

ଅଧ୍ୟୟନ ଅନୁସାରେ, ଛାଡ଼ପତ୍ର କିମ୍ବା ବିଧବା ମହିଳାଙ୍କ ବୟସ ବଢ଼ିବା ପ୍ରକ୍ରିୟା ଅବିବାହିତ ମହିଳାଙ୍କ ତୁଳନାରେ ଅଧିକ କଷ୍ଟକର ହୋଇଥାଏ। ଏହି ଅଧ୍ୟୟନ କାନାଡ଼ାର ବୟସ୍କ ଲୋକଙ୍କ ଉପରେ ଆଧାରିତ ଥିଲା। ଏଥିରେ ୪୫ରୁ ୮୫ ବର୍ଷ ବୟସ ପର୍ଯ୍ୟନ୍ତ ଲୋକଙ୍କ ସ୍ୱାସ୍ଥ୍ୟାବସ୍ଥା ଏବଂ ଜୀବନଶୈଳୀକୁ ୨୦ ବର୍ଷ ପର୍ଯ୍ୟନ୍ତ ଅନୁଧ୍ୟାନ କରାଯାଇଥିଲା। ଏଥିରୁ ଏକଥା ଜାଣିବାକୁ ଚେଷ୍ଟା କରାଯାଇଥିଲା ଯେ, ବିବାହ କରିବା ତଥା ନ କରିବା ଦ୍ୱାରା ବୟସ ବଢ଼ିବା ପ୍ରକ୍ରିୟା ଓ ସ୍ୱାସ୍ଥ୍ୟ ଉପରେ କ'ଣ ପ୍ରଭାବ ପଡ଼ିଥାଏ। ବିବାହର ପ୍ରଭାବ ପୁରୁଷ ଓ ମହିଳାଙ୍କ ଜୀବନ ଉପରେ ଭିନ୍ନ ଭିନ୍ନ ପ୍ରଭାବ ପକାଇଥାଏ ବୋଲି ଏହି ଅଧ୍ୟୟନରୁ ଏକପ୍ରକାର ସ୍ପଷ୍ଟ ହୋଇଛି। ଏଥିରେ ଏକଥା ବି ଦର୍ଶାଯାଇଛି ଯେ, ବିବାହ କେବଳ ଶାରୀରିକ ସ୍ୱାସ୍ଥ୍ୟ ଉପରେ ନୁହେଁ, ବରଂ ମାନସିକ ଅବସ୍ଥା ତଥା ଲୋକଙ୍କର ଭାବପ୍ରବଣତା ଉପରେ ମଧ୍ୟ ପ୍ରଭାବ ପକାଏ।


# ଜୁଲାଇ ୩ରେ 'ରାମାୟଣ'ର ପ୍ରଥମ ଝଲକ୍



ବଲିଉଡ୍ ଅଭିନେତା ରଣବୀର କପୁର ଓ ସାଇପଲ୍ଲବୀଙ୍କ ଫିଲ୍ମ 'ରାମାୟଣ'କୁ ନେଇ ଦର୍ଶକେ ବେଶ୍ ଉତ୍ସାହିତ ଅଛନ୍ତି। ଭାରତୀୟ ସିନେମା ଇତିହାସରେ ଏହା ସବୁଠୁ ଅଧିକ ବଜେଟ୍‌ର ଫିଲ୍ମ ହେବ ବୋଲି କୁହାଯାଉଛି। ସବୁଠୁ ବଡ଼ କଥା ହେଉଛି ଏଥିରେ ବଲିଉଡ୍ ଓ ସାଉଥ୍ ଇଣ୍ଡଷ୍ଟ୍ରୀର ବହୁ ଆଗଧାଡ଼ିର କଳାକାରମାନେ କାମ କରୁଥିବାରୁ ଏହି ଫିଲ୍ମ ବେଶ୍ ଖାସ୍ ହେବାକୁ ଯାଉଛି। ଜୁଲାଇ ୩ ତାରିଖରେ ଫିଲ୍ମର ଲୋଗୋ ରିଲିଜ୍ କରାଯିବ। ଏହି ଦିନ ଦର୍ଶକଙ୍କୁ ଫିଲ୍ମର ଝଲକ୍ ଦେଖିବାକୁ ମିଳିପାରେ ବୋଲି ଚର୍ଚ୍ଚା ହେଉଛି। ଇତିମଧ୍ୟରେ 'ରାମାୟଣ'ର ତିନି ମିନିଟ୍‌ର ଫିଲ୍ମର ଟିଜର୍ ପ୍ରସ୍ତୁତ ମଧ୍ୟ ହୋଇ ଯାଇଛି। ତେବେ ଫିଲ୍ମ ରିଲିଜ୍ ହେବାକୁ ଆହୁରି ଦେଢ଼ ବର୍ଷ ବାକି ଥିବାରୁ ଫିଲ୍ମ ନିର୍ମାତା ଏବେ ଟିଜର୍ ରିଲିଜ୍ କରିବାକୁ ଚାହୁଁନାହାନ୍ତି। ନୀତେଶ ତିୱାରିଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମରେ ଭାବପ୍ରବଣତା ସହ ଟେକ୍ନୋଲଜିର ଏକ ନିଆରା ସଂଯୋଗ ଦେଖିବାକୁ ମିଳିବ। ଏହାପୂର୍ବରୁ ରାମାୟଣ ଉପରେ ପ୍ରଭାସଙ୍କ 'ଆଦିପୁରୁଷ' ମୁକ୍ତିଲାଭ କରିଥିଲା। ଫିଲ୍ମର ସଂଳାପ ଠାରୁ ଆରମ୍ଭ କରି ଭିଏଫ୍‌ଏକ୍ସରେ ଅନେକ ତ୍ରୁଟି ଦେଖାଯାଇଥିଲା। ଯେଉଁଥିପାଇଁ ସାମାଜିକ ଗଣମାଧ୍ୟମରେ ଏହାକୁ ଜବରଦସ୍ତ ଟ୍ରୋଲ୍ କରାଯାଇଥିଲା। 'ଆଦିପୁରୁଷ'ର ଟିଜର୍ ରିଲିଜ୍ ହେବା ପର ଠାରୁ ହିଁ ଏହାକୁ ନେଇ ବିବାଦ ଆରମ୍ଭ ହୋଇଥିଲା। ଫିଲ୍ମ ଆସିବା ପରେ ଦର୍ଶକେ ପୂରା ନିରାଶ ହୋଇ ଯାଇଥିଲେ। ତେଣୁ 'ରାମାୟଣ'କୁ ନେଇ ନୀତେଶ ସେମିତି କିଛି ଭୁଲ୍ କରିବାକୁ ଚାହୁଁନାହାନ୍ତି। ଜୁଲାଇ ୩ରେ ଏହାର ଟିଜର୍ ଆସିବ କି ନାହିଁ ଏହାର ନିର୍ମାତା ଏନେଇ ବିଧିବଦ୍ଧ ଭାବେ କିଛି କହିନାହାନ୍ତି।

### ଆଜି ଆସିଥିଲେ...

# ସାରସ୍ୱତ ସାଧକ କାଳିନ୍ଦୀ ଚରଣ ପାଣିଗ୍ରାହୀ




ଓଡ଼ିଆ ସାହିତ୍ୟ ଇତିହାସରେ କାଳନ୍ଦୀ ଚରଣ ପାଣିଗ୍ରାହୀ ଜଣେ ବିରଳ ପ୍ରତିଭା। ସାହିତ୍ୟର ସବୁ ବିଭାଗକୁ ସେ ଋଦ୍ଧିମନ୍ତ କରିଛନ୍ତି। ସେ ଥିଲେ ଏକାଧାରରେ ଜଣେ ଯଶସ୍ୱୀ କବି, କଥାଶିଳ୍ପୀ, ପ୍ରାବନ୍ଧିକ, ସୁସମାଲୋଚକ, ନାଟ୍ୟକାର। ସେ ଅନ୍ନଦା ଶଙ୍କର ରାୟ, ବୈକୁଣ୍ଠନାଥ ପଟ୍ଟନାୟକ ଓ ଅନ୍ୟମାନଙ୍କ ସହ ମିଶି ଓଡ଼ିଆ ସାହିତ୍ୟରେ ସବୁଜ ଯୁଗ ନାମରେ ଏକ ନୂଆଯୁଗର ଆରମ୍ଭ କରିଥିଲେ। ଓଡ଼ିଆ ଉପନ୍ୟାସ ଜଗତକୁ ସମୃଦ୍ଧ କରିଛି ତାଙ୍କର ଲେଖା 'ମାଟିର ମଣିଷ', 'ଲୁହାର ମଣିଷ', 'ଆଜିର ମଣିଷ', 'ଅମରାଚିତା', 'ମୁକ୍ତାଗଡ଼ର କ୍ଷୁଧା' ଆଦି ଉପନ୍ୟାସ। ନାଟ୍ୟକାର ଭାବେ ପରିଚିତ ହେଲେ ସେ 'ପଦ୍ମିନୀ', 'ପ୍ରିୟଦର୍ଶୀ', 'ସୌମ୍ୟା' ଆଦି ନାଟକ ରଚନାରେ। କାଳିନ୍ଦୀ ଚରଣଙ୍କ ସର୍ବଶ୍ରେଷ୍ଠ କୃତି 'ମାଟିର ମଣିଷ' ଲାଗି ସେ ଘରେ ଘରେ ପରିଚିତ। ଯୌଥ ପରିବାରର ଏକ ଜୀବନ୍ତ ଆଲେଖ୍ୟ ହେଉଛି 'ମାଟିର ମଣିଷ'। କାଳିନ୍ଦୀ ଚରଣ ପୁରୀ ଜିଲ୍ଲାର ବିଶ୍ୱନାଥପୁର ଗ୍ରାମରେ ୧୯୦୧ ମସିହା ଆଜିର ଦିନରେ ଜନ୍ମଗ୍ରହଣ କରିଥିଲେ। ତାଙ୍କ ପିତା ସ୍ୱପ୍ନେଶ୍ୱର ପାଣିଗ୍ରାହୀ ଜଣେ ଆଇନଜୀବୀ ଥିଲେ। ପୁରୀରେ ହିଁ କାଳିନ୍ଦୀଚରଣ ବାଲ୍ୟଜୀବନ ଓ ଶିକ୍ଷା ସମାପ୍ତ କରିଥିଲେ। ହାଇସ୍କୁଲ ସମାପ୍ତ କରି ସେ ରେଭେନ୍ସାରେ ନାମ ଲେଖାଇଥିଲେ। ରେଭେନ୍ସା ମହାବିଦ୍ୟାଳୟରେ ପଢ଼ିବା କାଳରେ କାଳିନ୍ଦୀ ଚରଣଙ୍କ ସାହିତ୍ୟ ପ୍ରତିଭାର ପରିଚୟ ମିଳିଲା। କଲେଜରେ ପଢ଼ିବା ସମୟରେ, ସେ "ନନସେନ୍ସ କ୍ଲବ୍" ଗଠନ କରିଥିଲେ। ଏହି ସମୟରେ "ସବୁଜ ଗୋଷ୍ଠୀ"ର ମୁଖପତ୍ର "ଯୁଗବୀଣା"ରେ କାଳିନ୍ଦୀ ଚରଣଙ୍କ ଲେଖାମାନ ମଧ୍ୟ ପ୍ରକାଶ ପାଉଥିଲା। ପରବର୍ତ୍ତୀ ସମୟରେ, ବାଲେଶ୍ୱରରୁ ପ୍ରକାଶ ପାଉଥିବା ଏକ ଇଂରାଜୀ ଓ ତାଙ୍କ ନିଜ ଓଡ଼ିଆ ପତ୍ରିକାର ସେ ସମ୍ପାଦନା କରିବାକୁ ଲାଗିଲେ। କବିତାରୁ ହିଁ କାଳିନ୍ଦୀ ଚରଣଙ୍କ ସାହିତ୍ୟ ସର୍ଜନା ଆରମ୍ଭ ହୋଇଥିଲା। ଶବ୍ଦ ସଂଯୋଜନା ସହ ବିରହ ମିଳନ, ଆନନ୍ଦାଶ୍ରୁ, ପାଇବା ଓ ହଜାଇବାର ଭାରସାମ୍ୟ ପ୍ରତିଫଳିତ ହୋଇଥାଏ ତାଙ୍କ କବିତାରେ। ତାଙ୍କ ଲେଖାରେ ଓଡ଼ିଶାର ଗ୍ରାମ୍ୟ ପରିବେଶ, ଲୋକଙ୍କର ଆଚାରବିଚାର ପ୍ରମୁଖ ସ୍ଥାନ ପାଉଥିଲା। ଅନ୍ୟାୟ, ଅନୀତି ବିରୁଦ୍ଧରେ ତାଙ୍କ ସାହିତ୍ୟ ସ୍ୱର ଉତ୍ତୋଳନ କରୁଥିଲା। ସେ ଜଣେ ଦରଦୀ କବି ଓ ଜୀବନବାଦୀ ସାହିତ୍ୟିକ ଭାବରେ ପରିଚିତ। ୧୯୭୧ ମସିହାରେ କେନ୍ଦ୍ର ସାହିତ୍ୟ ଏକାଡେମୀର ଫେଲୋ ସମ୍ମାନ ସହିତ ବହୁ ପୁରସ୍କାର ଓ ସମ୍ମାନର ମଧ୍ୟ ସେ ଅଧିକାରୀ ହୋଇଛନ୍ତି। ସେହିବର୍ଷ ଭାରତ ସରକାରଙ୍କ ପକ୍ଷରୁ ତାଙ୍କୁ ପଦ୍ମଭୂଷଣ ସମ୍ମାନ ପ୍ରଦାନ କରାଯାଇଥିଲା। ୧୯୭୬ ମସିହାରେ ସମ୍ବଲପୁର ବିଶ୍ୱବିଦ୍ୟାଳୟରୁ ସମ୍ମାନସୂଚକ ଡି.ଲିଟ୍ ଉପାଧି ଲାଭ କରିଛନ୍ତି। ୧୯୯୧ ମସିହା ମେ' ୧୫ ତାରିଖରେ ଏହି ମହାନ୍ ଲେଖକ ଦେହତ୍ୟାଗ କରିଥିଲେ।

# ସମ୍ଭାବନା



## ଚାଟ୍‌ଜିପିଟିରେ କ'ଣ ସେୟାର୍ କରିବା ଅନୁଚିତ

**ଆଜିକାଲି ପ୍ରାୟ ସମସ୍ତେ ଚାଟ୍‌ଜିପିଟିର ବ୍ୟବହାର ବ୍ୟକ୍ତିଗତ ଓ ବୃତ୍ତିଗତ ଜୀବନରେ କରୁଛନ୍ତି। ବେଳେ ବେଳେ ଏଥିରେ ଅଜଣାତରେ ବି ଲୋକମାନେ ବ୍ୟକ୍ତିଗତ ତଥ୍ୟ ସେୟାର୍ କରନ୍ତି। ଯାହାକି ଗୋପନୀୟତା ପ୍ରତି ବିପଦ ସୃଷ୍ଟି କରିଥାଏ। ତେବେ ଚାଟ୍‌ଜିପିଟି ସହିତ କ'ଣ ସବୁ ସେୟାର୍ କରିବା ଅନୁଚିତ, ସେ ସମ୍ପର୍କରେ ଜାଣିବା।**



- ଚାଟ୍‌ଜିପିଟିରେ ସୋସିଆଲ ମିଡିଆ ପାସ୍‌ୱାର୍ଡ ଏବଂ ଇମେଲ୍ ଆଦି ବାବଦରେ ସେୟାର୍ କରନ୍ତୁ ନାହିଁ।
- ଏଥିରେ ବ୍ୟାଙ୍କ ତଥା କ୍ରେଡିଟ୍ କାର୍ଡ ବିବରଣୀ ପ୍ରଦାନ କରନ୍ତୁ ନାହିଁ।
- ସେହିପରି ଆଧାର କାର୍ଡ, ଡ୍ରାଇଭିଂ ଲାଇସେନ୍ସ ଏବଂ ପ୍ୟାନ୍ କାର୍ଡ ତଥ୍ୟ ପ୍ରଦାନରୁ ଦୂରେଇ ରୁହନ୍ତୁ।
- କାମ କରୁଥିବା ସ୍ଥାନ ସମ୍ପର୍କରେ କୌଣସି ସୂଚନା ପ୍ରଦାନ କରନ୍ତୁ ନାହିଁ।
- ଚାଟ୍‌ଜିପିଟିରୁ ବ୍ୟକ୍ତିଗତ ତଥ୍ୟ ଲିକ୍ ହେବାର ଭୟ ଥାଏ। ତେଣୁ ବ୍ୟକ୍ତିଗତ ତଥ୍ୟ ପ୍ରଦାନ ନ କରିବା ଭଲ।
- ଚାଟ୍‌ଜିପିଟି ବ୍ୟବହାର କରିବା ସମୟରେ ପ୍ରାଇଭେସି ପଲିସିକୁ ଧ୍ୟାନରେ ପଢ଼ନ୍ତୁ। ଏହାର ବ୍ୟବହାର କେବଳ ଅଫିସିଆଲ ୱେବ୍‌ସାଇଟ୍ ଏବଂ ଆପ୍ ଦ୍ୱାରା କରନ୍ତୁ।

## ଜେନ୍-ଜିଙ୍କ କାର୍ଯ୍ୟ ଚାପ

**ଏବର ସମୟରେ ଜେନେରେସନ ଜେଡ୍ ବା ଜେନ୍-ଜିଙ୍କ ସଂଖ୍ୟା ଦ୍ରୁତ ଭାବେ ବୃଦ୍ଧି ପାଉଛି। ଏହି ପିଢ଼ିଙ୍କ ପାଖରେ ଅଧିକ ଉତ୍ସାହ, ଆତ୍ମବିଶ୍ୱାସ ଓ ଉର୍ଜା ଦେଖିବାକୁ ମିଳୁଛି। ଏହା ସତ୍ତ୍ୱେ ବି ସେମାନେ କାର୍ଯ୍ୟ ଚାପକୁ ନେଇ ଚିନ୍ତିତ ରହୁଛନ୍ତି। ଏହି ପିଢ଼ିଙ୍କ କାମ କରିବା ତରିକା ଅନ୍ୟମାନଙ୍କଠାରୁ ଭିନ୍ନ ହୋଇଥିବା ବେଳେ ସେମାନେ କାର୍ଯ୍ୟ ଚାପକୁ କିଭଳି ଭାବେ ନିୟନ୍ତ୍ରଣ କରିବେ, ସେ ସମ୍ପର୍କରେ ଜାଣିବା।**



**ଜରୁରି କାମକୁ ପ୍ରଥମେ କରନ୍ତୁ:** ୧୯୯୭-୨୦୧୨ ମଧ୍ୟରେ ଜନ୍ମଗ୍ରହଣ କରିଥିବା ପିଢ଼ିକୁ ଜେନେରେସନ ଜି ବା ଜେନ୍-ଜି, ଜେଡ୍ ବୋଲି କୁହାଯାଏ। ସେମାନଙ୍କ ଚାଲିଚଳଣି ଅନ୍ୟମାନଙ୍କଠାରୁ ଭିନ୍ନ ହୋଇଛି। ସେହିପରି ଉତ୍ସାହର ସହିତ କାମ କଲେ ବି ସେମାନେ କାମ ଚାପ ସମସ୍ୟାକୁ ସାମ୍ନା କରୁଛନ୍ତି। ତେବେ କାମ ଯେତେବେଳେ ଅଧିକ ଲାଗୁଛି, କେଉଁ କାମ ପ୍ରଥମେ କରିବା ଜରୁରି, ତାହା ପ୍ରଥମେ ସ୍ଥିର କରନ୍ତୁ। ଜରୁରି କାମକୁ ପ୍ରଥମେ ପୂରା କରନ୍ତୁ। ଏ ନେଇ କାର୍ଯ୍ୟ ତାଲିକା ପ୍ରସ୍ତୁତି କରିପାରିବେ। ଏହା ଦ୍ୱାରା କିଛି ମାତ୍ରରେ କାର୍ଯ୍ୟ ଚାପ ହ୍ରାସ ପାଇପାରେ।

**କାମ ମଝିରେ ବ୍ରେକ୍ ନିଅନ୍ତୁ:** ସେହିପରି ଲଗାତାର ବସି କାମ କରିବା ଦ୍ୱାରା କାର୍ଯ୍ୟ ଚାପ ବଢ଼ିପାରେ। ପ୍ରତି ଘଣ୍ଟାଏ ଏବଂ ଦୁଇ ଘଣ୍ଟା ମଧ୍ୟରେ ୫-୧୦ ମିନିଟ୍‌ରେ ଛୋଟ ବ୍ରେକ୍ ନିଅନ୍ତୁ। ଏହା ଦ୍ୱାରା ମନ ଖୁସି ରହିବ। କାମ କରିବାରେ ଆଗ୍ରହ ଆସିବ। ତେବେ କାମ ସରିବା ପରେ ଏବଂ ଛୁଟି ଦିନରେ କାମରୁ ସମ୍ପୂର୍ଣ୍ଣ ଭାବେ ନିଜକୁ ଦୂରେଇ ରଖିବାକୁ ଚେଷ୍ଟା କରନ୍ତୁ। କୌଣସି କାମରେ ସମସ୍ୟା ଆସୁଥିଲେ କିମ୍ବା କାର୍ଯ୍ୟ ଭାର ଅଧିକ ଲାଗୁଥିଲେ, ସହକର୍ମୀ କିମ୍ବା ମାଲିକଙ୍କୁ ସାହାଯ୍ୟ ମାଗିବାକୁ ସଙ୍କୋଚ କରନ୍ତୁ ନାହିଁ।

**ମନକଥା ପ୍ରିୟଜନଙ୍କ ସହ ଆଲୋଚନା କରନ୍ତୁ:** ଅନ୍ୟପଟେ ଭଲ ନିଦ୍ରା ସହ ପୁଷ୍ଟିକର ଖାଦ୍ୟ ଖାଆନ୍ତୁ ଏବଂ ନିୟମିତ ବ୍ୟାୟାମ କରନ୍ତୁ। ଏହି ଅଭ୍ୟାସ ଚାପକୁ କମ୍ କରେ। ଏହାବାଦ୍ ଅଧିକ ଚାପ ଅନୁଭବ କରୁଥିଲେ ପରିବାର ସଦସ୍ୟ ଓ ସାଙ୍ଗସାଥୀଙ୍କ ସହିତ ଆଲୋଚନା କରନ୍ତୁ। ତେବେ କାମ ଚାପରେ କାର୍ଯ୍ୟରୁ ନ ଓହରି ଜୀବନରେ ଆଗକୁ ବଢ଼ିବାକୁ ଚେଷ୍ଟା କରନ୍ତୁ। ନୂଆ କଳା କୌଶଳ ଶିଖିବା ଦ୍ୱାରା ଆତ୍ମବିଶ୍ୱାସ ବୃଦ୍ଧି ପାଏ ଏବଂ ସମସ୍ତ ଚ୍ୟାଲେଞ୍ଜକୁ ସାମ୍ନା କରିବାର ସାହସ ମିଳେ।

## ଅଫିସ୍ ବନ୍ଧୁତା



ଅଫିସ୍ କେବଳ କାମ କରିବା ସ୍ଥାନ ନୁହେଁ, ବରଂ ଏଠାରେ ଏମିତି ବି କିଛି ସାଙ୍ଗ ମିଳନ୍ତି, ଯେଉଁମାନଙ୍କ ସହ ସୁଖ, ଦୁଃଖ ବଣ୍ଟା ଯାଏ। ଅଫିସ୍‌ରେ ଗୋଟିଏ ସମୟରେ ଯିବା ଆସିବା କରିବା ତଥା ଅନେକ ସମୟରେ ଗୋଟିଏ ପ୍ରୋଜେକ୍ଟରେ ଏକାଠି କାମ କରିବାକୁ ହୋଇଥାଏ। ଏହିପ୍ରକାରେ ଏଠାରେ ଜଣକୁ ଗୋଟିଏ ରୁଟିନ୍‌ରେ ପରସ୍ପରକୁ ଜାଣିବା ଏବଂ ବୁଝିବାର ସୁଯୋଗ ଜୁଟେ। ଫଳରେ ବନ୍ଧୁତା ଆପେ ଆପେ ଗଢ଼ି ଉଠେ। ଅଫିସ୍ ସାଙ୍ଗସାଥୀଙ୍କ ସହିତ ଦିନର ଏକ ବଡ଼ ଅଂଶ ସେୟାର୍ କରିବାକୁ ପଡ଼େ। ଏତେ ସମୟ ଜଣକ ସହ ଏକାଠି ଅତିବାହିତ କରିବା ଦ୍ୱାରା ଏକ ବିଶେଷ ପ୍ରକାର ସମ୍ପର୍କ ଗଢ଼ି ହୋଇଯାଏ। ଯାହାକି ପରବର୍ତ୍ତୀ ସମୟରେ ବନ୍ଧୁତାରେ ରୂପାନ୍ତରିତ ହୋଇଥାଏ। ଅନେକ ସମୟରେ ଅଫିସ୍ କାମ ଚାପପୂର୍ଣ୍ଣ ହୋଇଥାଏ। ତେଣୁ ଅଫିସ୍‌ରେ ଏମିତି ଜଣେ ସାଙ୍ଗ ହେବା ଦରକାର, ଯାହା ସହ ମନକଥା ଓ କାର୍ଯ୍ୟ ଚାପ ବାବଦରେ ଆଲୋଚନା କରି ହେଉଥିବ।

ସେହିପରି ଅଫିସ୍‌ରେ କିଛି ଜଣ ଏମିତି ମିଳନ୍ତି, ଯେଉଁମାନଙ୍କ ସହିତ କ୍ୟାରିୟର ଲକ୍ଷ୍ୟ ଓ ସଉକ ମଧ୍ୟ ମେଳ ଖାଏ। ଏହା ବନ୍ଧୁତାକୁ ଆହୁରି ମଜଭୁତ କରିବା ଦିଗରେ କାର୍ଯ୍ୟ କରେ। ଅନ୍ୟପଟେ ଅଫିସ୍‌ରେ କିଛି ସମସ୍ୟାରେ ସାହାଯ୍ୟର ହାତ ବଢ଼ାଉଥିବା ମଣିଷ ହିଁ ଅଫିସ୍‌ର ପ୍ରକୃତ ବନ୍ଧୁ ହୋଇଥାନ୍ତି। ସେହିପରି ଅଫିସ୍‌ରେ ଚା' ଓ କଫି ଭଳି ଛୋଟ ଛୋଟ ବ୍ରେକ୍‌ରେ ଗପସପ ଏବଂ ହସ ଖୁସି ବନ୍ଧୁତାକୁ ଅଧିକ ମଜଭୁତ କରେ। ଏହା ବାଦ୍ ଅଫିସ୍‌ରେ ସାଙ୍ଗସାଥୀଙ୍କଠାରୁ ନୂଆ ଜିନିଷ ଶିଖିବାକୁ ମିଳିଥାଏ। ଏହି ଶିଖି-ଶିଖେଇବାର ସମ୍ପର୍କ ବି ଏକପ୍ରକାର ବନ୍ଧୁତାରେ ପରିଣତ ହୋଇଥାଏ।

## ସ୍ମାର୍ଟ ଲୋକଙ୍କ ସ୍ମାର୍ଟ ଅଭ୍ୟାସ

**ପ୍ରତ୍ୟେକ ଲୋକଙ୍କ ସ୍ୱଭାବ, ଚାଲିଚଳଣି, ବ୍ୟବହାର ଏବଂ ଅଭ୍ୟାସ ଭିନ୍ନ ଭିନ୍ନ ଥାଏ। ଏହି କ୍ରମରେ କୌଣସି ବ୍ୟକ୍ତି ଜନ୍ମରୁ ସ୍ମାର୍ଟ ହୋଇ ନ ଥାନ୍ତି। ସେମାନଙ୍କର କିଛି ଅଭ୍ୟାସ ହିଁ ସେମାନଙ୍କୁ ସ୍ମାର୍ଟ କରିଥାଏ।**

- ତେବେ ସ୍ମାର୍ଟ ଲୋକଙ୍କ ସବୁଠୁ ଭଲ ଅଭ୍ୟାସ ହେଉଛି, ସେମାନେ ଅତ୍ୟନ୍ତ ଜିଜ୍ଞାସୁ ହୋଇଥାନ୍ତି।
- ସବୁବେଳେ ନୂଆ ନୂଆ ଜିନିଷ ବାବଦରେ ଜାଣିବାକୁ ଆଗ୍ରହ ପ୍ରକାଶ କରନ୍ତି।
- ସ୍ମାର୍ଟ ଲୋକଙ୍କର ପଢ଼ାପଢ଼ି ପ୍ରତି ରୁଚି ଥାଏ। ସେମାନେ ବିଭିନ୍ନ ବହି ପଢ଼ାକୁ ଗୁରୁତ୍ୱ ଦିଅନ୍ତି।
- କଥାବାର୍ତ୍ତା ସମୟରେ ସେମାନେ ଅନ୍ୟର କଥାକୁ ଧ୍ୟାନରେ ଶୁଣନ୍ତି। ସେମାନେ ଅନ୍ୟର ବିଚାର ଓ ଅଭିଜ୍ଞତାକୁ ବୁଝିବାକୁ ଚେଷ୍ଟା କରନ୍ତି।
- ସବୁବେଳେ ସକାରାତ୍ମକ ଦୃଷ୍ଟିକୋଣରେ ରହିବାକୁ ଭଲପାଆନ୍ତି ଏବଂ ନିଜ ଭୁଲ୍‌ରୁ ଶିକ୍ଷା ଲାଭ କରନ୍ତି।
- ସେମାନେ ସମୟ ପରିଚାଳନା ଠିକ୍ ଭାବେ କରନ୍ତି। କୌଣସି କାମକୁ ବିଳମ୍ବରେ କରି ନ ଥାନ୍ତି।


## ଏଜ୍‌ବାଷ୍ଟନରେ ଇଂଲଣ୍ଡ ବିପକ୍ଷ ଦ୍ୱିତୀୟ ଟେଷ୍ଟ ଆଜିଠାରୁ

# ପ୍ରଥମ ବିଜୟ ଲକ୍ଷ୍ୟରେ ଭାରତ

ଏଜବାଷ୍ଟନ,୧୭ (ଏଜେନ୍ସି)

ଭ୍ରମଣକାରୀ ଭାରତ ଓ ଆୟୋଜକ ଇଂଲଣ୍ଡ ମଧ୍ୟରେ ସ୍ଥାନୀୟ ଏଜ୍‌ବାଷ୍ଟନ କ୍ରିକେଟ ଗ୍ରାଉଣ୍ଡରେ ୫ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ର ଦ୍ୱିତୀୟ ମୁକାବିଲା ଅନୁଷ୍ଠିତ ହେବ। ସିରିଜ୍ ବରାବର କରିବାକୁ ଦୃଢ଼ ଆଶାୟୀ ଥିବା ଭାରତକୁ ଏହି ମ୍ୟାଚ୍ ଜିତିବା ନିହାତି ଆବଶ୍ୟକ। ଅନ୍ୟ ପକ୍ଷରେ ଇଂଲଣ୍ଡ ମଧ୍ୟ ମ୍ୟାଚ୍ ଜିତି ୨-୦ରେ ସିରିଜ୍ ଅଗ୍ରଣୀ ନେବାକୁ ବଡ ଆଶା ରଖିଛି। ଏଥିଲାଗି ପ୍ରଥମ ଟେଷ୍ଟ ଜିତିଥିବା ଦଳରେ କୌଣସି ପରିବର୍ତ୍ତନ କରିନାହିଁ ଇଂଲଣ୍ଡ। କିନ୍ତୁ ଏଜ୍‌ବାଷ୍ଟନ କ୍ରିକେଟ ଗ୍ରାଉଣ୍ଡରେ ଭାରତ ଏଯାଏ ଗୋଟିଏ ହେଲେ ଟେଷ୍ଟ ମ୍ୟାଚ୍ ଜିତିନାହିଁ। ଏଠାରେ ଦଳ ୮ଟି ମ୍ୟାଚ୍ ଖେଳି ୭ଟିରେ ହାରିଥିଲାବେଳେ ଗୋଟିଏ ମ୍ୟାଚ୍ ଡ୍ର ରଖିଛି। ଯାହା ଫଳରେ ଦଳ ଏଠାରେ ଓ ଚଳିତ ସିରିଜ୍‌ରେ ପ୍ରଥମ ଟେଷ୍ଟ ବିଜୟ ଲକ୍ଷ୍ୟରେ ରହିଛି। ସେହିପରି ଇଂଲଣ୍ଡ ଏଠାରେ ଖେଳିଥିବା ଶେଷ ୭ଟି ଟେଷ୍ଟ ମଧ୍ୟରୁ ଶେଷ ୩ଟି ମ୍ୟାଚ୍‌ରେ ପରାଜିତ ହୋଇଛି। ଏଣୁ ଉଭୟ ଦଳ ନିକଟରେ ମ୍ୟାଚ୍ ଜିତିବାକୁ ସମାନ ସୁଯୋଗ ରହିଛି।

କିନ୍ତୁ ଏଠାରେ ଟେଷ୍ଟ ମ୍ୟାଚ୍ ଜିତିବା ଭାରତ ଲାଗି ଏତେଟା ସହଜ ନୁହେଁ। ଦଳର ପ୍ରମୁଖ ବୋଲିଂ ଅସ୍ତ୍ର ଯଥା ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍‌ରା ଏହି ମ୍ୟାଚ୍‌ରେ ଖେଳିବେ କି ନାହିଁ ସ୍ପଷ୍ଟ ହୋଇନାହିଁ। ତାଙ୍କ ଅନୁପସ୍ଥିତିରେ ଭାରତ ଏଠାରେ କିପରି ମୁକାବିଲା କରିବ ତାହାକୁ ନେଇ ସୃଷ୍ଟି ହୋଇଛି ସଂଶୟ। ସେ ଏହି ସିରିଜ୍‌ରେ ୩ଟି ମ୍ୟାଚ୍ ଖେଳିବେ ବୋଲି କୁହାଯାଉଥିଲେ ମଧ୍ୟ ୱାର୍କଲୋଡ ଅନୁଯାୟୀ ବୁମ୍‌ରାଙ୍କୁ ଏହି ଟେଷ୍ଟରୁ ବାଦ୍ ଦେବା ଭାରତ ଲାଗି ବୁମେରାଂ ହୋଇପାରେ। ଏଣୁ ହରଡ଼ ଘଣାରେ ପଡ଼ିଛି ଭାରତୀୟ ଟିମ୍ ମ୍ୟାନେଜମେଣ୍ଟ। ତାଙ୍କ ସମ୍ପର୍କରେ ଶେଷ ମୁହୂର୍ତ୍ତରେ ନିଷ୍ପତ୍ତି ନିଆଯିବ ବୋଲି ଆଶା କରାଯାଉଛି। ତାଙ୍କୁ ଯଦି ବାଦ୍ ଦିଆଯାଏ ତେବେ ଦଳ ସଂକଟରେ, ଯଦି ସେ ଖେଳନ୍ତି ତେବେ ସେ ନିଜେ ଅଡୁଆରେ ପଡ଼ି ପାରନ୍ତି। ଏଭଳି ସମୟରେ ଯଦି ସେ ନ ଖେଳନ୍ତି, ଅନ୍ୟତମ ଯୁବ ଫାଷ୍ଟ ବୋଲର ଆକାଶ ଦୀପ୍ ତାଙ୍କ ସ୍ଥାନରେ ଖେଳିବେ। ଆକାଶଙ୍କର ନିଜ ବୋଲିଂ ଉପରେ ଢ଼େର ନିୟନ୍ତ୍ରଣ ରହିଛି ଓ ଅଷ୍ଟ୍ରେଲିଆରେ ସେ ସୁନ୍ଦର ବୋଲିଂ କରିଥିଲେ। ସେହିପରି ଦଳ ଦ୍ୱିତୀୟ ଖେଳାଳି ବଦଳ କରିବ ବୋଲି ଆଶା ରଖିଛି। ସେହି ଖେଳାଳି ଜଣଙ୍କ ହେଲେ ଶାର୍ଦ୍ଦୁଳ ଠାକୁର। ଶାର୍ଦ୍ଦୁଳ ପ୍ରଥମ ଟେଷ୍ଟରେ ଆଦୌ ଉପଯୋଗୀ ସାବ୍ୟସ୍ତ ହୋଇ ପାରି ନ ଥିଲେ। ଏଣୁ ଭାରତୀୟ ଦଳ ତାଙ୍କୁ ଦ୍ୱିତୀୟ ସୁଯୋଗ ଦେବ ନାହିଁ ବୋଲି ଆଶା କରାଯାଉଛି।





### ■ ସୁନ୍ଦର ହୋଇ ପାରନ୍ତି ଦ୍ୱିତୀୟ ସ୍ପିନର

ଦ୍ୱିତୀୟ ଟେଷ୍ଟ ଖେଳାଯିବାକୁ ଥିବା ଏଜବାଷ୍ଟନ ପିଚ୍‌ରେ ଦୁଇ ଦିନ ପୂର୍ବରୁ ୧୧ ଏମଏମ ଘାସ ଥିଲା। କିନ୍ତୁ ଏବେ ତାହା ଦେଖିବାକୁ ମିଳୁ ନାହିଁ। ଅସହ୍ୟ ଗରମ ଯୋଗୁ ପଡ଼ିଆ ଶୁଷ୍କ ରହିଛି। ଏଭଳି ସ୍ଥିତିରେ ଭାରତ ଦୁଇଜଣ ସ୍ପିନରଙ୍କୁ ଖେଳାଇବ ବୋଲି ଆଶା କରାଯାଉଛି। ଗୋଟିଏ ଦିନ ଆଗରୁ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଦୁଇ ଜଣ ସ୍ପିନର ଖେଳାଇବା କଥା ସ୍ପଷ୍ଟ କରିଥିଲେ ସହକାରୀ କୋଚ୍ ରିୟାନ ଟେନ୍ ଡୋଶେଟ୍। ସବୁଆଡୁ ଦେଖିଲେ ଏହି ଟେଷ୍ଟରେ ଭାରତ ଦୁଇ ଜଣ ସ୍ପିନରଙ୍କୁ ଖେଳାଇବା ସମ୍ଭାବନା ବୃଦ୍ଧି ପାଇଛି। ରବୀନ୍ଦ୍ର ଜାଡେଜା ପ୍ରଥମ ପସନ୍ଦର ସ୍ପିନର ହୋଇଥିଲାବେଳେ କୁଲଦୀପ ଯାଦବ ଦ୍ୱିତୀୟ ସ୍ପିନର ଭାବେ ଖେଳନ୍ତୁ ବୋଲି ଅନେକ ପରାମର୍ଶ ଦେଇଥିଲେ। କିନ୍ତୁ କୁଲଦୀପ ନୁହଁନ୍ତି ଅଫ୍ ସ୍ପିନ୍ ଅଲରାଉଣ୍ଡର ୱାଶିଂଟନ ସୁନ୍ଦର ଏଠାରେ ଖେଳିବାର ସମ୍ଭାବନା ଅଧିକ ରହିଛି। ଏହି ଗ୍ରାଉଣ୍ଡରେ ଅତୀତରେ ଅଫ୍ ସ୍ପିନର ମାନେ ଟେଷ୍ଟରେ ସଫଳତା ପାଇଛନ୍ତି। ଅଷ୍ଟ୍ରେଲିଆର ନାଥାନ ଲାୟନ, ଇଂଲଣ୍ଡର ମୋଇନ ଅଲି ଓ ୨୦୧୮ରେ ଭାରତର ରବିଚନ୍ଦ୍ରନ ଅଶ୍ୱିନ ଏଠାରେ ସଫଳ ବୋଲର ସାବ୍ୟସ୍ତ ହୋଇଥିଲେ। ଉଭୟ ରେକର୍ଡ ଓ ରଣନୀତି ଯୋଗୁଁ ସୁନ୍ଦରଙ୍କ ଏହି ଟେଷ୍ଟ ଖେଳିବା ସମ୍ଭାବନା ଶତପ୍ରତିଶତ ବୃଦ୍ଧି ପାଇଛି।

### ■ ଇଂଲଣ୍ଡ ଆତ୍ମବିଶ୍ୱାସୀ

ବାଜ୍‌ବଲ ଏରା (ହେଡ୍ କୋଚ୍ ବ୍ରେଣ୍ଡାନ ମ୍ୟାକ୍‌କଲମଙ୍କ ଖେଳ ଶୈଳୀ)ରେ ଟେଷ୍ଟ ମ୍ୟାଚ୍ ବେଶ ଆକର୍ଷଣୀୟ ହୋଇପାରିଛି। ଏହି ଶୈଳୀର ପ୍ରମୁଖ ଧାରା ହେଉଛି ଆକ୍ରମଣାତ୍ମକ ଖେଳିବା। ଏହି ରଣନୀତିରେ ଇଂଲଣ୍ଡ ବିଫଳତା ଅପେକ୍ଷା ଅଧିକ ସଫଳ ହୋଇଛି। ଏଭଳି ସ୍ଥିତିରେ ପ୍ରଥମ ଟେଷ୍ଟ ଭଳି ଦ୍ୱିତୀୟ ଟେଷ୍ଟ ଜିତିବାକୁ ଇଂଲଣ୍ଡର ଆତ୍ମବିଶ୍ୱାସ ବୃଦ୍ଧି ପାଇଛି। ଦଳର ଆତ୍ମବିଶ୍ୱାସ ଏତେ ବଢ଼ିଛି ଯେ, ଦଳ ପ୍ରଥମ ଟେଷ୍ଟ ଖେଳିଥିବା ଏକାଦଶ ଏହି ମ୍ୟାଚ୍ ଲାଗି ଅପରିବର୍ତ୍ତିତ ରଖିଛି। ବୋଲିଂରେ ଦଳ ଅନଭିଜ୍ଞ ଖେଳାଳିଙ୍କୁ ସାମିଲ କରି ମ୍ୟାଚ୍ ଜିତିନେଇଛି। ଏପରିକି ଭାରତ ପ୍ରଥମ ଟେଷ୍ଟର ପ୍ରଥମ ଇନିଂସରେ ୪୧ ରନ୍‌ରେ ୭ଟି ଓ ଦ୍ୱିତୀୟ ଇନିଂସରେ ୩୧ ରନ୍‌ରେ ୬ଟି ୱିକେଟ ଅକ୍ତିଆର କରିବାରେ ଏହି ଖେଳାଳିମାନେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିଲେ। ଦଳର ବ୍ୟାଟିଂ ଲାଇନ୍ ଶକ୍ତିଶାଳୀ ଥିଲାବେଳେ ଉତ୍ସାହୀ ବୋଲରଙ୍କୁ ନେଇ ଇଂଲଣ୍ଡ ଏହି ଟେଷ୍ଟ ଜିତିବ ବୋଲି ଅଧିନାୟକ ତଥା ଅଲରାଉଣ୍ଡର ବେନ୍ ଷ୍ଟୋକ୍ସ ଆଶା ପ୍ରକାଶ କରିଛନ୍ତି।

**ଭାରତର ସମ୍ଭାବ୍ୟ ଏକାଦଶ**

ଯଶସ୍ୱୀ ଜୟସ୍ୱାଲ, ଲୋକେଶ ରାହୁଲ, ସାଇ ସୁଦର୍ଶନ, ଶୁବମନ ଗିଲ୍ (ଅଧିନାୟକ), ଋଷଭ ପନ୍ତ୍ (ୱିକେଟରକ୍ଷକ), କରୁନ ନାୟାର/ନୀତୀଶ ରେଡ୍ଡି, ରବୀନ୍ଦ୍ର ଜାଡେଜା, ୱାଶିଂଟନ ସୁନ୍ଦର, ଯଶପ୍ରୀତ୍ ବୁମ୍‌ରା/ଆକାଶ ଦୀପ୍, ମହମ୍ମଦ୍ ସିରାଜ ଓ ପ୍ରସିଦ୍ଧ କ୍ରିଷ୍ଣା।

**ଇଂଲଣ୍ଡ ଏକାଦଶ**

ଜ୍ୟାକ୍ କ୍ରଲୀ, ବେନ୍ ଡକେଟ, ଓଲି ପୋପ୍, ଜୋ ରୁଟ, ହ୍ୟାରୀ ବ୍ରୁକ୍, ବେନ୍ ଷ୍ଟୋକ୍ସ (ଅଧିନାୟକ), ଜେମି ସ୍ମିଥ୍ (ୱିକେଟରକ୍ଷକ), କ୍ରିସ୍ ୱୋକ୍ସ, ବ୍ରାଇଡନ କାର୍ସ, ଜୋଶ ଟଙ୍ଗ୍, ସୋଏବ ବଶିର।

**ଖେଳ ସମୟ**

ପ୍ରଥମ ସେସନ : ଅପରାହ୍ଣ ୩ଟା ୩୦ରୁ ୫ଟା ୩୦
ଦ୍ୱିତୀୟ ସେସନ : ସନ୍ଧ୍ୟା ୫ଟା ୩୦ରୁ ରାତି ୭ଟା ୩୦
ତୃତୀୟ ସେସନ : ରାତି ୮ଟା ୧୦ରୁ ଖେଳ ଶେଷ ପର୍ଯ୍ୟନ୍ତ

**ପ୍ରସାରଣ**

ସୋନି ସ୍ପୋର୍ଟ୍ସ ନେଟ୍‌ୱର୍କ
ଜିଓ ହଟ୍‌ଷ୍ଟାର, ଡିଡି ସ୍ପୋର୍ଟ୍ସ।

● ୱିମ୍ବଲଡନ ଦ୍ୱିତୀୟ ଦିନ

## ସିନ୍ନରଙ୍କ ଅଗ୍ରଗତି; ପେଗୁଲା ଆରମ୍ଭରୁ ଝୁଣ୍ଟିଲେ



ଏଲିସାବେଟ୍ଟା କୋକିଆରେଟ୍ଟୋ

ଲଣ୍ଡନ, ୧।୭ (ଏଜେନ୍ସି): ଚଳିତ ବର୍ଷର ତୃତୀୟ ଗ୍ରାଣ୍ଡସ୍ଲାମ ଟେନିସ ଟୁର୍ଣ୍ଣାମେଣ୍ଟ ୱିମ୍ବଲଡନର ୨ୟ ଦିବସ ଖେଳ ମଙ୍ଗଳବାର ଅନୁଷ୍ଠିତ ହୋଇଯାଇଛି। ବିଶ୍ୱର ଏକ ନମ୍ବର ପୁରୁଷ ଖେଳାଳି ଇଟାଲୀର ଜାନିକ ସିନ୍ନର ସହଜ ବିଜୟ ସହ ଅଗ୍ରଗତି କରିଛନ୍ତି। କିନ୍ତୁ ମହିଳା ବିଭାଗରେ ଆମେରିକାର ୩ୟ ସିଡ୍ ଜେସିକା ପେଗୁଲା ବିପର୍ଯ୍ୟୟର ସମ୍ମୁଖୀନ ହୋଇ ପ୍ରଥମ ରାଉଣ୍ଡରେ ହାରି ବିଦାୟ ନେଇଛନ୍ତି।

ସ୍ଥାନୀୟ ଅଲ୍‌ଇଂଲଣ୍ଡ ଲନ୍ ଟେନିସ କ୍ଲବର କୋର୍ଟ-୧ରେ ଅନୁଷ୍ଠିତ ପୁରୁଷ ସିଙ୍ଗଲ୍ସ ପ୍ରଥମ ରାଉଣ୍ଡ ମ୍ୟାଚରେ ସିନ୍ନର ୬-୪, ୬-୩, ୬-୦ ସେଟ୍‌ରେ ସାଥୀ ଇଟାଲୀ ଖେଳାଳି ଲୁକା ନାର୍ଡିଙ୍କୁ ସହଜରେ ହରାଇଥିଲେ। ସେହିଭଳି ୫ମ ସିଡ୍ ଆମେରିକାର ଟେଲର୍ ଫ୍ରିଜ ୬-୭ (୬/୮), ୬-୭ (୮/୧୦), ୬-୪, ୭-୬ (୮/୬), ୬-୪ ସେଟ୍‌ରେ ଫ୍ରାନ୍ସର ପେଷ୍ଟି ପେରିକାର୍ଡଙ୍କୁ ପରାସ୍ତ କରି ୨ୟ ରାଉଣ୍ଡରେ ପହଞ୍ଚିଛନ୍ତି। ୧୩ତମ ସିଡ୍ ଆମେରିକା ଟମି ପଲ୍, ୧୧ତମ ସିଡ୍ ଅଷ୍ଟ୍ରେଲିଆର ଆଲେକ୍ସ ଡି ମିନାଉର୍ ମଧ୍ୟ ପ୍ରଥମ ରାଉଣ୍ଡରେ ସହଜ ବିଜୟ ସହ ଆଗେଇଛନ୍ତି। ସେଣ୍ଟର କୋର୍ଟରେ ୩ୟ ସିଡ୍ ଜର୍ମାନୀର ଆଲେକ୍ସଜାଣ୍ଡର ଜ୍ୱେରେଭ ଓ ଫ୍ରାନ୍ସର ଅର୍ଥର ରିଣ୍ଡରନିଚ୍‌ଙ୍କ ମଧ୍ୟରେ ମ୍ୟାଚ୍ ଜାରି ରହିଛି। ଅପରପକ୍ଷରେ ମହିଳା ବିଭାଗରେ ଆମେରିକାର ତାରକା ଖେଳାଳି ତଥା ୩ୟ ସିଡ୍ ଜେସିକା ପେଗୁଲାଙ୍କୁ ନିରାଶ ହେବାକୁ ପଡ଼ିଛି। ପ୍ରଥମ ରାଉଣ୍ଡରେ ଇଟାଲୀର ଏଲିସାବେଟ୍ଟା କୋକିଆରେଟ୍ଟୋ ୬-୨, ୬-୩ ସିଧାସଳଖ ସେଟ୍‌ରେ ମାତ୍ର ୫୮ ମିନିଟ୍‌ରେ ପେଗୁଲାଙ୍କୁ ହରାଇ ମଙ୍ଗଳବାର ବଡ଼ ବିପର୍ଯ୍ୟୟ ଘଟାଇଥିଲେ। ସେହିଭଳି ମହିଳା ବିଭାଗରେ ଅନ୍ୟମାନଙ୍କ ମଧ୍ୟରେ ଦୁଇ ଚେକ୍ ଗଣରାଜ୍ୟ ଖେଳାଳି ବାର୍‌ବୋରା କ୍ରେଜିକୋଭା ଓ କାଟେରିନା ସିନିଆକୋଭା, ପୋଲାଣ୍ଡର ଇଗା ସ୍ୱିଆଟେକ ପ୍ରମୁଖ ପ୍ରଥମ ରାଉଣ୍ଡରେ ବିଜୟୀ ହୋଇଛନ୍ତି। ତେବେ ୨୦୨୪ ପ୍ୟାରିସ ଅଲିମ୍ପିକ ଚାମ୍ପିଅନ ଚାଇନାର କ୍ୱିନୱିନ ଝେଙ୍ଗ୍‌ଙ୍କୁ ୫-୭, ୬-୪, ୧-୬ ସେଟ୍‌ରେ ହରାଇ ସିନିକୋଭା ଦିବସର ଅନ୍ୟ ବଡ଼ ବିପର୍ଯ୍ୟୟ ଘଟାଇଥିଲେ।

## ୟୁନମ୍ ପର୍ବତାରୋହଣ କଲେ ଯୋଡାର ଦୀପକ

ଭୁବନେଶ୍ୱର,୧।୭ (ସମିସ): ଓଡ଼ିଶା ତଥା ଯୋଡାର ପର୍ବତାରୋହୀ ଦୀପକ ମହନ୍ତ ବିଶ୍ୱର ଅନ୍ୟତମ ଉଚ୍ଚ ଶୃଙ୍ଗ ମାଉଣ୍ଟ ୟୁନମ୍ ସଫଳତାର ସହ ଆରୋହଣ କରିବାରେ ସମର୍ଥ ହୋଇଛନ୍ତି।



ହିମାଚଳ ପ୍ରଦେଶର ଲାହୁଲ ଓ ସ୍ପିତିରେ ଅବସ୍ଥିତ ଏହି ପର୍ବତାରୋହଣରେ ୧୦ଜଣ ପର୍ବତାରୋହୀ ଥିଲେ। ଜୁନ୍ ୨୭ରେ ଏହି ସଫଳତ ପାଇବାରେ ଅଭିଯାତ୍ରୀଙ୍କ ମଧ୍ୟରେ ଏକାଥିଲେ କେନ୍ଦୁଝର ଜିଲ୍ଲା ଯୋଡା ଅଧିବାସୀ ତଥା ରାଜ୍ୟର ଦୁଃସାହସିକ କ୍ରୀଡ଼ା ସଂଘର ସଦସ୍ୟ ଦୀପକ ମହନ୍ତ। ଏହି ସଫଳତା ପାଇବା ପରେ ଦୀପକଙ୍କୁ ଅଭିନନ୍ଦନ ଜଣାଇଛନ୍ତି ଆସା (ଏଏସ୍‌ଏ)ର ସମ୍ପାଦକ ତଥା ଏଭରେଷ୍ଟ ଆରୋହଣକାରୀ ଗଣେଶ ଚନ୍ଦ୍ର ଜେନା, ପୂର୍ବତନ ବରିଷ୍ଠ କ୍ରୀଡ଼ା ଅଧିକାରୀ ତଥା ଉପଦେଷ୍ଟା ଅଶୋକ ମହାନ୍ତି, ଶକ୍ତିରଞ୍ଜନ ମହାନ୍ତି, ହରେଶ କୁମାର ମିଶ୍ର, ଶିବଶଙ୍କର ପଣ୍ଡା ଓ ବିକ୍ରମ କିଶୋର ଦାସ।



ଜାତୀୟ ୯ ବର୍ଷରୁ କମ୍ ଚେସ୍ ପ୍ରତିଯୋଗିତାରେ ଚାମ୍ପିଅନ ହୋଇଥିବା ଭୁବନେଶ୍ୱରର ସାତ୍ତ୍ୱିକ ସ୍ୱାଇଁଙ୍କୁ ଖୋର୍ଦ୍ଧା ଜିଲ୍ଲା ସଂଘ ପକ୍ଷରୁ ପୁଲିସ୍ କମିଶନର ସୁରେଶ ଦେବଦତ୍ତ ସିଂ ସମ୍ବର୍ଦ୍ଧିତ କରୁଛନ୍ତି।

## ୟୁରୋପ୍ ଗସ୍ତ : ଭାରତ-ଏ ହକି ଦଳରେ ଓଡ଼ିଶାରୁ ୪ ଖେଳାଳି

ନୂଆଦିଲ୍ଲୀ, ୧।୭ (ଏଜେନ୍ସି): ଆଗାମୀ ୟୁରୋପ୍ ଗସ୍ତ ଲାଗି ମଙ୍ଗଳବାର ହକି ଇଣ୍ଡିଆ ପକ୍ଷରୁ ୨୦ ଜଣିଆ ଭାରତ-ଏ ଦଳ ଘୋଷଣା କରାଯାଇଛି। ସଞ୍ଜୟଙ୍କ ନେତୃତ୍ୱରେ ଘୋଷିତ ଏହି ଦଳରେ ଓଡ଼ିଶାରୁ ୨ଜଣ ଖେଳାଳି ସ୍ଥାନ ପାଇଛନ୍ତି। ସେମାନେ ହେଲେ ଦୁଇ ଯୁବ ଡିଫେଣ୍ଡର ପ୍ରତାପ ଲାକ୍ରା ଓ ଅମନଦୀପ୍ ଲାକ୍ରା। ସେହିଭଳି ୩ଜଣିଆ ଷ୍ଟାଣ୍ଡବାଇ ତାଲିକାରେ ଓଡ଼ିଶାର ଡିଫେଣ୍ଡର ସୁନିଲ ଜୋଜୋ ଓ ଫର୍‌ୱାର୍ଡ ସୁଦୀପ ଚିର୍‌ମାକୋଙ୍କୁ ମଧ୍ୟ ସୁଯୋଗ ମିଳିଛି। ଫଳରେ ଏହି ୟୁରୋପ ଗସ୍ତରେ ଭାରତ-ଏ ସହ ଓଡ଼ିଶାର ୪ଜଣ ଖେଳାଳି ସାମିଲ ହୋଇଛନ୍ତି। ଭାରତ-ଏ ଏହି ଗସ୍ତରେ ଆୟର୍ଲାଣ୍ଡ, ଫ୍ରାନ୍ସ ଓ ନେଦରଲାଣ୍ଡସ ଦଳ ସହ ୨ଟି ଲେଖାଏ ମ୍ୟାଚ୍ ଖେଳିବ।

● ବିଶ୍ୱ ପୁଲିସ ଓ ଅଗ୍ନିଶମ କ୍ରୀଡ଼ା

## ଅଶୋକଙ୍କୁ ସ୍ୱର୍ଣ୍ଣ, ସୁସ୍ମିତାଙ୍କୁ ରୌପ୍ୟ





ଭୁବନେଶ୍ୱର, ୧।୭ (ସମିସ): ଆମେରିକାରେ ଅନୁଷ୍ଠିତ ବିଶ୍ୱ ପୁଲିସ ଓ ଅଗ୍ନିଶମ କ୍ରୀଡ଼ାରେ ଦୁଇ ଓଡ଼ିଆ ଖେଳାଳି ପଦକ ସଫଳତା ପାଇଛନ୍ତି। ସେମାନେ ହେଲେ ଓଡ଼ିଶା ପୁଲିସର କନଷ୍ଟେବଳ ଅଶୋକ ଦଣ୍ଡସେନା ଓ ସୁସ୍ମିତା ଟିଗା। ପୁରୁଷ ୮୦୦ ମିଟର ରେସରେ ଅଶୋକ ପ୍ରଥମ ସ୍ଥାନରେ ରହି ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଥିଲେ। ସେହିଭଳି ସମାନ ଇଭେଣ୍ଟର ମହିଳା ବିଭାଗରେ ସୁସ୍ମିତା ଦ୍ୱିତୀୟ ସ୍ଥାନରେ। ରହି ରୌପ୍ୟ ପଦକ ଜିତି ରାଜ୍ୟ ପୁଲିସ ପାଇଁ ଗୌରବ ଆଣିଛନ୍ତି। ଏହି ସଫଳତା ଲାଗି ବିରୋଧୀ ଦଳର ନେତା ନବୀନ ପଟ୍ଟନାୟକ, ପୁଲିସ ଡିଜି ଯୋଗେଶ ବାହାଦୂର ଖୁରାନିଆ ଉଭୟଙ୍କୁ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇଛନ୍ତି। ଆଗାମୀ ଦିନରେ ଉଭୟ ଅଶୋକ ଓ ସୁସ୍ମିତା ରାଜ୍ୟ ଓ ଦେଶ ପାଇଁ ଆହୁରି ଗୌରବ ଆଣନ୍ତୁ ବୋଲି ନବୀନ ତାଙ୍କ ଶୁଭେଚ୍ଛା ବାର୍ତ୍ତାରେ ଉଲ୍ଲେଖ କରିଛନ୍ତି। ଉଲ୍ଲେଖଯୋଗ୍ୟ ଅଶୋକ ଓ ସୁସ୍ମିତା ବର୍ତ୍ତମାନ କଳିଙ୍ଗ ଷ୍ଟାଡିୟମସ୍ଥିତ ଓଡ଼ିଶା ରିଲାଏନ୍ସ ଫାଉଣ୍ଡେସନ ଆଥ୍‌ଲେଟିକ୍ସ ଏଚ୍‌ପିସିରେ ପ୍ରଶିକ୍ଷଣ ନେଉଛନ୍ତି।

## ପ୍ରତି ମାସରେ ପତ୍ନୀ ଓ ଝିଅଙ୍କୁ ସାମି ଦେବେ ୪ ଲକ୍ଷ

କୋଲକାତା, ୧।୭ (ଏଜେନ୍ସି): ଭାରତୀୟ କ୍ରିକେଟର୍ ମହମ୍ମଦ ସାମିଙ୍କୁ ମଙ୍ଗଳବାର କୋଲକାତା ହାଇକୋର୍ଟରୁ ଜୋର୍‌ଦାର୍ ଝଟ୍‌କା ଲାଗିଛି। ସାମି ତାଙ୍କ ପତ୍ନୀ ହାସିନ ଜହାନ ଓ ଝିଅ ଆଇରାଙ୍କୁ ଭରଣପୋଷଣ ବାବଦକୁ ପ୍ରତି ମାସରେ ୪ ଲକ୍ଷ ଟଙ୍କା ଦେବାକୁ ହାଇକୋର୍ଟ ଆଦେଶ ଦେଇଛନ୍ତି। ଏହି ୪ ଲକ୍ଷରୁ ପତ୍ନୀ ହାସିନଙ୍କୁ ୧.୫ ଲକ୍ଷ ଓ ଝିଅ ଆଇରାଙ୍କୁ ୨.୫ ଲକ୍ଷ ଟଙ୍କା ଦେବାକୁ ଏଥିରେ କୁହାଯାଇଛି। ଏହି ଭରଣପୋଷଣ ରାଶି ୭ ବର୍ଷ ପଛରୁ ଆଦାୟ କରିବାକୁ କୁହାଯାଇଛି। ଅର୍ଥାତ୍ ମାସକୁ ୪ ଲକ୍ଷ ହିସାବରେ ୭ ବର୍ଷକୁ ୩.୩୬ କୋଟି ଟଙ୍କା ସାମି ଆଗାମୀ ୬ ମାସ ମଧ୍ୟରେ ତାଙ୍କ ପତ୍ନୀ ଓ ଝିଅଙ୍କୁ ଦେବେ। ଉଲ୍ଲେଖଯୋଗ୍ୟ, ସାମି ଓ ହାସିନ ୨୦୧୪ରେ ବିବାହ ବନ୍ଧନରେ ଆବଦ୍ଧ ହୋଇଥିଲେ। ଏହାର ବର୍ଷକ ପରେ ଉଭୟଙ୍କ ଔରସରୁ ଏକ ଝିଅ ଜନ୍ମ ହୋଇଥିଲା। କିନ୍ତୁ ପରେ ଜଣାପଡ଼ିଥିଲା ଯେ ହାସିନ ପୂର୍ବରୁ ବିବାହ କରିଥିଲେ। ଏହାକୁ ନେଇ ଦୁଇଜଣଙ୍କ ମଧ୍ୟରେ ବିବାଦ ସୃଷ୍ଟି ହୋଇଥିଲା ।

## ୨୪ ବର୍ଷ ପରେ ବଦଳିଲା ଜାତୀୟ କ୍ରୀଡ଼ା ନୀତି

ନୂଆଦିଲ୍ଲୀ, ୧।୭ (ଏଜେନ୍ସି): କେନ୍ଦ୍ର କ୍ୟାବିନେଟ୍ ମଙ୍ଗଳବାର ଜାତୀୟ କ୍ରୀଡ଼ା ନୀତିକୁ ଅନୁମୋଦନ କରିଛି। ଦେଶରେ କ୍ରୀଡ଼ା କ୍ଷେତ୍ରକୁ ରୂପାନ୍ତରିତ କରିବା ଲକ୍ଷ୍ୟରେ ଜାତୀୟ କ୍ରୀଡ଼ା ନୀତି (ଏନ୍‌ଏସ୍‌ପି)କୁ ଅନୁମୋଦନ କରାଯାଇଛି ବୋଲି କେନ୍ଦ୍ରମନ୍ତ୍ରୀ ଅଶ୍ୱିନ ବୈଷ୍ଣବ ଏଠାରେ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି। ଏହା ପ୍ରଚଳିତ ଜାତୀୟ କ୍ରୀଡ଼ା ନୀତି-୨୦୦୧ର ସ୍ଥାନ ନେଇଛି। ଏହାର ଅର୍ଥ ୨୪ ବର୍ଷ ପରେ ବଦଳିଛି। ଭାରତକୁ ଏକ ବିଶ୍ୱସ୍ତରୀୟ କ୍ରୀଡ଼ା ଶକ୍ତିଶାଳୀ ଦେଶ ଭାବରେ ପ୍ରତିଷ୍ଠା କରିବା ପାଇଁ ଏକ ଦୂରଦୃଷ୍ଟିପୂର୍ଣ୍ଣ ଓ ରଣନୈତିକ ରୋଡ୍‌ମ୍ୟାପ୍ ଏଥିରେ ପ୍ରସ୍ତୁତ କରାଯାଇଛି। ଯେଉଁଥିରେ ୨୦୩୬ ଅଲିମ୍ପିକ୍ସ କ୍ରୀଡ଼ା ଆୟୋଜନ ଭଳି ଗୁରୁତ୍ୱପୂର୍ଣ୍ଣ ଅନ୍ତର୍ଜାତୀୟ ଉପଲବ୍ଧି ହାସଲ କରିବା ଅନ୍ତର୍ଭୁକ୍ତ ରହିଛି। ଏନ୍‌ଏସ୍‌ପି-୨୦୨୫କୁ ପ୍ରସ୍ତୁତ କରିବାରେ ବିଭିନ୍ନ ମନ୍ତ୍ରଣାଳୟ, ରାଜ୍ୟ ସରକାର, ନୀତି ଆୟୋଗ, ଜାତୀୟ କ୍ରୀଡ଼ା ମହାସଂଘ (ଏନ୍‌ଏସ୍‌ଏଫ୍) ଓ କିମ୍ବଦନ୍ତୀ ଖେଳାଳିମାନେ ସହଯୋଗ କରିଛନ୍ତି। ଜାତୀୟ କ୍ରୀଡ଼ା ନୀତି-୨୦୨୫ର ମୂଳ ଲକ୍ଷ୍ୟ ହେଉଛି, ଭାରତକୁ ଏକ ଅଗ୍ରଣୀ କ୍ରୀଡ଼ା ରାଷ୍ଟ୍ର ହେବା ପାଇଁ ଏକ ପରିବର୍ତ୍ତନଶୀଳ ପଥ ଉପରେ ସ୍ଥାପନ କରିବା। ଏହା ଅଧିନରେ ଭାରତରେ ରହୁଥିବା ପ୍ରତ୍ୟେକ ବ୍ୟକ୍ତିଙ୍କୁ କ୍ରୀଡ଼ା ବିଷୟରେ ସଚେତନ କରାଯିବ। ମହିଳାମାନଙ୍କ ପାଇଁ କ୍ରୀଡ଼ାରେ ଅଂଶଗ୍ରହଣ ଉପରେ ମଧ୍ୟ ଗୁରୁତ୍ୱ ଦିଆଯିବ। ସେହିଭଳି ନୂତନ ନୀତି ଅଧିନରେ କ୍ରୀଡ଼ା ଲିଗ୍ ସଂଗଠନକୁ ମଧ୍ୟ ପ୍ରୋତ୍ସାହିତ କରାଯିବ। ଯାହା ଦ୍ୱାରା ଅଧିକରୁ ଅଧିକ ଖେଳାଳି ସୁଯୋଗ ପାଇବେ।

**ଫିଫା କ୍ଲବ୍ ବିଶ୍ୱକପ୍‌ରେ ବିପର୍ଯ୍ୟୟ**

## ଅଲ୍-ହିଲାଲ୍‌ଠୁ ହାରିଲା ମାଞ୍ଚେଷ୍ଟର ସିଟି

ଡଲାସ,୧।୭ (ଏଜେନ୍ସି)



ଆମେରିକାରେ ଚାଲିଥିବା ଫିଫା କ୍ଲବ୍ ବିଶ୍ୱକପ୍ ଫୁଟବଲରେ ଡିଫେଣ୍ଡିଂ ଚାମ୍ପିଅନ ଇଂଲଣ୍ଡର ମାଞ୍ଚେଷ୍ଟ ସିଟିକୁ ୪-୩ ଗୋଲରେ ପରାସ୍ତ କରି ସବୁଠାରୁ ବଡ଼ ବିପର୍ଯ୍ୟୟ ସୃଷ୍ଟି କରିଛି। ମାର୍କୋସ ଲିଓନାର୍ଡୋଙ୍କ ଡବଲ ଗୋଲ ବଳରେ ଅଲ-ହିଲାଲ ଏହି ବିପର୍ଯ୍ୟୟ ସୃଷ୍ଟିକରିବାରେ ସମର୍ଥ ହୋଇଛି। ସେହିପରି ଅନ୍ୟ ଏକ ପ୍ରି-କ୍ୱାର୍ଟର ଫାଇନାଲରେ ବ୍ରାଜିଲୀୟ କ୍ଲବ୍ ଫ୍ଲୁମିନେନ୍‌ସେ ୨-୦ ଗୋଲରେ ଇଟାଲୀର ଚାମ୍ପିଅନ କ୍ଲବ୍ ଇଣ୍ଟର ମିଲାନକୁ ହରାଇ ଆଉ ଏକ ବିପର୍ଯ୍ୟୟ ସୃଷ୍ଟି କରିଛି। ଦୁଇ ବିପର୍ଯ୍ୟୟସୃଷ୍ଟିକାରୀ ଟିମ୍ ମଧ୍ୟରେ ତୃତୀୟ କ୍ୱାର୍ଟର ଫାଇନାଲ ମୁକାବିଲା ଅର୍ଲାଣ୍ଡୋରେ ଶୁକ୍ରବାର ଖେଳାଯିବ। ଏବେ ଶେଷ କ୍ୱାର୍ଟର ଫାଇନାଲ ମୁକାବିଲା ଲାଗି ମ୍ୟାଚ୍ ଖେଳାଯିବ। ପ୍ରଥମ ପ୍ରି-କ୍ୱାର୍ଟରରେ ଆଜି ରାତିରେ ରିଅଲ ମାଦ୍ରିଦ୍ ସହ ଜୁଭେଣ୍ଟସର ଓ ଆସନ୍ତାକାଲି ସକାଳେ ମୋଣ୍ଟେରୀ ସହ ଡର୍ଟମଣ୍ଡର ମୁକାବିଲା ହେବ। ପୂର୍ବରୁ କ୍ୱାର୍ଟର ଫାଇନାଲରେ ପିଏସ୍‌ଜି ସହ ବେୟର୍ଣ୍ଣ ମ୍ୟୁନିକ୍, ପାଲମେଇରାସ ସହ ଚେଲସୀର ମୁକାବିଲା ଚୂଡାନ୍ତ ହୋଇଛି।

ବିଶ୍ୱର ଅନ୍ୟତମ ପ୍ରସିଦ୍ଧ କ୍ଲବ୍ ଇଟାଲୀର ଜୁଭେଣ୍ଟସ ସହ ଗ୍ରୁପ୍‌ରେ ସମସ୍ତ ୩ଟି ଯାକ ମ୍ୟାଚ୍ ଜିତି ପ୍ରି-କ୍ୱାର୍ଟର ଫାଇନାଲ ଖେଳିବାକୁ ଆସିଥିଲା। କିନ୍ତୁ କ୍ୟାମ୍ପିଙ୍ଗ୍ ୱାର୍ଲ୍ଡ ଷ୍ଟାଡିୟମ୍‌ରେ ଖେଳାଯାଇଥିବା ମୁକାବିଲାରେ ଖେଳର ୯ମ ମିନିଟ୍‌ରେ ମାଞ୍ଚେଷ୍ଟର ସିଟି ବର୍ଣ୍ଣାଡୋ ସିଲ୍‌ଭାଙ୍କ ଗୋଲରେ ଅଗ୍ରଣୀ ନେଇଥିଲା। ପୂର୍ବତନ ବାର୍ସିଲୋନା ଖେଳାଳି ମାଲକମ୍ ଏହି ଗୋଲଟିକୁ ଶୁଝାଇ ଦେଇଥିଲେ। ଦଳ ପକ୍ଷରୁ ଜୋଆଓ କାଲସେଲୋ ଆଉ ଏକ ଗୋଲ ଦେଇ ଦଳକୁ ୨-୧ରେ ଅଗ୍ରଣୀ କରାଇଥିଲେ। ନିର୍ଦ୍ଧାରିତ ସମୟ ଖେଳ ଶେଷ ପୂର୍ବରୁ ଏର୍ଲିଙ୍ଗ ହଲାଣ୍ଡ ଆଉ ଏକ ଗୋଲ ଶୁଝାଇ ଖେଳକୁ ସମାନସ୍ତରକୁ ନେଇଆସିଥିଲେ। ଯାହା ଫଳରେ ଖେଳ ଅତିରିକ୍ତ ସମୟକୁ ଯାଇଥିଲା। ଅତିରିକ୍ତ ସମୟରେ ଅଲ ହିଲାଲ ପକ୍ଷରୁ କାଲିଡୋଉ କୌଲିବାଲି ଗୋଲ ଦେଇ ପୁଣି ଦଳକୁ ଅଗ୍ରଣୀ କରାଇଥିଲେ। କିନ୍ତୁ ଏହାର ୧୦ ମିନିଟ୍ ପରେ ଫିଲ ଫୋଡେନ୍ ଗୋଲ ଶୁଝାଇ ୩-୩ରେ ଖେଳକୁ ସମାନ ସ୍ତରକୁ ନେଇଆସିଥିଲେ। ଖେଳର ୧୧୨ତମ ମିନିଟ୍‌ରେ ସର୍ଗେଜ୍ ମିଲିଙ୍କୋଭିଚ୍ ସାଭିଚ୍‌ଙ୍କ ହେଡରକୁ ଗୋଲ ରକ୍ଷକ ଏଡରସନ ଅଟକାଇବା ଫଳରେ ବଲଟି ବାହାରକୁ ଆସିଯାଇଥିଲା। ଏହି ସୁଯୋଗର ସଦ୍‌ବ୍ୟବହାର କରି ଲିଓନାର୍ଡୋ ଦଳ ଲାଗି ଦ୍ୱିତୀୟ ତଥା ବିଜୟସୂଚକ ଗୋଲ ସ୍କୋର କରିଥିଲେ। ଫଳରେ ଅଲ ହିଲାଲ ନିର୍ଦ୍ଧାରିତ ସମୟ ପରେ ୪-୩ ଗୋଲରେ ବିଜୟୀ ହୋଇଥିଲା।

ଅନ୍ୟ ଏକ ମ୍ୟାଚ୍‌ରେ ବ୍ରାଜିଲୀୟ କ୍ଲବ୍ ପ୍ରାଧାନ୍ୟ ବିସ୍ତାର କରି ୨-୦ ଗୋଲରେ ଇଣ୍ଟର ମିଲାନକୁ ପରାସ୍ତ କରିଥିଲା। ଦଳ ପକ୍ଷରୁ ଜର୍ମାନ ଖେଳାଳି କାନୋ ଓ ବଦଳ ଖେଳାଳି ହର୍କ୍ୟୁଲେସ୍ ଗୋଟିଏ ଲେଖାଏଁ ଗୋଲ ସ୍କୋର କରିଥିଲେ। ଇଣ୍ଟର ମିଲାନ ଏହି ମ୍ୟାଚ୍ ଜିତିବାକୁ ସମସ୍ତ ପ୍ରକାର ଉଦ୍ୟମ କରିଥିଲା। ବିଶେଷ କରି ଲୌଟାରେ ମାର୍ଟିନେଜ୍ ଓ ଫେଡେରିକୋ ଦିମାର୍କୋ ଗୋଲ ଦେବାର ଦୁଇଟି ସହଜ ସୁଯୋଗ ପାଇଥିଲେ ମଧ୍ୟ ତାହାକୁ କାର୍ଯ୍ୟକାରୀ କରି ପାରି ନ ଥିଲେ। ସେହିପରି ବ୍ରାଜିଲର ଦୁଇ କ୍ଲବ୍ ଫ୍ଲୁମିନେନ୍‌ସେ ଓ ପାଲମେଇରାସ ସେମାନଙ୍କ ଶକ୍ତିଶାଳୀ ୟୁରୋପୀୟ ପ୍ରତିଦ୍ୱନ୍ଦ୍ୱୀଙ୍କୁ ପରାସ୍ତ କରି କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛନ୍ତି। କ୍ଲବ୍‌ସ୍ତରରେ ବିଶ୍ୱର ଏହି ଶ୍ରେଷ୍ଠ ଟୁର୍ଣ୍ଣାମେଣ୍ଟରେ ୟୁରୋପୀୟ ଦଳ ଅଧିକ ସଫଳତା ହାସଲ କରିବାରେ ସମର୍ଥ ହୋଇପାରି ନାହିଁ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS